

## ବରୁଣଙ୍କ ନାୟିକା ମେଧା

▸ପୃଷ୍ଠା ୧୨ ଦେଖନ୍ତୁ...


◆ RNI REGD NO: 42041/83
◆ www.sakalaepaper.com
◆ /sakalanews
◆ /sakalanews
◆ www.thesakala.in


# ସକାଳ THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-38 ◆FRIDAY ◆1 AUG 2025 ◆PAGE-12 ◆₹ 6.00 | PANIKOILI | ◆ବର୍ଷ-୪୩ ◆ସଂଖ୍ୟା-୩୮ ◆ଶୁକ୍ରବାର ◆୧ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ଏମ୍ସ ନର୍ସଙ୍କ ଘରେ ପଶି ଦୁଇ ପିଲାଙ୍କୁ ଜାଳିଦେଲେ

**ବିହାରରେ ପୁଣି ଆତଙ୍କ**



■ **ପାଟନା, ୩୧।୭ (ଏଜେନ୍ସି):** ଚଳିତ ବର୍ଷ ଶେଷ ଆଡ଼କୁ ରାଜ୍ୟ ବିଧାନସଭା ନିର୍ବାଚନ ହେବାକୁ ଯାଉଥିବା ବେଳେ ବିହାରରେ ଅପରାଧୀଙ୍କ ଉତ୍ପାତ ବଢ଼ି ଚାଲିଛି। ପାଟନାରେ ଅପରାଧୀମାନେ ଯୋଜନାବଦ୍ଧ ଭାବେ ଗୋଟିଏ ପରେ ଗୋଟିଏ ହତ୍ୟାକାଣ୍ଡ ଘଟାଉଛନ୍ତି। ପାଟନାର ଜାନିପୁର ଥାନାର ନଗୱାଁ ଗାଁରେ ଦୁର୍ବୃତ୍ତମାନେ ଅଲ ଇଣ୍ଡିଆ ଇନ୍‌ଷ୍ଟିଚ୍ୟୁଟ ଅଫ୍ ମେଡିକାଲ ସାଇନ୍ସ (ଏମ୍ସ)ର ଜଣେ ନର୍ସଙ୍କ ଘରେ ପଶି ଦୁଇ ନୀରିହ ପିଲାଙ୍କୁ ଜିଅନ୍ତା ଜାଳି ଦେଇଛନ୍ତି। ନର୍ସ ଜଣକ ହେଉଛନ୍ତି ଜାନିପୁରରେ ରହୁଥିବା ଶୋଭା ଦେବୀ ଓ ତାଙ୍କ ଦୁଇ ପିଲା ହେଲେ ସନ୍ତାନ ୧୪ ବର୍ଷୀୟା ଅଞ୍ଜଳି କୁମାରୀ ଓ ୧୨ ବର୍ଷୀୟ ଅଂଶ। ଦୁଇ ପିଲା ସ୍କୁଲରୁ ଘରକୁ ଫେରିବା ପରେ ଏହି ଘଟଣା ଘଟିଥିଲା। ବିଛଣା ଉପରେ ଦୁଇଜଣଙ୍କ ମୃତଦେହ ମିଳିଥିଲା। ଦିନ ଦ୍ୱିପହରେ କେହି ପିଲାଙ୍କୁ ହତ୍ୟା କରିଛନ୍ତି ବୋଲି ସେ କହିଛନ୍ତି। ନର୍ସଙ୍କ ସ୍ୱାମୀ ଲଲନ ଗୁପ୍ତା ନିର୍ବାଚନ କମିଶନ କାର୍ଯ୍ୟାଳୟରେ କିରାଣୀ ଭାବେ କାର୍ଯ୍ୟ କରନ୍ତି। ସୂଚନା ପାଇବା ପରେ ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ଘଟଣାର ପ୍ରକୃତ କାରଣ ଏପର୍ଯ୍ୟନ୍ତ ଜଣାପଡ଼ିନାହିଁ।

## ଉପରିସ୍ଥ ଅଧିକାରୀଙ୍କୁ ପରିସ୍ରା ପିଆଇଲେ ପିଅନ



■ **ମୋହନା, ୩୧।୭ (ସମିସ):** ଯନ୍ତ୍ରୀଙ୍କୁ ପରିସ୍ରା ପିଆଇଲେ ପିଅନ। ଗଜପତି ଜିଲ୍ଲା ଆର୍.ଉଦୟଗିରି ଆରଡବ୍ଲୁଏସ୍ଏସ୍ କାର୍ଯ୍ୟାଳୟର ଯନ୍ତ୍ରୀ ସଚ୍ଚିନ ଗୌଡ଼ଙ୍କ ସହ ଏପରି ଅମାନବୀୟ ଘଟଣା ଘଟିଛି। ଏ ସଂପର୍କରେ ସେ ଆର୍.ଉଦୟଗିରି ଥାନାରେ ଅଭିଯୋଗ କରିଛନ୍ତି। ଥାନାରେ ସେ କରିଥିବା ଅଭିଯୋଗ ଅନୁସାରେ, ଗତ ୨୨ ତାରିଖ ଦିନ ଆର୍.ଉଦୟଗିରି ଆରଡବ୍ଲୁଏସ୍ଏସ୍ ଅଫିସ୍‌ରେ କାର୍ଯ୍ୟରେ ଯୋଗ ଦେଇଥିଲେ। ୨୩ ତାରିଖ ରାତିରେ ଅଫିସ୍‌ର ପିଅନ ଶିବ ନାରାୟଣ ନାୟକ ତାଙ୍କୁ ତାଙ୍କ ବାସଭବନରେ ଖାଇବାକୁ ଦେଇଥିଲେ। ଖାଇସାରିବା ପରେ ସେ ଆଣିଥିବା ଷ୍ଟିଲ୍ ବୋତଲରେ ଥିବା ପାଣି ପିଇଥିଲେ ଯନ୍ତ୍ରୀ। ତେବେ ପିଇବା ପରେ ସେ ତାହା ପରିସ୍ରା ବୋଲି ଜାଣିବାକୁ ପାଇଥିଲେ। ସେ ନିଜେ ଏହାର ଲ୍ୟାବ୍ ଟେଷ୍ଟ ପାଇଁ ପଠାଇଥିଲେ। ପରୀକ୍ଷା ପରେ ଉକ୍ତ ପାଣିରେ ଆମୋନିଆ ଏବଂ ୟୁରିଆର ପରିମାଣ ଅଧିକ ଥିବା ଜଣାପଡ଼ିଥିଲା। ଏନେଇ ତଦନ୍ତ ପାଇଁ ଯନ୍ତ୍ରୀଜଣଙ୍କ ତାଙ୍କ ଉପରିସ୍ଥ ଅଧିକାରୀଙ୍କୁ ଜଣାଇଥିଲେ। କିନ୍ତୁ କୌଣସି ପଦକ୍ଷେପ ନ ନିଆଯିବାରୁ ଏ ସଂପର୍କରେ ସେ ଆର୍.ଉଦୟଗିରି ଥାନାରେ ଅଭିଯୋଗ କରିଛନ୍ତି। ଅପରପକ୍ଷେ, ପିଅନ ଶିବନାରାୟଣ ନାୟକ ତାଙ୍କ ଉପରେ ଆସିଥିବା ସମସ୍ତ ଅଭିଯୋଗକୁ ଖଣ୍ଡନ କରିଛନ୍ତି। ପୁଲିସ ଘଟଣାର ତଦନ୍ତ କରୁଛି।


**ଟ୍ରମ୍ପଙ୍କ କଟାକ୍ଷ**

# ରୁଷ ସହ ବୁଡ଼ିବ ଭାରତ

## ଭାରତ ଏକ ମୃତ ଅର୍ଥନୀତି

### ପ୍ରଭାବିତ ହେବ ଭାରତର ଅର୍ଥନୀତି

### ୯୦ ଟଙ୍କା ପର୍ଯ୍ୟନ୍ତ ଖସିବ ଟଙ୍କାମୂଲ୍ୟ



■ **ୱାଶିଂଟନ୍/ନୂଆଦିଲ୍ଲୀ, ୩୧।୭ (ଏଜେନ୍ସି):** ଶୁଳ୍କ ପ୍ରସଙ୍ଗରେ ଭାରତ ଓ ଆମେରିକା ମଧ୍ୟରେ ୫ଟି ପର୍ଯ୍ୟାୟ କଥାବାର୍ତ୍ତା ନିଷ୍ଫଳ ହୋଇଛି । ଭାରତ ଉପରେ ଆମେରିକୀୟ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ୨୫% ଶୁଳ୍କ ଲଗାଇଛନ୍ତି ଓ ଆସନ୍ତାକାଲିଠାରୁ ଏହା କାର୍ଯ୍ୟକାରୀ ହେବ । ରୁଷ ସହ ଭାରତର ସମ୍ପର୍କ ଓ ରୁଷରୁ ଅଶୋଧିତ ତୈଳ କ୍ରୟ ଯୋଗୁଁ କ୍ରୋଧାନ୍ୱିତ ଟ୍ରମ୍ପ ଭାରତ ଉପରେ ରାଗ ଶୁଝାଇଛନ୍ତି । କେବଳ ସେତିକି ନୁହେଁ, ଭାରତର ପାରମ୍ପରିକ ଶତ୍ରୁ ପାକିସ୍ତାନକୁ ପ୍ରୋତ୍ସାହିତ କରିବା ପରି ପଦକ୍ଷେପ ନେଉଛନ୍ତି । ଯାହା ଫଳେ ର ଭାରତର ଅର୍ଥନୀତି ଗଭୀର ପ୍ରଭାବିତ ହେବା ଆଶଙ୍କା ସୃଷ୍ଟି ହୋଇଛି । ଟ୍ରମ୍ପଙ୍କ ଘୋଷଣା ପରେ ଟଙ୍କା ମୂଲ୍ୟ୦.୨% ହ୍ରାସ ପାଇଛି ଓ ଆଜି ଡ଼ଲାର ସହ ଟଙ୍କାର ବିନିମୟ ମୂଲ୍ୟ ୮୭.୫୮ ଟଙ୍କାରେ ପହଞ୍ଚିଛି। ଟଙ୍କାର ବିନିମୟ ମୂଲ୍ୟ ୯୦ ଟଙ୍କାରେ ପହଞ୍ଚିପାରେ ବୋଲି ଭାରତୀୟ ଅର୍ଥଶାସ୍ତ୍ରୀମାନେ ଆକଳନ କରୁଛନ୍ତି ।

ବିଡ଼ମ୍ବନା ହେଉଛି ଯେତେବେଳେ ଆମେରିକୀୟ ବ୍ୟବସାୟିକ ପ୍ରତିନିଧିଦଳ ଭାରତ ଗସ୍ତରେ ଦ୍ୱିପାକ୍ଷିକ ବାଣିଜ୍ୟ ସଂକ୍ରାନ୍ତରେ ଆଲୋଚନା କରୁଛନ୍ତି, ଠିକ୍ ସେହି ସମୟରେ ଟ୍ରମ୍ପ ଭାରତ ଉପରେ ଟିକସ ଲଗାଇଛନ୍ତି । ଗତ ମାର୍ଚ୍ଚ ମାସରୁ ଦୁଇ ଦେଶ ପାରସ୍ପରିକ ▸ପୃଷ୍ଠା-୭

### ପ୍ରଭାବିତ ହେବ ଓଡ଼ିଶା

ଟ୍ରମ୍ପଙ୍କ ଶୁଳ୍କ ବୃଦ୍ଧି ଯୋଗୁଁ ଦେଶର ଅର୍ଥନୀତି ସହ ଓଡ଼ିଶାର ଅର୍ଥନୀତି ମଧ୍ୟ ଗଭୀର ପ୍ରଭାବିତ ହେବ ବୋଲି ଆଶଙ୍କା ପ୍ରକାଶ ପାଇଛି । ଓଡ଼ିଶାରୁ ବିପୁଳ ପରିମାଣର ସାମୁଦ୍ରିକ ଖାଦ୍ୟ ଆମେରିକା ରପ୍ତାନୀ ହୋଇଥାଏ । ଏକ ଆକଳନ ଯୋଗୁଁ ସାରା ଦେଶରୁ ଗତ ଆର୍ଥିକ ବର୍ଷରେ ୪.୮୮ ବିଲିଅନ ଡ଼ଲାରର ସାମୁଦ୍ରିକ ଖାଦ୍ୟ ବିଦେଶକୁ ରପ୍ତାନୀ ହୋଇଛି ଏବଂ ଏହାର ସିଂହଭାଗ ଆମେରିକା ଓ ଚୀନକୁ ପଠାଯାଇଛି। ମୋଟ ସାମୁଦ୍ରିକ ଖାଦ୍ୟର ୬୬% ଚିଙ୍ଗୁଡ଼ି ଭାରତରୁ ରପ୍ତାନୀ କରାଯାଇଛି । ସାରା ଦେଶରୁ ଆମେରିକାକୁ ରପ୍ତାନୀ ହୋଇଥିବା ଚିଙ୍ଗୁଡ଼ିର ପ୍ରାୟ ୩୦% ଓଡ଼ିଶାରୁ ପଠାଯାଇଛି। ତେଣୁ ଆମେରିକାର ଶୁଳ୍କ ଯୋଗୁଁ ଓଡ଼ିଶାରୁ ଚିଙ୍ଗୁଡ଼ି ରପ୍ତାନୀ ବାଧାପ୍ରାପ୍ତ ହୋଇପାରେ ବୋଲି କୁହାଯାଉଛି ।

### କ୍ଷତି ସହିବେ ରପ୍ତାନୀକାରୀ

ଟ୍ରମ୍ପଙ୍କ ଶୁଳ୍କ ବିଶେଷ ଭାବରେ ଭାରତୀୟ ଆମଦାନୀ ଉପରେ ଲାଗୁହେବ, ଯେଉଁଥିରେ ଇସ୍ପାତ, ଅଟୋ ଯନ୍ତ୍ରାଂଶ, ଔଷଧ ଏବଂ ବୟନ ଶିଳ୍ପ ଭଳି କ୍ଷେତ୍ର ଅନ୍ତର୍ଭୁକ୍ତ। ବଜାର ବିଶେଷଜ୍ଞ ଅଜୟ ବାଗା କହିଛନ୍ତି, ଟ୍ରମ୍ପ ଶୁଳ୍କ ଭାରତୀୟ ବଜାରରେ ଅସ୍ଥିରତା ବୃଦ୍ଧି କରିବ ଓ ନିବେଶକଙ୍କ ବିଶ୍ୱାସକୁ ଦୁର୍ବଳ କରିପାରେ। ଆମେରିକୀୟ ବଜାର ଉପରେ ନିର୍ଭରଶୀଳ ଭାରତୀୟ ଅଟୋ, ଫାର୍ମା ଏବଂ ଇସ୍ପାତ କ୍ଷେତ୍ରର କମ୍ପାନୀ କ୍ଷତିଗ୍ରସ୍ତ ହେବେ।

### ଇରାନ୍‌ରୁ ତେଲ କ୍ରୟ ଉପରେ ଆମେରିକାର ବଡ଼ କାର୍ଯ୍ୟାନୁଷ୍ଠାନ

### ୬ ଭାରତୀୟ କମ୍ପାନୀ ଉପରେ କଟକଣା

■ **ନୂଆଦିଲ୍ଲୀ, ୩୧।୭ (ଏଜେନ୍ସି):** ଇରାନ ସହ ପେଟ୍ରୋକେମିକାଲ୍ ଉତ୍ପାଦ ବ୍ୟବସାୟରେ ଜଡିତ ୬ ଭାରତୀୟ କମ୍ପାନୀ ଆଲକେମିକାଲ୍ ସଲ୍ୟୁସନ୍ସ ପ୍ରାଇଭେଟ୍ ଲିମିଟେଡ୍, ଗ୍ଲୋବାଲ୍ ଇଣ୍ଡଷ୍ଟ୍ରିଆଲ୍ କେମିକାଲ୍ସ ଲିମିଟେଡ, ଜୁପିଟର୍ ଡାଏ କେମ ପ୍ରାଇଭେଟ୍ ଲିମିଟେଡ୍, ରମଣୀକଲାଲ୍ ଏସ୍ ଗୋସାଲିଆ ଆଣ୍ଡ କୋ, ପର୍ସିଷ୍ଟେଣ୍ଟ୍ ପେଟ୍ରୋକେମ ପ୍ରାଇଭେଟ୍ ଲିମିଟେଡ୍ ଏବଂ କାଞ୍ଚନ ପଲିମର୍ସ। ଉପରେ କଟକଣା ଲଗାଇଛି ଆମେରିକା। ଭାରତୀୟ କମ୍ପାନୀଗୁଡ଼ିକ ଇରାନ ପେଟ୍ରୋଲିୟମ୍ ଉତ୍ପାଦ କ୍ରୟ ଏବଂ ବିପଣନ ପାଇଁ ଜାଣିଶୁଣି କାରବାର ବୃଦ୍ଧି କରିଥିବା ଅଭିଯୋଗରେ ଏହି କଟକଣା ଜାରି କରାଯାଇଛି ।

### ଦିନକ ପରେ ଟ୍ରିବ୍ୟୁନାଲରେ ମହାନଦୀ ଶୁଣାଣି

## ସରକାରଙ୍କ ଆଭିମୁଖ୍ୟକୁ ନେଇ ସଂଶୟ

### ▸▸ ଆଇନଗତ ଲଢ଼େଇ ସମ୍ପର୍କରେ ନିରବ

### ▸▸ ବୁଝାମଣା ସ୍ୱରୂପ ସ୍ପଷ୍ଟ କରିବାକୁ ଦାବି

■ **ଭୁବନେଶ୍ୱର, ୩୧।୭ (ସମିସ):** ଆସନ୍ତା ଶନିବାର ହେବ ମହାନଦୀ ଜଳବିବାଦ ଟ୍ରିବ୍ୟୁନାଲରେ ୪୪ତମ ଶୁଣାଣି । ଏହି ଶୁଣାଣି ସମୟରେ ଓଡ଼ିଶାର ଆଭିମୁଖ୍ୟ କଣ ରହିବ, ତାହା ଜାଣିବା ପାଇଁ ବିଶେଷଜ୍ଞଙ୍କଠାରୁ ଆରମ୍ଭ କରି ସାଧାରଣ ଲୋକେ ପର୍ଯ୍ୟନ୍ତ ସମସ୍ତେ ଉଦ୍‌ବିଗ୍ନ। ଗତ ଶୁଣାଣି ସମୟରେ ଆଡଭୋକେଟ ଜେନେରାଲ ପିତାମ୍ବର ଆଚାର୍ଯ୍ୟ ବିବାଦର ସମାଧାନ ପାଇଁ ଦୁଇରାଜ୍ୟ ମଧ୍ୟରେ ଆପୋସ ଆଲୋଚନା ଜାରି ରହିଥିବା ଟ୍ରିବ୍ୟୁନାଲ ଅଧ୍ୟକ୍ଷଙ୍କୁ ଜଣାଇଥିଲେ। ଏଥିପାଇଁ ଶ୍ରୀ ଆଚାର୍ଯ୍ୟ ଅଧିକ ସମୟ ମାଗିଥିଲେ ଓ ଟ୍ରିବ୍ୟୁନାଲ ପରବର୍ତ୍ତୀ ଶୁଣାରି ତାରିଖ ଅଗଷ୍ଟ ୨ ତାରିଖକୁ ଧାର୍ଯ୍ୟ କରିଥିଲେ। ଶୁଣାରି ପାଇଁ ପାଇଁ ରାଜ୍ୟ ସରକାରଙ୍କ ହାତରେ ଦିନଟିଏ ଥିବାବେଳେ ଉଭୟ ରାଜ୍ୟ ମଧ୍ୟରେ ବିବାଦର ସମାଧାନ ପାଇଁ କେଉଁ ପ୍ରକାର ଆଲୋଚନା ହୋଇଛି, ସେ ସମ୍ପର୍କରେ ସରକାର ନିରବ। କିଛିଦିନ ତଳେ ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ଏ ସଂକ୍ରାନ୍ତରେ କ୍ଷୋଭ ପ୍ରକାଶ କରିବା ସହ ଦୁଇ ରାଜ୍ୟ ମଧ୍ୟରେ ଆପୋସ ଆଲୋଚନା କଣ ହୋଇଛି ଏବଂ ଓଡ଼ିଶା ଆଇନଗତ ଲଢ଼େଇରୁ ଓହରି ଯିବ ନା ଜାରି ରଖିବ ସେନେଇ ସ୍ୱଷ୍ଟୀକରଣ ଲୋଡ଼ିଥିଲେ ହେଁ ସରକାର ଏ ସମ୍ପର୍କରେ ତୁଣ୍ଡ ଖୋଲି ନାହାନ୍ତି। ଏହି ସମୟରେ ▸ପୃଷ୍ଠା-୭

## ଉତ୍କଳକୁ ସଂକଟ 'ସଂଗଠୀକରଣ'

### କମିବ ୧୭ ପ୍ରାଧ୍ୟାପକ ଓ ୨୪ ସହଯୋଗୀ ପ୍ରାଧ୍ୟାପକ ପଦ



**ଖାଲିପଡ଼ିଛି ଅର୍ଦ୍ଧାଧିକ ଅଧ୍ୟାପକ ପଦ**

**ବାଧାପ୍ରାପ୍ତ ହେବ ଗୁଣାତ୍ମକ ଶିକ୍ଷା**

■ **ଭୁବନେଶ୍ୱର, ୩୧।୭ (ସମିସ):** ଶ୍ରୀ ହରାଇବ ରାଜ୍ୟର ପ୍ରଥମ ତଥା ସର୍ବପୁରାତନ ବିଶ୍ୱବିଦ୍ୟାଳୟ 'ଉତ୍କଳ'। ଶୈକ୍ଷିକ ପ୍ରକ୍ରିୟା ଗୁରୁତର ପ୍ରଭାବିତ ହେବ। ଏପରିକି, ଗବେଷଣା ମଧ୍ୟ ବାଟବଣା ହେବାର ଆଶଙ୍କା ପାଇଛି। କାରଣ ଅଧାରୁ ଅଧିକ ଅଧ୍ୟାପକ ପଦ ଖାଲି ପଡ଼ିଥିବା ବେଳେ ସଂଗତୀକରଣ (ରେସନାଲାଇଜେସନ୍) ନାମରେ ଆହୁରି ପ୍ରଧ୍ୟାପକ ଓ ସହଯୋଗୀ ପ୍ରାଧ୍ୟାପକ ପଦ ହରାଇବାକୁ ଯାଉଛି ଏହି ଐତିହ୍ୟସଂପନ୍ନ ବିଶ୍ୱବିଦ୍ୟାଳୟ। ୧୭ଟି ପ୍ରାଧ୍ୟାପକ ସମେତ ୨୪ଟି ସହଯୋଗୀ ପ୍ରାଧ୍ୟାପକ ପଦ କାଟିବାକୁ ଷଡ଼୍‌ଯନ୍ତ୍ର ହେଉଥିବା ଅଭିଯୋଗ ହୋଇଛି।

ବିଶ୍ୱବିଦ୍ୟାଳୟଗୁଡ଼ିକରେ ସ୍କୁଲ ବ୍ୟବସ୍ଥା ଲାଗୁ କରିବା ପାଇଁ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ଏହାଦ୍ୱାରା ସବୁ ବିଶ୍ୱବିଦ୍ୟାଳୟରୁ କିଛି ପଦ ଉଚ୍ଛେଦ କରି ଅନ୍ୟ ବିଶ୍ୱବିଦ୍ୟାଳୟରେ ପୂରଣ କରାଯିବ। ଏଥିପାଇଁ ଉଚ୍ଚଶିକ୍ଷା ପରିଷଦ ୪ଜଣ କୁଳପତିଙ୍କୁ ନେଇ ଏକ କମିଟି ▸ପୃଷ୍ଠା-୭

## ଝାଡ଼ାବାନ୍ତିରେ ୪ ମୃତ

### ଗାଁରେ ପହଞ୍ଚିଲେ ଡାକ୍ତରୀ ଟିମ୍



■ **କୋରାପୁଟ, ୩୧।୭ (ସମିସ):** ଗତ କିଛି ଦିନ ମଧ୍ୟରେ ବୋରିଗୁମ୍ମା ବ୍ଲକ୍ ମାଲଦା ଗ୍ରାମରେ ୪ ଜଣଙ୍କ ମୃତ୍ୟୁ ହୋଇଛି। ବୋରିଗୁମ୍ମା ବ୍ଲକ ମାଲଦା ଗ୍ରାମରେ ଏବେ ଝାଡ଼ାବାନ୍ତି ବ୍ୟାପିବାରୁ ଲୋକେ ଆତଙ୍କିତ ଅବସ୍ଥାରେ ରହିଛନ୍ତି। ଝାଡ଼ାବାନ୍ତି ସୂଚନା ପାଇବା ପରେ ମେଡ଼ିକାଲ ଟିମ୍ ଗାଁରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରୁଥିବା ଜଣାପଡ଼ିଛି।

ଗୁରୁବାର ବୋରିଗୁମ୍ମା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଅଧିକାରୀ, ବୋରିଗୁମ୍ମା ବ୍ଲକ କର୍ମଚାରୀ , ଏଏନଏମ ଏବଂ ଅନ୍ୟ କର୍ମଚାରୀ ଗାଁରେ ପହଞ୍ଚି ଘରକୁ ଘର ବୁଲି ଲୋକଙ୍କ ସହ ଆଲୋଚନା କରିଥିଲେ। ଡାକ୍ତରୀ ଦଳ ଗ୍ରାମବାସୀ ବ୍ୟବହାର କରୁଥିବା ନଳକୂପ, ଗଭୀର କୂପ ଏବଂ ପାଇପ୍ ଲାଇନ୍ ପାଣି ସାମ୍ପୁଲ ପରୀକ୍ଷା କରିଥିଲେ। ଲୋକଙ୍କୁ ସଚେତନ କରି ଖାଇବା ପୂର୍ବରୁ ହାତ ସଫା କରିବା, ବାସି ଖାଦ୍ୟ ନ ଖାଇବା, ପାଣିକୁ ଫୁଟାଇ ସେଥିରେ ହାଲୋଜେନ ଟାବଲେଟ୍ ପକାଇ ପିଇବା ପାଇଁ ପରାମର୍ଶ ଦେଇଥିଲେ। ଗାଁରେ ନାଳନର୍ଦ୍ଦମା ସଫା ସୁତୁରା ରଖିବା ପାଇଁ ମଧ୍ୟ କହିଛନ୍ତି। ଗାଁରେ ମେଡ଼ିକାଲ କ୍ୟାମ୍ପ୍ କରି ସପ୍ତାହେ ଯାଏ ୨୪ ଘଣ୍ଟା ସେବା ଯୋଗାଇ ଦେବାକୁ ମେଡ଼ିକାଲ ଅଫିସର କର୍ମଚାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।

କୋଟପାଡ଼ ବିଧାୟକ ରୁପୁ ଭତ୍ରା ସ୍ଥିତି ଅନୁଧ୍ୟାନ କରିବା ପାଇଁ ମାଲଦା ଗାଁକୁ ଯାଇ ଲୋକଙ୍କ ସହ ଆଲୋଚନା କରିବା ସହ ମେଡ଼ିକାଲ ଟିମ ସହ ଆଲୋଚନା କରିଥିଲେ। ଲୋକେ ଦୂଷିତ ପାଣି ବ୍ୟବହାର ନ କରିବା ପାଇଁ ପରାମର୍ଶ ଦେଇଥିଲେ ଏବଂ କିଛି ଦିନ ଟ୍ୟାଙ୍କର ସାହାଯ୍ୟରେ ପିଇବା ପାଣି ଯୋଗାଇ ଦେବେ ବୋଲି କହିଛନ୍ତି। ବୋରିଗୁମ୍ମା ବିଡ଼ିଓ ମଧ୍ୟ ଗାଁରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଛନ୍ତି। ତେବେ ୪ଜଣଙ୍କ ମୃତ୍ୟୁ ଝାଡ଼ାବାନ୍ତି ନା ଅନ୍ୟ କାରଣରୁ ହୋଇଛି ତାହା ସ୍ପଷ୍ଟ ହୋଇପାରିନାହିଁ।

## ହାତୀ ଆକ୍ରମଣରେ ୩ ମୃତ

■ **ଢେଙ୍କାନାଳ, ୩୧।୭ (ସମିସ):** ଢେଙ୍କାନାଳ ବନଖଣ୍ଡ ହିନ୍ଦୋଳ ବନାଞ୍ଚଳ ରାସୋଳ ସେକ୍ସନ୍ ଅନ୍ତର୍ଗତ ବାଘଧରିଆ ଗ୍ରାମରେ ଆଜି ଏକ ହାତୀ ଆକ୍ରମଣରେ ୩ଜଣଙ୍କ ମୃତ୍ୟୁ ଘଟିଛି। ମୃତକମାନେ ହେଲେ, ଗ୍ରାମର ଶଶି ସାହୁ (୬୪), କରୁଣାକର ଦେହୁରୀ (୬୬) ଓ ଝୁଲଣ ଦେହୁରୀ (୫୪) ।

ଆଜି ସକାଳେ ଶଶି ଗାଁ ପୋଖରୀକୁ ଶୌଚ ପାଇଁ ଯାଇଥିବା ବେଳେ ୩ ଟିକିଆ ହାତୀପଲ ମଧ୍ୟରୁ ଗୋଟିଏ ଦନ୍ତାହାତୀ ଆସି ତାଙ୍କୁ ଆକ୍ରମଣ କରିଥିଲା। ଏଥିରେ ସେ ଗୁରୁତର ଆହତ ହୋଇଥିଲେ। ତାଙ୍କୁ ହିନ୍ଦୋଳ ମେଡିକାଲରେ ଭର୍ତ୍ତି କରାଯାଇଥିଲେ ମଧ୍ୟ ସେଠାରେ ତାଙ୍କର ମୃତ୍ୟୁ ଘଟିଥିଲା। ସେହିପରି, କରୁଣାକର ଦେହୁରୀ ହାତୀପଲକୁ ଦେଖି ଗାଁ ଆଡ଼କୁ ଦୌଡ଼ି ପଳାଉଥିବା ବେଳେ ଗୋଟିଏ ହାତୀ ତାଙ୍କୁ ଆକ୍ରମଣ କରିଥିଲା। ଫଳରେ ଘଟଣାସ୍ଥଳରେ ତାଙ୍କ ମୃତ୍ୟୁ ହୋଇଥିଲା। ଏହି ସମୟରେ ଝୁଲଣ ଦେହୁରୀ ନଳକୂଅରୁ ପାଣି ଆଣିବାକୁ ଯାଇଥିବା ବେଳେ ହାତୀ ତାଙ୍କୁ ଗାଁ ରାସ୍ତାରେ କଚାଡ଼ି ମାରି ଦେଇଥିଲା।

### ଶବ ରଖି ପୁରୁଣା କଟକ-ସମ୍ବଲପୁର ରାସ୍ତା ଅବରୋଧ

ହାତୀ ଆକ୍ରମଣରେ ଦିନକରେ ୩ଜଣଙ୍କ ମୃତ୍ୟୁକୁ ନେଇ ଗ୍ରାମରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା। ଗ୍ରାମବାସୀଙ୍କ ସହ ଆଖପାଖ ଅଞ୍ଚଳବାସୀ ଏକତ୍ରିତ ହୋଇ ପୁରୁଣାକଟକ-ସମ୍ବଲପୁର ରାସ୍ତାର ସାତମାଇଲ ଛକ ନିକଟରେ ଶବ ରଖି ରାସ୍ତା ଅବରୋଧ କରିଥିଲେ।

ଗ୍ରାମବାସୀମାନେ ଅଭିଯୋଗ କରିଥିଲେ ଯେ ଗାଁ ନିକଟରେ ହାତୀପଲ ଥିବା ସମ୍ପର୍କରେ ଗ୍ରାମବାସୀ ପୂର୍ବ ଦିନ ବନବିଭାଗକୁ ଖବର ଦେଇଥିଲେ ମଧ୍ୟ ଏଥିପ୍ରତି ବିଭାଗ କର୍ଣ୍ଣପାତ ନକରି କୌଣସି ପଦକ୍ଷେପ ନେଇ ନଥିବାରୁ ହାତୀ ଆକ୍ରମଣରେ ତିନିଜଣଙ୍କ ମୃତ୍ୟୁ ହୋଇଥିବା ଗ୍ରାମବାସୀ ଅଭିଯୋଗ କରିଥିଲେ। ଏପରିକି, ହାତୀ ସ୍କ୍ୱାଡ୍‌ଙ୍କର ମଧ୍ୟ ଦେଖାନଥିଲା। ଅନ୍ୟପଟେ ହାତୀ ଆକ୍ରମଣରେ ଗ୍ରାମରେ ତିନିଜଣଙ୍କ ମୃତ୍ୟୁ ଖବର ଦିଆଯାଇଥିଲେ ମଧ୍ୟ ବହୁ ବିଳମ୍ବରେ ପୁଲିସ ଆସିବା ପରେ ବନ ବିଭାଗ କର୍ମଚାରୀ ପହଞ୍ଚିଥିଲେ। ଏହାର ଦୀର୍ଘ ସମୟ ପରେ ବନାଞ୍ଚଳ ଅଧିକାରୀ ଗୌତମ ପ୍ରଧାନ ପହଞ୍ଚିବାରେ ଗ୍ରାମବାସୀ ▸ପୃଷ୍ଠା-୭

**ପୁରୀ ରଥଯାତ୍ରା ଦଳାଚକଟା ଘଟଣା**

## ମୁଖ୍ୟମନ୍ତ୍ରୀଙ୍କୁ ତଦନ୍ତ ରିପୋର୍ଟ ଦେଲେ ଉନ୍ନୟନ କମିସନର



■ **ଭୁବନେଶ୍ୱର, ୩୧।୭ (ସମିସ):** ରଥଯାତ୍ରା ସମୟରେ ପୁରୀ ଶରଧାବାଲିରେ ଦଳାଚକଟା ଘଟଣାରେ ଗୁରବାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ତଦନ୍ତ ରିପୋର୍ଟ ପ୍ରଦାନ କରିଛନ୍ତି ଉନ୍ନୟନ କମିସନର ଅନୁ ଗର୍ଗ। ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀଙ୍କୁ ଭେଟି ଉନ୍ନୟନ କମିସନର ଅନୁ ଗର୍ଗ ଏହି ରିପୋର୍ଟ ଦାଖଲ କରିଛନ୍ତି। ତଦନ୍ତ ରିପୋର୍ଟ ମିଳିଥିବା ବେଳେ ଏହା ଉପରେ ସରକାର କ'ଣ କାର୍ଯ୍ୟାନୁଷ୍ଠାନ ନେବେ ସେନେଇ ସାଧାରଣରେ ଉତ୍କଣ୍ଠା ପ୍ରକାଶ ପାଇଛି। ସୂଚନାଯୋଗ୍ୟ ଯେ ଗତ ଜୁନ ୨୯ ତାରିଖ ଭୋର ସକାଳୁ ଶ୍ରୀଗୁଣ୍ଡିଚା ମନ୍ଦିର ସମ୍ମୁଖ ଶରଧାବାଲିରେ ଦଳାଚକଟା ହୋଇଥିଲା। ଏହି ଅପ୍ରୀତିକର ▸ପୃଷ୍ଠା-୭

**ସରକାର ଉଦାସୀନ, ଚାଷୀ ହନ୍ତସନ୍ତ**

## ଆଖୁ ଚାଷର ଆଖି ବନ୍ଦ

■ **ଭୁବନେଶ୍ୱର, ୩୧।୭ (ସମିସ):** ରାଜ୍ୟରେ ଚିନି, ଗୁଡ଼ ଓ ଆଖୁ ଉତ୍ପାଦର ଆବଶ୍ୟକତା ପ୍ରତିବର୍ଷ ବଢ଼ୁଛି; ମାତ୍ର ଆଖୁ ଚାଷ ପ୍ରତିବର୍ଷ କମି କମି ଚାଲିଛି। ଗୋଟିଏପଟେ ଚିନିର ଆବଶ୍ୟକତା ବୃଦ୍ଧି ପାଉଥିବାବେଳେ ଆଖୁ ଚାଷ କମିବା ଯୋଗୁଁ ଅନ୍ୟ ରାଜ୍ୟ ଉପରେ ଓଡ଼ିଶା ଅଧିକ ନିର୍ଭରଶୀଳ ହେଉଛି। ରାଜ୍ୟରେ ଆଖୁ ଚାଷ ହ୍ରାସ ହେବା ସହ ଚିନି କଳ ବନ୍ଦ ହେବାରେ ଲାଗିଛି ଓ ଆଖୁ ଚାଷୀଙ୍କ ଆର୍ଥିକ ସ୍ଥିତି ଖରାପ ହେବାରେ ଲାଗିଛି। ଏ ସମ୍ପର୍କରେ ରାଜ୍ୟସ୍ତରୀୟ କମିଟି, ବିଧାନସଭାରେ କୃଷି ବିଭାଗ ଷ୍ଟାଣ୍ଡିଂ କମିଟି ବିଭିନ୍ନ ସମୟରେ ଦେଇଥିବା ରିପୋର୍ଟକୁ କାର୍ଯ୍ୟକାରୀ କରାଯାଉ ନାହିଁ କିମ୍ବା ଆଖୁ ଚାଷକୁ ପ୍ରୋତ୍ସାହିତ କରିବା ପରି କାର୍ଯ୍ୟକ୍ରମ ହାତକୁ ନିଆଯାଉ ନାହିଁ। ମାତ୍ର ସରକାର ଆଖୁ ଚାଷ ପ୍ରତି ଆଖି ବୁଜି ଦେଇଛନ୍ତି। ବିଜେପି ସରକାର କୃଷି କ୍ଷେତ୍ରକୁ ପ୍ରୋତ୍ସାହନ ଦେଉଥିବା ଡିଣ୍ଡିମ ପିଟୁଥିଲେ ବି ବର୍ତ୍ତମାନ ସୁଦ୍ଧା ରାଜ୍ୟରେ କୌଣସି ଚାଷରେ ସଂସ୍କାର ଆସିପାରୁନି।

### କ୍ରମାଗତ ଭାବେ କମୁଛି ଉତ୍ପାଦନ

### ବନ୍ଦ ହେବାରେ ଲାଗିଛି ଚିନି କଳ

ପରିସଂଖ୍ୟାନ ଅନୁସାରେ ଓଡ଼ିଶାରେ ଚିନିର ଆବଶ୍ୟକତା ବାର୍ଷିକ ପ୍ରାୟ ୪ଲକ୍ଷ ଟନ୍। ମାତ୍ର ରାଜ୍ୟରେ ଗୋଟିଏ ପରେ ଗୋଟିଏ ଚିନିକଳ ବନ୍ଦ ହେବାରେ ଲାଗିଛି। ଏହାଦ୍ୱାରା ଆମକୁ ବାହାର ରାଜ୍ୟରେ ଉତ୍ପାଦିତ ଚିନି ଉପରେ ନିର୍ଭରଶୀଳ ହେବାକୁ ପଡୁଛି। ବର୍ତ୍ତମାନ ସମୟରେ ଆସିକା ଚିନି କଳ ଦୟନୀୟ ସ୍ଥିତିରେ ଚାଲୁଥିବାବେଳେ ନୟାଗଡ, ବଡମ୍ବା, ବରଗଡ, ବଲାଙ୍ଗିରର ତୋରା ଆଦି ଚିନି କାରଖାନା ସଂପୂର୍ଣ୍ଣ ରୂପେ ବନ୍ଦ ହୋଇଯାଇଛି। ବେସରକାରୀ ଉଦ୍ୟମରେ ଢେଙ୍କାନାଳ ଚିନି କାରଖାନାଟି କଷ୍ଟେମଷ୍ଟେ ଚାଲିଛି। ଚିନି କାରଖାନା ସବୁ ବନ୍ଦ ହୋଇଯିବା ଯୋଗୁଁ ଆଖୁ ବିକ୍ରି ସମସ୍ୟା ଓ ଆଖୁଚାଷ ପାଇଁ ପ୍ରୋତ୍ସାହନ ମିଳୁନି। ଫଳସ୍ୱରୂପ ଚାଷୀ ଆଖୁ ଚାଷରୁ ମୁହଁ ଫେରାଇ ନେଉଛି। ନବରଙ୍ଗପୁର, କୋରାପୁଟ ଆଦି ଜିଲ୍ଲାରେ ଭଲ ଆଖୁ ଉତ୍ପାଦନ ପାଇଁ ଅନୁକୂଳ ପରିବେଶ ଥିବା ସତ୍ତ୍ୱେ ଚାଷୀମାନେ ଆଖୁଚାଷ କରିବାକୁ ▸ପୃଷ୍ଠା-୭

## ବିରତି ନେବ ମୌସୁମୀ

### ବଢ଼ିବ ତାପମାତ୍ରା, ବୃଦ୍ଧି ପାଇବ ବଜ୍ରପାତ

### ଅଗଷ୍ଟ ମାସରେ ସ୍ୱାଭାବିକଠାରୁ କମ୍ ବର୍ଷା

■ **ଭୁବନେଶ୍ୱର, ୩୧।୭ (ସମିସ):** ପଛକୁ ପଛ ଲଘୁଚାପ ଯୋଗୁଁ ସକ୍ରିୟ ରହିଥିବା ମୌସୁମୀ କିଛି ସମୟ ପାଇଁ ବିରତି ନେବ। ଏହି ବିରତି ଅଗଷ୍ଟ ଦ୍ୱିତୀୟ ସପ୍ତାହ ଅର୍ଥାତ୍ ପ୍ରାୟ ୧୨ ତାରିଖ ଯାଏଁ ଜାରି ରହିବ। ଏହି ସମୟରେ ମୌସୁମୀ ବାୟୁ ନିଷ୍କ୍ରିୟ ହେବା ଫଳରେ ରାଜ୍ୟରେ ବର୍ଷା କମିବ ଓ ପାଗ ଶୁଖିଲା ରହିବ। ଗଲା କିଛି ବର୍ଷ ହେବ ମୌସୁମୀ ଓଡ଼ିଶା ଛୁଇଁବାର ମାସେରୁ ଦେଢ଼ ମାସ ପରେ ଏହି ସ୍ଥିତି ଅର୍ଥାତ୍ 'ମୌସୁମୀ ବ୍ରେକ୍' ହେଉଥିବା ବେଳେ ଚଳିତ ବର୍ଷ ଆରମ୍ଭରୁ ଦେଢ଼ ସପ୍ତାହ ମୌସୁମୀ ବ୍ରେକ୍ ଲାଗିଥିଲା। ପୁଣି ଏହି ସ୍ଥିତି ସହ ଚଳିତ ବର୍ଷ ଦ୍ୱିତୀୟ ବିରତି ଆରମ୍ଭ ହେବାକୁ ଯାଉଛି। ସାଧାରଣତଃ ମୌସୁମୀ ବିରତି ସମୟରେ ଆକାଶ ନିର୍ମଳ ରହିଥାଏ ଓ ସୂର୍ଯ୍ୟକିରଣ ▸ପୃଷ୍ଠା-୭

# ରୁଷ୍‌ରେ କ୍ରମାଗତ ଦ୍ୱିତୀୟ ଦିନରେ ମଧ୍ୟ ଭୂକମ୍ପନ

ଭ୍ଲାଡିଭୋଷ୍ଟିକ୍, ୩୧।୭(ଏଜେନ୍ସି): ରୁଷିଆରେ କ୍ରମାଗତ ଦ୍ୱିତୀୟ ଦିନ ପାଇଁ ମଧ୍ୟ ଭୂକମ୍ପ ଆସିଛି। ରୁଷିଆର ପୂର୍ବାଞ୍ଚଳରେ ଥିବା କୁରିଲ ଦୀପରେ ଗୁରବାର ସକାଳେ ଆସିଥିବା ଭୂକମ୍ପର ତୀବ୍ରତା ୬.୫ ଥିଲା। ନ୍ୟାସନାଲ ସେଣ୍ଟର ଫର ସିସ୍‌ମୋଲୋଜି (ଏନ୍‌ସିଏସ୍) ମୁତାବକ ଏହି ଭୂକମ୍ପ ଭାରତୀୟ ସମୟ ଅନୁସାରେ ସକାଳ ୧୦.୫୭ରେ ଆସିଥିଲା ଓ ଏହାର ଗଭୀରତା ୧୦ କିମି ଥିଲା। ପୂର୍ବରୁ ବୁଧବାର କୁରିଲ ଦୀପ ନିକଟସ୍ଥ ସମୁଦ୍ରରେ ୮.୮ ତୀବ୍ରତାର ଭୂକମ୍ପ ଆସିଥିଲା। ଏହାକୁ ବିଶ୍ୱର ଷଷ୍ଠ ସର୍ବବୃହତ ଭୂକମ୍ପ ଥିଲା। କିନ୍ତୁ ଏଥିରେ ଏପର୍ଯ୍ୟନ୍ତ ମୃତାହତର କୌଣସି ଖବର ଆସିନାହିଁ। ଏହି ଭୂକମ୍ପ ପରେ ରୁଷ, ଜାପାନ, ଚୀନ୍ ସମେତ ଏପରି ଆମେରିକା ପର୍ଯ୍ୟନ୍ତ ସୁନାମୀର ଲହଡି ପହଞ୍ଚିଥିଲା। ରୁଷରେ ଏହି ସୁନାମୀର ଉଚ୍ଚତା ୪ ମି ଥିବା ବେଳେ ଆମେରିକାରେ ଏହା ୧ ମି ଉଚ୍ଚତା ବିଶିଷ୍ଟ ଥିଲା। କୁରିଲରେ ଗତକାଲି ମଧ୍ୟ ୬.୩ ତୀବ୍ରତା ବିଶିଷ୍ଟ ଭୂକମ୍ପର ଝଟ୍‌କା ଅନୁଭୂତ ହୋଇଥିଲା। ଏହାକୁ ବାଦ୍ ଦେଲେ କାମଚଟକାରେ ମଧ୍ୟ ଭୂକମ୍ପ ପରେ ଆଗ୍ନେୟଗିରିରେ ବିସ୍ଫୋରଣ ହୋଇଥିଲା। ୮.୮ ତୀବ୍ରତା ବିଶିଷ୍ଟ ଭୂକମ୍ପ ଆସିବା ପରେ ଗତ ୧୬ ଘଣ୍ଟା ମଧ୍ୟରେ ରୁଷ ଓ ତା'ର ଆଖପାଖ ଅଞ୍ଚଳରେ ୧୨୫ଟି ଭୂକମ୍ପ ପରବର୍ତ୍ତୀ ଝଟ୍‌କା (ଆଫ୍ଟରସକ) ଅନୁଭୂତ ହୋଇଥିଲା ବୋଲି ଆମେରିକାର ଜିଓଲୋଜିକାଲ ସର୍ଭେ ତରଫରୁ ସୂଚନା ଦିଆଯାଇଛି। ଏହି ଆଫ୍ଟରସକ୍‌ର ତୀବ୍ରତା ୪.୪ କିମ୍ବା ତା'ଠାରୁ ଅଧିକ ଥିଲା। ଏଗୁଡିକ ମଧ୍ୟରେ ୩ଟି ଝଟ୍‌କା ୬.୦ରୁ ଅଧିକ ଥିଲା ଓ ସବୁଠାରୁ ବଡ଼ ଝଟକାର ତୀବ୍ରତା ୬.୯ ଥିଲା। ପୁଣି ବୁଧବାର ମୁଖ୍ୟ ଭୂକମ୍ପ କେନ୍ଦ୍ରର ଦକ୍ଷିଣ- ପଶ୍ଚିମ ଦିଗରେ ୨୦୦ ମାଇଲ ଦୂରରେ ୬.୪ ତୀବ୍ରତା ବିଶିଷ୍ଟ ଆଉ ଏକ ଝଟକା ଅନୁଭୂତ ହୋଇଥିଲା।

# ମୁମ୍ବାଇ ବିମାନ ବନ୍ଦରରେ ୮ କୋଟିର ଡ୍ରଗ୍ସ ଜବତ

ମୁମ୍ବାଇ, ୩୧।୭(ଏଜେନ୍ସି): ମୁମ୍ବାଇର ଛତ୍ରପତି ଶିବାଜୀ ମହାରାଜ ଅନ୍ତର୍ଜାତୀୟ ବିମାନ ବନ୍ଦରରେ ୮ କୋଟି ଟଙ୍କା ଡ୍ରଗ୍ସ ଜବତ ହୋଇଛି। ବ୍ୟାଙ୍କକରୁ ଆସିଥିବା ଦୁଇଟି ବିମାନରୁ ଗଞ୍ଜେଇ ଜବତ କରାଯାଇଛି। ମୁମ୍ବାଇ କଷ୍ଟମ ଡିପାର୍ଟମେଣ୍ଟର ଆଭିଏସନ ଅଧିକାରୀମାନେ ଜୁଲାଇ ୨୯ ଓ ୩୦ ତାରିଖରେ ଏହି ଡ୍ରଗ୍ସ ଜବତ କରିଛନ୍ତି। ଏହି ମାମଲାରେ ୪ ଜଣଙ୍କୁ ଗିରଫ କରାଯାଇଛି। ବ୍ୟାଙ୍କକ୍‌ରୁ ଅବତରଣ କରିଥିବା ବିଜି ୭୬୦ ବିମାନରୁ ୩ ଜଣ ସନ୍ଦିଗ୍ଧଙ୍କୁ ଅଟକ ରଖାଯାଇଥିଲା। ଏମାନଙ୍କଠାରୁ ଯାଞ୍ଚ କରାଯିବା ପରେ ୧.୯୯୦ କେଜି ଗଞ୍ଜେଇ ମିଳିଥିଲା। ବଜାରେ ଏହାର ମୂଲ୍ୟ ପାଖାପାଖି ୨ କୋଟି ଟଙ୍କା ବୋଲି କୁହାଯାଇଛି। ସେହିପରି ବ୍ୟାଙ୍କକରୁ ଆସିଥିବା ୬ଇ୧୦୬୦ ବିମାନରେ ଜଣେ ଯାତ୍ରୀଙ୍କ ପାଖରୁ ୬.୨୨ କେଜି ଗଞ୍ଜେଇ ଜବତ କରାଯାଥିଲା ଓ ଏହାର ମୂଲ୍ୟ ୬ କୋଟି ଟଙ୍କା ବୋଲି କୁହାଯାଇଛି। ଏହି ଦୁଇଟି ମାମଲାରେ ଆଭିଏସନ ଅଧିକାରୀମାନେ ମୋଟ ଉପରେ ୮ କେଜି ଟଙ୍କାର ଡ୍ରଗ୍ସ ଜବତ କରିଛନ୍ତି। ଏହି ୪ ଜଣ ଅଭିଯୁକ୍ତଙ୍କ ବିରୋଧରେ ମାମଲା ରୁଜୁ କରାଯାଇଛି। ପୂର୍ବରୁ ପାଖାପାଖି ୪ ମାସ ତଳେ ଗୁଜରାଟ୍‌ରେ ଇଣ୍ଡିଆନ କୋଷ୍ଟ ଗାର୍ଡ (ଆଇସିଜି) ୩୦୦ କେଜି ଡ୍ରଗ୍ସ ଜବତ କରିଥିଲା ଓ ଏହାର ମୂଲ୍ୟ ପାଖାପାଖି ୧, ୮୦୦ କୋଟି ଟଙ୍କା ବୋଲି କୁହାଯାଇଥିଲା।

# ପାଲେଷ୍ଟାଇନ୍‌କୁ ମାନ୍ୟତା ଦେବ କାନାଡ଼ା

ଓଟାୱା, ୩୧।୭(ଏଜେନ୍ସି): ପାଲେଷ୍ଟାଇନ୍‌କୁ ମାନ୍ୟତା ଦେବା ପାଇଁ ପାଶ୍ଚାତ୍ୟ ଦେଶଗୁଡିକରେ ଏକ ପ୍ରକାର ପ୍ରତିଯୋଗିତା ଆରମ୍ଭ ହୋଇଛି। ଫ୍ରାନ୍ସ ଓ ବ୍ରିଟେନ ପରେ କାନାଡା ପାଲେଷ୍ଟାଇନ୍‌କୁ ଏକ ସ୍ୱତନ୍ତ୍ର ରାଷ୍ଟ୍ର ଭାବେ ମାନ୍ୟତା ଦେବାକୁ ଅଣ୍ଟା ଭିଡିଛି। କାନାଡ଼ା ପ୍ରଧାନମନ୍ତ୍ରୀ ମାର୍କ କାର୍ଣ୍ଣି ଏ ନେଇ ଘୋଷଣା କରିଛନ୍ତି। ଆଗାମୀ ସେପ୍ଟେମ୍ବରରେ ଜାତିସଂଘରେ ଆୟୋଜନ ହେବାକୁ ଥିବା ସାଧାରଣ ସଭାରେ ପାଲେଷ୍ଟାଇନ୍‌କୁ ଔପଚାରିକ ଭାବେ ଏକ ସ୍ୱତନ୍ତ୍ର ରାଷ୍ଟ୍ରର ମାନ୍ୟତା ଦିଆଯିବାର କାର୍ଯ୍ୟକ୍ରମ ରହିଛି। ଏଥିସହ ଜି-୭ର ତୃତୀୟ ରାଷ୍ଟ୍ର ଭାବେ କାନାଡା ପାଲେଷ୍ଟାଇନ୍‌କୁ ମାନ୍ୟତା ଦେବାକୁ ଘୋଷଣା କରିଛି। ଗାଜା ପଟିରେ ଗତ ଦୁଇ ବର୍ଷ ହେବ ଇସ୍ରାଏଲ ଓ ହମାଦ ମଧ୍ୟରେ ଯୁଦ୍ଧ ଚାଲିଛି। ଏଠାରେ ଖାଦ୍ୟ ଓ ଜଳ ସଂକଟ ଦେଖାଦେଇଛି। ଏଥିପାଇଁ ବିଶ୍ୱରେ ଇସ୍ରାଏଲ ଉପରେ ଚାପ ବୃଦ୍ଧି ପାଇବାରେ ଲାଗିଛି। ଅବଶ୍ୟ ପାଲେଷ୍ଟାଇନକୁ ମାନ୍ୟତା ଦେବାରେ ଇସ୍ରାଏଲ କୋଡୋଟି ସର୍ତ୍ତ ରଖିଛି। ଏଥିସହ କାର୍ଣ୍ଣି ପାଲେଷ୍ଟାଇନ୍‌କୁ ୬୩ କୋଟି ଟଙ୍କାର ଆର୍ଥିକ ସାହାଯ୍ୟ ଦେବାକୁ ମଧ୍ୟ ଘୋଷଣା କରିଛି।

# ହରିଦ୍ୱାରରେ ୪୮ କ୍ରସର ୟୁନିଟ୍ ବନ୍ଦ କରିବାକୁ ନିର୍ଦ୍ଦେଶ

ନୈନିତାଲ, ୩୧।୭(ଏଜେନ୍ସି): ହରିଦ୍ୱାର ଅଞ୍ଚଳରେ ଚାଲୁଥିବା ୪୮ଟି ଷ୍ଟୋନ କ୍ରସରକୁ ବନ୍ଦ କରିବାକୁ ଉତ୍ତରାଖଣ୍ଡ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଏହି କ୍ରସରଗୁଡିକଠାରୁ ବିଦ୍ୟୁତ ସଂଯୋଗ କାଟିବା ସହ ଜଳ ଯୋଗାଣକୁ ତୁରନ୍ତ ବନ୍ଦ କରବାକୁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ପୁଣି ଗୋଟିଏ ସପ୍ତାହ ମଧ୍ୟରେ ଏ ନେଇ କି ପଦକ୍ଷେପ ନିଆଯାଇଛି ସେ ସେ ନେଇ ରିପୋର୍ଟ ଦେବାକୁ କହିଛନ୍ତି। ଏହି ମାମଲାର ପରବର୍ତ୍ତୀ ଶୁଣାଣି ସେପ୍ଟେମ୍ବରରେ ୧୨ରେ ହେବ। ହରିଦ୍ୱାର ମାତୃ ସଦନ ଏହି ମାମଲାରେ ପିଆଇଏଲ୍ ଦାଏର କରିଥିଲା। ହରିଦ୍ୱାର ନିକଟରେ ଗଙ୍ଗନଦୀ କୂଳରେ ଅବୈଧ ଖନନ୍ ନେଇ ଓ ଗଙ୍ଗାନଦୀ ଅସ୍ତିତ୍ୱ ନେଇ ଚିନ୍ତା ଜାହିର କରାଯାଇଥିଲା। ପୁଣି ଗଙ୍ଗା ନଦୀରେ ଚାଲିଥିବା ଅବୈଧ ଖନନକୁ ରୋକିବା ପାଇଁ ଆବେଦନରେ ଉଲ୍ଲେଖ କରାଯାଇଥିଲା। ଏବେ କୁମ୍ଭ କ୍ଷେତ୍ରରେ ଖନନ କରାଯାଉଥିବାରୁ ଗଙ୍ଗା ନଦୀର ଅସ୍ତିତ୍ୱ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି ବୋଲି କୁହାଯାଇଛି।

# ଚୀନ୍‌ରେ ବନ୍ୟା ଓ ଭୂସ୍ଖଳନ; ୩୪ ମୃତ

ବେଜିଂ, ୩୧।୭(ଏଜେନ୍ସି): ଚୀନ୍‌ରେ ବନ୍ୟା କାରଣରୁ ଭୟଙ୍କର ସ୍ଥିତି ସୃଷ୍ଟି ହୋଇଛି। ବନ୍ୟା ଓ ଭୁସ୍ଖଳନ ଯୋଗୁଁ ୩୪ ଲୋକ ମୃତ୍ୟୁବରଣ କରିଛନ୍ତି। ବେଜିଂ ଓ ତା'ର ଆଖପାଖ ଅଞ୍ଚଳରେ ୮୦ ହଜାର ଲୋକଙ୍କୁ ଉଦ୍ଧାର କରାଯାଇଛି। ବେଜିଂରେ ଏ ନେଇ ହାଇ ଆଲର୍ଟ ଜାରି କରାଯାଇଛି ଓ ସବୁ ପ୍ରକାର ନିର୍ମାଣ କାର୍ଯ୍ୟକୁ ବନ୍ଦ ରଖାଯାଇଛି। ଉଦ୍ଧାରକାର୍ଯ୍ୟକୁ ତ୍ୱରାନ୍ୱିତ କରିବାକୁ ରାଷ୍ଟ୍ରପତି ସି ଜିନପିଙ୍ଗ୍ ନିର୍ଦ୍ଦେଶ ଦେଇଛନ୍ତି।

# ଅଷ୍ଟ୍ରେଲିଆରେ ୧୬ ବର୍ଷରୁ କମ୍ ପିଲା ୟୁଟ୍ୟୁବରେ ଆକାଉଣ୍ଟ ଖୋଲିପାରିବେନି




କାନବେରା, ୩୧।୭(ଏଜେନ୍ସି): ଅଷ୍ଟ୍ରେଲିଆରେ ୧୬ ବର୍ଷରୁ କମ୍ ବୟସ୍କ ପିଲା ସୋସିଆଲ ମିଡିଆ ୟୁଟ୍ୟୁବରେ ଆକାଉଣ୍ଟ ଖୋଲିପାରିବେ ନାହିଁ। ଅଗାମୀ ଡିସେମ୍ବର ୧୦ରୁ ଏହି ନୂଆ ନିୟମ ଲାଗୁ ହେବ ବୋଲି ଅଷ୍ଟ୍ରେଲିଆ ଟେଲିକମ୍ୟୁନିକେସନ ମନ୍ତ୍ରୀ ଅନିକା ବେଲ୍ସ କହିଛନ୍ତି। ତେବେ ପିଲାମାନେ ୟୁଟ୍ୟୁବ ବ୍ୟବହାର କରି ଭିଡିଓ ଦେଖିପାରିବେ ବୋଲି କୁହାଯାଇଛି। ଗତବର୍ଷ ନଭେମ୍ବରରେ ଅଷ୍ଟ୍ରେଲିଆ ୧୬ ବର୍ଷରୁ କମ୍ ବୟସ୍କ ପିଲାଙ୍କ ପାଇଁ ସୋସିଆଲ ମିଡିଆ ବ୍ୟାନ କରିବାକୁ ସଂସଦରେ ବିଲ ପାସ୍ ହୋଇଥିଲା। ଏଥିରେ ଫେସବୁକ୍, ଇନଷ୍ଟାଗ୍ରାମ, ସ୍ନାପ୍ ଚାଟ, ଟିକଟକ ଓ ଏକ୍ସ ଭଳି ପ୍ଲାଟଫର୍ମ ସାମିଲ ରହିଥିଲା। ସେତେବେଳେ ଏଥିରେ ୟୁଟ୍ୟୁବ୍‌କୁ ସାମିଲ କରାଯାଇ ନଥିଲା। ଏଥିସହ ବିଶ୍ୱର ପ୍ରଥମ ଦେଶ ଭାବେ ଅଷ୍ଟ୍ରେଲିଆ ସୋସିଆଲ ମିଡିଆକୁ ୧୬ ବର୍ଷରୁ କମ୍ ପିଲାଙ୍କ ପାଇଁ ବ୍ୟାନ କରି ଏକ ଦୃଷ୍ଟାନ୍ତମୂଳକ ପ୍ରଦକ୍ଷେପ ନେଇଛି। ଏହି ଆଇନ୍ ଅନୁସାରେ ପିତାମାତାଙ୍କ ସହମତି କିମ୍ବା ପୂର୍ବରୁ ଖୋଲାଯାଇଥିବା ଆକାଉଣ୍ଟକୁ ଅନୁମତି ଦିଆଯାଇନାହିଁ। ଅଗାମୀ ଗୋଟିଏ ବର୍ଷ ମଧ୍ୟରେ ଏହି ଆଇନ କାର୍ଯ୍ୟକାରୀ ହେବ। ତେବେ ଗେମିଂ ଓ ମେସେଜିଂ ଆପ୍ ଉପରେ କୌଣସି ନିଷେଧାଦେଶ ଜାରି କରାଯାଇନାହିଁ।

# କାର୍ ସହ ଜିଅନ୍ତା ଜଳିଗଲେ ଯୁବକଯୁବତୀ

ଅମୃତସର, ୩୧।୭(ଏଜେନ୍ସି): ପଞ୍ଜାବର ଅମୃତସରରେ ଗୁରୁବାର ଅପରାହ୍ଣରେ ଏକ କାର୍ ସହ ଯୁବକ ଓ ଯୁବତୀ ଜିଅନ୍ତା ଜଳିଯାଇଛନ୍ତି। ପେଟ୍ରୋଲ ନେଇ ଏକ ଟ୍ୟାଙ୍କର ଯାଉଥିବା ବେଳେ ଟାୟାର ଫାଟି ଯାଇଥିଲା। ଫଳରେ ନିୟନ୍ତ୍ରଣ ହରାଇ ଟ୍ୟାଙ୍କର ଏକ କାର୍‌କୁ ଧକ୍କା ଦେଇଥିଲା। ଟ୍ୟାଙ୍କର ଏତେ ଜୋରରେ ଧକ୍କା ଦେଇଥିଲା ଯେ, କାର୍‌ରେ ନିଆଁ ଲାଗି ଯାଇଥିଲା। ଫଳରେ କାରରେ ବସିଥିବା ଯୁବକ ଓ ଯୁବତୀ ଜିଅନ୍ତା ଜଳି ଯାଇଥିଲେ ଓ ଘଟଣାସ୍ଥଳରେ ହିଁ ଦୁହେଁ ମୃତ୍ୟୁବରଣ କରିଥିଲେ। ଧକ୍କା ଖାଇବା ପରେ କାର ରେଲିଂରେ ବାଡେଇ ହେବା ପରେ ନିଆଁ ଲାଗିଯାଇଥିଲା ବୋଲି ପ୍ରତ୍ୟେକ୍ଷଦର୍ଶୀ କହିଛନ୍ତି। ଘଟଣା ପରେ ଟ୍ୟାଙ୍କର ଡ୍ରାଇଭର ଘଟଣାସ୍ଥଳରୁ ଫେରାର ହୋଇଯାଇଥିଲେ। ଅଧଘଣ୍ଟା ପରେ ଦମକଳ ଆସିଥିଲା। ଏହାପରେ ସେନାର ଟିମ ଆସି କାରକୁ କାଟି ମୃତଦେହ ବାହର କରିଥିଲା। ମୃତଦେହକୁ ଚିହ୍ନଟ କରାଯାଇନାହିଁ। କିନ୍ତୁ କାରରେ ଦିଲ୍ଲୀର ନମ୍ବର ପ୍ଲେଟ ରହିଛି। ଟ୍ୟାଙ୍କର ଜଳନ୍ଧରରୁ ପେଟ୍ରୋଲ ନେଇ ଆସୁଥିଲା।



**ମାଲେଗାଁଓ ବିସ୍ଫୋରଣ**

# ପ୍ରଜ୍ଞା, ପୁରୋହିତ ଦୋଷମୁକ୍ତ

ମୁମ୍ବାଇ, ୩୧।୭(ଏଜେନ୍ସି): ମହାରାଷ୍ଟ୍ରର ମଲେଗାଁଓ ବିସ୍ଫୋରଣରେ ସାଧ୍ୱୀ ପ୍ରଜ୍ଞା ଓ କର୍ଣ୍ଣଲ ପୁରୋହିତଙ୍କ ସମେତ ୭ ଜଣ ଅଭିଯୁକ୍ତ ଖଲାସ ହୋଇଛନ୍ତି। ଏନ୍‌ଆଇଏର ସ୍ୱତନ୍ତ୍ର କୋର୍ଟ ୭ ଜଣ ଅଭିଯୁକ୍ତଙ୍କୁ ପ୍ରମାଣ ଅଭାବରୁ ଖଲାସ କରିଛନ୍ତି। ବିଜେପିର ପୂର୍ବତନ ସାଂସଦ ସାଧ୍ୱୀ ପ୍ରଜ୍ଞ ଠାକୁର, କର୍ଣ୍ଣଲ ପ୍ରସାଦ ପୁରୋହିତ, ରମେଶ ଉପାଧ୍ୟାୟ, ଅଜୟ ରହିରକର, ସୁଧାକର ଜତୁର୍ବେଦୀ, ସମୀର କୁଲକର୍ଣ୍ଣୀ ଓ ସୁଧାକର ଧର ଦ୍ୱିବେଦୀ ଏହି ବିସ୍ଫୋଣରେ ମୁଖ୍ୟ ଅଭିଯୁକ୍ତ ଥିଲେ। ପୀଡିତଙ୍କ ଓକିଲ ସହୀଦ ନବୀନ ଅନସାରୀ ଏନ୍‌ଆଇଏ କୋର୍ଟର ଏହି ରାୟକୁ ହାଇକୋର୍ଟରେ ଚ୍ୟାଲେଞ୍ଜ କରିବେ ବୋଲି କହିଛନ୍ତି। ଏହି ମାମଲାରେ ଯାଞ୍ଚ ଏଜନ୍ସି ଓ ସରକାର ବିଫଳ ହୋଇଛନ୍ତି।

ମାଲେଗାଁଓରେ ୨୦୦୮ରେ ସେପ୍ଟେମ୍ବର ୨୯ରେ ବୋମା ବିସ୍ଫୋରଣ ହୋଇଥିଲା। ଏଥିରେ ୬ଜଣ ଲୋକ ପ୍ରାଣ ହରାଇଥିଲେ ଓ ପାଖାପାଖି ୧୦୦ ଲୋକ ଆହତ ହୋଇଥିଲେ। ପାଖାପାଖି ୧୭ ବର୍ଷ ପରେ ଆସିଥିବା ଏହି ରାୟ ନେଇ ବିଚାରପତି ଏକେ ଲାହୋଟି କହିଛନ୍ତି ଯେ, ଯାଞ୍ଚ ଏଜେନ୍ସି ଏହି ବହୁ ଚର୍ଚ୍ଚିତ ମାମଲାରେ ଅଭିଯୋଗ ପ୍ରମାଣ କରିବାରେ ବିଫଳ ହୋଇଛନ୍ତି। ଏପରି ସ୍ଥଳେ ଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରାଯାଇପାରିବ ନାହିଁ ବୋଲି ସେ କହିଛନ୍ତି। ବିସ୍ଫୋରଣ ହୋଇଥିଲା। କିନ୍ତୁ ବମ୍ ମଟରସାଇକଲରେ ରଖାଯାଇଥିଲା ବୋଲି କୌଣସି ପ୍ରମାଣ ମିଳିନାହିଁ ବୋଲି ଜଜ୍ ଲାହୋଟି କହିଛନ୍ତି। ପୁଣି ଏହି ମୋଟରସାଇକଲ ସାଧ୍ୱୀ ପ୍ରଜ୍ଞାଙ୍କ ନାମରେ ରହିଛ ବୋଲି ତାହା ମଧ୍ୟ ପ୍ରମାଣିତ ହୋଇନାହିଁ। ସେହିପରି କର୍ଣ୍ଣଲ ପୁରୋହିତ ବମ୍ ବନାଇଥିଲେ ବୋଲି ତାହା ମଧ୍ୟ ପ୍ରମାଣିତ ହୋଇନାହିଁ। ଏହ ମାମଲାର ରାୟ ୨୦୨୫ ମେ ୮ରେ ଆସିବାରଥିଲା। କିନ୍ତୁ କୋର୍ଟ ପୁଣି ରାୟକୁ ଜୁଲାଇ ୩୧ ପର୍ଯ୍ୟନ୍ତ ସୁରକ୍ଷିତ ରଖିଥିଲେ। ମାଲେଗାଁଓ ବିସ୍ଫୋରଣ ମାମଲା ନେଇ ମହାରାଷ୍ଟ୍ର ଏଟିଏସ୍ ପ୍ରାରମ୍ଭ ଯାଞ୍ଚ କରିଥିଲା। ୨୦୧୧ରେ ଏହି ମାମଲାକୁ ଏନ୍‌ଆଇଏକୁ ଯାଞ୍ଚ ପାଇଁ ସମର୍ପିତ କରାଯାଇଥିଲା। ୨୦୧୬ରେ ଏନ୍‌ଆଇଏ ଚାର୍ଜସିଟ୍ ଦାଖଲ କରିଥିଲା। ଏହି ମାମଲାରେ ୩ ଯାଞ୍ଚ ଏଜେନ୍ସି ଓ ୪ଜଣ ବିଚାରପତି ବଦଳି ହୋଇଛନ୍ତି। ଏହି ବିସ୍ଫୋରଣରେ ପ୍ରଥମେ ହିନ୍ଦୁ ସଂଗଠନକୁ ଦାୟୀ କରାଯାଇଥିଲା। ୨୦୧୭ରେ ଏହି ମାମଲାରେ ପ୍ରଜ୍ଞା ଠାକୁରଙ୍କୁ ଜାମିନ ମିଳିଥିଲା। ୨୦୧୯ରେ ପ୍ରଜ୍ଞା ଲୋକସଭା ସାଂସଦ ଭାବେ ନିର୍ବାଚିତ ହୋଇଥିଲେ। ଏବେ ଏ ନେଇ ରାଜନୀତି ଆରମ୍ଭ ହୋଇଛି। ବିଭିନ୍ନ ରାଜନୈତିକ ଦଳ ଓ ନେତାମାନେ କୋର୍ଟଙ୍କର ଏହି ରାୟ ନେଇ ମତ ଦେଇଛନ୍ତି।



# ଏନ୍‌ଡିଏରୁ ଅଲଗାହେଲେ ପନିର୍‌ସେଲଭମ୍



ଚେନ୍ନାଇ, ୩୧।୭(ଏଜେନ୍ସି): ତାମିଲନାଡୁରେ ଆସନ୍ତାବର୍ଷ ବିଧାନସଭା ନିର୍ବାଚନ ଆୟୋଜନ ହେବାକୁ ଯାଉଥିବା ବେଳେ ପୂର୍ବତନ ମୁଖ୍ୟମନ୍ତ୍ରୀ ଓ ପନିର୍‌ସେଲଭମ୍ ସମସ୍ତଙ୍କୁ ଚକିତ କରି ବିଜେପି ନେତୃତ୍ୱାଧୀନ ଏନ୍‌ଡିଏଠାରୁ ଅଲଗା ହୋଇଛନ୍ତି। ଫଳରେ ତାମିଲନାଡୁ ରାଜନୈତିକ ସମୀକରଣରେ ଏକ ବଡ଼ ପରିବର୍ତ୍ତନ ହେବ ବୋଲି ଅନୁମାନ କରାଯାଉଛି। ପୂର୍ବରୁ ତାଙ୍କୁ ଏଆଇଏଡିଏମ୍‌କେ ପାର୍ଟିରୁ ମଧ୍ୟ ବହିଷ୍କାର କରାଯାଇଥିଲା। ମୁଖ୍ୟମନ୍ତ୍ରୀ ଏମ୍‌କେ ଷ୍ଟାଲିନ୍‌ଙ୍କୁ ପ୍ରାତଃ ଭ୍ରମଣ ଅବସରରେ ଭେଟିବା ପରେ ସେ ଏହି ନିଷ୍ପତ୍ତି ନେଇଛନ୍ତି। ଫଳରେ ଓପିଏସ୍ ନାମରେ ପରିଚିତ ପନିର୍‌ସେଲଭମ୍ ଡିଏମ୍‌କେରେ ମିଶିବେ ବୋଲି ଆଶା କରାଯାଉଛି। କିନ୍ତୁ ସେ ତାମିଲ ଅଭିନେତା ବିଜୟଙ୍କ ପାର୍ଟି 'ତାମିଲାଗା ଭେଟ୍ରି କାଜଘମ୍' ପାର୍ଟିରେ ଯୋଗ ଦେବେ ବୋଲି ସେ ସୂଚନା ଦେଇଛନ୍ତି। ସେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଚିଠି ଲେଖି ଭେଟିବାକୁ ଇଚ୍ଛା ଜାହିର କରିଥିଲେ। କିନ୍ତୁ ତାଙ୍କୁ ଅନୁମତି ଦିଆଯାଇ ନଥିଲା ଓ ଏଥିରେ ନୈରାଶ୍ୟ ଜାହିର କରିଥିଲେ। ପୁଣି ସର୍ବ ଶିକ୍ଷା ଅଭିଯାନ (ଏସ୍‌ଏସ୍‌ଏ)ରେ ପାଣ୍ଠି ବିତରଣରେ ବିଳମ୍ବ ହେବାରୁ ସାମାଜିକ ଗଣମାଧ୍ୟମରେ ସେ କେନ୍ଦ୍ର ସରକାରଙ୍କୁ ଟାର୍ଗେଟ କରି ସିଧାସଳଖ ସମାଲୋଚନା କରିଥିଲେ। ଖାସ୍ ଏହି କାରଣରୁ ଏନ୍‌ଡିଏ ସହ ତାଙ୍କର ସମ୍ପର୍କ ଖରାପ ହୋଇଥିଲା ଓ ଏବେ ସେ ଏନ୍‌ଡିଏଠାରୁ ନିଜକୁ ଅଲଗା କରିଛନ୍ତି ବୋଲି କୁହାଯାଇଛି। ଉଲ୍ଲେଖଥାଉ କି, ଏଆଏଡିଏମ୍‌କେଠାରୁ ଅଲଗା ହେବା ପରେ ସେ ନିଜର ସଂଗଠନ ଗଠନ କରିଥିଲେ। ୨୦୨୬ରେ ତାମିଲନାଡୁ ବିଧାନସଭା ନିର୍ବାଚନ ଆୟୋଜନ ହେବ।



# ଜର୍ମାନୀ ଟିକ୍‌ଟକର୍ ବେଙ୍ଗାଲୁରୁରେ ଅଟକ

ବେଙ୍ଗାଲୁରୁ, ୩୧।୭(ଏଜେନ୍ସି): ଜର୍ମାନୀ ଟିକ୍‌ଟକର ନୋଏଲ ରବିନସନଙ୍କୁ ବେଙ୍ଗାଲୁରୁ ପୁଲିସ ଅଟକ ରଖିଛି। ଷ୍ଟ୍ରିଟ୍ ଡ୍ୟାନ୍ସ ଭିଡିଓ ବନାଇ ପ୍ରସିଦ୍ଧି ଲାଭ କରିଥିବା ନୋଏଲ୍ ରାସ୍ତା ଉପରେ ପାରମ୍ପରିକ ଭାରତୀୟ ପୋଷାକ ପରିଧାନ କରି ଏକ ଭିଡିଓ ବନାଉଥିଲେ। ଏହାକୁ ଦେଖିବା ପାଇଁ ବହୁ ସଂଖ୍ୟାରେ ଲୋକ ଏକାଠି ହୋଇଥିଲେ। ଫଳରେ ସାର୍ବଜନୀନ ସୁରକ୍ଷା ନେଇ ସମସ୍ୟା ସୃଷ୍ଟି ହୋଇଥିଲା। ନୋଏଲ୍‌ଙ୍କୁ ପୁଲିସ ଥାନକୁ ନେଇ ୧୫ ମିନିଟ ଅଟକ ରଖିଥିଲା। ବିନା ଅନୁମତିରେ ରାସ୍ତା ଉପରେ ଭିଡିଓ ବନାଉଥିବାରୁ ତାଙ୍କ ଉପରେ ଜରିମାନ ଧାର୍ଯ୍ୟ କରାଯାଇଥିଲା। ସମ୍ପୂର୍ଣ୍ଣ ଭାବେ ଠିକ ଅଛି ବୋଲି ନୋଏଲ ଇନଷ୍ଟାଗ୍ରାମରେ ପୋଷ୍ଟ କରି ଅବଗତ କରାଇଛନ୍ତି। ପ୍ରଥମଥର ପାଇଁ ମୋତେ ଥାନାକୁ ନିଆଯାଇଥିଲା ବୋଲି ସେ ଉଲ୍ଲେଖ କରିଛନ୍ତି। ମୋତେ ଜେଲକୁ ପଠାଇ ଦିଆଯିବ ବୋଲି ଆଶଙ୍କା କରୁଥିଲି। କିନ୍ତୁ ସୌଭାଗ୍ୟବଶତଃ ଏପରି ହୋଇ ନଥିଲା। ମୁଁ ଠିକ୍ ଅଛି ଓ ଭାରତକୁ ବହୁତ ଭଲ ପାଉଛି ବୋଲି ସେ ଉଲ୍ଲେଖ କରିଛନ୍ତି। ପୂର୍ବରୁ ୟୁନେସ ଜାରୋଉ ନାମକ ଆଉ ଜଣେ ଜର୍ମାନୀ ଟିକଟକରଙ୍କୁ ମଧ୍ୟ ବେଙ୍ଗାଲୁରୁ ପୁଲିସ ଚର୍ଚ୍ଚ ଷ୍ଟ୍ରିଟ୍ ଏରିଆରେ ଅଟକ ରଖିଥିଲା। ନୋଏଲ ରବିନସନ ଜଣେ କନଟେଣ୍ଟ କ୍ରିଏଟର ଓ ଡ୍ୟାନ୍ସର ଭାବେ ସୋସିଆଲ ମିଡିଆରେ ବେଶ ସକ୍ରିୟ ଅଛନ୍ତି। ଜାଙ୍କର ଜବରଦସ୍ତ ସଂଖ୍ୟରେ ଫଲୋଅର୍ସ ରହିଛନ୍ତି।

**୧୦ ବିଆରଏସ୍ ବିଧାୟକଙ୍କ ଦଳବଦଳ ମାମଲା**

# ତେଲଙ୍ଗାନା ବାଚସ୍ପତିଙ୍କ ଉପରେ ସୁପ୍ରିମକୋର୍ଟ କ୍ଷୁବ୍ଧ

ନୂଆଦିଲ୍ଲୀ, ୩୧।୭(ଏଜେନ୍ସି): ତେଲଙ୍ଗାନାରେ ବିଆର୍‌ଏସ୍‌ର ୧୦ ଜଣ ବିଧାୟକ ଶାସକ କଂଗ୍ରେସରେ ଯୋଗଦେବା ପରେ ସେମାନଙ୍କ ବିରୋଧରେ ଆଗତ ପିଟିସନ ଉପରେ ବାଚସ୍ପତି ନିଷ୍ପତ୍ତି ନେବାରେ ବିଳମ୍ବ କରୁଥିବାରୁ ସୁପ୍ରିମ କୋର୍ଟ ବିରକ୍ତି ପ୍ରକାଶ କରିଛନ୍ତି। ସେମାନଙ୍କୁ ଅଯୋଗ୍ୟ ଘୋଷଣା କରିବା ଲାଗି ହୋଇଥିବା ପିଟିସନ ଉପରେ ତିନି ମାସ ମଧ୍ୟରେ ନିଷ୍ପତ୍ତି ନେବାଲାଗି ସୁପ୍ରିମ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି।

ଆଜି ଏହି ମାମଲାର ଶୁଣାଣି ବେଳେ ସର୍ବୋଚ୍ଚ ଅଦାଲତ କହିଛନ୍ତି ଯେ 'ଅସ୍ତ୍ରୋପଚାର ସଫଳ, ରୋଗୀ ମୃତ' ଭଳି ପରିସ୍ଥିତି ସୃଷ୍ଟି ହେବାକୁ ଦିଆଯାଇବ ନାହିଁ। ବାଚସ୍ପତି ତାଙ୍କର ନିଷ୍ପତ୍ତି ନେବାରେ ବିଳମ୍ବ କରୁଥିବାରୁ ଦଳବଦଳ କରିଥିବା ବିଧାୟକମାନେ ଫାଇଦା ଉଠାଉଛନ୍ତି। ପ୍ରଧାନ ବିଚାରପତି ଜଷ୍ଟିସ ଗଭାଇ ଏବଂ ଜଷ୍ଟିସ ମନିଶଙ୍କୁ ନେଇ ଗଠିତ ଖଣ୍ଡପୀଠ ମାମଲାର ଶୁଣାଣି କରି କହିଛନ୍ତି ଯେ ଉପରୋକ୍ତ ୧୦ ଜଣ ବିଧାୟକଙ୍କ ବିରୋଧରେ ମାର୍ଚ୍ଚ ୨୦୨୪ରେ ପିଟିସନ ଆଗତ ହୋଇଥିବା ବେଳେ ଏହାଉପରେ ନୋଟିସ ଜାରି କରିବା ଲାଗି ବାଚସ୍ପତିଙ୍କୁ ୭ ମାସ ଲାଗିଗଲା। ତାହାମଧ୍ୟ ଏହି ଅଦାଲତରେ ମାମଲାର ଶୁଣାଣି ହେବାର ଗୋଟିଏ ଦିନ ପୂର୍ବରୁ ନୋଟିସ ଜାରି କରାଯାଇଥିଲା। ନୋଟିସ ଜାରି କରିବାକୁ ବାଚସ୍ପତିଙ୍କୁ ଏତେମାସ କାହିଁକି ଲାଗିଲା ବୋଲି ପ୍ରଶ୍ନ ଉଠାଇ କୋର୍ଟ କହିଲେ ଯେ ସାଂସଦ/ବିଧାୟକମାନଙ୍କ ଦଳବଦଳ ଏକ ଚିନ୍ତାଜନକ ବିଷୟ। ଏହାକୁ ରୋକାନଗଲେ ଗଣତନ୍ତ୍ର ପ୍ରତି ବିପଦ ସୃଷ୍ଟି ହେବ। ତେଣୁ ବାଚସ୍ପତିଙ୍କୁ ତିନି ମାସ ମଧ୍ୟରେ ନିଷ୍ପତ୍ତି ନେବାଲାଗି କୁହାଯାଉଛି। ଜଣେ ଅଭିଯୁକ୍ତ ବିଧାୟକ ଲୋକସଭା ନିର୍ବାଚନରେ କଂଗ୍ରେସ ଟିକଟରେ ଲଢ଼ିଥିଲେ। ହାରିଯିବା ପରେ ସେ ବିଧାୟକ ପଦରେ ରହିଲେ। ବାଚସ୍ପତିଙ୍କ ଏଭଳି ଆଭିମୁଖ୍ୟ ବିରୋଧରେ ବିଆରଏସ୍ ପକ୍ଷରୁ ଆଗତ ପିଟିସନ ଉପରେ ଶୁଣାଣି କରି ସର୍ବୋଚ୍ଚ ଅଦାଲତ ଏହି ନି।ର୍ଦ୍ଦେଶ ଦେଇଛନ୍ତି। ଏହାସହିତ କୋର୍ଟ ସ୍ପଷ୍ଟ କରିଦେଇଛନ୍ତି ବାଚସ୍ପତିଙ୍କ ପଦକ୍ଷେପ ଉପରେ କୋର୍ଟ ହସ୍ତକ୍ଷେପ କରିପାରିବେ।

**ତିନି ମାସ ମଧ୍ୟରେ ନିଷ୍ପତ୍ତି ପାଇଁ ନିର୍ଦ୍ଦେଶ**




# କର୍ଣ୍ଣାଟକରେ ନୂଆ ବ୍ଲଡ୍ ଗ୍ରୁପ୍ 'ସିଆରଆଇବି'




ବେଙ୍ଗାଲୁରୁ, ୩୧।୭(ଏଜେନ୍ସି): କର୍ଣ୍ଣାଟକର କୋଲାର ଜିଲ୍ଲାରେ ଜଣେ ୩୮ ବର୍ଷୀୟା ମହିଳାଙ୍କଠାରେ ଡାକ୍ତରମାନେ ଏକ ନୂଆ ବ୍ଲଡ୍ ଗ୍ରୁପ୍ ପାଇଛନ୍ତି। ଏଭଳି ବ୍ଲଡ ଗ୍ରୁପ୍ ବିଶ୍ୱରେ କେଉଁଠାରେ ଦେଖିବାକୁ ମିଳିନାହିଁ। ଏହି ବ୍ଲଡ ଗ୍ରୁପ୍‌କୁ 'ସିଆରଆଇବି'ର ନାମ ଦିଆଯାଇଛି। ଏପର୍ଯ୍ୟନ୍ତ ବିଶ୍ୱରେ ଏହି ବ୍ଲଡ୍ ଗ୍ରୁପ୍ କେବଳ ୧୦ ଜଣ ଲୋକଙ୍କର ରହିଛି। ମହିଳାଙ୍କର ହାର୍ଟ ସର୍ଜରୀ କରିବାକୁ ହସ୍ପିଟାଲରେ ଭର୍ତ୍ତି କରାଯିବା ପରେ ଏହା ଜଣା ପଡ଼ିଥିଲା। ମହିଳାଙ୍କ ବ୍ଲଡ୍ ଗ୍ରୁପ୍ ଓଆରଏଚ୍+ ଥିଲା ଓ ଏକ ସାଧାରଣ ବ୍ଲଡ୍ ଗ୍ରୁପ୍ ବୋଲି ଧରାଯାଇଥାଏ। କିନ୍ତୁ ଯେତେବେଳେ ଅସ୍ତ୍ରୋପଚାର ପାଇଁ ରକ୍ତ ଯୋଗାଡ କରାଗଲା, ସେତେବେଳେ କୌଣସି ଓ+ ୟୁନିଟ୍ ତାଙ୍କ ସହ ମେଳ ଖାଇ ନଥିଲା। ମାମଲା ଗମ୍ଭୀର ବୋଲି ଡାକ୍ତରମାନେ ହୃଦୟଙ୍ଗମ କରିବା ପରେ ତାଙ୍କ ରକ୍ତ ନମୁନାକୁ ରୋଟାରୀ ବେଙ୍ଗାଲୁରୁ ଟିଟିକ ବ୍ଲଡ୍ ସେଣ୍ଟରର ଆଡଭାନ୍ସ ଲାବ୍‌କୁ ପଠାଯାଇଥିଲା। ମହିଳାଙ୍କ ୨୦ ଜଣ ସମ୍ପର୍କୀୟଙ୍କ ରକ୍ତ ନମୁନାକୁ ଯାଞ୍ଚ କରାଯାଇଥିଲା। କିନ୍ତୁ କାହା ସହ ତାଙ୍କର ମେଳ ଖାଇ ନଥିଲା। ଫଳ ରକ୍ତ ନ ନେଇ ତାଙ୍କର ଅସ୍ତ୍ରୋପଚାର କରାଯାଇଥିଲା ଓ ଏହା ସଫଳ ହୋଇଥିଲା। କିନ୍ତୁ ତାଙ୍କ ରକ୍ତ ନମୁନାକୁ ବ୍ରିଟେନର ବ୍ରିଷ୍ଟଲ ସ୍ଥିତ ଇଣ୍ଟରନ୍ୟାସନାଲ ବ୍ଲଡ୍ ଗ୍ରୁପ୍ ରେଫରେନ୍ସ ଲାବ (ଆଇବିଜିଆରଏଲ୍)କୁ ପଠାଯାଇଥିଲା। ବହୁ ରିସର୍ଚ୍ଚ ଓ ପରୀକ୍ଷା ପରେ ମହିଳାଙ୍କର ଏକ ନୂଆ ବ୍ଲଡ ଗ୍ରୁପ୍ ଆଣ୍ଟିଜେନ ଖୋଜି ପାଇଥିଲେ।

# ପାକିସ୍ତାନକୁ ଝଟ୍‌କା; କଶ୍ମୀରରେ ହେବ ଦେଶର ସର୍ବବୃହତ୍ ହାଇଡ୍ରୋ ପ୍ରକଳ୍ପ

ଶ୍ରୀନଗର, ୩୧।୭(ଏଜେନ୍ସି): ଜମ୍ମୁ-କଶ୍ମୀରର ଚେନାବ ନଦୀ ଉପରେ ସର୍ବବୃହତ ହାଇଡ୍ରୋ ପ୍ରୋଜେକ୍ଟ ନିର୍ମାଣ କରିବାକୁ ଭାରତ ଯୋଜାନ କରୁଛି। ପାକିସ୍ତାନର ସହ ସିନ୍ଧୁ ନଦୀ ଚୁକ୍ତିରୁ ଓହରିଯିବା ପରେ ଭାରତ ଏହି ଯୋଜନା ଉପରେ କାର୍ଯ୍ୟ କରିବା ଆରମ୍ଭ କରିଛି। ଏହା ୧୮୫୬-ମେଗାୱାଟ କ୍ଷମତା ବିଶିଷ୍ଟ ଏହି ହାଇଡ୍ରୋ ପ୍ରୋଜେକ୍ଟ ପାକିସ୍ତାନର ଆପତ୍ତି ସତ୍ତ୍ୱେ ନିର୍ମାଣ କରାଯିବ। କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହା ବୁଧବାର ଅପରେସନ ସିନ୍ଦୂର ନେଇ ଚର୍ଚ୍ଚା ଅବସରରେ ଏକ ପ୍ରଶ୍ନର ଉତ୍ତର ଦେଇ ଏହି ବିଷୟରେ ସୂଚନା ଦେଇଛନ୍ତି। ଏ ନେଇ ନ୍ୟାସନାଲ ହାଇଡ୍ରୋଇଲେକଟ୍ରିକ୍ ପାୱାର କର୍ପୋରେସନ (ଏନ୍‌ଏଚ୍‌ପିସି) ଏହି ସାୱାଲକୋଟ ହାଇଡ୍ରୋ ପ୍ରୋଜକ୍ଟ ପାଇଁ ଟେଣ୍ଡର ପ୍ରକ୍ରିୟା ଆରମ୍ଭ କରିଛି। ଏନ୍‌ଏଚ୍‌ପିସି ଔପଚାରିକ ଭାବେ ଏକ ଅନ୍ତର୍ଜାତୀୟ କମ୍ପିଟେଟିଭ ବିଡିଂ (ଆଇସିବି) ସ୍ତରରେ ବିଡ୍ ଆହ୍ୱାନ କରିଛି। ସେପ୍ଟେମ୍ବର ୧୦କୁ ବିଡ୍ ଦାଖଲ କରିବାର ଶେଷ ତାରିଖ ଭାବେ ଧାର୍ଯ୍ୟ କରାଯାଇଛି। ଏହି ମହତ୍ୱାକାଂକ୍ଷୀ ପ୍ରୋଜେକ୍ଟ ଏନ୍‌ଟିପିସି ଓ ଜମ୍ମୁ-କାଶ୍ମୀର ପାୱାର ଡେଭଲପମେଣ୍ଟ କର୍ପୋରେସନ ମିଳିତ ଉଦ୍ୟମରେ ନିର୍ମାଣ ହେବ। ୧୯୮୦ରେ ଏହି ଯୋଜନାର ପରିକଳ୍ପନା କରାଯାଇଥିଲା। କିନ୍ତୁ କେତୋଟି ଅନ୍ୟ ପ୍ରୋଜେକ୍ଟ ସହ ଏହାକୁ କାର୍ଯ୍ୟକାରୀ କରାଯାଇ ନଥିଲା। ୨୨, ୭୦୪ କୋଟି ଟଙ୍କା ବିନିମୟରେ ଏହି ମେଗା ପ୍ରୋଜେକ୍ଟ ଦୁଇଟି ପର୍ଯ୍ୟାୟରେ ନିର୍ମାଣ ହେବ। ସିନ୍ଧୁ ଚୁକ୍ତିରୁ ଓହରିବା ପରେ ସରକାର ଏହି ପରକଳ୍ପନା ସହ ଅନ୍ୟ ୬ଟି ପ୍ରୋଜେକ୍ଟର ନିର୍ମାଣ କାର୍ଯ୍ୟ ଆଗେଇ ନେବାକୁ ଯୋଜନା ଆରମ୍ଭ କରିଛି। ଉଲ୍ଲେଖଥାଉ କି, ଏପ୍ରିଲ ୨୨ରେ ପହଲଗାମରେ ଆତଙ୍କବାଦୀ ଆକ୍ରମଣ ପରେ ସିନ୍ଧୁ ଜଳ ବଣ୍ଟନ ଚୁକ୍ତିରୁ ଭାରତ ଓହରିଯିବାକୁ ଘୋଷଣା କରିଥିଲା। ଆତଙ୍କବାଦୀମାନେ ଧର୍ମ ପଚାରି ୨୬ ଜଣଙ୍କୁ ଗୁଳିକରି ହତ୍ୟା କରିଥିଲେ।



# ଯୁବକଙ୍କୁ ପିଟିପିଟି ହତ୍ୟା



ତୁରୁମୁଙ୍ଗା, ୩୧।୭(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ଥାନା ଅଙ୍କୁରା ଗ୍ରାମରେ ଜଣେ ଯୁବକଙ୍କୁ ପିଟିପିଟି ହତ୍ୟା କରାଯାଇଥିବା ନେଇ ଅଭିଯୋଗ ହୋଇଛି। ମୃତକ ହେଲେ, ଅଙ୍କୁରା ନାଏକସାହିର ଭକ୍ତବନ୍ଧୁ ନାଏକଙ୍କ ପୁଅ ଗଙ୍ଗାଧର (୨୮)। ଗଙ୍ଗାଧର ବୁଧବାର ସନ୍ଧ୍ୟାରେ ଗାଁ ନିକଟ ଝପାସାହିକୁ ଯାଇଥିବା ବେଳେ

**ଦମ୍ପତି ଅଟକ**

ସେଠାରେ କିଛି ଲୋକ ସଂଘବଦ୍ଧ ଭାବେ ଆକ୍ରମଣ କରିଥିଲେ। ଏଥିରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ପୁଲିସ୍ ଶବକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କ ହସ୍ତାନ୍ତର କରିବା ସହ ମୃତକଙ୍କ ମା' ପାଲଙ୍ଗ ନାଏକଙ୍କ ଅଭିଯୋଗ ଆଧାରରେ ଏକ ହତ୍ୟା ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ସେହିପରି ଏହି ଘଟଣାରେ ପୁଲିସ ଝପାସାହିର ଦୀନବନ୍ଧୁ ପାତ୍ର ଏବଂ ତା' ସ୍ତ୍ରୀଙ୍କୁ ଥାନାକୁ ଆଣି ପଚରାଉଚରା କରୁଛି। ଅପରପକ୍ଷେ, ସାଇଣ୍ଟିଫିକ୍ ଟିମ୍ ସହାୟତାରେ ଘଟଗାଁ ଏସ୍‌ଡିପିଓ ବିଜୟକୃଷ୍ଣ ମହାପାତ୍ର, ପାଟଣା ଥାନାଧିକାରୀ ମାନସ ମହାକୁଡ଼, ଏସ୍ଆଇ ଲକ୍ଷ୍ମଣ ମାଝୀ ପ୍ରମୁଖ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଛନ୍ତି।

■ ଟିକସ ବାକି ରଖି ଗଡୁଥିଲା ବସ୍

# ୧୦ ଲକ୍ଷ ଜରିମାନା ଗଣିଲେ ମାଲିକ

କଟକ, ୩୧।୭(ସମିସ): ଏକ ଯାତ୍ରୀବାହୀ ଘରୋଇ ବସକୁ ୧୦ଲକ୍ଷ ଟଙ୍କାର ଜରିମାନା କରାଯାଇଥିବା ବେଳେ ଜରିମାନା ପଇଠ ପରେ ଜବତ ହୋଇଥିବା ବସକୁ ଗାଡି ମାଲିକଙ୍କୁ ହସ୍ତାନ୍ତର କରିଛି କଟକ ଆଞ୍ଚଳିକ ପରିବହନ ବିଭାଗ। ବେଆଇନ ଭାବେ ଟିକସ ଫାଙ୍କି ଚାଲୁଥିବା ଉକ୍ତ ବସ (ଓଡି୦୫ ଏଭି ୫୪୬୫)କୁ କଟକ ଆରଟିଓ ପକ୍ଷରୁ ଜବତ କରାଯାଇ ୧୦ ଲକ୍ଷ ଟଙ୍କା ଜରିମାନା ଧାର୍ଯ୍ୟ କରାଯାଇଥିଲା। ପରମିଟ୍, ବୀମା ଏବଂ ଅନ୍ୟାନ୍ୟ ନିୟମ

**୫ରୁ ଅଧିକ ଚାଲାଣ ଥିବା ଗାଡ଼ି ମାଲିକଙ୍କୁ ପରିବହନ ବିଭାଗର ନୋଟିସ**

ପାଳନ ନ କରିବା ପାଇଁ ଏହି ଜରିମାନା ଲାଗୁ କରାଯାଇଥିଲା। ଯାହା ମୋଟ ୧୦ ଲକ୍ଷ ୧୯ ହଜାର ୭୫୬ ଟଙ୍କା ହୋଇଥିଲା। ଫିଟନେସ୍ ଅଭାବ ପାଇଁ ୫ହଜାର ଟଙ୍କା, ପ୍ରଦୂଷଣ ନିୟନ୍ତ୍ରଣ ପ୍ରମାଣପତ୍ର ନଥିବାରୁ ୧୦ହଜାର ଟଙ୍କା, ପରମିଟ୍ ୧୦ ହଜାର ବୀମା ପାଇଁ ୨ହଜାର ଓ ଟିକସ ବାବଦରେ ୩ ଲକ୍ଷ ୭ ହଜାର ୬୬୪ ଟଙ୍କା ସହ ଜରିମାନା ୬ଲକ୍ଷ ୮୫ହଜାର ୯୨ଟଙ୍କା ଏହିପରି ମୋଟ ଜରିମାନା ୧୦ଲକ୍ଷ ୧୯ହଜାର ୭୫୬ଟଙ୍କା ଆଦାୟ କରାଯାଇଥିଲା।

ସେହିଭଳି ରାଜ୍ୟରେ ୨୯ଲକ୍ଷ ଇ-ଚାଲାଣ ପଡ଼ିରହିଥିବା ବେଳେ ଏହି ବାବଦ ଅର୍ଥ ଆଦାୟ କରାଯାଇପାରିନାହିଁ। ତେବେ ବଡ଼ ଗାଡ଼ିଗୁଡ଼ିକ କ୍ଷେତ୍ରରେ ମଧ୍ୟ ଅଧିକ ଚାଲାଣ ରହିଥିବା ଜଣାପଡ଼ିଛି। ଏଣୁ ପରିବହନ ବିଭାଗ ପକ୍ଷରୁ ଏହି ଗାଡି ଗୁଡିକର ମାଲିକ ମାନଙ୍କୁ ନୋଟିସ ପଠାଯାଇଛି। ବିଶେଷକରି ୫ରୁ ଅଧିକ ଚାଲାଣ ଥିବା ବଡ ଗାଡିକୁ ଜରିମାନା ପଇଠ ପାଇଁ ନୋଟିସ ପ୍ରଥମ ପର୍ଯ୍ୟାୟରେ ୨୦୦ଗାଡି ମାଲିକଙ୍କୁ ନୋଟିସ ହୋଇଛି। ଆସନ୍ତା ୧୫ଦିନ ମଧ୍ୟରେ ଚାଲାଣ ବାବଦ ଜରିମାନା ଅର୍ଥ ପଇଠ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି ପରିବହନ ବିଭାଗ। ଏଥିସହ ଫିଟନେସ ଓ ଅନ୍ୟ କାଗଜପତ୍ରକୁ ଠିକ କରିବାକୁ ପଡ଼ିବ। ଏହା ନକଲେ କଠୋର କାର୍ଯ୍ୟାନୁଷ୍ଠାନ ପାଇଁ ଚେତାବନୀ ଦିଆଯାଇଛି। ପରିବହନ ବିଭାଗ ଅଧିକାରୀଙ୍କ କହିବାନୁସାରେ ଏଭଳି ୧୦ ହଜାର ଗାଡ଼ି ଚିହ୍ନଟ ହୋଇଛି। ପର୍ଯ୍ୟାୟକ୍ରମେ ସମସ୍ତ ଗାଡ଼ି ମାଲିକଙ୍କୁ ନୋଟିସ ହେବ। ଟୋଲ ଗେଟରେ ଗଡି ଗୁଡିକ ଅତିକ୍ରମ କଲା ବେଳେ ଖିଲାପି ଗାଡ଼ିଗୁଡ଼ିକୁ ସ୍ୱୟଂକ୍ରିୟ ଚାଲାଣ କଟାଯାଉଛି।

■ ଖରିଫ ଚାଷୀଙ୍କୁ ଧାନ ବିକ୍ରି ଚିନ୍ତା

# ଜଟିଳ ପ୍ରକ୍ରିୟା ଯୋଗୁଁ କମୁଛି ପଞ୍ଜୀକରଣ

ଭୁବନେଶ୍ୱର, ୩୧।୭(ସମିସ): ରାଜ୍ୟରେ ବର୍ତ୍ତମାନ ସୁଦ୍ଧା ଖରିଫ୍ ଚାଷ ପାଇଁ ୩ ଲକ୍ଷ ୩୮ ହଜାର ୭୩୫ ଜଣ ଚାଷୀ ପଞ୍ଜୀକରଣ କରିଛନ୍ତି। ଗତବର୍ଷ ଏହି ସମୟ ମଧ୍ୟରେ ଅଧିକ ୧୦ ହଜାର ଚାଷୀ ପଞ୍ଜିକୃତ ହୋଇଥିଲେ। ଏଥର ସରକାରଙ୍କ ଜଟିଳ ପ୍ରକ୍ରିୟା ଯୋଗୁଁ ପଞ୍ଜୀକରଣରେ ଶିଥିଳତା ଦେଖାଦେଇଥିବା ଅଭିଯୋଗ ହେଉଛି। ବିଶେଷକରି ପଞ୍ଜୀକରଣ ସମୟରେ ଇ-କେୱାଇସି କରିବା, ରାଜସ୍ୱ ନିରୀକ୍ଷକ(ଆର୍ଆଇ)ଙ୍କଠାରୁ ଜିମାନାମା(ଅଣ୍ଡର୍‌ଟେକିଂ) ଆଣିବା ପ୍ରମୁଖ ସମସ୍ୟା ଭାବେ ଉଭା ହୋଇଛି। ଏଥିସହ ଉପାନ୍ତ ଅଞ୍ଚଳ ପାକ୍ସଗୁଡ଼ିକରେ ଇଣ୍ଟରନେଟ୍ ସମସ୍ୟା ଯୋଗୁଁ ମଧ୍ୟ ପଞ୍ଜୀକରଣ ଧୀମା ହେଉଥିବା ଜଣାପଡ଼ିଛି। ସରକାର ଏସବୁ ସମସ୍ୟା ପ୍ରତି ଦୃଷ୍ଟି ଦେବାକୁ ବାରମ୍ବାର ଚାଷୀମାନେ ଦାବି କରୁଥିଲେ ହେଁ ସରକାର କର୍ଣ୍ଣପାତ କରୁନାହାନ୍ତି।

ଅନ୍ୟପକ୍ଷରେ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଗଣମାଧ୍ୟମକୁ ସଫେଇ ଦେଇ କହିଛନ୍ତି, ପଞ୍ଜୀକରଣ ୪ ଦିନ ବିଳମ୍ବରେ ଆରମ୍ଭ ହୋଇଥିବାରୁ ଚାଷୀଙ୍କ ସଂଖ୍ୟା କମିଛି। ପଞ୍ଜୀକରଣରେ ମାତ୍ର ୧୦ ହଜାର ବ୍ୟବଧାନ ରହିଛି। ଚାଷୀ କେବଳ ଗୋଟିଏ ସେଲ୍ଫ ଡିକ୍ଲାରେସନ୍ ଫର୍ମରେ ଦସ୍ତଖତ କରିବେ। ବାପା କିମ୍ବା ଭାଇଙ୍କ ନାମରେ ରେକର୍ଡ ଥିଲେ କେବଳ ଲିଖିତ ଆକାରେ ଦେବେ। ସେଥିପାଇଁ ଫର୍ମ ଇସ୍ୟୁ ହୋଇଯାଇଛି। ଅସୁବିଧା ଥିଲେ ଦିଆଯାଇଥିବା ଫୋନ୍ ନମ୍ବରରେ ଫୋନ୍ କରିବାକୁ ସେ କହିଛନ୍ତି।

**ଚିନ୍ତାରେ ଚାଷୀ**

# ଗଜା ହେଉନି ସରକାରୀ ବିହନ

ଭୁବନେଶ୍ୱର,୩୧।୭(ସମିସ): ଚଳିତ ବର୍ଷ ଅନୁକୂଳ ମୌସୁମୀ ଯୋଗୁଁ ରାଜ୍ୟର ଅନେକ ଜିଲ୍ଲାରେ ଚାଷକାମ ଆରମ୍ଭ ହୋଇସାରିଛି। ରାଜ୍ୟରେ ବର୍ତ୍ତମାନ ସୁଦ୍ଧା ୨୬.୭୫ ଲକ୍ଷ ହେକ୍ଟରରୁ ଅଧିକ ଜମିରେ ଚାଷ କାର୍ଯ୍ୟ ଆରମ୍ଭ ହୋଇ ସାରିଥିବା ବେଳେ ଅନେକ ଜିଲ୍ଲାରେ ସରକାରୀ ବିହନ ଶତକଡ଼ା ଅଧାରୁ ଅଧିକ ପ୍ରତିଶତ ଗଜା ହେଉ ନ ଥିବା ଅଭିଯୋଗ ହୋଇଛି। ଏଥିପାଇଁ ଚାଷୀମାନଙ୍କ ମଧ୍ୟରେ ଘୋର ଅସନ୍ତୋଷ ଓ ଅନିଶ୍ଚିତତାର ବାତାବରଣ ସୃଷ୍ଟି ହୋଇଛି। ଏବେ ଯାହାବି ଧାନ ତଳି ରହିଛି, ସେଥିପାଇଁ ଆବଶ୍ୟକ ସାର ମଧ୍ୟ ମିଳିବା ସମ୍ଭବ ହେଉନାହିଁ। ରାଜ୍ୟର କୃଷିବହୁଳ ଜିଲ୍ଲାଗୁଡ଼ିକୁ ଗସ୍ତ କରି କୃଷିକ୍ଷେତ୍ର ଓ କୃଷକମାନଙ୍କର ଏହି ବାସ୍ତବ ସ୍ଥିତି ଦେଖିବା ପରେ ରାଜ୍ୟ କିଷାନ କଂଗ୍ରେସ ଗଭୀର ଉଦ୍‌ବେଗ ପ୍ରକାଶ କରିଛି।

ଯାହାର ଆଶୁ ପ୍ରତିକାର ଦାବି କରିବା ସହ ବେଳହୁଁ ସାବଧାନ ନ ହେଲେ ରାଜ୍ୟରେ କୃଷି ବ୍ୟବସ୍ଥା, କୃଷି ଅର୍ଥନୀତି ତଥା ଚାଷୀ ଓ ଚାଷର ଅବସ୍ଥା ଅତ୍ୟନ୍ତ ଶୋଚନୀୟ ହୋଇପଡ଼ିବାର ସମ୍ଭାବନା ରହିଛି ବୋଲି ରାଜ୍ୟ କିଷାନ କଂଗ୍ରେସ କହିଛି।

ଗୁରୁବାର ରାଜ୍ୟ କିଷାନ କଂଗ୍ରେସ ପକ୍ଷରୁ ଏକ ସାମ୍ବାଦିକ ସମ୍ମିଳନୀରେ କୁହାଯାଇଛି ଯେ ଏକ ପ୍ରତିନିଧି ଦଳ ପଶ୍ଚିମ ଓଡ଼ିଶା ଏବଂ ରାଜ୍ୟର କୃଷିବହୁଳ ଅନ୍ୟ କିଛି ଜିଲ୍ଲାକୁ ଗସ୍ତକରି ଚାଷୀ, ଚାଷ ଓ ଚାଷୀ ପରିବାରର ଅବସ୍ଥା ଦେଖିଛନ୍ତି। ଏହି ସମୟରେ ସେମାନେ ଚାଷୀଙ୍କ

**■ ଇ-କେୱାଇସି ଗୋଲକଧନ୍ଦା ବଢ଼ାଇଛି ସମସ୍ୟା**
**■ ଗ୍ୟାରେଣ୍ଟିଯୁକ୍ତ ଭଲ ଫସଲ ଅମଳ ସୁନିଶ୍ଚିତ ଦାବି**

ଠାରୁ ବିହନ ଗଜା ନ ହେବାଠାରୁ ଆରମ୍ଭ କରି ଅନେକ ସମସ୍ୟା ବିଷୟରେ ଅବଗତ ହୋଇଛନ୍ତି। ବିଶେଷକରି ଭଦ୍ରକ, ବାଲେଶ୍ୱର, ଢେଙ୍କାନାଳ, ଅନୁଗୁଳ, ଦେବଗଡ଼, ସୁନ୍ଦରଗଡ଼, ବରଗଡ଼, ବଲାଙ୍ଗିର, କଳାହାଣ୍ଡି, ନୂଆପଡ଼ା ଓ ସୋନପୁର ଜିଲ୍ଲାର ଚାଷୀମାନେ ଏବେ ଆତଙ୍କରେ ସମୟ ବିତାଉଛନ୍ତି। ବାଲେଶ୍ୱର ଜିଲ୍ଲାରେ ସୁବର୍ଣ୍ଣରେଖା, ଜଳକା, ବୁଢ଼ାବଳଙ୍ଗ ଆଦି ନଦୀରେ ଲଗାତର ବନ୍ୟା ଆସିବା ଫଳରେ ଧାନତଳି ପଚିଯାଇଛି। ତଳି ଅଭାବ ଯୋଗୁଁ ରୁଆ ବେଉଷଣ କାର୍ଯ୍ୟ ଆଗେଇ ପାରୁ ନ ଥିବା ବେଳେ ନୂଆପଡ଼ା ଓ ବଲାଙ୍ଗିର ଜିଲ୍ଲାର କିଛି ଅଂଶରେ ଅନାବୃଷ୍ଟି କାରଣରୁ ଚାଷକାର୍ଯ୍ୟ ପଛାଇ ଯାଇଛି। ଅବଶିଷ୍ଟ ଜିଲ୍ଲାମାନଙ୍କରେ ଚାଷକାର୍ଯ୍ୟ ଆଗେଇ ଚାଲିଥିବା ବେଳେ ସରକାରୀ ବିହନ ଅଧାରୁ ଅଧିକ ପ୍ରତିଶତ ଗଜା ନ ହେବା କାରଣରୁ ଚାଷୀମାନଙ୍କ ମଧ୍ୟରେ ଅସନ୍ତୋଷ ବଢ଼ିବାରେ ଲାଗିଛି। ଚାଷ ଆରମ୍ଭ ସମୟରେ ଏକ ଗ୍ୟାରେଣ୍ଟିଯୁକ୍ତ ଭଲ ଫସଲ ଅମଳକୁ ଦୃଷ୍ଟିରେ ରଖି ସରକାର ଏବେଠୁ ଚାଷୀ ଓ ଚାଷକୁ ସମସ୍ତ ପ୍ରକାର ସୁବିଧା ସୁଯୋଗ ପ୍ରଦାନ ସହିତ ସବୁ ପ୍ରକାର ସହାୟତା ଦେବା ପାଇଁ କିଷାନ କଂଗ୍ରେସ ଦାବି କରିଛି। ଆବଶ୍ୟକ ପଡ଼ିଲେ ବିନା ସୁଧ ଓ ସର୍ତ୍ତରେ ଋଣ ଯୋଗାଇଦେବା ସହିତ କୀଟନାଶକ, ସାର ଓ ବିହନ ଆଦି ରିହାତି ଦରରେ ଯୁଦ୍ଧକାଳୀନ ଭିତ୍ତିରେ ଯୋଗାଇଦେବାକୁ କିଷାନ କଂଗ୍ରେସ ଦାବି କରିଛି।

ସେହିପରି ଟୋକନପ୍ରାପ୍ତି ଓ ପଞ୍ଜୀକରଣ ପାଇଁ ସମ୍ପ୍ରତି ଇ-କେୱାଇସି ଓ ବଂଶାବଳୀ ନିରୂପଣ ବ୍ୟବସ୍ଥା କରାଯାଇଛି। ଇ-କେୱାଇସି ନ ହେଲେ ଚାଷୀ ସରକାରୀ ଖାତାରେ ଚାଷୀ ଭାବେ ଗଣାହୋଇ ପାରିବ ନାହିଁ ଏବଂ ତା'ର ଧାନକୁ ଧାନମଣ୍ଡିରେ ଗ୍ରହଣ କରାଯିବ ନାହିଁ। ମାତ୍ର ଏହି ପ୍ରକ୍ରିୟା ବହୁ ଜଟିଳ କରାଯାଇଥିବାରୁ ଚାଷୀମାନେ ନାହିଁ ନ ଥିବା ସମସ୍ୟା ଭୋଗୁଛନ୍ତି। କର୍ପୋରେଟ ସଂସ୍ଥା ଓ ମିଲ୍ ମାଲିକମାନଙ୍କ ଚକ୍ରାନ୍ତରେ ନ ପଡ଼ି ରାଜ୍ୟ ଓ କେନ୍ଦ୍ର ସରକାର ତୁରନ୍ତ ସତର୍କ ନ ହେଲେ, ଚାଷୀକୁଳ ରାଜରାସ୍ତାକୁ ବାହାରି ସରକାରୀକଳ ଅଚଳ କରିଦେବେ ବୋଲି କିଷାନ କଂଗ୍ରେସ ଚେତାବନୀ ଦେଇଛି। ଆଜିର ସାମ୍ବାଦିକ ସମ୍ମିଳନୀରେ କିଷାନ କଂଗ୍ରେସର ରାଜ୍ୟ ଅଧ୍ୟକ୍ଷ ଅଭୟ ସାହୁ, ଦଳର ମୁଖପାତ୍ର ପ୍ରାକ୍ତନ ବିଧାୟକ ଦେବାଶିଷ ନାୟକ, କିଷାନ କଂଗ୍ରେସ ରାଜ୍ୟ ସଂଯୋଜକ ଅରୁଣ ଜେନା, ମୁଖପାତ୍ର ହିମାଂଶୁ ଲେଙ୍କା, ଚାଷୀ ନେତା ଶିତିକଣ୍ଠ ମହାନ୍ତି ଓ ରତନ ନାୟକ ପ୍ରମୁଖ ଉପସ୍ଥିତ ଥିଲେ।

# ସଂଖ୍ୟାଲଘୁ ମହିଳାଙ୍କୁ ଧର୍ମଶାଳା ବିଧାୟକଙ୍କ ଅସଦାଚରଣ ଦୁର୍ଭାଗ୍ୟଜନକ: ବିଜେଡି

ଭୁବନେଶ୍ୱର,୩୧।୭(ସମିସ): ରାଜ୍ୟରେ ମହିଳା ଓ ଶିଶୁ ବିରୋଧୀ ହିଂସା ଓ ଅପରାଧ ଉପରମୁହାଁ ସ୍ଥିତିରେ ରହିଥିବା ବେଳେ ରାଜ୍ୟ ସରକାର ଏକପ୍ରକାର ଉପାୟଶୂନ୍ୟ ହୋଇ ପଡ଼ିଛନ୍ତି। ଏପରିସ୍ଥିତିରେ ସଂଖ୍ୟାଲଘୁ ସମ୍ପ୍ରଦାୟର ଜଣେ ମହିଳାଙ୍କୁ ଧର୍ମଶାଳା ବିଧାୟକ ହିମାଂଶୁ ଶେଖର ସାହୁଙ୍କ ଅସଦାଚରଣ ଘଟଣାରେ ପୁଲିସ ଏତଲା ଗ୍ରହଣ ନ କରିବା ଉଦ୍‌ବେଗଜନକ ବୋଲି ବିଜୁ ଜନତା ଦଳର ୩ ମହିଳା ନେତ୍ରୀ ରାଜ୍ୟ ସରକାରଙ୍କ ଉପରେ ବର୍ଷିଛନ୍ତି।

**■ ବିଜେପି ସଂଖ୍ୟାଲଘୁ ସେଲ୍ ସଭାପତିଙ୍କ ପତ୍ନୀ ବିଧାୟକଙ୍କ ଦ୍ୱାରା ନିର୍ଯାତିତ**
**■ ପୀଡ଼ିତା ମହିଳା ଲିଖିତ ଅଭିଯୋଗ କରିଥିଲେ ହେଁ ଏତଲା ରଖୁନି ପୁଲିସ**
**■ ଯାଜପୁର ଜିଲ୍ଲାରେ କର୍ତ୍ତବ୍ୟରତ ମହିଳା ପୁଲିସ କର୍ମଚାରୀ ମଧ୍ୟ ଅସୁରକ୍ଷିତ**



ଗୁରୁବାର ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପୂର୍ବତନ ମନ୍ତ୍ରୀ ତଥା ଦଳର ପିଏସି ସଦସ୍ୟା ଟୁକୁନି ସାହୁ କହିଛନ୍ତି ଯେ ବିଜେପି ସରକାରରେ ରାଜ୍ୟରେ ମହିଳାମାନେ କୌଣସି କ୍ଷେତ୍ରରେ ସୁରକ୍ଷିତ ନାହାନ୍ତି। ପ୍ରତିଦିନ ରାଜ୍ୟରେ ଘଟୁଥିବା ନାରୀ ନିର୍ଯାତନା ଘଟଣା ପାଇଁ ଓଡ଼ିଶା ଦେଶରେ ନିନ୍ଦିତ ହେଉଛି।

ସେହିପରି ଦଳର ମୁଖପାତ୍ର ଇପ୍ସିତା ସାହୁ କହିଥିଲେ ଯେ ବିଜେପି ସରକାରରେ ମହିଳା ଓ ଛାତ୍ରୀମାନେ ପ୍ରତ୍ୟେକ ଦିନ ନିର୍ଯାତନାର ଶିକାର ହେଉଥିବା ବେଳେ ଯାଜପୁର ଜିଲ୍ଲାରେ ଏକ ଅଭାବନୀୟ ନାରୀ ନିର୍ଯାତନାର ଖବର ସାମ୍ନାକୁ ଆସିଛି। ବିଜେପି ସଂଖ୍ୟାଲଘୁ ସେଲର ସଭାପତିଙ୍କ ପତ୍ନୀଙ୍କୁ ତାଙ୍କ ଝିଅ ସାମ୍ନାରେ ଧର୍ମଶାଳା ବିଧାୟକଙ୍କ ଦ୍ୱାରା ନିର୍ଯାତନାର ଶିକାର ହୋଇ ପୁଲିସର ଦ୍ୱାରସ୍ଥ ହୋଇଥିଲେ ମଧ୍ୟ ତାଙ୍କର ଏତଲାକୁ ପୁଲିସ ଏ ପର୍ଯ୍ୟନ୍ତ ଗ୍ରହଣ କରୁନାହିଁ। ତାଙ୍କ ସ୍ୱାମୀଙ୍କୁ ଧର୍ମଶାଳାରେ ବ୍ୟବସାୟ କରିବା ପାଇଁ ହେଲେ ମାସିକ ଦାଦାବାଟି ଦେବାକୁ ପଡ଼ିବ ବୋଲି ବିଧାୟକ ଧମକ ଦେଉଛନ୍ତି ବୋଲି ସେ ତାଙ୍କ ଏତଲାରେ ଦର୍ଶାଇଥିଲେ ମଧ୍ୟ ପୁଲିସ ଏପର୍ଯ୍ୟନ୍ତ ବିଧାୟକଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିନାହିଁ ବୋଲି ଶ୍ରୀମତି ସାହୁ ପ୍ରଶ୍ନ କରିଥିଲେ। ସେ ଆହୁରି ମଧ୍ୟ କହିଥିଲେ ଯେ ଯାଜପୁର ଜିଲ୍ଲାରେ ଜଣେ କର୍ତ୍ତବ୍ୟରତ ମହିଳା ଏଏସ୍ଆଇଙ୍କୁ ଥାନା ଭିତରେ ବିଜେପି ସମର୍ଥକମାନେ ଅସଭ୍ୟ ଭାଷାରେ ଗାଳିଗୁଲଜ ସହ ଅପମାନିତ କରିଥିଲେ। ଏହି ଘଟଣାକୁ ନେଇ ମହିଳା ଏଏସ୍ଆଇ ଯାଜପୁର ପୁଲିସ ପ୍ରଶାସନ ନିକଟରେ ଫେରାଦ ହୋଇଥିଲେ ମଧ୍ୟ ଏପର୍ଯ୍ୟନ୍ତ ଅଭିଯୁକ୍ତଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନାହିଁ। ଧର୍ମଶାଳା ବିଧାୟକଙ୍କ ଧନବଳ ଆଗରେ ରାଜ୍ୟ ବିଜେପି ସଭାପତି ଓ ମୁଖ୍ୟମନ୍ତ୍ରୀ ଯେ ଅସହାୟ ହୋଇପଡ଼ିଛନ୍ତି, ଏଥିରୁ ପ୍ରତୀୟମାନ ହେଉଛି।

ସେହିପରି ଦଳର ମୁଖପାତ୍ର ସୋଫିଆ ଆଲାମ କହିଥିଲେ ଯେ ରାଜ୍ୟରେ ସଂଖ୍ୟାଲଘୁ ସମ୍ପ୍ରଦାୟର ମହିଳାମାନେ ନିର୍ଯାତନାର ଶିକାର ହୋଇ ଥାନାର ଦ୍ୱାରସ୍ଥ ହେଉଥିଲେ ମଧ୍ୟ ଅଭିଯୁକ୍ତଙ୍କ ବିରୋଧରେ ପୁଲିସ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ ନ କରିବା ଦୁର୍ଭାଗ୍ୟଜନକ। ଏଠି ଅପରାଧୀ ଉପରମୁହାଁ ହୋଇଥିବା ବେଳେ ସରକାର ଉପାୟଶୂନ୍ୟ ହୋଇପଡ଼ିଛନ୍ତି ବୋଲି ସେ ସମାଲୋଚନା ଛଳରେ କହିଛନ୍ତି।

# ବିସ୍ଥାପିତଙ୍କ ପାଇଁ ଲଢ଼ିବ କଂଗ୍ରେସ

ଭୁବନେଶ୍ୱର,୩୧।୭(ସମିସ): ରାଜ୍ୟର ୨୦ ଲକ୍ଷ ହିତାଧିକାରୀ ପଟ୍ଟା ପାଇବା ପାଇଁ ହକ୍‌ଦାର ଅଛନ୍ତି। କିନ୍ତୁ ବର୍ତ୍ତମାନ ପର୍ଯ୍ୟନ୍ତ ସେମାନଙ୍କୁ ତାଙ୍କ ଅଧିକାର ଦିଆଯାଇ ନାହିଁ। ସରକାର ଲକ୍ଷ ଲକ୍ଷ ଏକର ଜମି କମ୍ପାନୀମାନଙ୍କୁ ଦେଉଥିବା ବେଳେ ଆଦିବାସୀ, ଅଣଆଦିବାସୀଙ୍କୁ ତାଙ୍କ ନ୍ୟାଯ୍ୟ ଅଧିକାର ଦେଉନାହାନ୍ତି। ଖଣି ଖାଦାନ ପାଇଁ ହଜାର ହଜାର ଲୋକଙ୍କୁ ବିନା ସରକାରୀ ଭରଣାରେ ନିଜ ଜଙ୍ଗଲ ଜମିରୁ ବିସ୍ଥାପିତ କରାଯାଉଛି। ଯେଉଁମାନେ ବିସ୍ଥାପନ ହେଉଛନ୍ତି ସେମାନଙ୍କ ପାଇଁ କଂଗ୍ରେସ ଲଢ଼େଇ କରିବ ବୋଲି ପିସିସି ସଭାପତି ଭକ୍ତ ଚରଣ ଦାସ କହିଛନ୍ତି।

ଗୁରୁବାର କଂଗ୍ରେସ ଭବନଠାରେ ଏଆଇସିସି ମାନବାଧିକାର ସଂଗଠନ ପକ୍ଷରୁ ୧୫ଟି ଜିଲ୍ଲାରୁ ଆସିଥିବା କର୍ମକର୍ତ୍ତା ଓ ଶତାଧିକ ସ୍ୱେଚ୍ଛାସେବୀଙ୍କୁ ନେଇ 'ହ୍ୟୁମାନ୍ ରାଇଟ୍ସ' ସଭାକୁ ଉଦ୍‌ବୋଧନ ଦେଇ ଶ୍ରୀ ଦାସ କହିଛନ୍ତି ଯେ ବେଆଇନ ବିସ୍ଥାପନ, ଉତ୍କଟ ବେକାରୀ ସମସ୍ୟା ଏବଂ ନାରୀ ନିର୍ଯାତନା ବିରୋଧରେ ଘୋର ସଂଗ୍ରାମରେ ଅବତୀର୍ଣ୍ଣ ହେବାକୁ ପଡ଼ିବ। ଏଥିପାଇଁ ଲଢ଼େଇ ଜୋର୍‌ଦାର କରିବାକୁ ହ୍ୟୁମାନ ରାଇଟ୍ସ ସ୍ୱେଚ୍ଛାସେବୀମାନଙ୍କୁ ପିସିସି ସଭାପତି ଶ୍ରୀ ଦାସ ଆହ୍ୱାନ ଦେଇଛନ୍ତି। ଓଡିଶା ହ୍ୟୁମାନ ରାଇଟ୍ସ ସଂଘ ସଭାପତି ସୁରେନ ଶତପଥୀ କଂଗ୍ରେସ ବିଚାରଧାରା ସହିତ ଆମେ ଲୋକଙ୍କ ଅଧିକାର ଏବଂ ସମସ୍ୟାର ସମାଧାନ ପାଇଁ ତୃଣମୂଳ ସ୍ତରରେ କାର୍ଯ୍ୟ କରିବୁ ବୋଲି ନିଜ ବକ୍ତବ୍ୟରେ କହିଥିଲେ। ଏଠାରେ ସଂଘର ଉପସଭାପତି ଡକ୍ଟର ଯତୀନ ଦିଗାଳ, ଦେବୀ ପ୍ରସାଦ ମିଶ୍ର, ସଂଯୋଜକ ରାଜକିଶୋର ସାହୁ, ଅମିତ ମହନ୍ତ, ବାବୁ ଦଳବେହେରା ମଞ୍ଚାସୀନ ଥିଲେ।

**ବ୍ରାହ୍ମଣୀରେ ବନ୍ୟା**

# ରାସ୍ତା ଉପରେ କୁମ୍ଭୀର

ଆଳି, ୩୧।୭(ସମିସ): ବ୍ରାହ୍ମଣୀ ନଦୀରେ ବନ୍ୟା ଯୋଗୁଁ କେନ୍ଦ୍ରାପଡ଼ା ଜିଲ୍ଲା ଆଳି ବ୍ଲକ୍ କୋଳିଡିହ ପଞ୍ଚାୟତର ବିଜୟନଗର, ତଅଁଳାଡିଆ, ଦିନିଆରୀ, ଇଚ୍ଛାପୁର, ଜାମୁଦଣ୍ଡା ଗ୍ରାମର ଲୋକେ ଜଳବନ୍ଦୀ ଅବସ୍ଥାରେ ରହିଛନ୍ତି। ଏପରି ଅବସ୍ଥାରେ ସେମାନଙ୍କୁ କୁମ୍ଭୀର ଭୟ ଘାରିବାରେ ଲାଗିଛି। ଆଜି ସଂଧ୍ୟାରେ କିଛି ଲୋକ ଇଚ୍ଛାପୁର ରାସ୍ତାର ମଙ୍ଗଳା ମନ୍ଦିର ନିକଟରେ ଏକ ବଉଳା କୁମ୍ଭୀର ଭାସୁଥିବା ଦେଖିବା ପରେ ସ୍ଥାନୀୟ ଅଞ୍ଚଳରେ ଆତଙ୍କର ବାତାବରଣ ଖେଳିଯାଇଛି। ଫଳରେ ଗ୍ରାମବାସୀ ଭୟରେ ପଦାକୁ ବାହାରୁ ନାହାନ୍ତି।



ସୂଚନାନୁଯାୟୀ, ଗ୍ରାମର ମୁଖ୍ୟ ରାସ୍ତା ଉପରେ ୫ଫୁଟ୍ ଉଚ୍ଚର ପାଣି ପ୍ରବାହିତ ହେଉଥିବା ବେଳେ ଗ୍ରାମବାସୀ ଇଚ୍ଛାପୁର ରାସ୍ତା ଦେଇ ଯାତାୟାତ କରୁଥିଲେ। ଜଳସ୍ତର ବୃଦ୍ଧି ପାଇବା ହେତୁ ଉକ୍ତ ରାସ୍ତାର କିଛି ସ୍ଥାନ ବୁଡ଼ିଯାଇ ରାସ୍ତା ଉପରେ ପାଣି ପ୍ରବାହିତ ହେଉଛି। ବୁଡ଼ିଯାଇଥିବା ସେହି ସ୍ଥାନ ମଧ୍ୟରୁ ମଙ୍ଗଳା ମନ୍ଦିର ନିକଟରେ ଆଜି ସନ୍ଧ୍ୟାରେ ଏକ ବଉଳା କୁମ୍ଭୀର ଭାସୁଥିବା କିଛି ଲୋକ ଦେଖିବାକୁ ପାଇଥିଲେ। ସାଧାରଣତଃ ବନ୍ୟାଜଳ ସହ କୁମ୍ଭୀର ଜନବସତି ଆଡ଼କୁ ଚାଲିଆସିବାର ପୂର୍ବରୁ ବହୁ ନଜିର ରହିଛି। ଉଲ୍ଲେଖଯୋଗ୍ୟ, ଗତ ମାସରେ ତଅଁଳାଡିହା ଗ୍ରାମର କୈଳାସ ମହାନ୍ତିଙ୍କ ପତ୍ନୀ କାଜଲ ମହାନ୍ତି (୪୦) ଖରସ୍ରୋତା ନଦୀ ସଂଲଗ୍ନ ତଅଁଳାଡିହା ପାନିଆଯୋରକୁ ଗାଧୋଇବାକୁ ଯାଇଥିବା ବେଳେ ତାଙ୍କୁ ଏକ କୁମ୍ଭୀର ଆକ୍ରମଣ କରିଥିଲା ଏବଂ ସେଥିରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା।

■ ଏକ୍ ପେଡ୍ ମା କେ ନାମ୍-୨.୦

# ପ୍ରଧାନମନ୍ତ୍ରୀଙ୍କ ଜନ୍ମଦିନରେ ରାଜ୍ୟରେ ଲାଗିବ ୭୫ ଲକ୍ଷ ଗଛ

ଭୁବନେଶ୍ୱର,୩୧।୭(ସମିସ): ଆସନ୍ତା ସେପ୍ଟେମ୍ବର ୧୭ ତାରିଖରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ୭୫ତମ ଜନ୍ମଦିନରେ ରାଜ୍ୟ ସରକାର ୭୫ ଲକ୍ଷ ଗଛ ଲଗାଇବେ। 'ଏକ୍ ପେଡ୍ ମା କେ ନାମ୍' ଅଭିଯାନ ଅଧୀନରେ ଏହି ରେକର୍ଡ ସଂଖ୍ୟକ ଗଛ ଲାଗିବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଘୋଷଣା କରିଛନ୍ତି। ଗୁରବାର ଲୋକସେବା ଭବନରେ ଅଭିଯାନ ସମ୍ପର୍କରେ ଏକ ପ୍ରସ୍ତୁତି ବୈଠକରେ ଅଧ୍ୟକ୍ଷତା କରି ମୁଖ୍ୟମନ୍ତ୍ରୀ କହିଥିଲେ ଯେ 'ଏକ୍ ପେଡ୍ ମା କେ ନାମ୍' କାର୍ଯ୍ୟକ୍ରମ ଏକ ଜନଆନ୍ଦୋଳନରେ ପରିଣତ ହୋଇଛି। ଗତବର୍ଷ ଏହି କାର୍ଯ୍ୟକ୍ରମରେ ଓଡ଼ିଶା ତା'ର ଲକ୍ଷ୍ୟ ଅତିକ୍ରମ କରି ୬.୭୨ କୋଟି ଗଛ ଲଗାଇ ସାରା ଦେଶରେ ଚତୁର୍ଥ ସ୍ଥାନ ଅଧିକାର କରିଥିଲା। ଏ ବର୍ଷ ୭.୫ କୋଟି ଗଛ ଲଗାଇବାର ଲକ୍ଷ୍ୟ ରଖାଯାଇଛି। ଏବର୍ଷ କେବଳ ଗୋଟିଏ ଦିନ (ପ୍ରଧାନମନ୍ତ୍ରୀଙ୍କ ଜନ୍ମଦିନ)ରେ ୭୫ ଲକ୍ଷ ଗଛ ଲାଗିବ, ଯାହା ଏକ ରେକର୍ଡ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ। କେବଳ ଗଛ ଲଗାଇଦେଲେ ହେବ ନାହିଁ, ଏହି ଗଛକୁ କିଭଳି ଉତ୍ତମ ଭବିଷ୍ୟତ ମିଳିବ ତା'ର ମଧ୍ୟ ଦାୟିତ୍ୱ ନେବା ଆବଶ୍ୟକ ବୋଲି ମତ ଦେଇ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ବୃକ୍ଷରୋପଣ ପରେ ଏହାର ରକ୍ଷଣାବେକ୍ଷଣ ଓ ଯତ୍ନ ପାଇଁ ପ୍ରତ୍ୟେକ ସରକାରୀ କର୍ମଚାରୀ ଏବଂ ଜନସାଧାରଣ ଦାୟିତ୍ୱବାନ ହେବା ଆବଶ୍ୟକ। ବିଶେଷକରି ଜିଲ୍ଲାମାନଙ୍କରେ ଜଳବାୟୁ ଉପଯୋଗୀ ବୃକ୍ଷରୋପଣ ଜରୁରୀ ଅଟେ। କାର୍ଯ୍ୟକ୍ରମର ବ୍ୟାପକ ପ୍ରଚାରପ୍ରସାର ପାଇଁ ମୁଖ୍ୟମନ୍ତ୍ରୀ ସୂଚନା ଓ ଲୋକସମ୍ପର୍କ ବିଭାଗକୁ ନିର୍ଦ୍ଦେଶ ଦେବା ସହ ଉତ୍ତମ ପ୍ରଦର୍ଶନ କ୍ଷେତ୍ରରେ ବ୍ୟକ୍ତିଗତ ଓ ଗୋଷ୍ଠୀଗତ ସ୍ତରରେ ପୁରସ୍କାର ବ୍ୟବସ୍ଥା କରାଯିବା ପାଇଁ ପରାମର୍ଶ ଦେଇଥିଲେ। ବୈଠକରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଉନ୍ନୟନ କମିଶନର ଅନୁ ଗର୍ଗଙ୍କ ସମେତ ବିଭିନ୍ନ ବିଭାଗର ବହୁ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ।

**■ ଅଭିଯାନର ଦ୍ୱିତୀୟ ସଂସ୍କରଣରେ ୭.୫ କୋଟି ବୃକ୍ଷରୋପଣ ଲକ୍ଷ୍ୟ**
**■ ଜଳବାୟୁ ଉପଯୋଗୀ ବୃକ୍ଷ ରୋପଣ ପାଇଁ ମୁଖ୍ୟମନ୍ତ୍ରୀଙ୍କ ପରାମର୍ଶ**

# ଆଜିଠୁ ଖୋଲିବ ଭିତରକନିକା

ରାଜନଗର,୩୧।୭(ସମିସ): ବିଶ୍ୱପ୍ରସିଦ୍ଧ ଭିତରକନିକା ଜାତୀୟ ଉଦ୍ୟାନ ଆସନ୍ତାକାଲିଠାରୁ ଦେଶବିଦେଶର ପର୍ଯ୍ୟଟକଙ୍କ ପାଇଁ ଖୋଲିବ। ବଉଳା କୁମ୍ଭୀରଙ୍କ ପ୍ରଜନନ ଋତୁ ପାଇଁ ପ୍ରତିବର୍ଷ ମେ' ୧ରୁ ଜୁଲାଇ ୩୧, ଦୀର୍ଘ ୩ ମାସ ଧରି ଭିତରକନିକା ବନ୍ଦ ରହିଥାଏ। ପର୍ଯ୍ୟଟକଙ୍କ ଭିତରକନିକାରେ ପ୍ରବେଶ ଉପରେ କଟକଣା ଥାଏ। ଆଜି ଏହି ଅବଧି ସରିଯାଉଥିବାରୁ ଆସନ୍ତାକାଲିଠାରୁ ଏହି ଜାତୀୟ ଉଦ୍ୟାନକୁ ଖୋଲାଯିବ। ଏଥିପାଇଁ ବନବିଭାଗ ପକ୍ଷରୁ ସମସ୍ତ ପ୍ରସ୍ତୁତି ଶେଷ ହୋଇଛି।




ଭିତରକନିକା ମଧ୍ୟକୁ ପ୍ରବେଶ କରିବାକୁ ପର୍ଯ୍ୟଟକଙ୍କ ପାଇଁ ପରିଚୟପତ୍ରକୁ ବାଧ୍ୟତାମୂଳକ କରାଯାଇଛି। ପର୍ଯ୍ୟଟକ ଗୁପ୍ତି, ଚାନ୍ଦବାଲି, ଖୋଳା ଓ ଡାଙ୍ଗମାଳ ପ୍ରଭୃତି ୪ଟି ପ୍ରବେଶ ପଥ ଦେଇ ଭିତରକନିକାକୁ ପ୍ରବେଶ କରିପାରିବେ। ପର୍ଯ୍ୟଟକମାନେ ଜଳପଥରେ ବଉଳା କୁମ୍ଭୀର, ଦେଶୀ ଓ ବିଦେଶୀ ପକ୍ଷୀ, ହରିଣ, ବାର୍‌ହା, ସମ୍ବର, ଝିଙ୍କ ଆଦି ନାନା ପଶୁପକ୍ଷୀ ଓ ମ୍ୟୁଜିୟମ ଦେଖିବା ସହ ବନବିଭାଗ ପକ୍ଷରୁ ନିର୍ମାଣ ହୋଇଥିବା ପ୍ରଥମ ସ୍କାଏ ୱାକ୍ ବ୍ରିଜ, ୱାଚ୍ ଟାୱାର, ସେଲ୍ଫି ପଏଣ୍ଟ, ମ୍ୟାନଗ୍ରୁଭ ମେଟା ନର୍ସରୀ, ବୋଟ ଲାଇବ୍ରେରୀ, ସହିଦ ସ୍ତମ୍ଭ, କୁମ୍ଭୀର ପ୍ରଜନନ କେନ୍ଦ୍ର ଆଦି ଦେଖିପାରିବେ। ଯନ୍ତ୍ରଚାଳିତ ବୋଟ୍ ସହ ବନବିଭାଗ ପକ୍ଷରୁ ଡାଙ୍ଗମାଳ ଓ ଗୁପ୍ତିଠାରେ ଥିବା ଫାଇବର୍ ବୋଟ୍‌ରେ ମଧ୍ୟ ପର୍ଯ୍ୟଟକ ବୁଲି ଭିତରକନିକାର ନୈସର୍ଗିକ ଶୋଭା ଉପଭୋଗ କରିପାରିବେ। ଚଳିତବର୍ଷ ଭିତରକନିକାକୁ ସମ୍ପୂର୍ଣ୍ଣ ଭାବେ ପଲିଥିନ୍‌ମୁକ୍ତ କରାଯାଇଛି। ପର୍ଯ୍ୟଟକ ପଲିଥିନ୍ ଓ ପ୍ଲାଷ୍ଟିକ୍ ସାମଗ୍ରୀ ଜାତୀୟ ଉଦ୍ୟାନ ମଧ୍ୟକୁ ନ ଆଣିବା ପାଇଁ ବନ ବିଭାଗ ପକ୍ଷରୁ ନିବେଦନ କରାଯାଇଛି।

# ସ୍ତନ୍ୟପାନ କେବଳ ବ୍ୟକ୍ତିଗତ ପସନ୍ଦ ନୁହେଁ; ଏକ ସାମାଜିକ ଦାୟିତ୍ୱ

ଭୁବନେଶ୍ୱର,୩୧।୭(ସମିସ): ସ୍ତନ୍ୟପାନ କେବଳ ବ୍ୟକ୍ତିଗତ ପସନ୍ଦ ନୁହେଁ; ଏହା ଏକ ସାମାଜିକ ଦାୟିତ୍ୱ। ମା' କ୍ଷୀର ସେବନ ଦ୍ୱାରା ୨୨ ପ୍ରତିଶତ ନବଜାତ ଶିଶୁମୃତ୍ୟୁ ହାର ରୋକାଯାଇପାରିବ ବୋଲି ୟୁନିସେଫ୍ ଓଡ଼ିଶା ପୋଷଣ ବିଶେଷଜ୍ଞ ସୌରଭ ଭଟ୍ଟାଚାର୍ଯ୍ୟ କହିଛନ୍ତି। ଆସନ୍ତାକାଲି

**ଆଜିଠୁ ବିଶ୍ୱ ସ୍ତନ୍ୟପାନ ସପ୍ତାହ ଆରମ୍ଭ**

(ଅଗଷ୍ଟ ୧)ଠାରୁ ୭ ତାରିଖ ପର୍ଯ୍ୟନ୍ତ ବିଶ୍ୱ ସ୍ତନ୍ୟପାନ ସପ୍ତାହ ପାଳନ ଅବସରରେ ଗୁରୁବାର ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ, ଓଡ଼ିଶା ସରକାର ଏବଂ ୟୁନିସେଫ୍ ସହଯୋଗରେ ଆୟୋଜିତ କର୍ମଶାଳାରେ ଶ୍ରୀ ଭଟ୍ଟାଚାର୍ଯ୍ୟ ବିଶ୍ୱ ଓ ରାଜ୍ୟ ସ୍ତରରେ ସ୍ଥାୟୀ ସ୍ତନ୍ୟପାନ ସହାୟତା ବ୍ୟବସ୍ଥା ସୃଷ୍ଟି ପାଇଁ ଆବଶ୍ୟକ ରଣନୀତି ଉପରେ ଆଲୋଚନା ଅବସରରେ ସେ ଏହା କହିଛନ୍ତି।




ଶ୍ରୀ ଭଟ୍ଟାଚାର୍ଯ୍ୟ କହିଛନ୍ତି, ମା'ମାନଙ୍କ ଅସୁବିଧାକୁ ଦୂର କରିବା ଏବଂ ସେମାନଙ୍କ ଶିଶୁମାନଙ୍କୁ ସର୍ବୋତ୍ତମ ପୋଷଣ ଦେବା ପାଇଁ ମାତୃତ୍ୱ ସୁରକ୍ଷାଠାରୁ ଆରମ୍ଭ କରି ଉପଯୁକ୍ତ ମାର୍ଗଦର୍ଶନ ଏବଂ ସାମୁଦାୟିକ ସଚେତନତା ପର୍ଯ୍ୟନ୍ତ ଦୃଢ଼ ସମର୍ଥନ ବ୍ୟବସ୍ଥାର ଆବଶ୍ୟକତା ରହିଛି। ଏନ୍ଏଫ୍ଏଚ୍ଏସ୍-୫ ଅନୁଯାୟୀ, ଓଡ଼ିଶାରେ ୬୮.୫% ଶିଶୁ ଜନ୍ମର ପ୍ରଥମ ଘଣ୍ଟା ମଧ୍ୟରେ ସ୍ତନ୍ୟପାନ କରନ୍ତି, ଯାହାକି ଜାତୀୟ ହାର ୪୧.୮ % ଅପେକ୍ଷା ବହୁତ ଅଧିକ। ସେହିପରି ରାଜ୍ୟରେ ୬ ମାସରୁ କମ୍ ବୟସର ୭୨.୯% ଶିଶୁ ସ୍ୱତନ୍ତ୍ର ସ୍ତନ୍ୟପାନ କରନ୍ତି, ଯାହ ଜାତୀୟ ହାର ୬୩.୭% ଅଧିକ ବୋଲି ସେ କହିଥିଲେ। କାର୍ଯ୍ୟକ୍ରମରେ ପରିବାର କଲ୍ୟାଣ ନିର୍ଦ୍ଦେଶିକା ଡ. ରାଜଶ୍ରୀ ପଟ୍ଟନାୟକ ଚଳିତବର୍ଷର ବିଷୟବସ୍ତୁ 'ସ୍ତନ୍ୟପାନରେ ନିବେଶ, ଭିବଷ୍ୟତ ପାଇଁ ନିବେଶ' ଉପରେ ଆଲୋଚନା କରି କହିଥିଲେ ଯେ, ସ୍ତନ୍ୟପାନକୁ ପ୍ରାଥମିକତା ଦେବା କେବଳ ସ୍ୱାସ୍ଥ୍ୟ ପାଇଁ ନିଷ୍ପତ୍ତି ନୁହେଁ; ଏହା ଆମ ଶିଶୁମାନଙ୍କ ଏବଂ ଆଗାମୀ ପିଢ଼ି ପାଇଁ ଏକ ସୁସ୍ଥ ଓ ସୁଦୃଢ଼ ଭିବଷ୍ୟତ ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ନିବେଶ। ଏଥିପାଇଁ କେବଳ ମା' ନୁହେଁ; ବରଂ ପରିବାରର ମୁଖ୍ୟ ସଦସ୍ୟଙ୍କ ସହଯୋଗର ଆବଶ୍ୟକତା ରହିଛି। ପ୍ରତି ପରିବାରରେ ନବଜାତ ଶିଶୁଙ୍କୁ ଅନ୍ତତଃ ୬ମାସ ପର୍ଯ୍ୟନ୍ତ ସ୍ତନ୍ୟପାନ କରାଇବା ପାଇଁ ସଚେତନତା କାର୍ଯ୍ୟକ୍ରମ କରାଯାଉଥିଲେ ବି ଏଥିପ୍ରତି ମା' ମାନସିକ ସ୍ତରରେ ଯତ୍ନବାନ ହେବା ଉଚିତ୍ ବୋଲି ସେ କହିଥିଲେ।

ଆଲୋଚନାରେ ଅଂଶଗ୍ରହଣ କରି ଶିଶୁ ସ୍ୱାସ୍ଥ୍ୟ ବିଭାଗର ଅତିରିକ୍ତ ନିର୍ଦ୍ଦେଶକ ଡ. ଆଦିତ୍ୟ ମହାପାତ୍ର ମା' ଓ ଶିଶୁ ଉଭୟଙ୍କ ପାଇଁ ସ୍ତନ୍ୟପାନର ଗୁରୁତ୍ୱ ଉପରେ ବକ୍ତବ୍ୟ ରଖି କହିଥିଲେ ଯେ ସ୍ତନ୍ୟପାନ ଶିଶୁ ପାଇଁ ପ୍ରଥମ ଟିକା ଭାବେ କାର୍ଯ୍ୟ କରେ, ଯାହା ସଂକ୍ରମଣରୁ ସୁରକ୍ଷା ଦେଇ ଶିଶୁର ସୁସ୍ଥ ବିକାଶ ସୁନିଶ୍ଚିତ କରିବା ସହ ମା'ମାନଙ୍କୁ ମଧ୍ୟ ନିର୍ଦ୍ଦିଷ୍ଟ ରୋଗରୁ ସୁରକ୍ଷା ପ୍ରଦାନ କରେ। ପୋଷଣ ଯୁଗ୍ମ ନିର୍ଦ୍ଦେଶକ ଡ. ସ୍ମୃତିଜିତ୍ ପଟ୍ଟନାୟକ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମ ଶେଷଭାଗରେ ଏକ ପ୍ରଶ୍ନୋତ୍ତର କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।

## କ୍ରସର କର୍ମଚାରୀ ହତ୍ୟାକୁ ୩ ମାସ ବିତିଲା

# ମୁଖ୍ୟ ଅଭିଯୁକ୍ତକୁ ଗିରଫ ସହ ପରିବାର ପକ୍ଷରୁ ନ୍ୟାୟ ଦାବି

**କବାଟବନ୍ଧ, ୩୧।୭ (ସମିସ):** ଧର୍ମଶାଳା ବ୍ଲକ ଜେନାପୁର ଥାନା ଅଧୀନ ରାହାଡ଼ପୁରରେ ଥିବା ପଦ୍ମାବତୀ କ୍ରସରରେ ଗତ ମେ' ୧ ତାରିଖରେ କ୍ରସର କର୍ମଚାରୀ ଧର୍ମଶାଳା ଥାନା ଅନ୍ତର୍ଗତ ଜାରକା ଜାମୁବଣିଆ ଗ୍ରାମର ଅର୍ଜିତ ଜେନା ହତ୍ୟା ମାମଲାକୁ ବିତିଲା ୩ ମାସ। କ୍ରସର ଟଙ୍କା ହେରଫେରକୁ ନେଇ ମୃତ ଅର୍ଜିତକୁ ଅତି ନିର୍ମମ ଭାବେ ଲୁହାଚେଙ୍କ ଦେଇ ଅମାନବୀୟ ନିର୍ଯାତନା ଦିଆଯାଇଥିଲା। ଏହି ଘଟଣାରେ ସ୍ଥାନୀୟ ପୁଲିସ ପାଖରେ ପ୍ରମାଣ ଜଳଜଳ ଥିବା ବେଳେ ଘଟଣାର ମୁଖ୍ୟ ଅଭିଯୁକ୍ତ ନିର୍ଭୟରେ ଥାନା ବାଟଦେଇ ଯିବାଆସିବା ଜାରିରଖିଥିବା ଅଭିଯୋଗ ହେଉଛି। ଅଞ୍ଚଳରେ ଥିବା ତାଙ୍କର ବ୍ୟବସାୟ ପ୍ରତିଷ୍ଠାନକୁ ସ୍ୱାଭାବିକ ଭାବରେ ଗତାଗତ ଚାଲିଛି। ଘଟଣାର ମୁଖ୍ୟ ଅଭିଯୁକ୍ତ ପଦ୍ମାବତୀ କ୍ରସର ମାଲିକ ଜ୍ଞାନରଞ୍ଜନ ମହାପାତ୍ର ଓରଫ ସିଲୁଙ୍କୁ ଖୋଜିବାରେ ପୁଲିସ ନୟାନ୍ତ ହେଉଛି ବୋଲି ବିଭିନ୍ନ ଗଣମାଧ୍ୟମରେ ସ୍ଥାନୀୟ ପୁଲିସର ପ୍ରତିକ୍ରିୟା ପ୍ରକାଶ ପାଇଛି। କେବଳ ମାମଲା ରୁଜୁ କରିଦେଇ ପୁଲିସ ଏମିତି ସମ୍ବେଦନଶୀଳ ଘଟଣାରୁ ନଜର ହଟେଇବା ପାଇଁ ନିରୀହ କର୍ମଚାରୀ ୩ ଜଣଙ୍କୁ ଗିରଫ କରି କାମ ସାରିଦେଇଛି ବୋଲି ଅଭିଯୋଗ ହେଉଛି।



ମୁଖ୍ୟ ଅଭିଯୁକ୍ତ ସିଲୁକୁ ଗିରଫ କରିବାକୁ ସ୍ଥାନୀୟ ପୁଲିସ ସାହସ ଜୁଟାଇ ପାରୁ ନଥିବା କୁହାଯାଉଛି। ପ୍ରଭାବଶାଳୀ ବ୍ୟକ୍ତିମାନଙ୍କ ପାଖରେ ଆଇନ ଫିକା ପଡ଼ିଯାଉଥିବାରୁ ପୁଲିସ ଉପରୁ ଧୀରେ ଧୀରେ ସାଧାରଣ ଲୋକଙ୍କର ଆସ୍ଥା ତୁଟି ଯାଉଛି। ନିଜ ଭେଣ୍ଡିଆ ପୁଅକୁ ହରାଇ ମାଆଟିଏ କାନ୍ଦୁଥିବା ବେଳେ ଏପରି ପରିସ୍ଥିତିରେ ଉକ୍ତ ପରିବାରକୁ ନ୍ୟାୟ ମିଳିବା ସାତସପନ ହୋଇଯାଇଛି। ଆଇନଗତ ପ୍ରକ୍ରିୟା ସାରି ନିଜକୁ ଦୋଷମୁକ୍ତ କରିବା ନିମନ୍ତେ ମୁଖ୍ୟ ଅଭିଯୁକ୍ତ ଜଣକୁ ପୁଲିସ ଯଥେଷ୍ଟ ସମୟ ଦେଇ ସାରିଲାଣି। ଆହୁରି ମଧ୍ୟ ଯେତେଦିନ ଚାହିଁବେ ସମୟ ଦେବ ବୋଲି ଜଣାପଡୁଛି। ଘଟଣାରେ ଉଚ୍ଚସ୍ତରୀୟ ପୁଲିସ ଅଧିକାରୀ ହସ୍ତକ୍ଷେପ କଲେ ସ୍ଥାନୀୟ ପୁଲିସର ଅସଲମୁଖା ଖୋଲିଯିବ ବୋଲି ସାଧାରଣରେ ଦାବି ହୋଇଛି। ଏସଂକ୍ରାନ୍ତରେ ମତାମତ ପାଇଁ ଯାଜପୁର ରୋଡ ଏସ୍‌ଡିପିଓ ଲକ୍ଷ୍ମୀଧର ସ୍ୱାଇଁ ଏବଂ ଜିଲ୍ଲା ଏସ୍‌ପି ଯଶ ପ୍ରତାପ ଶ୍ରୀମଲଙ୍କୁ ଯୋଗାଯୋଗ କରିବାକୁ ଚେଷ୍ଟା କରାଯାଇଥିଲେ ମଧ୍ୟ ସମ୍ଭବ ହୋଇ ନ ଥିଲା।

## ଟ୍ରକ୍‌ରୁ ଚାଳକଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର

**ଯଖପୁରା, ୩୧।୭ (ସମିସ):** ରୋହିତ କାରଖାନା ନିକଟରେ ଟ୍ରକ୍ ଚାଳକଙ୍କ ଝୁଲନ୍ତା ମୃତଦେହ ଯଖପୁରା ପୁଲିସ ଉଦ୍ଧାର କରିଛି। ଟମକା ଥାନା ଅଧୀନ ଟୋଲକାନି ଗ୍ରାମର ନିଖିଲ ମୋହନ ସାହୁ(୩୨)ଙ୍କ ମୃତଦେହ ଏକ ଟ୍ରକ୍ (ଓଡି ୦୫ଏକ୍ସ ୬୪୬୫) ର କବାଟରୁ ଝୁଲନ୍ତା ଅବସ୍ଥାରେ ଯଖପୁରା ପୁଲିସ ଉଦ୍ଧାର କରିଛି। ଘଟଣାସ୍ଥଳରେ ଉଭୟ ସାଇଣ୍ଟିଫିକ ଟିମ୍ ଓ ଯଖପୁରା ପୁଲିସର ଅଧିକାରୀ ତଦନ୍ତ କରୁଥିବାର ଦେଖିବାକୁ ମିଳିଥିଲା। ମାତ୍ର ଘଟଣାସ୍ଥଳକୁ ଦେଖିଲେ ଏହା ଏକ ଆତ୍ମହତ୍ୟା ଅନୁମେୟ ହେଉନାହିଁ ବୋଲି ମୃତ ଟ୍ରକ୍ ଚାଳକଙ୍କ ବାପା କହିଛନ୍ତି। ମୋ ପୁଅକୁ କିଏ ମାରି ଟାଙ୍ଗି ଦେଇଛନ୍ତି ବୋଲି ତାଙ୍କ ପିତା ପୁଲିସ ନିକଟରେ ଅଭିଯୋଗ କରିଛନ୍ତି। ଯଖପୁରା ପୁଲିସ ଘଟଣାର ତଦନ୍ତ ଜାରି ରଖିଛି। ମୃତ ଚାଳକଙ୍କ ଶବକୁ ଯଖପୁରା ପୁଲିସ ଜବତ କରି ବ୍ୟବଚ୍ଛେଦ ପାଇଁ ଦାନଗଦି ଡାକ୍ତରଖାନା କୁ ପଠାଇଛନ୍ତି। ବ୍ୟବଚ୍ଛେଦ ପରେ ମୃତ ନିଖିଳଙ୍କ ଶରୀରକୁ ପରିବାରକୁ ହସ୍ତାନ୍ତର କରାଯାଇଛି।

# ଛିଡୁଛି ବ୍ରାହ୍ମଣୀ; ରେଙ୍ଗାଲିର ଗୋଟିଏ ଗେଟ୍ ଖୋଲା

**ଧର୍ମଶାଳା, ୩୧।୭ (ସମିସ)**



ଉପରମୁଣ୍ଡରେ ଭାରିବର୍ଷା ଯୋଗୁଁ କିଛିଦିନ ହେଲା ବ୍ରାହ୍ମଣୀ ନଦୀରେ ବନ୍ୟାଜଳ ବୃଦ୍ଧି ପାଉଥିବା ବେଳେ ଏବେ ନଦୀର ଜଳସ୍ତର ଧିରେ ଧିରେ କମିବାରେ ଲାଗିଛି। ଫଳରେ ନଦୀକୁଳିଆ ଲୋକମାନେ ଆଶ୍ୱସ୍ତି ଲାଭ କରିଛନ୍ତି। ରେଙ୍ଗାଲି ଡ୍ୟାମରେ ୧୨୩.୫୦ ମିଟର ଜଳଧାରଣ କ୍ଷମତା ରହିଥିବା ବେଳେ କିଛିଦିନ ତଳେ ଡ୍ୟାମରେ ୧୨୧ ମିଟର ଉପରେ ବନ୍ୟାଜଳ ରହିଥିଲା। ଫଳରେ ଡ୍ୟାମ କର୍ତ୍ତୃପକ୍ଷ ନଦୀରେ ବନ୍ୟାଜଳ ନିଷ୍କାସନ ପାଇଁ ୩ଟି ଗେଟ ଖୋଲିବାକୁ ବାଧ୍ୟ ହୋଇଥିଲେ। ଫଳରେ ନଦୀର ଜେନାପୁରଠାରେ ୬୩ ଫୁଟ ଉପରେ ବନ୍ୟାଜଳ ପ୍ରବାହିତ ହେଉଥିଲା। ଲାଗାତାର ଭାବେ ୪ ଦିନ କାଳ ଏଭଳି ପରିସ୍ଥିତି ଲାଗିରହିବା ପରେ ଉପରମୁଣ୍ଡରେ ବର୍ଷା କମିବା ଫଳରେ ଡ୍ୟାମ କର୍ତ୍ତୃପକ୍ଷ ଗତକାଲି ଗୋଟିଏ ଗେଟ ବନ୍ଦ କରିଥିବା ବେଳେ ଆଜି ଆଉ ଏକ ଗେଟକୁ ବନ୍ଦ କରିଥିବା ଜଣାପଡ଼ିଛି। ପ୍ରକୃତ ପକ୍ଷେ ଅଗଷ୍ଟ ୧ ତାରିଖ ସୁଦ୍ଧା ରେଙ୍ଗାଲି ଡ୍ୟାମରେ ୧୧୫.୮୫ ମିଟର ବନ୍ୟାଜଳ ମହଜୁଦ ରହିବା ପରିବର୍ତ୍ତେ ଚଳିତ ଥର ସମାନ ଦିନରେ ୧୨୦ ମିଟର ପାଖାପାଖି ବନ୍ୟାଜଳ ମହଜୁଦ ରହିଛି। ଡ୍ୟାମର ୨ ଗୋଟି ଗେଟ ବନ୍ଦ ହେବା ଫଳରେ ନଦୀରେ ଧିରେ ଧିରେ ବନ୍ୟାଜଳ ହ୍ରାସ ପାଇବାକୁ ଲାଗିଛି। ଗତକାଲି ଜେନାପୁରରେ ବନ୍ୟାଜଳ ୬୩ ଫୁଟ ଉପରେ ପ୍ରବାହିତ ହେଉଥିବା ବେଳେ ଆଜି ସନ୍ଧ୍ୟାସୁଦ୍ଧା ଜେନାପୁର ଠାରେ ୬୧.୭୦ ଫୁଟରେ ବନ୍ୟାଜଳ ପ୍ରବାହିତ ହେଉଛି। ବ୍ରାହ୍ମଣୀରେ ବନ୍ୟାଜଳ କମିବା ଫଳରେ ନଦୀକୁଳିଆ ଲୋକେ ଆଶ୍ୱସ୍ତି ଅନୁଭବ କରିଛନ୍ତି। ଆସନ୍ତାକାଲି ସୁଦ୍ଧା ଜେନାପୁର ଠାରେ ୬୧ ଫୁଟ ତଳେ ବନ୍ୟାଜଳ ପ୍ରବାହିତ ହେବା ନେଇ ଆଶଙ୍କା କରାଯାଇଛି। ଡ୍ୟାମରେ ଏବେ ଯେତେ ପରିମାଣରେ ବନ୍ୟାଜଳ ପ୍ରବେଶ କରୁଛି ସମପରିମାଣରେ ନିଷ୍କାସିତ ହେଉଥିବା ସୂତ୍ରରୁ ଜଣାପଡ଼ିଛି। ବ୍ରାହ୍ମଣୀ ନଦୀରେ ଲଗାତାର ଭାବେ ୨ ଥର ବନ୍ୟା ଆସି କମି ଯାଇଥିବା ବେଳେ ଏବେ କିଛିଦିନ ପାଇଁ ବନ୍ୟା ଅଶଙ୍କା ଦୂର ହୋଇଛି। ତେବେ ଅଗକୁ ଗହ୍ମା ପୂର୍ଣ୍ଣମୀ ରହିଥିବା ବେଳେ ସମୁଦ୍ର ଜୁଆରିଆ ରହିବା ସହିତ ନଦୀ ଜଳ ନିଷ୍କାସନ ବାଧାପ୍ରାପ୍ତ ହେବାର ଆଶଙ୍କା ରହିଛି। ତେବେ ଏହି ସପ୍ତାହକ ମଧ୍ୟରେ ବଡ଼ଧରଣର ଲଘୁଚାପ ହେଲେ ବ୍ରାହ୍ମଣ ୀରେ ବଡ଼ଧରଣର ବନ୍ୟା ଆସିବା ନେଇ ଆଶଙ୍କା କରାଯାଇଛି। ତେବେ ଏହି ଆଶଙ୍କାକୁ ନେଇ ସାଧାରଣରେ ଭୟଭିତ ହେବାର କୌଣସି କାରଣ ନାହିଁ ବୋଲି ପ୍ରଶାସନ ପକ୍ଷରୁ କୁହାଯାଇଛି।


**ବନ୍ୟା ଆଶଙ୍କାରେ ଭୟଭୀତ ନହେବାକୁ ପ୍ରଶାସନ ପକ୍ଷରୁ ପରାମର୍ଶ**

## କୃଷି ଦକ୍ଷତା ବିକାଶ ତାଲିମ ଶିବିର

**ବରୀ, ୩୧।୭ (ସମିସ):** ବରୀବ୍ଲକ କୃଷି କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ବ୍ଲକ କୃଷି ଅଧିକାରିଣୀ ଜ୍ୟୋତିମୟୀ ବେହେରା, ସହକାରୀ ଉଦ୍ୟାନକୃଷି କର୍ମଚାରୀ ସତ୍ୟଜିତ ଦାଶ, ସହକାରୀ କୃଷି ଅଧିକାରୀ ବିକାଶ ମହାପାତ୍ର ପ୍ରମୁଖ ଯୋଗଦେଇ ସମନିତ୍ୟ ଉଦ୍ୟାନକୃଷି ବିକାଶ ଯୋଜନା, ତେଲତାଳ, ମିଶନ ଇନପୁଟ ସବ୍‌ସିଡ ଯୋଜନା, ପ୍ରଧାନମନ୍ତ୍ରୀ କୃଷି ସଚାର ଯୋଜନା, ଜିଆଖତ ପ୍ରସ୍ତୁତି ତାହାର ବ୍ୟବହାର ଓ ଉପକାରିତା ଜିଆ ଜଳଉପରେ ଆଲୋଚନା କରାଯାଇଥିବା ବେଳେ ଶତାଧିକ ଚାଷି ଯୋଗଦେଇଥିଲେ। କାର୍ଯ୍ୟକ୍ରମରେ ଓଭରସିଅର ଶ୍ରୀକାନ୍ତ ନାୟକ, ବିଶ୍ୱଜିତ ସେନାପତି, ଏଟିଏମ ପ୍ରିୟ ରଞ୍ଜନ ରାଉତ, ଗ୍ରାମ୍ୟ କୃଷି ଅଧିକାରୀ ରୂପାଲୀ ପଣ୍ଡା ପ୍ରମୁଖ ଉପସ୍ଥିତ ଥିଲେ।

### ମାନପୁର ରେଳ ଓଭରବ୍ରିଜ୍

## ଭାରୀଯାନ ଚଳାଚଳ ଉପରେ କଟକଣା



**ଯାଜପୁର/ଦାନଗଦି, ୩୧।୭ (ସମିସ):** ମାନପୁର ରେଳ ଓଭରବ୍ରିଜରେ ଭାରୀଯାନ ଚଳାଚଳ ଯୋଗୁଁ ସକାଳ ୭ଟାରୁ ୯ଟା ଏବଂ ସନ୍ଧ୍ୟା ୫ଟାରୁ ସନ୍ଧ୍ୟା ୭ଟା ପର୍ଯ୍ୟନ୍ତ ଟ୍ରାଫିକ ଜାମ ଏବଂ ସଡ଼କ ଦୁର୍ଘଟଣାର ସମ୍ଭାବନା ସୃଷ୍ଟି ହେଉଛି। ତେଣୁ ସାଧାରଣ ଜନତାଙ୍କ ସୁରକ୍ଷା ଏବଂ ନିରାପତ୍ତାକୁ ଦୃଷ୍ଟିରେ ରଖି ଜିଲ୍ଲାପାଳ ତଥା ଜିଲ୍ଲା ମାଜିଷ୍ଟ୍ରେଟ୍ ତଥା ଅଧ୍ୟକ୍ଷ, ଆରଟିଏ, ଯାଜପୁର ଅମ୍ବର କୁମାର କର ଓଡ଼ିଶା ମଟର ଯାନ ନିୟମ-୧୯୯୩ର ପ୍ରଦତ୍ତ ନିୟମ ୬୩, ୯୩ ଏବଂ ମୋଟର ଯାନ ଅଧିନିୟମ-୧୯୮୮ ଧାରା ୧୧୫, ୧୧୬, ୧୧୭ ଅନୁଯାୟୀ ମାନପୁର ରେଲୱେ ଓଭର୍‌ବ୍ରିଜରେ ପୂର୍ବାହ୍ନ ୭ଟାରୁ ୯ଟା ଏବଂ ସନ୍ଧ୍ୟା ୫ଟା ଠାରୁ ୭ ଘଟିକା ପର୍ଯ୍ୟନ୍ତ ଭାରୀଯାନ ଚଳାଚଳ ଉପରେ ନିଷେଧାଜ୍ଞା ଜାରି କରିଛନ୍ତି। ଏହି ନିଷେଧାଜ୍ଞା ୧ ଅଗଷ୍ଟରୁ ୩୧ ତାରିଖ ପର୍ଯ୍ୟନ୍ତ (ଏକ ମାସ ପର୍ଯ୍ୟନ୍ତ) ଜାରି କରାଯାଇଛି।

### ସଡ଼କ ସୁରକ୍ଷା ନିୟମ ଉଲ୍ଲଂଘନ

## ୫୩ ହଜାର ଜରିମାନା ଆଦାୟ

**ପାଣିକୋଇଲି, ୩୧।୭ (ସମିସ):** ପାଣିକୋଇଲି ଥାନା ଅନ୍ତର୍ଗତ ୨୦ ନମ୍ବର ଜାତୀୟ ରାଜପଥର ଔପଦା ଡାଇଭରସନ ନିକଟରେ ଆଜି ପରିବହନ ବିଭାଗ ପକ୍ଷରୁ ଚଢଉ କରାଯାଇଥିଲା। ଯାଜପୁର ପରିବହନ ଅଧିକାରୀଙ୍କ ନିର୍ଦ୍ଦେଶରେ ଏମଭିଆଇ ପି.କେ ବେହେରା, ଟି କିଶୋର, ଟି. ହିରୋ ଓ ରାଜପଥ ପେଟ୍ରୋଲିଂ ଅଧିକାରୀ ଅଶୋକ ବଳ, ସନ୍ତୋଷ କୁମାର ବେହେରା, ଗୋପ ଦାସ ପ୍ରମୁଖ ସଦଳବଳେ ବେଆଇନ ପାର୍କିଂଗ, ରଙ୍ଗରୁଟରେ ଗାଡି ଚଳାଚଳ ଓ ହେଲମେଟ ଯାଞ୍ଚ କରିଥିଲେ। ଏହି ଯାଞ୍ଚ ସମୟରେ ନିୟମ ଭାଙ୍ଗୁଥିବା ଚାଳକଙ୍କ ଠାରୁ ୫୩ ହଜାର ଟଙ୍କା ଜରିମାନା ଆଦାୟ କରାଯାଇଥିବା ପରିବହନ ବିଭାଗ ସୂତ୍ରରୁ ପ୍ରକାଶ।

# ଜିଲ୍ଲା ଆର୍ଟ ଓ ପେଣ୍ଟିଓ ଆସୋସିଏସନର ପ୍ରତିଷ୍ଠା ଦିବସ




**ବରୁଆଁ, ୩୧।୭ (ସମିସ):** ଯାଜପୁର ସଦର ବରୁଆଁସ୍ଥିତ ତାରାଦେବୀ ମଣ୍ଡପରେ ଯାଜପୁର ଜିଲ୍ଲା ଆର୍ଟ ଓ ପେଣ୍ଟିଓ ଆସୋସିଏସନ ପକ୍ଷରୁ ଆୟୋଜିତ ୬ଷ୍ଠ ବାର୍ଷିକ ପ୍ରତିଷ୍ଠା ଦିବସ ସଭାପତି ଅକ୍ଷୟ ବେହୁରିଆ ଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବରେ ସଦର ଥାନା ଅଧିକାରୀ ଚିନ୍ମୟୀ ବେହେରା ଯୋଗଦେଇ ଉତ୍ସବକୁ ଉଦ୍‌ଘାଟନ କରିଥିବା ବେଳେ ସମ୍ମାନିତ ଅତିଥି ଭାବେ ପ୍ରଭୁଦତ୍ତ ମହାନ୍ତି ପ୍ରମୁଖ ଯୋଗଦେଇ ସମଗ୍ର ରାଜ୍ୟରେ ଯାଜପୁର ଜିଲ୍ଲା ଆର୍ଟ ଏବଂ ପେଣ୍ଟିଓ ଉଲ୍ଲେଖନୀୟ ସଫଳତା ହାସଲ କରିଥିବା ବେଳେ ଜିଲ୍ଲାର କଳାକାରମାନେ ବିଭିନ୍ନ ସମସ୍ୟାର ସମ୍ମୁଖୀନ ଥିବା ମତପ୍ରକାଶ କରିଥିଲେ। ରାଜ୍ୟରେ ସମସ୍ତ କଳାକାର ସେମାନଙ୍କ ପ୍ରାପ୍ୟ ପାଉଥିବା ବେଳେ ଆର୍ଟ ଓ ପେଣ୍ଟିଓ କଳାକାରମାନେ ସେମାନଙ୍କ ନ୍ୟାର୍ଯ୍ୟ ଅଧିକାର ପାଇ ପାରୁନାହାଁନ୍ତି ଏଥିପାଇଁ ଆସୋସିଏସନ ପକ୍ଷରୁ ୫ ଦଫା ଦାବି ସମୂହକୁ ସରକାର ପୂରଣ କରିବା ଉଚିତ୍ ବୋଲି ଉପସ୍ଥାପନ କରିଥିଲେ। ଜିଲ୍ଲାର ଯେତେ ସରକାରୀ ବିଭାଗର ବିଜ୍ଞାପନ ଓ ସୌନ୍ଦର୍ଯ୍ୟକରଣ କାର୍ଯ୍ୟ ଉଚିତ୍ ମୂଲ୍ୟରେ ଦେବା ଏବଂ ଜିଲ୍ଲାର ବିଜ୍ଞାପନ ଟେଣ୍ଡର ଜରିଆରେ ନଦେଇ ଆସୋସିଏସନ ଜରିଆରେ କାର୍ଯ୍ୟ କରିବା। ଜିଲ୍ଲାର ଆର୍ଟ ଓ ପେଣ୍ଟିଓ କଳାକାରଙ୍କ ପାଇଁ ଆସୋସିଏସନ ଗୃହ ନିର୍ମାଣ। ଏଥିରେ କାର୍ଯ୍ୟ କରୁଥିବା କଳାକାରମାନଙ୍କ ପାଇଁ ଭତ୍ତା ପ୍ରଦାନ। ବିଜ୍ଞାପନ ଏବଂ ସୌନ୍ଦର୍ଯ୍ୟକରଣ ନିମନ୍ତେ ବାହାର ଜିଲ୍ଲା ପରିବର୍ତ୍ତେ ନିଜ ଜିଲ୍ଲାର କଳାକାରଙ୍କୁ ପ୍ରାଧାନ୍ୟ ଦେବା ନେଇ ଦାବି କରିଥିଲେ। ଉତ୍ସବରେ ଉପସଭାପତି ମଙ୍ଗୁଳି ଜେନା, କାର୍ଯ୍ୟକାରୀ ସଭାପତି ଗଗନ ବିହାରୀ ଜେନା, ସାଧାରଣ ସମ୍ପାଦକ ମୋହନ କୁମାର ଦାଶ, ସହ-ସମ୍ପାଦକ ବାଦଲ ନାୟକ, କୋଷାଧ୍ୟକ୍ଷ ବରଦା ପ୍ରସନ୍ନ ଜେନା ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମକୁ ନାରାୟଣ ମାଝୀ, ବିକାଶ ବେହେରା, ସୁଦର୍ଶନ ପାତ୍ର, ଗୟାଧର ନାଥ, ତରୁଣ ତରାଇ, ଉଦୟ ଓଝା, ପ୍ରଶାନ୍ତ କୁମାର ସାହୁ, ଶରତଚନ୍ଦ୍ର ନାୟକ ପ୍ରମୁଖ ପରିଚାଳନା କରିଥିଲେ। ଏଥିରେ ଜିଲ୍ଲାର ୧୦ଟି ବ୍ଲକର ଆର୍ଟିଷ୍ଟମାନେ ଯୋଗଦେଇଥିଲେ।

# ଜିଲ୍ଲା ଦକ୍ଷତା ବିକାଶ ମିଶନ ବୈଠକ




**ଯାଜପୁର, ୩୧।୭ (ସମିସ):** ଯାଜପୁର ଜିଲ୍ଲାରେ ବିଭିନ୍ନ ଅଗ୍ରଣୀ ବେସରକାରୀ ପ୍ରକଳ୍ପ କାର୍ଯ୍ୟକାରିଣୀ ସଂସ୍ଥା ଗୁଡ଼ିକ ମାଧ୍ୟମରେ ଯୁବକଯୁବତୀ ମାନଙ୍କୁ ନୂତନ ଓଡ଼ିଶା ଯୋଜନା ଅନ୍ତର୍ଭୁକ୍ତ ଦକ୍ଷତା ବିକାଶ ସହିତ ନିଯୁକ୍ତି ପ୍ରଦାନ ନିମନ୍ତେ ଜିଲ୍ଲା ଦକ୍ଷତା ବିକାଶ ମିଶନ ବୈଠକ ଜିଲ୍ଲାପାଳ ଅମ୍ବର କୁମାର କରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ଉପସ୍ଥିତ ବିଭିନ୍ନ ସଦସ୍ୟ ମାନଙ୍କ ମାଧ୍ୟମରେ ଉପଯୁକ୍ତ ଦକ୍ଷତା ବିକାଶ ତାଲିମ ପ୍ରଦାନକାରୀ ସଂସ୍ଥାଗୁଡ଼ିକର ଚୟନ ସହିତ ଜିଲ୍ଲାରେ କାର୍ଯ୍ୟକାରୀ ହଉଥିବା ବିଭିନ୍ନ ଦକ୍ଷତା ବିକାଶ ତାଲିମଗୁଡ଼ିକର ସମୀକ୍ଷା କରାଯାଇଥିଲା। ଏହି ବୈଠକରେ ଆବେଦନ କରିଥିବା ସମସ୍ତ ତାଲିମ ପ୍ରଦାନକାରୀ ସଂସ୍ଥା ଉପସ୍ଥିତ ରହି ସେମାନଙ୍କର ପ୍ରସ୍ତାବିତ ତାଲିମ ସମ୍ବନ୍ଧୀୟ ସବିଶେଷ ତଥ୍ୟ ଉପସ୍ଥାପନ କରିଥିଲେ। ଚୟନ ହୋଇଥିବା ସମସ୍ତ ଦକ୍ଷତା ବିକାଶ ତାଲିମ ପ୍ରଦାନକାରୀ ସଂସ୍ଥାଗୁଡିକୁ ଜିଲ୍ଲାପାଳ ଉଚ୍ଚମାନର ତାଲିମ ସହିତ ଶତପ୍ରତିଶତ ନିଯୁକ୍ତି ପ୍ରଦାନ ପାଇଁ ସର୍ତ୍ତମୂଳକ ଅନୁମତି ପ୍ରଦାନ କରିଥିଲେ। ବୈଠକରେ ବିରହୋର ଏବଂ ଜୁଆଙ୍ଗ ସମ୍ପ୍ରଦାୟର ଯୁବକଯୁବତୀ ମାନଙ୍କୁ ସ୍ୱତନ୍ତ୍ର ତାଲିମ ପ୍ରଦାନ ନିମନ୍ତେ ନିଷ୍ପତି ନିଆଯାଇଅଛି। ଜିଲ୍ଲାରେ ବିଭିନ୍ନ ବିଭାଗ ତରଫରୁ ଦିଆଯାଉଥିବା ଦକ୍ଷତା ବିକାଶ ତାଲିମ ଗୁଡ଼ିକର ସମୀକ୍ଷା କରାଯାଇଥିଲା। ବୈଠକରେ ବିଭିନ୍ନ ବିଭାଗର ଅଧିକାରୀମାନେ ଯୋଗଦେଇଥିଲେ। ବୈଠକକୁ ଜିଲ୍ଲା ଦକ୍ଷତା ବିକାଶ ତଥା ନିଯୋଜନ ଅଧିକାରୀ ସୁଶାନ୍ତ କୁମାର ନାୟକ, କନିଷ୍ଠ ନିଯୋଜନ ଅଧିକାରୀ ମାନସ କୁମାର କୁଅଁର, ମୁଖ୍ୟମନ୍ତ୍ରୀ ଦକ୍ଷତା ବିକାଶ କର୍ମଚାରୀ ରାକେଶ କୁମାର ନାୟକ ପରିଚାଳନା କରୁଥିବା ବେଳେ ଉକ୍ତ କାର୍ଯ୍ୟାଳୟର ସମସ୍ତ କର୍ମଚାରୀ ସହଯୋଗ କରିଥିଲେ।

# ଜାତୀୟ ରାଜପଥରେ ଅନଧିକୃତ ଗାଡ଼ି ପାର୍କିଂ ଉପରେ କଟକଣା

**ଯାଜପୁର, ୩୧।୭ (ସମିସ):** ଏନ୍‌ଏଚ୍-୧୬, ଏନ୍‌ଏଚ୍-୫୩ ଓ ଏନ୍‌ଏଚ୍-୨୦ ମୁଖ୍ୟ ରାସ୍ତାରେ ଅନଧିକୃତ ଭାବରେ ଗାଡ଼ି ପାର୍କିଂ ଦ୍ୱାରା ଅତ୍ୟାବଶ୍ୟକୀୟ ଯାନବାହାନ ମୁକ୍ତ ଚଳାଚଳରେ ଅସୁବିଧା ପରିଲକ୍ଷିତ ହେବା ସହ ରାସ୍ତା ଦୁର୍ଘଟଣା ବୃଦ୍ଧିପାଉଥିବାର ଜିଲ୍ଲା ପ୍ରଶାସନ, ଯାଜପୁରର ଦୃଷ୍ଟିକୁ ଆସିଅଛି। ଜନ ସାଧାରଣଙ୍କ ସୁରକ୍ଷା ଓ ନିରାପତ୍ତାକୁ ଦୃଷ୍ଟିରେ ରଖି ଜିଲ୍ଲାପାଳ ଅନଧିକୃତ ଗାଡ଼ି ପାର୍କିଂ ଉପରେ ନିଷେଧାଜ୍ଞା ଜାରୀ କରିଛନ୍ତି। ମୋଟରଯାନ ଆଇନ ୧୯୮୮ ଧାରା ୧୧୫, ୧୧୬, ୧୧୭ ଓ ଓଏମଭି ନିୟମାବଳୀର ୬୩ ଓ ୯୩ ନିୟମାବଳୀ ଅନୁଯାୟୀ ଅମ୍ବର କୁମାର କର, ଓଏଏସ(ଏସ୍‌ଏସ୍) ଜିଲ୍ଲାପାଳ ତଥା ଜିଲ୍ଲା ମାଜିଷ୍ଟ୍ରେଟ ତଥା ଚେୟାରମ୍ୟାନ, ଆରଟିଏ, ଯାଜପୁର ସମସ୍ତ ଦ୍ରବ୍ୟ ପରିବହନ କରୁଥିବା ଯାନ ଏନ୍‌ଏଚ-୧୬ (ଷଠିପୁରରୁ ନେଳିଆ), ଏନ୍‌ଏଚ-୫୩ (ବାଲିଚନ୍ଦ୍ରପୁରରୁ ଡୁବୁରୀ), ଏନ୍‌ଏଚ-୨୦ (ପାଣିକୋଇଲି ଛକରୁ ରଗଡ଼ି ଛକ )ପର୍ଯ୍ୟନ୍ତ ଅନଧିକୃତ ପାର୍କିଂ ଉପରେ ନିଷେଧାଜ୍ଞା ଜାରି କରିଛନ୍ତି। ଏହି ନିର୍ଦ୍ଦେଶ ୧ ଅଗଷ୍ଟରୁ ୩୧ ତାରିଖ ପର୍ଯ୍ୟନ୍ତ ଏକ ମାସ ବଳବତ୍ତର ରହିବ ବୋଲି ନିର୍ଦ୍ଦେଶ ଦିଆଯାଇଛି।

# ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ କୃତ୍ରିମ ବନ୍ୟା ପରିସ୍ଥିତି



**ବିଞ୍ଝାରପୁର, ୩୧।୭ (ସମିସ):** ବିଞ୍ଝାରପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ଅଫିସକୁ ବ୍ଲକର ୨୯ ପଞ୍ଚାୟତର ଜନ ସାଧାରଣ ବିଭିନ୍ନ ସମସ୍ୟା ନେଇ ଆସିଥାନ୍ତି। ବର୍ତ୍ତମାନ ବର୍ଷା ଋତୁ ଆରମ୍ଭ ହୋଇଯାଇଥିବା ବେଳେ ସ୍ୱାସ୍ଥ୍ୟକେନ୍ଦ୍ରର କାର୍ଯ୍ୟାଳୟ ପରିସରରେ ଅସରାଏ ବର୍ଷା ହେଲେ କୃତ୍ରିମ ବନ୍ୟା ସୃଷ୍ଟି ହେଉଛି। ଯାହାଫଳରେ ସ୍ଥାନୀୟ ଲୋକେ କୌଣସି ଅଫିସ କାର୍ଯ୍ୟ ପାଇଁ ଯିବାକୁ ଇଚ୍ଛା ପ୍ରକାଶ କରୁନାହାନ୍ତି। ଜନ୍ମ ସାର୍ଟିଫିକେଟ ହେଉ ବା ମୃତ୍ୟୁ ସାର୍ଟିଫିକେଟ କୌଣସି କାମ ପାଇଁ ଗଲେ ୨ଫୁଟ ପାଣି ଭିତରେ ପଶିକି ଯିବାକୁ ପଡୁଛି। ବିଞ୍ଝାରପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ନୂତନ ବିଲଡିଂ ତିଆରି ହେଉଥିବାରୁ ଏଭଳି ସମସ୍ୟା ଦେଖାଯାଉଥିବା ଅଭିଯୋଗ ହେଉଛି। ସବୁଠୁ ବଡ କଥା ହେଲା ଦୁଇଟି ଠିକା ସଂସ୍ଥା କାର୍ଯ୍ୟ କରୁଥିବା ବେଳେ ଯାତାୟାତ ରାସ୍ତା ଉପରେ ଗୁରୁତ୍ୱ ନେଉନାହାନ୍ତି। ଯାତାୟତ ରାସ୍ତାରେ ପାଣି ରହୁଛି। ଠିକା ସଂସ୍ଥା ମାନ ପାଣି ନିଷ୍କାସନ କରିବା ପରିବର୍ତ୍ତେ ପାଣି କିପରି ରାସ୍ତାରେ ଜମି ରହିବ ତାହା କରିଥିବା ଦୃଶ୍ୟ ଦେଖିବାକୁ ମିଳୁଛି। ତେବେ ଏହି ସମସ୍ୟାର ସମାଧାନ କରିବା ପାଇଁ ସାଧାରଣରେ ଦାବି ହୋଇଛି।

## ପିକ୍‌ଅପ୍ ଧକ୍କାରେ ବାଇକ୍ ଆରୋହୀ ଆହତ

**ପାଣିକୋଇଲି, ୩୧।୭ (ସମିସ):** ପାଣିକୋଇଲି ଥାନା ଅନ୍ତର୍ଗତ ୨୦ ନମ୍ବର ଜାତୀୟ ରାଜପଥର ପାଣିକୋଇଲି ବଜାର ଅନତୀଦୂରରେ ବାଇକ ସହ ରଙ୍ଗ ରୁଟ୍‌ରେ ଆସୁଥିବା ଏକ ପିକଅପ ସହ ଧକ୍କା ହେବାରୁ ବାଇକଆରୋହୀ ଗୁରୁତର ଆହତ ହୋଇଛନ୍ତି। ପ୍ରକାଶଯେ, ବିଂଝାରପୁର ଥାନା ଅନ୍ତର୍ଗତ ବାଳମୁକୁଳି ଜେନାଡିହ ଗ୍ରାମର ବିଦ୍ୟାଧର ମଳିକ ଯାଜପୁରରୋଡରୁ ଘରକୁ ଏକ ବାଇକରେ ଫେରୁଥିଲେ। ପାଣିକୋଇଲି ଜନଔଷଧୀ କେନ୍ଦ୍ର ନିକଟରେ ରାଜପଥରୁ ସର୍ଭିସ ରୋଡରେ ସେ ପଶି ଆସିଯିବାରୁ ସମ୍ମୁଖରୁ ଆସୁଥିବା ଏକ ପିକଅପ ସହ ସାମ୍ନାସାମ୍ନି ଧକ୍କା ହୋଇଥିଲା। ଫଳରେ ବିଦ୍ୟାଧର ପଡ଼ି ଗୁରୁତର ଆହତ ହୋଇଥିଲେ। ରାଜପଥ ପେଟ୍ରୋଲିଂ ଅଧିକାରୀ ଅଶୋକ ବଳ ପହଞ୍ଚି ବିଦ୍ୟାଧରକୁ ଉଦ୍ଧାର କରି ପାଣିକୋଇଲିରେ ପ୍ରାଥମିକ ଚିକିତ୍ସା କରିବା ପରେ ଯାଜପୁର ମୁଖ୍ୟ ଚିକିତ୍ସାଳୟକୁ ପଠାଇଥିଲେ। ଘଟଣାସ୍ଥଳେ ପୁଲିସ ପହଞ୍ଚି ଗାଡି ଦୁଇଟିକୁ ଜବତ କରିବା ସହ ତଦନ୍ତ ଜାରି ରଖିଛି।

# ଅଖିଳ ଭାରତୀୟ ରେଳ ଚାଳକ ସଂଘ ଓ ପୂର୍ବତଟ ଶ୍ରମିକ କଂଗ୍ରେସର ଅନଶନ

**ଯଖପୁରା, ୩୧।୭ (ସମିସ)**




ଅଖିଳ ଭାରତୀୟ ରେଳ ଚାଳକ ସଂଘ ଓ ପୂର୍ବତଟ ରେଳପଥର ଶ୍ରମିକ କଂଗ୍ରେସ ନିଜର ବିଭିନ୍ନ ସମସ୍ୟାକୁ ନେଇ ଅନିର୍ଦ୍ଦିଷ୍ଟ ସମୟ ପାଇଁ ଆନ୍ଦୋଳନରେ ବସିଛନ୍ତି। ପୂର୍ବତଟ ରେଳ ବିଭାଗର ଅନେକ ରେଳ ଷ୍ଟେସନରେ ଏହି ଆନ୍ଦୋଳନ ଜାରିରହିଛି। ୧୧ ଦଫା ଦାବିକୁ ନେଇ ଉଭୟ ସଂଗଠନ ଅନଶନରେ ବସିଛନ୍ତି। ଏମଜିକେ ଅନୁଯାୟୀ, ୧୨୦ କିଲୋମିଟର ଦୈନିକ ମାଇଲେଜ ଭତ୍ତା ପ୍ରଦାନ କରିବା, ରେଳ ଚାଳକଙ୍କ ୯ ଘଣ୍ଟା କାର୍ଯ୍ୟ ସମୟ ଲାଗୁ କରିବା, ବେନିୟମ ଭାବରେ କାର୍ଯ୍ୟ ସମୟକୁ କାଟିଦେବା, ଦୁଇରାତି ଡ୍ୟୁଟି କଲାପରେ ରାତ୍ରି ବିଶ୍ରାମ ଦେବା, ରେଳ ଚାଳକଙ୍କୁ ୩୬ଘଣ୍ଟା ଭିତରେ ନିଜ ମୁଖ୍ୟାଳୟକୁ ଫେରାଇ ଆଣିବା, ରେଳ ବୋର୍ଡର ନିୟମ ଅନୁଯାୟୀ ରନିଂ ରୁମ୍ ଖୋଲିବା, ଟ୍ରାଙ୍ଗୁଲାର କାର୍ଯ୍ୟଶୈଳୀକୁ ବନ୍ଦ କରିବା, ଗାର୍ଡ ବ୍ରେକ୍ ଭ୍ୟାନର ଉପଯୁକ୍ତ ମରାମତି କରିବା, ସମସ୍ତ ରେଳ ଇଂଜିନରେ ଏସି ଲଗାଇବା ସହିତ ଖରାପ ଏସି ଗୁଡିକର ତୁରନ୍ତ ମରାମତି କରିବା, ଇଞ୍ଜିନରେ ଟୁଲ ବକ୍ସ ଓ ଲାଇନ ବକ୍ସର ବ୍ୟବସ୍ଥା କରିବା ଆଦି ୧୧ଦଫା ଦାବିନେଇ ରେଳ ଚାଳକ ଓ ରେଳ ପରିଚାଳକଙ୍କ ନିମନ୍ତେ ପୂର୍ବତଟ ରେଳପଥ ଶ୍ରମିକ କଂଗ୍ରେସ ତରଫରୁ ପୂର୍ବତଟ ରେଳପଥର ଚାଳକ ନିୟନ୍ତ୍ରକ କାର୍ଯ୍ୟାଳୟ ସମ୍ମୁଖରେ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଅନଶନର ଡାକରା ଦିଆଯାଇଛି। ସେହିକ୍ରମରେ ଜଖପୁରା ରେଳ ଷ୍ଟେସନଠାରେ ସଂଗଠନ ପକ୍ଷରୁ ଅନଶନ ଚାଲୁ ରହିଛି। ଏହି ଆନ୍ଦୋଳନକୁ ଅଖିଳ ଭାରତୀୟ ରେଳ ଚାଳକ ସଙ୍ଘର ପୂର୍ବତଟ ରେଳପଥ ଶାଖା ପୂର୍ଣ୍ଣ ସମର୍ଥନ ଦେଇଥିବା ବେଳେ ଦାବିଗୁଡ଼ିକ ପୂରଣ ନହେବା ପର୍ଯ୍ୟନ୍ତ ଆନ୍ଦୋଳନ ଚାଲୁ ରହିବ ବୋଲି ଅଖିଳ ଭାରତୀୟ ରେଳ ଚାଳକ ସଙ୍ଘ ତରଫରୁ କୁହାଯାଇଛି। ଯଖପୁରାରେ ଶ୍ରମିକ କଂଗ୍ରେସ ନେତା ନିରଞ୍ଜନ ମିଶ୍ର, ବିନ୍ ସ୍ୱାଇଁ, ଅଶୋକ ଜେନା, ଆଶିଷ କୁମାର ସ୍ୱାଇଁ, ପବିତ୍ର ସାମଲ ପ୍ରମୁଖ ଓ ରେଳ ଚାଳକ ସଂଘ ତରଫରୁ ଶାଖା ସଚିବ ଉମେଶ ଚନ୍ଦ୍ର ମହାରଣା, ରାଜୀବ ପରିଡ଼ା, ବିକେ ଗାନ, ସୁଜିତ୍ ଦାସ, ଲଖନ୍ କୁମାର, ଏନ୍ ଡୀ ଆର୍ୟା ପ୍ରମୁଖ ଓ ଅନେକ ରନିଂ କର୍ମଚାରୀ ଅନଶନରେ ବସିଛନ୍ତି।


ଦ୍ୱାଦଶ କର୍ମ ଉପଲକ୍ଷେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



ସ୍ୱର୍ଗତ ସୁଧାଙ୍ଗନା ପତି
ଗ୍ରାମ- ସୋଧ, ଦୋବଲ, ଧାମନଗର
ଆବିର୍ଭାବ-୧୭/୮/୧୯୫୩
ତିରୋଧାନ-୨୧/୭/୨୦୨୫

ତୁମ ଅବର୍ତ୍ତମାନରେ ଚାହୁଁ ଚାହୁଁ ଆଜିକୁ ବାର ଦିନ ହୋଇଗଲା। ତୁମର ଅନୁପସ୍ଥିତି ପ୍ରତି ମୁହୂର୍ତ୍ତରେ ଆମ୍ଭେମାନେ ଅନୁଭବ କରୁଛୁ। ତୁମର ସ୍ନେହ, ଶ୍ରଦ୍ଧା, ଭଲ ପାଇବା ସବୁ ସମୟରେ ମନେପଡୁଛି। ମହାପ୍ରଭୁ ଜଗନ୍ନାଥଙ୍କ ନିକଟରେ ସଦାସର୍ବଦା ପ୍ରାର୍ଥନା କରୁଛୁ ତୁମ ଅମର ଆତ୍ମାର ସଦଗତି ହେଉ।

ଶୋକସନ୍ତପ୍ତ: ରମାକାନ୍ତ ପତି
ବନ୍ଧୁ ବାନ୍ଧବ ଆତ୍ମୀୟ ସ୍ୱଜନ ଓ ପତି ପରିବାର ବର୍ଗ

ଡକାୟତି ଯୋଜନା ପଣ୍ଡ

# ୩ ଦୁର୍ବୃତ୍ତ ଗିରଫ, ୨ ଫେରାର

ଯାଜପୁର,୩୧।୭ (ସମିସ):

ଯାଜପୁର ଟାଉନ ଥାନା ଅଧୀନସ୍ଥ ବରାହନାଥ ଗ୍ରାମରେ ୫ଜଣ ଦୁର୍ବୃତ୍ତ ଡକାୟତି କରିବା ପାଇଁ ଖସଡ଼ା ପ୍ରସ୍ତୁତ କରୁଥିବା ବେଳେ ସୂତ୍ରରୁ ଖବର ପାଇ ଯାଜପୁର ପୁଲିସ ୩ଜଣଙ୍କୁ ଧରିବାରେ ସକ୍ଷମ ହୋଇଛି। ଅନ୍ୟ ୨ଜଣ ଦୁର୍ବୃତ୍ତ ଏକ ସ୍କୁଟି ଯୋଗେ ଫେରାର ହୋଇଯାଇଥିବା ଜଣାପଡ଼ିଛି। ଘଟଣାରୁ ପ୍ରକାଶ, ଗତ ବୁଧବାର ରାତି ପ୍ରାୟ ୧୨ଟା ସମୟରେ ପୁଲିସ ଏକ ନିର୍ଭରଯୋଗ୍ୟ ସୂତ୍ରରୁ ଖବର ପାଇଥିଲା ଯେ, ୫ଜଣ ଯୁବକ ଯାଜପୁର ବରାହନାଥ ମନ୍ଦିର ନିକଟସ୍ଥ ଶିବ ମୂର୍ତ୍ତି ପଛପଟେ ଡକାୟତି କରିବା ପାଇଁ ଖସଡ଼ା ପ୍ରସ୍ତୁତ କରୁଥିବା ବେଳେ ପୁଲିସ ସେଠାରେ ପହଞ୍ଚି ଚଢ଼ଉ କରିଥିଲେ। ଏହି ଚଢ଼ଉ ଟିମ୍‌ରେ ଯାଜପୁରର ସବ୍‌ଇନ୍ସପେକ୍ଟର ସୁବାଷ ଚନ୍ଦ୍ର ମୁଦୁଲି, ସବଇନ୍ସପେକ୍ଟର ସୌରଭ ମାଝୀ, କନେଷ୍ଟବଳ ଯଯାତି ମଲ୍ଲିକ, ଓଡ଼ିଶା ଆର୍ମ ପୁଲିସ ଦେବେନ୍ଦ୍ର ଦେଓଗାମ ଓ ଅଶୋକ ସିଙ୍କୁ ପ୍ରମୁଖ ପାଟ୍ରୋଲିଂ ଡ୍ୟୁଟିରେ ଥିବାବେଳେ ଘଟଣାସ୍ଥଳରେ ପହଞ୍ଚି ଦୁର୍ବୃତ୍ତମାନଙ୍କୁ କାବୁ କରିବାରେ ସକ୍ଷମ ହୋଇଥିଲେ। ଚଢ଼ଉ ସମୟରେ କିଆନାଳୀକୂଳ ଛକର ମଦନ ଓରଫ ପ୍ରକାଶ ସେନାପତି (୩୦), ନହରାପୁର ରେଡ଼କ୍ରସ ଛକର ଏସକେ ଅସମତ(୨୬), ଭବାନୀଗଞ୍ଜର ଲିକୁନ ଓରଫ ଅଭୟ ଦଳାଇ(୧୯) ଓ ଅନ୍ୟ ୨ଜଣ ସେଠାରେ




ଡକାୟତି କରିବା ପାଇଁ ପୂର୍ବ ପ୍ରସ୍ତୁତି ଆରମ୍ଭ କରି ଦେଇଥିଲେ। ମଦନ ଓରଫ ପ୍ରକାଶ, ଏସକେ ଅସମତ, ଲିକୁନ ଓରଫ ଅଭୟ ପୁଲିସ ହାତରେ ଧରାପଡ଼ିଥିବା ବେଳେ ଅନ୍ୟ ୨ଜଣ ଅନ୍ଧାରର ସୁଯୋଗ ନେଇ ଏକ କଳାସ୍କୁଟିରେ ଫେରାର ହୋଇଯାଇଥିଲେ। ମାତ୍ର ସେମାନଙ୍କର ପରିଚୟ ପୁଲିସ ପାଇସାରିଥିବା ବେଳେ ସେମାନେ ହେଲେ ଯାଜପୁର ସହର ଭୀମକରପୁର ଗ୍ରାମର ନାୟକ ସାହିର ସୋନୁ ଏବଂ ବାବୁ ଓରଫ ମନୋଜ ସେଠୀ। ଏହି ୫ଜଣ ଯାଜପୁର ପୌରାଞ୍ଚଳର ସନ୍ଥମାଧବ ଗ୍ରାମରେ ଡକାୟତ କରିବା ପାଇଁ ପୂର୍ବରୁ ପ୍ରସ୍ତୁତ ହେଉଥିଲେ ବୋଲି ଜଣାପଡ଼ିଛି। ସେମାନଙ୍କ ପାଖରୁ ୨ଟି ୭୫୦ ମିଲି ଲିଟର ମଦ, ୫ଟି ବ୍ୟବହାର ହୋଇଥିବା ଗ୍ଲାସ, ୨ଟି ଲୁହା ରଡ଼, ୧ ସ୍କ୍ରୁଡ୍ରାଇଭର, ୧ କଟର ମେସିନ, ୧ ଖଣ୍ଡା, ୨ଟି ଲଙ୍କାଗୁଣ୍ଡ ପ୍ୟାକେଟ, ୧ଟି ଟର୍ଚ୍ଚ ଲାଇଟ ଜବତ କରାଯାଇଛି। ଏଠାରେ ସୂଚନାଯୋଗ୍ୟ ଏହି ବ୍ୟକ୍ତିମାନେ ଯାଜପୁର ସହର କିଆନାଳୀକୂଳ ପରିବା ମାର୍କେଟରୁ ୩୦ହଜାର ଟଙ୍କା, ସିସି କ୍ୟାମେରା ହାର୍ଡ଼ଡିସ୍କ, ୧ ଲ୍ୟାପଟପ ଚୋରି କରିଥିବାର ତଦନ୍ତରୁ ଜଣାପଡ଼ିଛି। ଯାଜପୁର ପୁଲିସ ଥାନା କେଶ ନଂ. ୩୫୪/୨୫ରେ ମୁତାବକ ଏକ କେଶ ରୁଜୁ କରି ଉପରୋକ୍ତ ୩ଜଣ ଅଭିଯୁକ୍ତଙ୍କୁ କୋର୍ଟଚାଲାଣ କରିଛନ୍ତି। ସେମାନଙ୍କର ଜାମିନ ନାମଞ୍ଜୁର ହେବାରୁ ସେମାନଙ୍କୁ ଜେଲ୍ ହାଜତକୁ ପଠାଯାଇଛି।

## ବିରଜା ଉଚ୍ଚ ବିଦ୍ୟାଳୟର ପ୍ରତିଷ୍ଠାତାଙ୍କ ଶ୍ରାଦ୍ଧ ଦିବସ

ଯାଜପୁର,୩୧।୭ (ସମିସ): ବିରଜା ଉଚ୍ଚ ବିଦ୍ୟାଳୟର ପ୍ରତିଷ୍ଠାତା ସ୍ୱର୍ଗତ ଦେୱାନ୍ ବାହାଦୁର ହରିବଲ୍ଲଭ ଦାସଙ୍କ ୮୦ତମ ଶ୍ରାଦ୍ଧ ଦିବସ ବିଦ୍ୟାଳୟ ପ୍ରାଙ୍ଗଣରେ ଭାରପ୍ରାପ୍ତ ପ୍ରଧାନଶିକ୍ଷକ ଅମୀୟ କୁମାର ସ୍ୱାଇଁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ସହକାରୀ ଶିକ୍ଷକ ଜମିଲୁର ରସିଦ୍ ଖାଁ ଅତିଥି ପରିଚୟ ପ୍ରଦାନ କରିଥିବା ବେଳେ ଲକ୍ଷ୍ମୀପ୍ରିୟା ରାଉତରାୟ ସ୍ୱରଚିତ କବିତା ପାଠ କରିଥିଲେ। ମୁଖ୍ୟଅତିଥି ଭାବେ ବିଦ୍ୟାଳୟର ପ୍ରତିଷ୍ଠାତା ସ୍ୱର୍ଗତ ଦାସଙ୍କ ଅଣନାତୀ ଅମୃତାଙ୍କ ଦାସ ଏବଂ ସମ୍ମାନିତ ଅତିଥି ଭାବରେ ରାଷ୍ଟ୍ରପତି ଓ ରାଜ୍ୟପାଳ ପୁରସ୍କାରପ୍ରାପ୍ତ ପ୍ରଧାନଶିକ୍ଷକ ବିଶ୍ୱମ୍ବର ମିଶ୍ର, ବିଦ୍ୟାଳୟ ପରିଚାଳନା କମିଟିର ଅଧକ୍ଷ ଦେବାଶିଷ ମହାନ୍ତି, ପଞ୍ଚଶଖା ଶିକ୍ଷା ସେତୁର ଅଧ୍ୟକ୍ଷ ରଜତ୍ କୁମାର ବୋଷ, ପୂର୍ବତନ ଖେଳ ଶିକ୍ଷକ ଅର୍ଜ କୁମାର ଦାସ, ପୂର୍ଣ୍ଣାନନ୍ଦ ମିଶ୍ର ପାଠଗାରର ସଭାପତି କହ୍ନେଇ ଚରଣ ମହାନ୍ତି, କୋଷାଧ୍ୟକ୍ଷ କ୍ଷିରୋଦ୍ କୁମାର ପାଠି, ବିଦ୍ୟାଳୟର ସଂସ୍କୃତ ଶିକ୍ଷକ ପଣ୍ଡିତ କୃଷ୍ଣଚନ୍ଦ୍ର ମିଶ୍ର ଏବଂ ବିଦ୍ୟାଳୟର ସମସ୍ତ ଶିକ୍ଷକ, ଶିକ୍ଷୟିତ୍ରୀମାନେ ଉପସ୍ଥିତ ଥିଲେ। ଛାତ୍ରଛାତ୍ରୀମାନେ ସ୍ୱର୍ଗତ ଦାସଙ୍କ ଜୀବନାଦର୍ଶନ ବିଷୟରେ ଆଲୋକପାତ କରି ବିରଜା ଉଚ୍ଚ ବିଦ୍ୟାଳୟର ଏବଂ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ନିମନ୍ତେ ଜମିଦାନ କରିଥିଲେ ବୋଲି ମତବ୍ୟକ୍ତ କରିଥିଲେ। ସ୍ୱର୍ଗତ ଦାସ ଯାଜପୁର ପୌରପାଳିକା ଏବଂ ଲୋକାଲ କୋର୍ଟର ଚେୟାରମ୍ୟାନ୍ ଭାବରେ ମଧ୍ୟ ନିର୍ବାଚିତ ହେବା ସହ ଅନେକ ଲୋକମଙ୍ଗଳ କାର୍ଯ୍ୟରେ ନିଜକୁ ସମର୍ପିତ କରିଥିଲେ। ବିଦ୍ୟାଳୟର ସହକାରୀ ଶିକ୍ଷକ ଦିଲ୍ଲୀପ କୁମାର ପ୍ରଧାନ, ମୁଖ୍ୟ ଅତିଥି ଅମୃତାଙ୍କ ଦାସ ଏବଂ ସମସ୍ତ ସମ୍ମାନିତ ଅତିଥିମାନେ ପ୍ରତିଷ୍ଠାତା ସ୍ୱର୍ଗତ ଦାସଙ୍କ ଗୁଣଗାନ କରିଥିଲେ। ବିଭିନ୍ନ ପ୍ରତିଯୋଗିତାର ପୁରସ୍କାର ୫ଜଣ ଛାତ୍ରଛାତ୍ରୀ ଆର୍ଥିକ ରାଶି ପ୍ରଦାନ କରାଯାଇଥିଲା। ସର୍ବଶେଷରେ ସହକାରୀ ଶିକ୍ଷକ ସମୀର କୁମାର ମିଶ୍ର ଧନ୍ୟବାଦ ପ୍ରଦାନ କରିଥିଲେ।

## ବିଦ୍ୟାଳୟ ପରିସରରେ ଚାରାରୋପଣ କାର୍ଯ୍ୟକ୍ରମ

ବିଞ୍ଝାରପୁର,୩୧।୭ (ସମିସ): ବିଞ୍ଝାରପୁର ବ୍ଲକ୍ ଅଧୀନ ରାହାସଗୁହାଳି ପ୍ରାଥମିକ ବିଦ୍ୟାଳୟ ପରିସରରେ ଚାରାରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବିଞ୍ଝାରପୁର ବ୍ଲକ ଟିଚର୍ସ କ୍ଲବ ଓ ଉଦୟ ଭାନୁ ସାହିତ୍ୟ ସଂସଦର କର୍ମକର୍ତ୍ତା, ବିଦ୍ୟାଳୟର ଶିକ୍ଷକ - ଶିକ୍ଷୟିତ୍ରୀ ଏବଂ ଛାତ୍ରଛାତ୍ରୀ ଏଥିରେ ଅଂଶଗ୍ରହଣ କରିଥିଲେ। ଟିଚର୍ସ କ୍ଲବର ସମ୍ପାଦକ ସରୋଜ କୁମାର ମଲ୍ଲିକ, ଉପଦେଷ୍ଟା ସଚ୍ଚିଦାନନ୍ଦ ଗୁରୁ, ଶିକ୍ଷାବିତ ନାରାୟଣ ଚନ୍ଦ୍ର ଦାସ, ଅର୍ଜୁନୀ ଦାଶ, ଉମେଶ ଚନ୍ଦ୍ର ସାମଲ, ରାମଚନ୍ଦ୍ର ନାୟକ, ଅକ୍ଷୟ କୁମାର ସେଠୀ, ମାନଗୋବିନ୍ଦ ବେହେରା ପ୍ରମୁଖ କର୍ମକର୍ତ୍ତାମାନେ ବିଦ୍ୟାଳୟ ପରିସରରେ ଚାରାରୋପଣ କରିଥିଲେ। ଉଦୟ ଭାନୁ ସାହିତ୍ୟ ସଂସଦର ସଭାପତି ବ୍ରଜ ସୁନ୍ଦର ସାମଲ, ସମ୍ପାଦକ ସୁରେନ୍ଦ୍ର କୁମାର ପତି, ବିଷ୍ଣୁଚରଣ ସାମଲ, ନିରଞ୍ଜନ ସାମଲ ଏବଂ ଶିକ୍ଷୟିତ୍ରୀ ବିଭାଷିନୀ ଖଣ୍ଡୁଆଳ ଓ ବୈଜୟନ୍ତୀମାଳା ସାମଲ ଉକ୍ତ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ। ଟିଚର୍ସ କ୍ଲବର ପ୍ରାକ୍ତନ ସଭାପତି ରବିନାରାୟଣ ସାମଲ ଓ ଅବସରପ୍ରାପ୍ତ ଏବିଇଓ ପ୍ରମୋଦ କୁମାର ସାମଲ ବୃକ୍ଷରୋପଣର ଆବଶ୍ୟକତା ସମ୍ପର୍କରେ ଛାତ୍ରଛାତ୍ରୀଙ୍କୁ ଅବଗତ କରାଇଥିଲେ। ଏହିପରି କାର୍ଯ୍ୟକ୍ରମ ପ୍ରତ୍ୟେକ ବିଦ୍ୟାଳୟରେ ଚାଲୁ ରହିଲେ ପରିବେଶ ପ୍ରଦୂଷଣରୁ ସୁରକ୍ଷା ମିଳିବ ବୋଲି ସେମାନେ ବକ୍ତବ୍ୟରେ ମତପୋଷଣ କରିଥିଲେ।

## ନୂତନ ସଫ୍ଟୱେୟାର ପ୍ରଚଳନ ନେଇ ୨ରେ ଡାକକାର୍ଯ୍ୟ ବନ୍ଦ

ଯାଜପୁର,୩୧।୭ (ସମିସ): ଆସନ୍ତା ଅଗଷ୍ଟ ୪ ତାରିଖରୁ ଯାଜପୁର ମୁଖ୍ୟ ଡାକଘର ଏବଂ ତାହା ଅଧୀନରେ ଥିବା ସମସ୍ତ ଉପଡାକଘର ଓ ଶାଖା ଡାକଘରଗୁଡ଼ିକରେ ଆଇଟି ୨.୦ ଏକ ନୂତନ ସଫ୍ଟୱେୟାର ପ୍ରଚଳନ ହେବାକୁ ଯାଉଛି। ଏଥିନିମନ୍ତେ ଆସନ୍ତା ଅଗଷ୍ଟ ୨ ତାରିଖ ସମସ୍ତ ଡାକଘରେ ଏହି ସଫ୍ଟୱେୟାର ଅପଡେଟ କରାଯିବାକୁ ଥିବାରୁ ଡାକକାର୍ଯ୍ୟ ବନ୍ଦ ରହିବ। ଏଥି ନିମନ୍ତେ ପୋଷ୍ଟ ଅଫିସ୍‌ରେ କରାଯାଉଥିବା ଚିଠି, ପାର୍ସଲ, ଟଙ୍କା ଦେଣ ନେଣ ଆଦି ବାଧାପ୍ରାପ୍ତ ହେଉଥିବାରୁ ଯାଜପୁର ପୋଷ୍ଟାଲ ଡିଭିଜନର ସୁପରିଟେଣ୍ଡେଣ୍ଟ ଶୁଭ୍ରାକାଶ ନାୟକ ସମସ୍ତ ଗ୍ରାହକ ଓ ଜନସାଧାରଣଙ୍କର ସହଯୋଗ କାମନା କରିଛନ୍ତି।

## ଦୁଇଟି ପୃଥକ୍ ଦୁର୍ଘଟଣାରେ ଦୁଇ ଗୁରୁତର

ସୁକିନ୍ଦା,୩୧।୭ (ସମିସ): ସୁକିନ୍ଦା ବନ୍ଧଗାଁ ରାସ୍ତାର ମଧୁବନ ଗ୍ରାମ ନିକଟରେ ଏକ ବାଇକ୍ ଦୁର୍ଘଟଣାରେ ଚରଣ ଦେହୁରୀ ଗୁରୁତର ଆହତ ଅବସ୍ଥାରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର ହୋଇଥିବା ଜଣାପଡିଛି ଗମଧୁବନ ଗ୍ରାମ ଚରଣ ଗତ ବୁଧବାର ରାତିରେ ସୁକିନ୍ଦାରୁ ଫେରୁଥିବା



ସମୟରେ ଦୁର୍ଘଟଣାର ଶୀକାର ହୋଇ ଗୁରୁତର ଆହତ ହୋଇଥିଲା। ସୂଚନା ପାଇ ପରିବାର ଲୋକେ ଚରଣକୁ ଉଦ୍ଧାର କରି ସୁକିନ୍ଦା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ। ତାଙ୍କ ଅବସ୍ଥା ଗୁରୁତର ଥିବାରୁ ପ୍ରାଥମିକ ଚିକିତ୍ସା ପରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଛି। ସେହିପରି କଟକ ଜିଲ୍ଲା ବଡମ୍ବା ଅଞ୍ଚଳର ତ୍ରିନାଥ ବିଶ୍ୱାଳ ଗତ ବୁଧବାର ସନ୍ଧ୍ୟାରେ ଅଶୋକଝରରୁ ଫେରୁଥିବା ସମୟରେ ବିରିଗଡା ଗ୍ରାମ ନିକଟରେ ବାଇକ ଦୁର୍ଘଟଣାର ଶୀକାର ହୋଇ ଗୁରୁତର ଆହତ ହୋଇଥିଲେ।ସ୍ଥାନୀୟଲୋକେ ତ୍ରିନାଥକୁ ଗୁରୁତର ଅବସ୍ଥାରେ ଉଦ୍ଧାର କରି ସୁକିନ୍ଦା ଗୋଷ୍ଠି ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରିଥିଲେ। ସେଠାରେ ତାଙ୍କର ଚିକିତ୍ସା ଜାରୀ ରହିଛି।

ଜମିଜମା ବିବାଦରୁ ମରଣାନ୍ତକ ଆକ୍ରମଣ ମାମଲା

## ନ୍ୟାୟ ପାଇଁ ଏସ୍‌ପିଙ୍କୁ ଭେଟିଲେ ଦମ୍ପତି

ଦଶରଥପୁର,୩୧।୭ (ସମିସ): ମରଣାନ୍ତକ ଆକ୍ରମଣରେ ପୁଲିସ କାର୍ଯ୍ୟାନୁଷ୍ଠାନ ନେଉନି ବୋଲି ଅଭିଯୋଗ ହେଉଛି। ଅଭିଯୁକ୍ତ ଗାଁ ଦାଣ୍ଡରେ ବୁଲିବା ସହିତ ହତ୍ୟା ଧମକ ଦେଉଥିବା ନେଇ ପୀଡ଼ିତ ଦମ୍ପତି ନ୍ୟାୟ ପାଇଁ ଜିଲ୍ଲା ଏସ୍‌ପିଙ୍କୁ ଭେଟିଛନ୍ତି। ଏସପିଙ୍କୁ ଅଭିଯୋଗ କରି ସମସ୍ତ ଅଭିଯୁକ୍ତଙ୍କୁ ଗିରଫ କରିବାକୁ ଦଶରଥପୁର ଥାନାଧିକାରୀଙ୍କୁ ନିର୍ଦ୍ଦେଶ ଦେବାକୁ ଅନୁରୋଧ କରିଛନ୍ତି। ଉକ୍ତ ଥାନା ଗୋପାଳପୁର ପଞ୍ଚାୟତ ବିଭୁତିପୁର ଗ୍ରାମର ରାଜମିସ୍ତ୍ରୀ ସୁବାସ ଯେନା ଓ ସେହି ଗ୍ରାମର ମିର୍ଜା ଅମଜାତଙ୍କ ମଧ୍ୟରେ ଜମିଜମାକୁ ନେଇ ବିବାଦ ଥିଲା। ଗତ ୧୭ ତାରିଖରେ ସୁବାସ ନିଜ ଗାଁରେ ଜଣେ ବ୍ୟକ୍ତିଙ୍କ ଗୃହ କାର୍ଯ୍ୟ କରୁଥିବା ବେଳେ ମିର୍ଜା ଅମଜାତ ଓ ତାଙ୍କ ୩ ସମ୍ପର୍କୀୟ ମିର୍ଜା ମୋରାଦ, ମିର୍ଜା ସଜାଦ, ମିର୍ଜା ୱାରଜ ମିଳିମିଶି ସୁବାସଙ୍କୁ ଆକ୍ରମଣ କରିଥିଲେ। ଆହତ ଅବସ୍ଥାରେ ଜୀବନ ବଞ୍ଚାଇବାକୁ ସୁବାସ ଘରେ ପଶିଯିବାରୁ ଅଭିଯୁକ୍ତମାନେ ସେଠାରେ ପହଞ୍ଚିବା ଦେଖି ପତ୍ନୀ ସ୍ୱର୍ଣ୍ଣପ୍ରଭା ସେମାନଙ୍କୁ



ଅଟକାଇବାକୁ ଉଦ୍ୟମ କରିବାରୁ ତାଙ୍କୁ ମଧ୍ୟ ଅଭିଯୁକ୍ତ ଠେଙ୍ଗାରେ ଆକ୍ରମଣ କରି ଚମ୍ପଟ ମାରିଥିଲେ। ଗୁରୁତର ଭାବେ ଆହତ ଦମ୍ପତି ଜିଲ୍ଲା ମେଡିକାଲରେ ଚିକିତ୍ସିତ ହେଉଥିବା ବେଳେ ଏନେଇ ଦଶରଥପୁର ଥାନାରେ ଅଭିଯୋଗ କରିଥିଲେ। ପୁଲିସ ମାମଲା ରୁଜୁକରି କାର୍ଯ୍ୟାନୁଷ୍ଠାନ ନେବା ପରିବର୍ତ୍ତେ ଦିନ ଗଡ଼ାଇ ଚାଲୁଥିବା ଦେଖି ସୁବାସଙ୍କ ସମ୍ପର୍କୀୟ ଥାନା ସମ୍ମୁଖରେ ଧାରଣା ଦେବାକୁ ଚେତାବନୀ ଦେବା ପରେ ପୁଲିସ ଅଭିଯୁକ୍ତଙ୍କ ପରିବାର ଲୋକଙ୍କୁ ପଚରାଉଚରା କରିଥିଲା। ହେଲେ ଅଭିଯୁକ୍ତ ଗାଁ ଦାଣ୍ଡରେ ଖୋଲାଖୋଲି ସୁବାସ ଏବଂ ତାଙ୍କ ପତ୍ନୀ ସ୍ୱର୍ଣ୍ଣପ୍ରଭାଙ୍କୁ ଜୀବନରୁ ମାରିଦେବାକୁ ଧମକ ଦେଉଥିବା ନେଇ ଦମ୍ପତିଙ୍କ ପକ୍ଷରୁ ପାଣିକୋଇଲି ସ୍ଥିତ ଜିଲ୍ଲା ଏସପିଙ୍କ ନିକଟରେ ଲିଖିତ ଅଭିଯୋଗ ହୋଇଥିବା ଜଣାଯାଇଛି। ଅପରପକ୍ଷେ ଏସମ୍ପର୍କରେ ଦଶରଥପୁର ଥାନାଧିକାରୀ ଶରତ ଚନ୍ଦ୍ର ନାୟକଙ୍କୁ ପଚାରିବାରେ ଅଭିଯୋଗର ତଦନ୍ତ ଜିଲ୍ଲା ଉପଖଣ୍ଡ ଆରକ୍ଷୀ ଅଧିକ୍ଷକ ପ୍ରଶାନ୍ତ ମାଝୀଙ୍କ ଅଧୀନରେ ଜାରିରହିଛି ଏବଂ ଉଚିତ ପଦକ୍ଷେପ ନିଆଯିବ।

## ସିକନ୍ଦର ଓ ପତ୍ନୀଙ୍କ ବିରୋଧରେ ଗୁଣ୍ଡାଗର୍ଦ୍ଦି ଅଭିଯୋଗ

ଯାଜପୁର,୩୧।୭ (ସମିସ): ରାଜ୍ୟ ବିଜେପିର ସଂଖ୍ୟା ଲଘୁ ସଭାପତି ସିକନ୍ଦର ଅଲ୍ଲିଙ୍କ ପତ୍ନୀ ଧର୍ମଶାଳା ବିଧାୟକଙ୍କ ବିରୋଧରେ ଗତକାଲି ଏତଲା ଦେବା ପରେ ଆଜି ସିକନ୍ଦର ଏବଂ ତାଙ୍କ ପତ୍ନୀଙ୍କ ବିରୋଧରେ ଜେନାପୁର ଥାନାରେ ମାମଲା ରୁଜୁ ହୋଇଛି। ଜେନାପୁର ଥାନା ଅଧୀନ ଗଡମଧୁପୁର ଗଡ଼ ଅଞ୍ଚଳର କପିଳେନ୍ଦ୍ର ବେହେରା କରିଥିବା ଅଭିଯୋଗ ମୁତାବକ ଉଭୟ ସିକନ୍ଦର ଓ ତାଙ୍କ ପତ୍ନୀ ଗତକାଲି କଲଣ ବ୍ରିଜ୍ ନିକଟରେ ତାଙ୍କୁ ନାନା ଧମକଚମକ ଦେବା ସହିତ ପାଖରେ ଥିବା ସୁନାମୁଦି ଓ ଚେନ ଛଡାଇ ନେଇଥିଲେ। ଏଥିସହିତ ଧର୍ମଶାଳା ବିଧାୟକ ତାଙ୍କୁ ବ୍ୟବସାୟରେ ହଇରାଣ କରୁଥିବାରୁ ମାସିକ ୧୫ ଲକ୍ଷ ଟଙ୍କା କ୍ଷତିପୂରଣ ପାଇଁ ଧମକ ଦେଇଥିଲେ। ଟଙ୍କା ନ ଦେଲେ ବୋମା ପକାଯିବା ଧମକ ଦିଆଯାଇଛି ବୋଲି ଅଭିଯୋଗ ହେଉଛି। ଏଠାରେ ସୂଚନା ଯୋଗ୍ୟ ସିକନ୍ଦର ରାହାଡପୁର ଅଞ୍ଚଳରେ ଥିବା ଏକ କଳାପଥର ଖାଦାନକୁ ଲିଜ ସୂତ୍ରରେ ନେବା ପରେ ଧର୍ମଶାଳା ବିଧାୟକ ଏବଂ ସିକନ୍ଦରଙ୍କ ମଧ୍ୟରେ ବିବାଦର ସୂତ୍ରପାତ ହୋଇଛି। ଏହାକୁ ନେଇ ବିଜେପି ଦଳ ମଧ୍ୟରେ ଗୋଷ୍ଠୀ କନ୍ଦଳ ତିବ୍ର ହୋଇଥିବା ଚର୍ଚ୍ଚା ହେଉଛି।

## ଅନ୍ତ୍ୟୋଦୟ ଗୃହ ଯୋଜନାରୁ ୨ ହିତାଧିକାରୀ ବଞ୍ଚିତ

କୁଆଖିଆ,୩୧।୭ (ସମିସ): ଅନ୍ତ୍ୟୋଦୟ ଗୃହ ଯୋଜନାରେ ରସୁଲପୁର ବ୍ଲକ୍ ଗନ୍ଧଣ ପଞ୍ଚାୟତର ୨ ଜଣ ହିତାଧିକାରୀଙ୍କୁ ବାଦ୍ ଦିଆଯାଇଥିବା ଜଣାପଡ଼ିଛି। ସୂଚନାନୁଯାୟୀ, ରସୁଲପୁର ବିଡିଓ ସତ୍ୟାନନ୍ଦ ଦାଶ ଏହି ପଞ୍ଚାୟତରେ ଅନ୍ତ୍ୟୋଦୟ ଗୃହ ଯୋଜନାରେ ଯୋଗ୍ୟ ହିତାଧିକାରୀଙ୍କ ଏକ ତାଲିକା ସରପଞ୍ଚ ରୁଦ୍ରନାରାୟଣ ମହାନ୍ତିଙ୍କୁ ଦେବାପାଇଁ ନିର୍ଦ୍ଦେଶ ଦେଇଥିଲେ। ସରପଞ୍ଚ ଶ୍ରୀ ମହାନ୍ତି ଏକତଳା ଗ୍ରାମର ସ୍ୱର୍ଗତ୍ ଅନାମ ଦୁଆରୀଙ୍କ ଅବିବାହିତା ଝିଅ ବାସନ୍ତୀ ଦୁଆରୀ ଓ ବଣ୍ଟରା ଗ୍ରାମର ଗଣେଶ ମଳିକଙ୍କ ବିଧବା ସ୍ତ୍ରୀ ମମତା ମଳିକଙ୍କ ନାମକୁ ଯୋଗ୍ୟ ହିତାଧିକାରୀ ଭାବରେ ସାମିଲ ପାଇଁ ପଞ୍ଚାୟତ ସମ୍ପ୍ରସାରଣ ଅଧିକାରୀଙ୍କ ମାଧ୍ୟମରେ ସୁପାରିଶ କରିଥିଲେ। କିନ୍ତୁ, ବିଡିଓ ବିନା ତଦନ୍ତରେ ଉକ୍ତ ଦୁଇ ଯୋଗ୍ୟ ହିତାଧିକାରୀଙ୍କୁ ବାଦ୍ ଦେଇ ପଞ୍ଚାୟତର ବହୁ ଅଯୋଗ୍ୟ ହିତାଧିକାରୀଙ୍କୁ ଗୃହ ବଣ୍ଟନ ସକାଶେ ଚୟନ କରିଥିବା ସରପଞ୍ଚ ଶ୍ରୀ ମହାନ୍ତି ଡିଆରଡିଏ ପ୍ରୋଜେକ୍ଟ ଡାଇରେକ୍ଟରଙ୍କୁ ଅଭିଯୋଗ କରିଛନ୍ତି। ତେବେ ହିତାଧିକାରୀ ବାସନ୍ତୀ ଦୁଆରୀ ଓ ମମତା ମଳିକ ଗତ ୨୮ ତାରିଖରେ ଜିଲ୍ଲାପାଳଙ୍କ ଶୁଣାଣି ଶିବିରରେ ଅଭିଯୋଗ କରିଥିବା ଜଣାପଡିଥିବା ବେଳେ ସେମାନଙ୍କୁ ନ୍ୟାୟ ଦେବାପାଇଁ ସମିତି ସଭ୍ୟ ଅଜୟ କୁମାର ପଣ୍ଡା ଦାବି କରିଛନ୍ତି।

## ହୋଟେଲରେ ଯୁବକଙ୍କ ଉନ୍ମତକାଣ୍ଡ, ମାଲିକ ଆହତ

ଧର୍ମଶାଳା,୩୧।୭ (ସମିସ): ଧର୍ମଶାଳା ଥାନା ୧୬ ନମ୍ବର ଜାତୀୟ ରାଜପଥ ପାଶ୍ୱର୍ ରଥିଆ ନିକଟରେ ଥିବା ଆରବି ହୋଟେଲକୁ ଖାଇବାକୁ ଆସିଥିବା ଦୁଇ ଜଣ ଯୁବକ ହୋଟେଲ ମାଲିକକୁ ଗାଳିଗୁଲଜ ଓ ମାରପିଟ କରିବା ସହ ବ୍ୟାପକ ଭଙ୍ଗାରୁଜା କରିଛନ୍ତି। ସୂଚନା ମୁତାବକ ଆଜି ଅପରାହ୍ଣରେ ସୁନ୍ଦରିଆ ଗ୍ରାମର ଦୁଇଜଣ ଯୁବକ ଖାଇବା ଅର୍ଡର ଦେବା ସହ ଟେବୁଲରେ ବସି ମୋବାଇଲ ଯୋଗେ କାହାକୁ ଗାଳିଗୁଲଜ କରୁଥିଲେ। ଏଥିଯୋଗୁ ସେହି ସମୟରେ ହୋଟେଲରେ ଖାଉଥିବା ମହିଳା ଓ ଅନ୍ୟ ଗ୍ରାହକ ମାନେ ଅସନ୍ତୁଷ୍ଟ ହୋଇ ହୋଟେଲ ମାଲିକ ରଶ୍ମିରଞ୍ଜନ ରାୟଙ୍କୁ ଏହି ସମ୍ପର୍କରେ କହିଥିଲେ। ହୋଟେଲ ମାଲିକ ଶ୍ରୀ ରାୟ ଗାଳିଗୁଲଜ ନ କରିବାକୁ ଉକ୍ତ ଯୁବକ ଦ୍ୱୟଙ୍କୁ ଅନୁରୋଧ କରିଥିଲେ। ଏଥିରେ ଉତକ୍ଷିପ୍ତ ହୋଇ ଯୁବକଦ୍ୱୟ ହୋଟେଲ ମାଲିକକୁ ଗାଳିଗୁଲଜ କରିଥିଲେ। ଏହା ଦେଖି ହୋଟେଲ ମାଲିକ ଥାନାକୁ ଫୋନ କରିଥିଲେ। ପୁଲିସ ପହଞ୍ଚିବା ପୂର୍ବରୁ ଯୁବକଦ୍ୱୟ ତାଙ୍କ ସାଙ୍ଗମାନଙ୍କୁ ଡାକିଥିଲେ। ସେମାନଙ୍କର ୫ଜଣ ସାଙ୍ଗ ସେଠାରେ ପହଁଞ୍ଚି ଗାଳିଗୁଲଜ କରିବା ସହିତ ଟେକାପଥର ମାଡ କରିଥିଲେ। ଏହି ସମୟରେ ମାଲିକ ଶ୍ରୀ ରାୟଙ୍କ ମୁଣ୍ଡରେ ପଥର ବାଜିରୁ ସେ ଆହତ ହୋଇଥିଲେ। ପରେ ପୁଲିସ ସେଠାରେ ପହଂଚିବା ସମୟରେ ଦୁବୃତ୍ତମାନେ ସେଠାରୁ ଚମ୍ପଟ ମାରିଥିଲେ ଏନେଇ ହୋଟେଲ ମାଲିକ ଶ୍ରୀ ରାୟ ଥାନାରେ ଅଭିଯୋଗ କରିବା ପରେ ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଛି।

## ଚେକ୍‌ବାଉନ୍ସ ଅଭିଯୋଗରେ ସହକାରୀ ନିର୍ବାହୀ ଯନ୍ତ୍ରୀ କୋର୍ଟଚାଲାଣ

ଯାଜପୁର,୩୧।୭ (ସମିସ): ଜନୈକ ବ୍ୟକ୍ତିଙ୍କ ଠାରୁ ଚାକିରି କରାଇଦେବା ନାମରେ ୬ଲକ୍ଷ ଟଙ୍କାନେଇ ଫେରାଉ ନଥିବା ତତ୍କାଳୀନ କ୍ଷୁଦ୍ର ଜଳସେଚନ ଡିଭିଜନର ସହକାରୀ ନିର୍ବାହୀ ଯନ୍ତ୍ରୀଙ୍କୁ ଯାଜପୁର ପୁଲିସ ଏନ୍‌ବିଡବ୍ଲ୍ୟୁ ବଳରେ ଗିରଫ କରିଥିବା ଜଣାପଡ଼ିଛି। ପୌରାଞ୍ଚଳ ବେଲାରପୁର ଅଞ୍ଚଳର ଅରବିନ୍ଦ ଚୌଧୁରୀଙ୍କ ଠାରୁ ଚାକିରି କରାଇଦେବା ନାମରେ ୨୦୨୩ରେ ୬ଲକ୍ଷ ଟଙ୍କା ନେଇଥିଲେ। ୩ମାସରେ ଚାକିରି କରାଇଦେଲେ ଅବଶିଷ୍ଟ ୧ଲକ୍ଷ ଟଙ୍କା ନେବେ ବୋଲି ସହକାରୀ ନିର୍ବାହୀ ଯନ୍ତ୍ରୀ ସାଇପ୍ରତୀକ ଦାସ ପ୍ରତିଶ୍ରୁତି ଦେଇଥିଲେ। ମାତ୍ର ଚାକିରି ନ ହେବାରୁ ସେ ଯନ୍ତ୍ରୀଙ୍କୁ ୬ଲକ୍ଷ ଟଙ୍କା ଫେରାଇବାକୁ କହିଥିଲେ। ମାତ୍ର ୫୦ହଜାର ଟଙ୍କା କ୍ୟାସ ଫେରାଇ ୨୦୨୪ ଜୁନ ୧୯ ତାରିଖରେ କଟକ ବାଦାମବାଡ଼ି ଷ୍ଟେଟବ୍ୟାଙ୍କ ଶାଖାର ଏକାଉଣ୍ଟ ନଂରେ ୫ଲକ୍ଷ ୫୦ହଜାର ଟଙ୍କାର ଏକ ଚେକ୍ ପ୍ରଦାନ କରିଥିଲେ। ଏହି ଚେକ୍ ଅରବିନ୍ଦ ୨୦୨୪ ଜୁନ ୨୧ରେ ଯାଜପୁର ବିରଜା ଟେମ୍ପୁଲ ବ୍ରାଞ୍ଚର ଷ୍ଟେଟ୍‌ବ୍ୟାଙ୍କରେ ଲଗାଇବାରୁ ଚେକ୍‌ଟି ଅର୍ଥାଭାବରୁ ଫେରସ୍ତ କରାଯାଇଥିଲା। ପରେ ଅରବିନ୍ଦ ୨ଟି ଓକିଲ ନୋଟିସ ସହକାରୀ ନିର୍ବାହୀ ଯନ୍ତ୍ରୀଙ୍କୁ ପଠାଇଥିଲେ। ନୋଟିସ ପଠାଇବାର ମାସେ ପରେ ଅରବିନ୍ଦ ଯାଜପୁର ଏସଡିଜେଏମ୍ କୋର୍ଟରେ ପ୍ରତୀକ ଦାସଙ୍କ ନାମରେ ଏନଆଇ ଆକ୍ଟର ୧୩୮ ଧାରାରେ କେଶ ରୁଜୁ କରିଥିଲେ। କୋର୍ଟରୁ ବାରମ୍ବାର ସମନ ଯାଇଥିଲେ ମଧ ସହକାରୀ ନିର୍ବାହୀ ଯନ୍ତ୍ରୀ କୋର୍ଟରେ ହାଜର ହୋଇନଥିଲେ। ଫଳରେ ଗତ ୨୦୨୫ ମେ' ୫ତାରିଖରେ ତାଙ୍କ ବିରୁଦ୍ଧରେ ଜାମିନ ବିହୀନ ଗିରଫପରୱାନା ଜାରି କରାଯାଇଥିଲା। ତାଙ୍କୁ ଯାଜପୁର ଥାନା ଏସ୍‌ଆଇ ସଂଯୁକ୍ତା ବେହେରା ଗିରଫ କରି କୋର୍ଟ ଚାଲାଣ କରିଥିଲେ। ଏହି ଜାମିନ ଶୁଣାଣି କରି ଅଭିଯୁକ୍ତଙ୍କୁ ୨୦ହଜାର ଟଙ୍କା ଏବଂ ୧ଟି ଜାମିନଦାର ବଳରେ ତାଙ୍କୁ ଜାମିନ ପ୍ରଦାନ କରାଯାଇଛି। ଅରବିନ୍ଦ ଚୌଧୁରୀଙ୍କ ପକ୍ଷରୁ ବରିଷ୍ଠ ଆଇନଜୀବୀ ନିତାଇଚାନ୍ଦ ମହାନ୍ତି କେଶ ପରିଚାଳନା କରିଥିଲେ।

## ନାବାଳିକା ଅସଦାଚରଣ ମାମଲା; ୨ ଗିରଫ

କଯାଁଗୋଲା,୩୧।୭ (ସମିସ): ନାବାଳିକା ଅସଦାଚରଣ ମାମଲାରେ ୨ଜଣ ଅଭିଯୁକ୍ତକୁ ମଙ୍ଗଳପୁର ପୁଲିସ ଗିରଫ କରି ଅଦାଲତ ଚାଲାଣ କରିଛି। ଗିରଫଦାରୀ ଅଧିକାରୀ ତଥା ମଙ୍ଗଳପୁର ଥାନା ଆଇଆଇସି ଜଗଦୀଶ କରଙ୍କ ସୂଚନା ମୁତାବକ ଗତବର୍ଷ ମଙ୍ଗଳପୁର ଥାନା ଅଧୀନ ପରମାନନ୍ଦପୁର ଶାସନ, ମଙ୍ଗଳପୁରର ଲକ୍ଷ୍ମୀଧର ଜେନା (୫୦) ଓ ଯୋଗେନ୍ଦ୍ର ଜେନା (୨୧) ଜଣେ ନାବାଳିକାକୁ ଅସଦାଚରଣ କରିବା ନେଇ ଅଭିଯୋଗ ହୋଇଥିଲା। ମଙ୍ଗଳପୁର ଥାନାରେ ଏନେଇ ୩୨୭/୨୪ରେ ମୋକଦ୍ଦମା ରୁଜୁ ହୋଇଥିଲା। ଆଜି ଥାନାଧିକାରୀ ତଥା ମାମଲାର ତଦନ୍ତ ଅଧିକାରୀ ଜଗଦୀଶ କର ଉଭୟ ଅଭିଯୁକ୍ତଙ୍କୁ ଗିରଫ କରି ଅଦାଲତ ଚାଲାଣ କରିଛନ୍ତି।

ଦୁବକଣ ନୋଡାଲ ଉପ୍ରା ବିଦ୍ୟାଳୟ

## ବିଧାୟିକାଙ୍କୁ ଭେଟି ବିଦ୍ୟାଳୟର ସମସ୍ୟା ଜଣାଇଲେ କମିଟି

କଯାଁଗୋଲା,୩୧।୭ (ସମିସ):

ଦଶରଥପୁର ବ୍ଲକ କଯାଁ ପଞ୍ଚାୟତସ୍ତ ଦୁବକଣ ନୋଡାଲ ଉ.ପ୍ରା ବିଦ୍ୟାଳୟରେ ଶିଶୁବାଟିକା ଶ୍ରେଣୀରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ପ୍ରାୟ ୧୪୦ରୁ ଅଧିକ ଛାତ୍ରଛାତ୍ରୀ ଅଧ୍ୟୟନ କରୁଛନ୍ତି। ମାତ୍ର ଛାତ୍ରଛାତ୍ରୀଙ୍କ ଅଧ୍ୟୟନ ନିମନ୍ତେ ଶ୍ରେଣୀଗୃହର ଘୋର ଅଭାବ ରହିଥିବା ବେଳେ ୯ଟି ଶ୍ରେଣୀ ପାଇଁ ମାତ୍ର ୪ଟି ଶ୍ରେଣୀ ଗୃହ ରହିଥିବା ବେଳେ ସେଥିମଧ୍ୟରୁ ଗୋଟିଏ ଶ୍ରେଣୀ ଗୃହରେ ନିଜାମପୁର ପଞ୍ଚାୟତ ଆମ୍ବଖିଆ ୱାର୍ଡର ଅଙ୍ଗନବାଡି ସେଣ୍ଟର ଚାଲୁଛି। ଯାହାଫଳରେ ୯ଟି ଶ୍ରେଣୀ ପାଇଁ ମାତ୍ର ୩ଟି ଶ୍ରେଣୀ ଗୃହରେ ଛାତ୍ରଛାତ୍ରୀ ଅଧ୍ୟୟନ କରିବା ପାଇଁ ନାହିଁ ନଥିବା ଅସୁବିଧାରେ ସମ୍ମୁଖୀନ ହେଉଛନ୍ତି। ଏହି ପରିପ୍ରେକ୍ଷୀରେ



ଆଜି ଅପରାହ୍ଣରେ ଦୁବକଣ ନୋଡାଲ ଉ.ପ୍ରା ବିଦ୍ୟାଳୟର ପ୍ରଧାନଶିକ୍ଷକ କିସୁନ ଟୁଡୁ, ବିଦ୍ୟାଳୟ ପରିଚାଳନା କମିଟିର ସଭାପତି ଜୟପ୍ରକାଶ ନାୟକ, ବିଦ୍ୟାଳୟ ପରିଚାଳନା କମିଟିର ସଭ୍ୟ ପ୍ରଭାତ କୁମାର ନାୟକ, ସଭ୍ୟା ରଶ୍ମିତା ସାହୁ, ବର୍ଷାରାଣୀ ପାଣ୍ଡେ, ମିନତି ଯେନା, ମାନସୀ ଯେନା, ଅଭିଭାବିକା ମାମିନା ଯେନା, ଗ୍ରାମବାସୀ ସୁବ୍ରତ ଯେନା, ସୁବାସ ମଲ୍ଲିକ, ଲକ୍ଷ୍ମଣ ସେଠି, ବାପିନା ସାହୁ ପ୍ରମୁଖ ବିଂଝାରପୁର ବିଧାୟିକା ପ୍ରମିଳା ମଲ୍ଲିକଙ୍କୁ ତାଙ୍କ ମଙ୍ଗଳପୁର ସ୍ଥିତ ବାସଭବନରେ ଭେଟି ବିଦ୍ୟାଳୟରେ ଥିବା ଶ୍ରେଣୀ ଗୃହର ଅଭାବ ସମ୍ପର୍କରେ ଆଲୋଚନା କରିବା ସହ ବିଦ୍ୟାଳୟର ବିଭିନ୍ନ ସମସ୍ୟା ସମ୍ପର୍କରେ ଏକ ଲିଖିତ ଦାବିପତ୍ର ପ୍ରଦାନ କରିଥିଲେ। ବିଧାୟିକା ପ୍ରମିଳା ମଲ୍ଲିକ ବିଦ୍ୟାଳୟ ପରିଚାଳନା କମିଟି ପକ୍ଷରୁ ଦିଆଯାଇଥିବା ଦାବିପତ୍ରକୁ ଗୁରୁତ୍ୱଦେବା ସହ ବିଦ୍ୟାଳୟରେ ଥିବା ବିଭିନ୍ନ ସମସ୍ୟାର ସମାଧାନ କରାଯିବା ସହ ନୂତନ ଘର ନିର୍ମାଣ ନିମନ୍ତେ ଖୁବଶୀଘ୍ର ଅର୍ଥ ଯୋଗେଇ ଦିଆଯିବ ବୋଲି ବିଧାୟିକା ଶ୍ରୀମତୀ ମଲ୍ଲିକ କହିଥିଲେ।

## 'ଅପରେସନ ସିନ୍ଦୂରର' ସଫଳତା ଉତ୍ସବ

ବିଞ୍ଝାରପୁର,୩୧।୭ (ସମିସ): ବିଞ୍ଝାରପୁର ବ୍ଲକ୍ ଅଧୀନ ସୟଦପୁର ପଞ୍ଚାୟତର ସରକାରୀ ଜୁନିଅର ଓ ସିନିୟର ମଦ୍ରାସାରେ 'ଅପରେସନ ସିନ୍ଦୂରର' ସଫଳତା ଉତ୍ସବ ପାଳନ କରାଯାଇଛି। ଏହି ଉତ୍ସବ ଅବସରରେ ମଦ୍ରାସାର ଅଧକ୍ଷ ସେକ୍ ଅନୱାରୁଲ ହକ୍‌ଙ୍କ ନେତୃତ୍ୱରେ ଏକ ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ଅପରେସନ ସିନ୍ଦୂର କାର୍ଯ୍ୟକ୍ରମଟି ଜାତୀୟ ସଂଗୀତ ଗାନ ସହିତ ଆରମ୍ଭ ହୋଇଥିଲା। ପରେ ବକ୍ତୃତା, ଚିତ୍ରାଙ୍କନ ଓ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ସିନ୍ଦୂର ଯେପରି ଭାରତୀୟ ମହିଳାଙ୍କ ଗର୍ବ ଓ ଗୌରବର ପ୍ରତୀକ, ସେହିପରି ଭାରତୀୟ ସୈନିକମାନେ ଜାତିର ଗର୍ବ ଓ ଗୌରବ। ଏହି ପ୍ରତିଯୋଗିତାରେ ମାତୃଭୂମି ପ୍ରତି ସମର୍ପଣ, ସାହସ ଓ ଶକ୍ତିର ପ୍ରଦର୍ଶନ କରାଯାଇଥିଲା। ଏହି ଉତ୍ସବରେ ମଦ୍ରାସାର ଶିକ୍ଷକ, ଶିକ୍ଷୟତ୍ରୀ ଓ ସ୍ଥାନୀୟ ଜନସାଧାରଣ ଏବଂ ବୁଦ୍ଧିଜୀବି ମାନେ ଯୋଗ ଦେଇଥିଲେ।

## ମାଣ୍ଡୁକା ପାହାଡ଼ରୁ ୧ ଟ୍ରକ୍, ୩ ମେସିନ ଜବତ

ବାଲିଚନ୍ଦ୍ରପୁର,୩୧।୭ (ସମିସ): ଯାଜପୁର ଜିଲ୍ଲା ଦର୍ପଣ ତହସିଲ ଅଧୀନ ମାଣ୍ଡୁକା ମୋରମ ଖାଦାନର ସରକାରଙ୍କ ତରଫରୁ ଲିଜ ଦିଆଯାଇଥିବା ୧୩୪୯ ଖାତା ପ୍ଲଟ ନମ୍ବର ୩୬୧୧ ରକବା ଏ ୧୨. ୦୦ ପାହାଡ଼ରେ ଗୁରୁବାର ଖଣି ବିଭାଗ ପକ୍ଷରୁ ଚଢଉ କରାଯାଇଛି। ଜିଲ୍ଲା ଲଘୁ ଖଣିଜ ବିଭାଗ ଉପ ନିର୍ଦ୍ଦେଶକଙ୍କ ନିର୍ଦ୍ଦେଶ କ୍ରମେ ଏହି ଚଢଉ





କରାଯାଇଥିଲା। ମାଣ୍ଡୁକା ପାହାଡରେ ବେଆଇନ ଖନନ ନେଇ ଚଢଉ ବେଳେ (ଓ ଆର ୦୪ ଡି ୭୧୨୫) ନଂ ବିଶିଷ୍ଟ ଟ୍ରକ ମୋରମ ବୋଝେଇ ଥିବା ବେଳେ ଜବତ କରିଥିଲେ। ଏଥିସହ ୩ ଟି ପୋକଲିନ ମେସିନକୁ ଜବତ କରିଛନ୍ତି। ଏହି ଚଢଉରେ ଖଣି ବିଭାଗ କନିଷ୍ଠ ଅଧିକାରୀ ବିଶ୍ୱଜିତ ସ୍ୱାଇଁ, ଦୀପ୍ତିସୁନ୍ଦର ସେଠୀ, ସିଟେଶ କୁମାର ନାୟକ ପ୍ରମୁଖ ସାମିଲ ହୋଇଥିଲେ। ଗାଡିକୁ ଜବତ କରି ବାଲିଚନ୍ଦ୍ରପୁର ପୁଲିସ ଜିମା ଦେଇଛନ୍ତି। ସୂଚନା ଯୋଗ୍ୟ ଓଡିଶା ସରକାରଙ୍କ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ଅଧୀନସ୍ତ ଦର୍ପଣ ତହସିଲ ଦ୍ୱାରା ମୋରମ ଖାଦାନ ପାଇଁ ଦିଆଯାଇଥିବା ମାଣ୍ଡୁକା ମୌଜାର ଖାତା ନଁ ୧୩୪୯ ପ୍ଲଟ ନଁ ୩୬୧୧ରୁ ସରକାରୀ ନିୟମ ଅନୁଯାୟୀ ମୋରମ ନ ଖୋଳା ଯାଇ ଅନ୍ୟ ଏକ ପ୍ଲଟରୁ ଖୋଳା ଯାଉଥିବାର ଦେଖିବାକୁ ମିଳୁଛି। ଦୈନିକ କିପରି ଶହ ଶହ ୧୦ଚକିଆ ଟ୍ରକ ଲୋଡ୍ ଦିଆଯାଉଛି ସେ ବିଷୟରେ ତଦନ୍ତ କରାଗଲେ ଉପଯୁକ୍ତ ତଥ୍ୟ ମିଳିବ ବୋଲି ସାଧାରଣରେ ଚର୍ଚ୍ଚା ହେଉଛି।

କୃଷି ବିଜ୍ଞାନ କେନ୍ଦ୍ର, ମୟୂରଭଞ୍ଜ-୧
ICAR
ପିଏମ କିଶାନର ୨୦ତମ କିସ୍ତି ଆସନ୍ତା ୨ ଅଗଷ୍ଟ ୨୦୨୫ ରେ ମାନନୀୟ ଯଶସ୍ୱୀ ପ୍ରଧାନମନ୍ତ୍ରୀଙ୍କ ଦ୍ୱାରା ଆଭାସି ମାଧ୍ୟମରେ ପ୍ରଦାନ କରାଯିବ। ଏହାର ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମ କୃଷି ବିଜ୍ଞାନ କେନ୍ଦ୍ର ଏବଂ କୃଷି ଓ କୃଷକ ସଶକ୍ତିକରଣ ବିଭାଗର ମିଳିତ ଆନୁକୂଲ୍ୟରେ ଅନୁଷ୍ଠିତ ହେବ ଏବଂ ସିଧା ପ୍ରସାରଣ ର ସୁବିଧା କୃଷି ବିଜ୍ଞାନ କେନ୍ଦ୍ର ପରିସରରେ କରାଯାଇଅଛି।

ସକାଳ
THE SAKALA

# ସମ୍ପାଦକୀୟ



ଯାହା କହି ହୁଏ ନାହିଁ କି ନ କହି ରହି ହୁଏ ନାହିଁ, ତାହା ସଙ୍ଗୀତ ମାଧ୍ୟମରେ ପରିପ୍ରକାଶ କରାଯାଇପାରେ।

-ଭିକ୍ଟର ହ୍ୟୁଗୋ

## ଇନ୍ଧନ-କୂଟ

ଦ୍ୱିତୀୟ ବିଶ୍ୱଯୁଦ୍ଧ ପରବର୍ତ୍ତୀ ବିଶ୍ୱ ବାଣିଜ୍ୟ ଏବଂ ଭୂ-ରାଜନୀତିର କେନ୍ଦ୍ରରେ ଆଧିପତ୍ୟ ବିସ୍ତାର କରି ଚାଲିଛି ଜୀବାଶ୍ମ ଇନ୍ଧନ। ଏଥିପାଇଁ ଉପସାଗରୀୟ ଉତ୍ତେଜନା ଓ ଅସ୍ଥିରତା ଲାଗି ରହିଛି ଏବଂ ଏକାଧିକ ଗୋଳାବାରୁଦ ଯୁଦ୍ଧ ମଧ୍ୟ ସଂଘଟିତ ହୋଇଛି। ଏହି ପୃଷ୍ଠଭୂମିରେ ରୁଷ୍‌ରୁ ସର୍ବାଧିକ ତୈଳ ଆମଦାନୀକାରୀ ରାଷ୍ଟ୍ର ଭାରତ ଉପରେ ଟ୍ରମ୍ପଙ୍କ ଆକ୍ରୋଶରେ ପଛରେ ଅଧିକ କାରଣ ଖୋଜିବାର ଆବଶ୍ୟକତା ନାହିଁ। ଯଦି ବିଶ୍ୱରେ ନିକଟ ଭବିଷ୍ୟତରେ କୌଣସି ବଡ଼ ଧରଣର ଯୁଦ୍ଧ ସଂଘଟିତ ହୁଏ ତେବେ ଜୀବାଶ୍ମ ଇନ୍ଧନ ପ୍ରମୁଖ କାରକ ହେବ ଏବଂ ଏଥିରେ ଆମେରିକାର ହିଁ ବଡ଼ ଭୂମିକା ରହିବ, ଏହାକୁ ଅସ୍ୱୀକାର କରିହେବ ନାହିଁ। ବିଗତ ଶତାବ୍ଦୀର ନବେଦଶକରୁ ଆରମ୍ଭ ହୋଇଥିବା ଆମେରିକାର ଇନ୍ଧନ-କୂଟ ଇରାକ୍ ଉପରେ ଗୁଳିଗୋଳା ଓ କ୍ଷେପଣାସ୍ତ୍ର ଆକ୍ରମଣର ରୂପ ନେଇଥିବା ବେଳେ ଚଳିତ ଶତାବ୍ଦୀରେ ଟାରିଫ୍-ଯୁଦ୍ଧରେ ପରିବର୍ତ୍ତିତ ହୋଇଛି। ଡୋନାଲ୍ଡ ଟ୍ରମ୍ପ ଆମେରିକାର ରାଷ୍ଟ୍ରପତି ରୂପେ ଦ୍ୱିତୀୟ ଥର କ୍ଷମତାସୀନ ହେବା ପରେ ଆମେରିକାର ଇନ୍ଧନ-କୂଟ ଆହୁରି ଆକ୍ରମଣାତ୍ମକ ଓ ନିର୍ଣ୍ଣାୟକ ହେଉଥିବା ଦେଖାଯାଉଛି।

ସୋଭିଏତ୍ ସଂଘର ପତନ ପରେ ଆମେରିକା ବିଶ୍ୱର ସର୍ବଶକ୍ତିମାନ ଅପ୍ରତିଦ୍ୱନ୍ଦ୍ୱୀ ରାଷ୍ଟ୍ର ହେବାର ସ୍ୱପ୍ନ ଦେଖିଥିଲା। କିନ୍ତୁ ଭ୍ଲାଦିମାର ପୁଟିନ୍‌ଙ୍କ ନେତୃତ୍ୱରେ ରୁଷ୍ ପୁଣି ନିଜକୁ ବିଶ୍ୱ ମହାଶକ୍ତି ରୂପେ ପ୍ରତିଷ୍ଠିତ କରିବା ସହିତ ଆମେରିକାର ସ୍ୱପ୍ନ ଅଧୁରା ରହିଗଲା। କୂଟନୈତିକ ପରାଜୟ ପରେ ଆମେରିକା ଏବେ ଅର୍ଥନୈତିକ କଟକଣା କୌଶଳ ରୁଷ୍ ବିରୋଧରେ ପ୍ରୟୋଗ କରି ଭୂରାଜନୀତିକୁ ପ୍ରଭାବିତ କରିବାକୁ ଚାହୁଁଛି। ଆମେରିକାର ଏହି ପରିବର୍ତ୍ତିତ ରୁଷ୍ ବିରୋଧୀ ରଣକୌଶଳରେ ୟୁକ୍ରେନ୍ ଅଜାଣତରେ ମୋହରା ହୋଇସାରିଛି। କିନ୍ତୁ ରୁଷ୍‌ର ଅର୍ଥନୀତି ଉପରେ ଏହାର ବିଶେଷ ପ୍ରଭାବ ପଡ଼ି ନଥିବା ଅନୁମାନ କରିବା ପରେ ଆମେରିକା ଇନ୍ଧନ-କୂଟ ପାଞ୍ଚିଛି ଏବଂ ରୁଷ୍‌ରୁ ଇନ୍ଧନ ନ କିଣିବା ପାଇଁ ଭାରତ, ଚୀନ୍, ୟୁରୋପ ସମେତ ଅନ୍ୟାନ୍ୟ ରାଷ୍ଟ୍ରଙ୍କୁ ଉଚ୍ଚା ଟାରିଫ୍ ଚେତାବନୀ ଦେଇଛି।

ରୁଷ-ୟୁକ୍ରେନ୍ ଯୁଦ୍ଧ ପୂର୍ବରୁ ରୁଷରୁ ଭାରତର ତୈଳ ଆମଦାନୀ ସେତେ ଅଧିକ ନଥିଲା। ରୁଷ ଉପରେ ଆମେରିକା ଓ ୟୁରୋପୀୟ ରାଷ୍ଟ୍ରସଂଘର କଟକଣା ପରେ ରୁଷ୍ ତୈଳ ରପ୍ତାନୀରେ ଯେଉଁ ରିହାତି ଘୋଷଣା କଲା ତାହାର ସବୁଠାରୁ ବଡ଼ ହିତାଧିକାରୀ ହେଲା ଚିରବନ୍ଧୁ ରାଷ୍ଟ୍ର ଭାରତ। ଏବେ ରୁଷ୍‌ର ମୋଟ ଇନ୍ଧନ ରପ୍ତାନୀର ସର୍ବାଧିକ ଅଂଶ ଭାରତକୁ ଯାଉଥିବା ବେଳେ ଭାରତର ମୋଟ ଇନ୍ଧନ ଚାହିଦାର ୪୦% ରୁଷରୁ ଆସୁଛି। ସେହିପରି ରୁଷ୍ ପ୍ରାକୃତିକ ବାଷ୍ପର ସବୁଠାରୁ ବଡ଼ ବଜାର କିଛିମାସ ପୂର୍ବରୁ ଥିଲା ୟୁରୋପୀୟ ରାଷ୍ଟ୍ର ସଂଘ। କିନ୍ତୁ ଟ୍ରମ୍ପ ଦ୍ୱିତୀୟ ବାର କ୍ଷମତାକୁ ଆସିବାର ପ୍ରଥମ ଦିନ ହିଁ ଆମେରିକାରେ ଜୀବାଶ୍ମ ତୈଳ ଓ ପ୍ରାକୃତିକ ବାଷ୍ପ ଉତ୍ତୋଳନରେ ଥିବା କଟକଣାକୁ ହଟାଇଦେଲେ। ପ୍ୟାରିସ୍ ରାଜିନାମାରୁ ଓହରି ଆସିଥିବାରୁ ଆମେରିକା ପାଇଁ ଏ କ୍ଷେତ୍ରରେ ଆଉ କୌଣସି ଅଙ୍କୁଶ ରହିଲା ନାହିଁ। ଏହାପଛରେ ଟ୍ରମ୍ପଙ୍କ ଏକମାତ୍ର ଉଦ୍ଦେଶ୍ୟ ଥିଲା ରୁଷ୍‌ର ବିଶ୍ୱ ତୈଳ ବଜାର ଅଂଶକୁ ଦଖଲ କରି ତା'ର ଅର୍ଥନୀତିକୁ ଦୁର୍ବଳ କରିବା।

ପ୍ରାଥମିକ ପର୍ଯ୍ୟାୟରେ ୟୁକ୍ରେନ୍ ଦେଇ ୟୁରୋପକୁ ଯାଇଥିବା ରୁଷ୍‌ର ପ୍ରାକୃତିକ ବାଷ୍ପ ଯୋଗାଣ ପାଇପ୍‌ଲାଇନ୍‌କୁ ବନ୍ଦ କରିବା ପାଇଁ ୟୁକ୍ରେନ୍ ଉପରେ ଟ୍ରମ୍ପ ଚାପ ସୃଷ୍ଟି କରି ସଫଳ ହେବା ପରେ ରୁଷ୍‌ରୁ ତୈଳ ଆମଦାନୀ କରୁଥିବା ୟୁରୋପୀୟ ରାଷ୍ଟ୍ରମାନଙ୍କୁ ଟାରିଫ୍ ଧମକ ଦେଲେ। ଇତିମଧ୍ୟରେ ୟୁରୋପୀୟ ରାଷ୍ଟ୍ରସଂଘକୁ ରୁଷ୍‌ର ପ୍ରାକୃତିକ ବାଷ୍ପ ରପ୍ତାନୀରେ ୮୦% ହ୍ରାସ ଘଟିଥିବା ବେଳେ ବ୍ରିଟେନ୍ ସମେତ ୟୁରୋପୀୟ ରାଷ୍ଟ୍ରସଂଘର ଇନ୍ଧନ ବଜାର ସିଧାସଳଖ ଆମେରିକା ହାତକୁ ଚାଲିଯାଇଛି। ଆମେରିକା ଚାପରେ ଆଉ କେତେକ ଅଣ-ୟୁରୋପୀୟ ରାଷ୍ଟ୍ର ମଧ୍ୟ ରୁଷ୍‌ରୁ ତୈଳ ଆମଦାନୀ କାଣ୍ଟଛାଣ୍ଟ କରିଛନ୍ତି। କିନ୍ତୁ କଟକଣା ଚେତାବନୀ ଚୀନ୍ ଓ ଭାରତ ଉପରେ କୌଣସି ପ୍ରଭାବ ପକାଇ ପାରୁ ନଥିବା ଉପଲବ୍ଧି କରିବା ପରେ ଟ୍ରମ୍ପ ଏହି ଦୁଇ ରାଷ୍ଟ୍ର ବିରୋଧରେ ୨୦୦ ପ୍ରତିଶତ ପର୍ଯ୍ୟନ୍ତ ଟାରିଫ୍ ଲାଗୁ କରିବାକୁ ଘୋଷଣା ମଧ୍ୟ କରିଥିଲେ। ପରିବର୍ତ୍ତିତ ପରିସ୍ଥିତିରେ ଟ୍ରମ୍ପ ଚୀନ୍ ସହିତ ସାଲିସ୍ କରିଥିବା ବେଳେ ଭାରତ ବିରୋଧରେ ମାତ୍ରାଧିକ ପ୍ରତିଶୋଧ ପରାୟଣ ହୋଇପଡ଼ିଛନ୍ତି।

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଆମେରିକା ଗସ୍ତ ବେଳେ 'ମେକ୍ ଆମେରିକା ଗ୍ରେଟ୍ ଏଗେନ୍(ମାଗା)' ନୀତି ଆଳରେ ରୁଷ୍ ବଦଳରେ ଆମେରିକାରୁ ପ୍ରତିରକ୍ଷା ଉପକରଣ ଓ ଇନ୍ଧନ କିଣିବା ପାଇଁ ଟ୍ରମ୍ପ ଭାରତ ଉପରେ ଏକପ୍ରକାର ଚାପ ସୃଷ୍ଟି କରିଥିଲେ। କିନ୍ତୁ ଏଥିରେ ଭାରତ ବିଶେଷ ପ୍ରଭାବିତ ହୋଇନଥିବା ଏବଂ ରୁଷ୍‌ରୁ ଭାରତର ତୈଳ ଆମଦାନୀ ହ୍ରାସ ପାଇନଥିବା ଲକ୍ଷ୍ୟ କରିବା ପରେ ଟ୍ରମ୍ପ ମାତ୍ରାଧିକ ପ୍ରତିକ୍ରିୟାଶୀଳ ହୋଇ ନିର୍ଦ୍ଧାରିତ ରାଜିନାମା ତାରିଖ ପୂର୍ବରୁ ହିଁ ଏକତରଫା ଭାବେ ବର୍ଦ୍ଧିତ ଶୁଳ୍କ ଲାଗୁ କରିବା ସହିତ ଅତିରିକ୍ତ ଜୋରିମାନା କଷିବାକୁ ଘୋଷଣା କରିଛନ୍ତି। ଟ୍ରମ୍ପଙ୍କ ଇନ୍ଧନ-କୂଟରେ ଏବେ ଭାରତର ଚିରଶତ୍ରୁ ପାକିସ୍ତାନ ଆଉ ଏକ ମୋହରା ହୋଇଛି। ଏକପକ୍ଷରେ ଭାରତରୁ ଆମଦାନୀ ସାମଗ୍ରୀ ଉପରେ ଟ୍ରମ୍ପ ୨୫% ଆମଦାନୀ ଶୁଳ୍କ ଲାଗୁ କରିଥିବା ବେଳେ ପାକିସ୍ତାନର ତୈଳ ଉତ୍ତୋଳନ, ଭଣ୍ଡାରଣ ଓ ରପ୍ତାନୀ ପାଇଁ ଅକୁଣ୍ଠ ଆର୍ଥିକ ସହାୟତା ଘୋଷଣା କରିଛନ୍ତି। ଏପରିକି ପାକିସ୍ତାନକୁ ତୈଳ ରପ୍ତାନୀକାରୀ ରାଷ୍ଟ୍ର ଭଳି ସ୍ତରକୁ ଉନ୍ନୀତ କରିବା ପାଇଁ ଟ୍ରମ୍ପ ଏକ ଅବାନ୍ତର ଘୋଷଣା ମଧ୍ୟ କରିବାକୁ ପଛାଇ ନାହାନ୍ତି।

ରୁଷ୍‌ରୁ ପ୍ରାକୃତିକ ବାଷ୍ପ ଆମଦାନୀ ବନ୍ଦ ହେବା ପରେ ରୁଷ୍‌ର ବାଣିଜ୍ୟ ଅର୍ଥନୀତି ସ୍ୱାଭାବିକ ଭାବେ ପ୍ରଭାବିତ ହୋଇଛି। ତା'ସହିତ ନରୱେ ଓ ଆମେରିକା କମ୍ପାନୀଙ୍କ ଏକଚାଟିଆ କାରବାରର ସିଧାସଳଖ ପ୍ରଭାବ ୟୁରୋପୀୟ ଅର୍ଥନୀତି ଉପରେ ପଡ଼ିଛି। ଗତ ୨୯ ତାରିଖରେ ପ୍ରକାଶିତ 'ୱାର୍ଲ୍ଡ ଇକୋନୋମିକ୍ ଆଉଟ୍‌ଲୁକ୍' ରିପୋର୍ଟରେ ଆଇଏମ୍‌ଏଫ୍ ଦର୍ଶାଇଛି ଯେ ଟ୍ରମ୍ପଙ୍କ ଟାରିଫ୍ ଆଭିମୁଖ୍ୟ ଯୋଗୁଁ ୟୁରୋପୀୟ ସଂଘର ଅଭିବୃଦ୍ଧି ହାର ଗୁରୁତର ପ୍ରଭାବିତ ହେବ। ଆମେରିକାର ଏକଚାଟିଆ କାରବାରରେ ପ୍ରାକୃତିକ ବାଷ୍ପ ମୂଲ୍ୟ ମହଙ୍ଗା ହେଲେ ତାହାର ପରୋକ୍ଷ ଓ ପ୍ରତିକୂଳ ପ୍ରଭାବ କୃଷି କ୍ଷେତ୍ର ଉପରେ ମଧ୍ୟ ପଡ଼ିବ। ୟୁରିଆ ଉତ୍ପାଦନରେ ପ୍ରାକୃତିକ ବାଷ୍ପର ଏକ ପ୍ରମୁଖ ଅବଦାନ ଥିବାରୁ ସାର ଦର ବଢ଼ିବ ଏବଂ କୃଷି ଉତ୍ପାଦ ଆହୁରି ମହଙ୍ଗା ହେବ। ଏହାର ପ୍ରତ୍ୟକ୍ଷ ପ୍ରଭାବ ଭାରତ ପରି କୃଷିପ୍ରଧାନ ଦେଶର କୃଷିବଜାର ଉପରେ ପଡ଼ିବ ଏବଂ ଖାଦ୍ୟ ଶସ୍ୟ ଉତ୍ପାଦନ ଓ ବଜାର ଆହୁରି ମହଙ୍ଗା ହେବ।

ଅପରପକ୍ଷରେ ଟ୍ରମ୍ପଙ୍କ ଇନ୍ଧନ-କୂଟରେ ସବୁଠାରୁ ଉପକୃତ ହେବ ଆମେରିକା ଅର୍ଥନୀତି। ୨୦୧୬ ପର୍ଯ୍ୟନ୍ତ ପ୍ରାକୃତିକ ବାଷ୍ପ ପାଇଁ ଆମଦାନୀ ଉପରେ ନିର୍ଭରଶୀଳ ଥିବା ଏହି ରାଷ୍ଟ୍ର ସେଲ୍‌ଫ ଫୁଏଲ୍ ଉତ୍ତୋଳନରେ ସଫଳ ହେବା ପରେ ଏବେ ବିଶ୍ୱର ସର୍ବାଧିକ ପ୍ରାକୃତିକ ବାଷ୍ପ ରପ୍ତାନିକାରୀ ରାଷ୍ଟ୍ର ଭାବେ ଉଭା ହୋଇଛି। ଦେବାଳିଆ ହୋଇଯାଇଥିବା ଆମେରିକାର ତୈଳ ଓ ଗ୍ୟାସ୍ କମ୍ପାନୀମାନଙ୍କ ପାଇଁ ଟ୍ରମ୍ପଙ୍କ ଇନ୍ଧନ-କୂଟ ଏକପ୍ରକାର ବରଦାନ ସାବ୍ୟସ୍ତ ହୋଇଛି। ବିଶ୍ୱ ଇନ୍ଧନ ବଜାରରୁ ରୁଷ୍‌କୁ ଦୀର୍ଘସମୟ ପର୍ଯ୍ୟନ୍ତ ହଟାଇ ଆମେରିକା ଏକଚାଟିଆ ଅଧିକାର ସହିତ ୟୁରୋପକୁ ବଶମ୍ବଦ କରି ରଖିବାର ଯୋଜନା ମଧ୍ୟ ଟ୍ରମ୍ପ କରିଛନ୍ତି। ସର୍ବୋପରି ଇନ୍ଧନ-କୂଟ ଜରିଆରେ ଟ୍ରମ୍ପ ବିଶ୍ୱ ଭୂରାଜନୀତି ଏବଂ କୃଷି-ବାଣିଜ୍ୟ-ଅର୍ଥନୀତିକୁ କରାୟତ୍ତ କରି 'ମାଗା'କୁ ସଫଳ କରିବାର ସୁଚିନ୍ତିତ ରଣନୀତି ପ୍ରସ୍ତୁତ କରିଛନ୍ତି।

## ବୃକ୍ଷ, ବିପ୍ଳବ ଓ ଜୀବନ

ଅନନ୍ତ ସାହୁ

ପ୍ରତିବର୍ଷ ଜୁନ ୫ ତାରିଖରେ ପାଳନ ହେଉଛି ବିଶ୍ୱ ପରିବେଶ ଦିବସ। ଏହିଦିନରେ ଅନେକ ଆତ୍ମଘୋଷିତ ବୃକ୍ଷପ୍ରେମୀ, ସ୍ୱେଚ୍ଛାସେବୀ, ସମାଜସେବୀ, ରାଜନେତା ଓ ପରିବେଶବିତ୍‌ମାନଙ୍କର ଆର୍ବିଭାବ ହୁଏ। ପୂର୍ବପ୍ରସ୍ତୁତି ଅନୁସାରେ କିଛି ସ୍ଥାନ ଚିହ୍ନଟ କରି ଗଛ ଲଗାଯିବା ସହ ଚାଲେ ଫଟୋଉଠା ପ୍ରତିଯୋଗିତା। ସେଗୁଡ଼ିକୁ ବିଭିନ୍ନ ଗଣମାଧ୍ୟମରେ ପ୍ରଚାର ପ୍ରସାର କରାଯାଏ। ଏହା ସହ ଶେଷ ହୁଏ ପରିବେଶ ଦିବସ। ପରେ ସେ ସ୍ଥାନରେ ଲାଗିଥିବା ଗଛ ମଲା କି ବଞ୍ଚିଲା ତା'କୁ ଦେଖିବାକୁ ଆଖି ଯାଏନି। ପରିବେଶ ଦିବସ କହିଲେ ଏହା ବୁଝାଯାଏ କି? ଦେଖିଲେ ଲାଗେ ଏହା ଏକ ପ୍ରହସନ! ଗଛ ଲଗାଯାଏ, ପରେ ତା'କୁ ବଳି ପକାଯାଏ। ଗୋଟିଏ ଦିନ ପରିବେଶ ଦିବସ ନାମରେ ପରିବେଶ କଥା ଚିନ୍ତାକରି ସବୁଦିନ ତା'ର ବସ୍ତ୍ରହରଣ କରାଯାଉଛି।

ପ୍ରକୃତି ଓ ପରିବେଶ ମଣିଷକୁ ଜନ୍ମଠାରୁ ମୃତ୍ୟୁ ପର୍ଯ୍ୟନ୍ତ ସବୁକିଛି ଯୋଗାଇଛି। ଜୀବନ ଜିଇଁବାର ରାହା ଦେଖାଇଛି। କିନ୍ତୁ ତା'କୁ ଛଳ ଓ କପଟତା ସହ ଧ୍ୱଂସ କରିବାରେ ସମାଜ ମାତିଛି। ଗଛ ପ୍ରତିମୁହୂର୍ତ୍ତରେ ମଣିଷକୁ ଅମୃତ ସ୍ୱରୂପ ଅମ୍ଳଜାନ ଯୋଗାଇଥାଏ ଏବଂ ବିଷ ରୂପକ ଅଙ୍ଗାରକାମ୍ଳ ଶୋଷିନିଏ। ଏହାର ପ୍ରତିବଦଳରେ ବୃକ୍ଷ ପାଉଛି କ'ଣ?

କୁହାଯାଏ ଗୋଟିଏ ଗୋଟିଏ ବିନ୍ଦୁ ମିଶି ସିନ୍ଧୁରେ ପରିଣତ ହୁଏ। ଯାହାକୁ ପ୍ରମାଣିତ କରିଛି ୧୨ ବର୍ଷ ବୟସର ଜଣେ କୁନି ଝିଅ। ରାଜସ୍ଥାନର ଏକ ଛୋଟ ଗାଁ ରାମଗଡ଼। ଯେଉଁଠି ତାପମାତ୍ରା ସାଧାରଣତଃ ୪୫ ଡିଗ୍ରୀ ଉପରେ ଥାଏ। ପ୍ରଥମେ ଦେଖିଲେ, ଏହା ସାଧରଣତଃ ମରୁଭୁମି ଭଳି ଲାଗିପାରେ। ଯେଉଁଠି ଦୂର ଦୂର ପର୍ଯ୍ୟନ୍ତ ଖାଲି ମାଟିଘର ଏବଂ ଏକର ଏକର ଶୁଖିଲା ଜମି। ଯେତେବେଳେ କୁନିଝିଅଟି ଜାଣିଲା ଯେ ସେ ପଢୁଥିବା ବିଦ୍ୟାଳୟ ପାଖରେ ଥିବା ନିମ ଓ ପିପ୍ପଳ ଗଛ ଧୀରେ ଧୀରେ ଶୁଖିଯାଉଛି, ସେ ଅଞ୍ଚଳର ମାଟି ଫାଟି ଯାଉଛି ଏବଂ ଗଛରେ ବସାବାନ୍ଧିଥିବା ପକ୍ଷୀ ସବୁ ଦୂର ସ୍ଥାନକୁ ଉଡ଼ିବାକୁ ଅରମ୍ଭ କଲେଣି, ସେ ଓ ତା'ର ସହପାଠୀ କିଛି କରିବା ପାଇଁ ଚିନ୍ତାକଲେ। ସେମାନେ ତାଙ୍କର ବିଜ୍ଞାନ ଶିକ୍ଷକଙ୍କ ସହଯୋଗରେ ଏକ 'ଗ୍ରୀନ କ୍ଲବ' ଗଠନ କରି ପ୍ରତିଦିନ ବିଦ୍ୟାଳୟ ପାଠପଢ଼ା ସରିବା ପରେ ଚାରାରୋପଣ କରୁଥିଲେ। ସେମାନେ ବର୍ଷାଜଳ ସଂଗ୍ରହ କରିବା ସହ ଘରର ବଳକା ପଦାର୍ଥରେ ଖତ ପ୍ରସ୍ତୁତ କରି ଚାରାମୂଳରେ ଦେଉଥିଲେ। ପିଲାଙ୍କ ଏ ଭଳି ପ୍ରୟାସ ଦେଖି ଗ୍ରାମର ବୟସ୍କ ଲୋକମାନେ ମଧ୍ୟ ଏଥିରେ ଅଂଶଗ୍ରହଣ କରିବାକୁ ଲାଗିଲେ। ଜାଳେଣି କାଠ ବ୍ୟବହାର କରୁଥିବା ଗ୍ରାମବାସୀ ପ୍ରତିଜ୍ଞା କରିଛନ୍ତି ଅତ୍ୟାବଶ୍ୟକ ଭାବେ ଗଛ କାଟିବେ ନାହିଁ। ଏହାର ଫଳସ୍ୱରୂପ ସେ ଅଞ୍ଚଳ ଆଜି ମରୁଭୂମିରୁ ଏକ ସବୁଜ ଜଙ୍ଗଲରେ ପରିବର୍ତ୍ତନ ହୋଇଛି। ସେଠାରେ ପଶୁପକ୍ଷୀ ସ୍ୱଚ୍ଛନ୍ଦରେ ରହୁଛନ୍ତି। ଏହାଠାରୁ ବଡ଼ ଉପଲବ୍ଧି ଆଉ କ'ଣ ହୋଇପାରେ!

ବିଡ଼ମ୍ବନା ଆଜିର ସମାଜ ବୃକ୍ଷକୁ ବିଭିନ୍ନ ଆଳ ଦେଖାଇ କାଟି କୁଟି ନଷ୍ଟ କରିବାରେ ମାତିଛି। ସମ୍ପ୍ରତି ଯେଉଁମାତ୍ରାରେ ବୃକ୍ଷ ଓ ଜଙ୍ଗଲ କଟାଯାଉଛି, ସେହି ଅନୁପାତରେ ଚାରାରୋପଣ ହେଉନାହିଁ। ବୃକ୍ଷ ସ୍ଥାନାନ୍ତରଣ ପାଇଁ ବିକଳ୍ପ ଥାଇ ମଧ୍ୟ କୋଠବାଡ଼ି ଓ ରାସ୍ତା ନିର୍ମାଣ ସମୟରେ ଗଛକୁ ହସି ହସି କାଟିଦିଆଯାଏ। ଅନ୍ୟପକ୍ଷେ ଖଣିଜ ସମ୍ପଦ ଉତ୍ତୋଳନ ପାଇଁ ମନଇଚ୍ଛା ଗଛ କଟାଯାଏ। ବହୁ ସମୟରେ ଶିଳ୍ପ ଓ କଳକାରଖାନା ନିର୍ମାଣ ସହ ବିକାଶର ଗୋଲାପୀ ଚିତ୍ର ଦେଖାଇ ଅନେକ ଜଙ୍ଗଲ ନଷ୍ଟ କରାଯାଏ। ଏହାସହ ଜଙ୍ଗଲ ଉପରେ ନିର୍ଭର କରୁଥିବା ଅନେକ ଆଦିବାସୀ ଓ ସ୍ଥାନୀୟ ଲୋକଙ୍କୁ ବାସହରା କରିଦିଆଯାଉଛି। ଜୀବଜନ୍ତୁମାନଙ୍କୁ ଶିକାର କରିବା ପାଇଁ ମନୁଷ୍ୟକୃତ ନିଆଁ ଏବଂ ଗ୍ରୀଷ୍ମପ୍ରବାହ କାରଣରୁ ହେକ୍ଟର ହେକ୍ଟର ଜଙ୍ଗଲ ପୋଡ଼ିଜଳି ପାଉଁଶ ହୋଇଯାଏ। ସେହିଭଳି ବନ୍ୟା ଓ ବାତ୍ୟାରେ ମଧ୍ୟ ଅନେକ ବୃକ୍ଷ ଓ ଜଙ୍ଗଲ ନଷ୍ଟ ହୋଇଯାଏ।

ସାମ୍ପ୍ରତିକ ଅତ୍ୟଧିକ ଜଙ୍ଗଲ କ୍ଷୟ ଯୋଗୁଁ ବିଶ୍ୱ ପ୍ରତି ମିନିଟ୍‌ରେ ୩୦ଟି ଫୁଟବଲ ପଡ଼ିଆ ଆୟତନ ସଦୃଶ୍ୟ ଜଙ୍ଗଲ ହରାଇ ବସୁଛି। ଏହିଧାରା ଯଦି ଜାରି ରହିବ ତେବେ ଆଗାମୀ ୮୦ ବର୍ଷ ପରେ ଆମ ସବୁଜଗ୍ରହ ଜଙ୍ଗଲଶୂନ୍ୟ ହୋଇଯିବ। କିଛିଦିନ ତଳେ ପ୍ରକାଶିତ 'ଗ୍ଲୋବାଲ ଫରେଷ୍ଟ ୱାଚ୍ ସର୍ଭେ'ର ରିପୋର୍ଟ ଅନୁଯାୟୀ ୨୦୨୪ ମସିହାରେ ଭାରତ ୧୮ ହଜାର ୨୦୦ ହେକ୍ଟର ପ୍ରାକୃତିକ ଜଙ୍ଗଲ ହରାଇଛି ଏବଂ ୨୦୨୩ ମସିହାରେ ୧୭ ହଜାର ୭୦୦ ହେକ୍ଟର ଜଙ୍ଗଲ ହରାଇଥିଲା। ସେହିପରି ୨୦୦୧ରୁ ଅଦ୍ୟାବଧି ଦେଶରେ ୨.୩୧ ନିୟୁତ ହେକ୍ଟର ଜଙ୍ଗଲ ନଷ୍ଟ ହୋଇଛି। ଏହା ମଧ୍ୟରେ ୨୦୦୨ ରୁ ୨୦୨୪ ମଧ୍ୟରେ ଦେଶରେ ୩ ଲକ୍ଷ ୪୮ ହଜାର ହେକ୍ଟରର ଆର୍ଦ୍ର ପ୍ରାକୃତିକ ଜଙ୍ଗଲ ନଷ୍ଟ ହୋଇଛି। ସରକାରଙ୍କ ତଥ୍ୟ ଅନୁଯାୟୀ ବିଗତ ୧୦ ବର୍ଷ ମଧ୍ୟରେ ରାଜ୍ୟରେ ସଡ଼କ ନିର୍ମାଣ ଏବଂ ସମ୍ପ୍ରସାରଣ ପାଇଁ ୧ କୋଟି ୮୫ ଲକ୍ଷ ଗଛ କଟାଯାଇଥିବା ଦର୍ଶାଯାଇଛି। କିନ୍ତୁ ଏହାର ସଂଖ୍ୟା ଅଧିକ ହୋଇପାରେ। ସେହିଭଳି ଗ୍ରୀଷ୍ମ ପ୍ରବାହ ଓ ବନାଗ୍ନି କାରଣରୁ ଓଡ଼ିଶାରେ ସର୍ବାଧିକ ବର୍ଷକୁ ହାରାହାରି ୨୩୮ ହେକ୍ଟର ଜଙ୍ଗଲ ପୋଡ଼ି ପାଉଁଶ ହୋଇଯାଏ। ଏକ ତଥ୍ୟ ଅନୁଯାୟୀ ଜଙ୍ଗଲ ନିଆଁ ଯୋଗୁଁ ଓଡ଼ିଶାର ୧୮୦ ବର୍ଗ କି.ମି ଜଙ୍ଗଲ ନଷ୍ଟ ହୋଇସାରିଛି। ସେହିଭଳି ଜଙ୍ଗଲ ଜମି ଜବରଦଖଲରେ ମଧ୍ୟ ଓଡ଼ିଶା ଦେଶରେ ଚତୁର୍ଥ ସ୍ଥାନ ହାସଲ କରିଛି। ରାଜ୍ୟସଭାରେ ଜଙ୍ଗଲ ଓ ପରିବେଶ ମନ୍ତ୍ରୀ ଦେଇଥିବା ତଥ୍ୟ ଅନୁସାରେ ଓଡ଼ିଶାରେ ୪୦ ହଜାର ୫୦୭.୫୬ ହେକ୍ଟର ଜଙ୍ଗଲ ଜମି ଜବରଦଖଲ କରାଯାଇଛି।

ସାଧାରଣ ଭାବେ ଗୋଟିଏ ମଣିଷ ବଞ୍ଚିବା ପାଇଁ ଦୈନିକ ୫୫୦ ଲିଟର ଅମ୍ଳଜାନ ଆବଶ୍ୟକ, ଯାହାକି ଡାକ୍ତରଖାନାର ତିନୋଟି ଅମ୍ଳଜାନ ସିଲିଣ୍ଡର ଥଳି ସହ ସମାନ। ଏହାକୁ ଉତ୍ପାଦନ କରନ୍ତି ୩୨ ଫୁଟ ଉଚ୍ଚତା ବିଶିଷ୍ଟ ଦୁଇଟି ଗଛ। ଗୋଟିଏ ବିଶାଳ ବରଗଛ ବର୍ଷକୁ ପାଖାପାଖି ୨ ହଜାର ୭ଶହ କିଲୋଗ୍ରାମ ଅମ୍ଳଜାନ ବାୟୁମଣ୍ଡଳକୁ ଛାଡ଼େ ଏବଂ ୫୦ କିଲୋଗ୍ରାମ ଅଙ୍ଗାରକାମ୍ଳ ଟାଣିନିଏ। ସେହିପରି ଅଶ୍ୱତ୍ଥ ଗଛର ବିଶେଷତ୍ୱ ହେଲା ଦିବାରାତ୍ର୨୪ ଘଣ୍ଟା ଅମ୍ଳଜାନ ବାୟୁମଣ୍ଡଳକୁ ଯୋଗାଏ। ଅନୁରୂପ ଭାବେ ନିମ୍ବ, ବାଉଁଶ, ଅର୍ଜୁନ ଓ ବେଲ ଗଛ ମଧ୍ୟ ଦିବାରାତ୍ର ଅମ୍ଳଜାନ ନିର୍ଗମନ କରିଥା'ନ୍ତି। ଏକ ରିପୋର୍ଟ ଅନୁସାରେ ଏକ ପରିମିତ ଭୂମିରେ ଥିବା ବୃକ୍ଷରାଜି ବା ଅରଣ୍ୟ ୫ ଟନ୍ ସବୁଜବାଷ୍ପ ଶୋଷଣ କରେ ଏବଂ ୪ ଟନ୍ ଅମ୍ଳଜାନ ନିର୍ଗମନ୍ କରେ, ଯାହା ୧୮ ଜଣ ଲୋକଙ୍କ ଶ୍ୱାସକ୍ରିୟା ପାଇଁ ଯଥେଷ୍ଟ। ଏକ ଆନ୍ତର୍ଜାତିକ ଅଧ୍ୟୟନ ଅନୁଯାୟୀ ଭାରତରେ ଥିବା ବିଭିନ୍ନ ଜଙ୍ଗଲରେ ୧୭ ହଜାର ୫୧୦ କିସମର ବୃକ୍ଷ ଏବେ ବିଲୁପ୍ତ ଅବସ୍ଥାରେ। ତଥ୍ୟକୁହେ ଗତ ୫୦ ବର୍ଷ ମଧ୍ୟରେ ସର୍ବାଧିକ ପ୍ରଜାତିର ଗଛ ବିଲୁପ୍ତ ହୋଇଛି। ଏହାର ମୁଖ୍ୟ କାରଣ ହେଉଛି - ବିକାଶ, ବନାଗ୍ନି ଓ ବାତ୍ୟା।

ଏ ସବୁ ମଧ୍ୟରେ କିଛିମାସ ତଳେ ସାମାଜିକ ଗଣମାଧ୍ୟମରେ ଛାଇଯାଇଥିଲା ଏକ ହୃଦୟ ବିଦାରକ ଭିଡିଓ, ଯେଉଁଥିରେ ତେଲେଙ୍ଗାନାର ହାଇଦ୍ରାବାଦ ସହରର ଏକ ବିଶ୍ୱବିଦ୍ୟାଳୟ ପରିସରରେ ଆଇଟି ପାର୍କ ନାମରେ ରାତିଅଧିଆ କଟାଯାଉଥିଲା ୪୦୦ ଏକର ଜଙ୍ଗଲ, ଯେଉଁଥିରେ ଥିଲେ ଅନେକ ହରିଣ, ମୟୂର, ହାତୀ ଓ ବାନର ଭଳି ଅନେକ ନିରୀହ ଜୀବଜନ୍ତୁ। ଶେଷରେ ଛାତ୍ରମାନଙ୍କ ଆନ୍ଦୋଳନ ଏବଂ ସର୍ବୋଚ୍ଚ ନ୍ୟାୟାଳୟଙ୍କ ହସ୍ତକ୍ଷେପ ପରେ ତାହା ବନ୍ଦ ହୋଇଥିଲା। ଏହାକୁ ଲକ୍ଷ୍ୟ କଲେ ମନକୁ ଆସେ ୧୭୩୦ ମସିହାର ଗୋଟିଏ ଶବ୍ଦ 'କଟା ବୃକ୍ଷଠୁ କଟା ମୁଣ୍ଡ ଶସ୍ତା'। ଏହାଥିଲା ରାଜସ୍ଥାନର ବିଷ୍ଣୋଇ ସମୁଦାୟର ସଦସ୍ୟ ଅମୃତାଦେବୀଙ୍କର। ଏକ ଖେଜରି ଗଛକୁ ବଞ୍ଚାଇବାକୁ ଯାଇ ଅମୃତା ଦେବୀଙ୍କ ସହ ପ୍ରାୟ ୩୬୩ ଜଣ ପୁରୁଷ, ମହିଳା ଓ ଶିଶୁ କୁରାଢ଼ି ଆଗରେ ନିଜ ଜୀବନକୁ ଉତ୍ସର୍ଗ କରିଦେଇଥିଲେ। ଏହି ଘଟଣା ପ୍ରକୃତି ଓ ପରିବେଶକୁ ବଞ୍ଚାଇବା ପାଇଁ ବିଷ୍ଣୋଇ ସମୁଦାୟର ଉଚ୍ଚବିଚାରକୁ ଦର୍ଶାଏ। ୧୯୭୦ ମସିହାର ଚିପକୋ ଆନ୍ଦୋଳନକୁ ଏହା ମଧ୍ୟ ପ୍ରେରିତ କରିଥିଲା, ଯାହା ଖେଜରୀ ଗଣହତ୍ୟାର ପ୍ରାୟ ୨୪୫ ବର୍ଷ ପରେ ହୋଇଥିଲା।

ବୃକ୍ଷ କାଟିବା ଏବଂ ଜଙ୍ଗଲ ନଷ୍ଟ କରିବା ମଣିଷ ପାଇଁ କିଞ୍ଚିତ ମାତ୍ର ହୋଇଥାଇପାରେ। ହେଲେ ଏହାର ଫଳାଫଳ ଭବିଷ୍ୟତରେ ଭୟାବହ ହୋବକୁ ଯାଉଛି ଏଥିରେ ଦ୍ୱିରୁକ୍ତି ନାହିଁ। ଏଥିରୁ କେବଳ ସମାଜକୁ ବୁଝିବାକୁ ପଡ଼ିବ ଗଛ ଓ ଜଙ୍ଗଲ ବଞ୍ଚିଲେ ସମଗ୍ର ମାନବ ସମାଜ ତିଷ୍ଠି ରହିବ। କିଛିଟା ସ୍ୱାର୍ଥ ଓ ଲାଳସା ଭଳି ହୀନ ମାନସିକତାରୁ ଦୂରେଇ ରହି ଚାରାରୋପଣ କରିବା ସହ ବୃକ୍ଷମାନଙ୍କୁ ସୁରକ୍ଷା ଦେବା ଏବଂ ସମଗ୍ର ମଣିଷ ସମାଜ ଓ ଜୀବଜଗତକୁ ଧ୍ୱଂସ ହେବାରୁ ବଞ୍ଚାଇବା। ନଚେତ୍ ସମୟ ଆସିବ ଯେଉଁ ବୃକ୍ଷଠାରୁ ଆମେ ଅମ୍ଳଜାନ ବୁନ୍ଦାଏ ପାଇ ବଞ୍ଚିଛେ, ସେହି ବୃକ୍ଷ ହିଁ ମାନବ ସମାଜର ବିନାଶର କାରଣ ପାଲଟିଯିବ।

ଇଟାମାଟି(ନୟାଗଡ଼),
ମୋ:୬୩୭୨୫୯୪୦୪୧

## ବିଶ୍ୱାସରେ ସଙ୍କଟ!

ଅଶୋକ ମହାରଣା

ରୋମ ସମ୍ରାଟ ଡାଇନୋସିୟସ ସମୟରେ ଦୁଇ ବନ୍ଧୁ ଡାମନ ଓ ବିଥିୟସଙ୍କ ମଧ୍ୟରେ ଥିଲା ଅଭେଦ୍ୟ ବନ୍ଧୁତା। କୌଣସି କାରଣରୁ ସମ୍ରାଟ ଡାଇନୋସିୟସ ଡାମନଙ୍କୁ ମୃତ୍ୟୁଦଣ୍ଡରେ ଦଣ୍ଡିତ କରନ୍ତି। ଡାମନ ଦୁଃଖରେ ମ୍ରିୟମାଣ ହୋଇପଡ଼ନ୍ତି ଏହି କାରଣରୁ ଯେ ସେ ଫାଶୀ ପାଇବେ, କିନ୍ତୁ ପରିବାରବର୍ଗ ଜାଣିପାରିବେ ନାହିଁ। ଡାମନ ସମ୍ରାଟଙ୍କୁ ଅନୁନୟ କରନ୍ତି ତାଙ୍କୁ ସାତ ଦିନ ସମୟ ଦେବା ପାଇଁ, ଯାହା ଫଳରେ ସେ ପରିବାରବର୍ଗଙ୍କୁ ସେ ବିଷୟରେ ଜଣାଇ ପାରିବେ। ଡାଇନୋସିୟସ ଗୋଟିଏ ସର୍ତ୍ତରେ ଡାମନ୍‌ଙ୍କୁ ଅନୁମତି ଦିଅନ୍ତି। ସେ ସର୍ତ୍ତଟି ହେଲା ଯଦି ଆଉଜଣେ ବ୍ୟକ୍ତି ଡାମନ୍‌ଙ୍କ ବଦଳରେ କାରାଗାରରେ ରହିବେ। ଯଦି ଡାମନ୍ ନ ଫେରନ୍ତି ସେହି ପ୍ରତିନିଧି ପ୍ରାଣଦଣ୍ଡ ଭୋଗିବେ। କିଏ ସେହି ବନ୍ଧୁ, ଯିଏ ଜାଣି ଜାଣି ନିଜ ମୃତ୍ୟୁଦଣ୍ଡକୁ ସ୍ୱୀକାର କରିନେବ? କିନ୍ତୁ ଡାମନ୍‌ଙ୍କ ପ୍ରତିନିଧି ଭାବେ କାରାଗାରରେ ରହିବା ପାଇଁ ବିଥିୟସ ଆଗେଇ ଆସିଲେ।

ଇତିମଧ୍ୟରେ ସାତଦିନ ବିତି ଯାଇଛି, କିନ୍ତୁ ଡାମନ ଫେରିବାର କୌଣସି ସୂଚନା ନାହିଁ। ରାଜାଙ୍କ ସର୍ତ୍ତ ଅନୁସାରେ ବିଥିୟସଙ୍କୁ ଫାଶୀଖୁଣ୍ଟ ପାଖକୁ ନିଆଯାଇଛି। ମୁହଁରେ କଳାକପଡ଼ା ବାନ୍ଧିବା ପୂର୍ବରୁ ତାଙ୍କୁ ଚିରାଚରିତ ଯେତେବେଳେ ପଚରାଯାଇଛି 'ତୁମର ଶେଷ ଇଚ୍ଛା କ'ଣ?' ବିଥିୟସ କିଛି ଉତ୍ତର ନ ଦେଇ କେବଳ ଅଶ୍ରୁ ବିସର୍ଜନ କରିଛନ୍ତି। ରାଜା ହସିହସି କହିଛନ୍ତି, 'ହେ ମୂଢ଼! ତୁମେ କ'ଣ ଜାଣି ନଥିଲ ଯେ ଫାଶୀଦଣ୍ଡ ପାଇଥିବା ଜଣେ ବ୍ୟକ୍ତି କେବେ ମଧ୍ୟ ଫେରିଆସିବ ନାହିଁ? ଏଭଳି ବିଶ୍ୱାସ କରିବା ମସ୍ତବଡ଼ ଭୁଲ। ଏବେ କାନ୍ଦିଲେ କ'ଣ ମୁକ୍ତି ପାଇଯିବ?' ବିଥିୟସ ସ୍ମିତ ହସି ଉତ୍ତର ଦେଲେ, 'ହେ ରାଜନ! ମାର ଏ ଅଶ୍ରୁଧାର ଭଗବାନଙ୍କ ନିକଟରେ କୃତଜ୍ଞତା ପାଇଁ। ସେ ମୋର ପ୍ରାର୍ଥନା ଶୁଣିଛନ୍ତି ଯେ ଆଜି ମୋ ଜୀବନ ପାଇଁ ମୋ ବନ୍ଧୁର ଜୀବନ ରକ୍ଷା ହୋଇପାରୁଛି। ଭଗବାନ ମୋତେ ଆଶୀର୍ବାଦ କରିଛନ୍ତି।' ଏହି ସମୟରେ ଦୂରରୁ କେହି ଜଣେ ଦୌଡ଼ି ଦୌଡ଼ି ଆସୁଥିବାର ଦେଖିବାକୁ ମିଳିଲା। ସେ ବ୍ୟକ୍ତିଜଣକ 'ଫାଶୀ ବନ୍ଦ କର' ବୋଲି ଚିତ୍କାର କରୁଥିଲେ। ସେ ବ୍ୟକ୍ତିଜଣକ ଥିଲେ ଡାମନ୍। କିଛି ସମୟ ପରେ ଫାଶୀ ଖୁଣ୍ଟ ନିକଟରେ ପହଞ୍ଚି ଡାମନ୍ କହିଲେ, 'ହେ ଭଗବାନ! ଆପଣ କେତେ ମହାନ। ଟିକିଏ ବିଳମ୍ବ ହୋଇ ଯାଇଥିଲେ ମୋର ବନ୍ଧୁର ଜୀବନ ଚାଲି ଯାଇଥା'ନ୍ତା।' ସମ୍ରାଟ ଡାଇନିଓସିସ ହତଚକିତ। ଏଭଳି ବନ୍ଧୁତାକୁ ଦେଖି ତାଙ୍କ ଆଖିରେ ବି ଲୋତକର ଧାର। ତାଙ୍କ ମୁଖରୁ ବାହାରି ଆସିଛି - 'ଏଭଳି ବନ୍ଧୁତା ଓ ବିଶ୍ୱାସ ବିଶ୍ୱରେ ବିରଳ। ଡାମନ ତୁମକୁ ମୁଁ ମୁକ୍ତି କରିଦେଉଛି। ଏବେ ମୁଁ ହେଉଛି ତୁମର ତୃତୀୟ ବନ୍ଧୁ। ମୋତେ ତୁମେ ବନ୍ଧୁ ଭାବରେ ଗ୍ରହଣ କର।'

ସେକସପିୟରଙ୍କ ଜୁଲିୟସ ସିଜର ନାଟକ ବିଶ୍ୱାସରେ ପଡ଼ିଥିବା କଳଙ୍କିତ ଛିଟାକୁ ପ୍ରତିବେଦନ କରେ। ଏକଛତ୍ରବାଦୀ ହେଲେ ମଧ୍ୟ ଜୁଲିୟସ ସିଜର ଥିଲେ ସୁଶାସକ। ତାଙ୍କୁ ଷଡ଼ଯନ୍ତ୍ର କରି ରାସ୍ତାରୁ ହଟାଇବା ପାଇଁ ପ୍ରିୟବନ୍ଧୁ ବ୍ରୁଟସଙ୍କ ସାହାରା ନିଆଗଲା। ସିଜରଙ୍କୁ ସଂସଦ ଭିତରକୁ ଛଳନାରେ ନିଆଯାଇ ହତ୍ୟା କରିବା ପାଇଁ ସିନେଟରମାନେ ଯେତେବେଳେ ଛୁରିକା ଘାତ କଲେ, ସିଜର ଚିତ୍କାର କଲେ 'ବ୍ରୁଟସ ମୋର ବନ୍ଧୁ ମୋତେ ରକ୍ଷାକର!' ସିଜର ପଛକୁ ଫେରିଚାହିଁବା ବେଳକୁ ବ୍ରୁଟସଙ୍କ ହାତରେ ମଧ୍ୟ ଥିଲା ଛୁରୀ। ସ୍ତବଧ ହୋଇଗଲେ ସିଜର। କହିଲେ, 'ଶେଷରେ ତୁମେ ବି ବ୍ରୁଟସ! ଦୁଇ ଘଟଣା ମଧ୍ୟରେ ସାମଞ୍ଜସ୍ୟ ଥାଇ ନ ପାରେ। କିନ୍ତୁ ଗୋଟିଏ ମାତ୍ର ନିର୍ଣ୍ଣାୟକ ସତ୍ୟ ବିଶ୍ୱାସରେ ସଙ୍କଟ।

ଆଜି ମଣିଷ ମଣିଷକୁ ବିଶ୍ୱାସ କରିବାକୁ ପଶ୍ଚାତପଦ। କିନ୍ତୁ କାହିଁକି ଏବଂ କ'ଣ ପାଇଁ, ତା'ର ଉତ୍ତର ଅନେକ। ଦୁଇଟି ଘଟଣା ମାନବ-ମାନବ ଭିତରେ ଥିବା ବିଶ୍ୱାସର ଗୋଟିଏ ଗୋଟିଏ ଉଦାହରଣ ମାତ୍ର। ସତରେ ମଣିଷ କେତେ ଅସହାୟ ହୋଇପଡ଼ିଛି। ବିଶ୍ୱାସ ଗୋଟିଏ ଏମିତି ଛୋଟ ଶବ୍ଦ, ଯାହାକୁ ପଢ଼ିବାକୁ ଲାଗେ ଗୋଟେ ମିନିଟ, ଭାବିବାକୁ କିଛି ସମୟ, ବୁଝେଇବାକୁ କିଛି ଦିନ ଏବଂ ପାଳନ କରିବାକୁ ସାରାଜୀବନ। ବିଶ୍ୱାସ ଏବେ ସଙ୍କଟରେ। ପୃଥିବୀ ପୃଷ୍ଠରେ ଅସଂଖ୍ୟ ଶକ୍ତି ମନୁଷ୍ୟକୁ କବଳିତ କରି ରଖିଛି। ଏଆଇ ବା କୃତ୍ରିମ ବୁଦ୍ଧିମତ୍ତା ବିଜ୍ଞାନର ଅବଦାନ। ବିଜ୍ଞାନ କିନ୍ତୁ ଆମକୁ ଭୟଭୀତ କରାଉଛି। ଫଳରେ ମାନବ-ମାନବ ଭିତରେ ସମ୍ପର୍କ ସ୍ଥାୟୀ ହୋଇ ରହୁନାହିଁ।

ବିଶ୍ୱାସ ଏକ ସ୍ୱତଃପ୍ରବୃତ୍ତ ଚିନ୍ତନ। ଶିଶୁଟିଏ ଜନ୍ମ ଗ୍ରହଣ କଲେ ଚିତ୍କାର କରି କାନ୍ଦେ। ତା'ର କାନ୍ଦ ହେଉଛି ବିଶ୍ୱାସ। ଅସଚେତନ ଥିଲେ ମଧ୍ୟ ତା'ର ବିଶ୍ୱାସ ଯେ ମୋର କ୍ରନ୍ଦନ ଶୁଣିବାକୁ ମାଆ ସଚେତନ ଅଛି। ସେହି ବିଶ୍ୱାସ ହିଁ ଜୀବନର ସତ୍ତା। ବିଶ୍ୱାସ ହିଁ ଜନ୍ମଜନ୍ମାନ୍ତର ସମ୍ପର୍କ। ଯେପରି ମାଟି ପାତ୍ରର ଛୋଟ ଛିଦ୍ରଟିଏ ପାଣିକୁ ଧରି ରଖିପାରେ ନାହିଁ, ଠିକ ସେମିତି ସମ୍ପର୍କରେ ଲେଶମାତ୍ର ଅବିଶ୍ୱାସ ସାରା ଜୀବନ ପାଇଁ ଏକ ରେଖା ଟାଣିଦିଏ। ତାହା ହେଉଛି ଅବିଶ୍ୱାସ। ବିଶ୍ୱାସ ଅଛି ବୋଲି ତ ରାସ୍ତାପାର୍ଶ୍ୱରେ ବିକ୍ରି ହେଉଥିବା ଖାଦ୍ୟ ଆମେ ସାଦରେ ଗ୍ରହଣ କରୁଛୁ। କିନ୍ତୁ ସେହି ବିଶ୍ୱାସରେ ଏବେ ବିରାଟ ପ୍ରଶ୍ନବାଚୀ। ପ୍ରତି ହୃତ୍‌ସ୍ପନ୍ଦନରେ ସୃଷ୍ଟି ହେଉଛି ଅସମାହିତ ପ୍ରଶ୍ନଚିହ୍ନ। କାହିଁକି ବିଶ୍ୱାସରେ ସଙ୍କଟ? ସ୍ୱାର୍ଥ ନା ପରିବର୍ତ୍ତିତ ପରିବେଶ ନା ସମୟ? ନା ଜ୍ଞାନର ପ୍ରକୃତ ପରିଭାଷାକୁ ବ୍ୟାପ୍ତ କରିବାର ଦୁର୍ବଳତା? ବିଶ୍ୱାସ ନଥିଲେ ଜୀବନ ବି ନାହିଁ। ବିଶ୍ୱାସ ନଥିଲେ ଆତ୍ମୀୟତାବୋଧ କାହିଁ? ବିଶ୍ୱାସହୀନତା ହିଁ ଆଜନ୍ମ ଦୁଃଖର କାରଣ। ଅନ୍ତତଃ ବିଶ୍ୱାସକୁ ସଜାଗ କରିବା ସମସ୍ତଙ୍କର କର୍ତ୍ତବ୍ୟ।

ସିମିନଇ(ଢେଙ୍କାନାଳ), ମୋ: ୯୪୩୭୨୯୦୧୮୧

## ରାବଣ ମନ୍ଦିର

ଓଜସ୍ୱିନୀ

ପୂର୍ବପ୍ରକାଶିତ ଉତ୍ତାରୁ...

ରାବଣଙ୍କୁ ସମର୍ପିତ ଦ୍ୱିତୀୟ ମୁଖ୍ୟ ମନ୍ଦିରଟି ହେଉଛି ରାଜସ୍ଥାନର ଉଦୟପୁରଠାରେ ଥିବା କମଳନାଥ ମହାଦେବ ମନ୍ଦିର। ଏହି ମନ୍ଦିରର ବୈଚିତ୍ର ହେଉଛି, ଏଠାରେ ମହାଦେବଙ୍କ ପୂର୍ବରୁ ଅସୁରରାଜ ରାବଣଙ୍କ ପୂଜାର୍ଚ୍ଚନା କରାଯାଏ। ଭକ୍ତମାନେ ପ୍ରଥମେ ରାବଣଙ୍କୁ ଦର୍ଶନ କରିବା ପରେ ମହାଦେବଙ୍କୁ ଦର୍ଶନ କରନ୍ତି। କମଳନାଥ ମହାଦେବ ନାମରେ ପ୍ରସିଦ୍ଧ ଏହି ମନ୍ଦିର ଉଦୟପୁରଠାରୁ ପ୍ରାୟ ୭୦ କି.ମି. ଦୂର ଝାଡୋଲ୍ ଅଞ୍ଚଳର ଆୱରଗଡ଼ ପାର୍ବତ୍ୟାଞ୍ଚଳରେ ରହିଛି। ସ୍ଥାନୀୟ ଲୋକକଥା ଅନୁସାରେ ଏଠାରେ ରାବଣ ଶିବଙ୍କୁ ପ୍ରସନ୍ନ କରିବା ପାଇଁ ତପସ୍ୟା କରିଥିଲେ। ତପସ୍ୟା ସମୟରେ ରାବଣ ପ୍ରତିଦିନ ୧୦୮ଟି ପଦ୍ମ ଶିବଙ୍କୁ ଅର୍ପଣ କରୁଥିଲେ। ଏକଦା ସୃଷ୍ଟିକର୍ତ୍ତା ବ୍ରହ୍ମା ରାବଣଙ୍କ ଭକ୍ତି ପରୀକ୍ଷା ନେବା ପାଇଁ ଗୋଟିଏ ପଦ୍ମପୁଷ୍ପ ଅଦୃଶ୍ୟ କରିଦେଲେ। କମଳ ପୁଷ୍ପର ଅଭାବକୁ ପୂରଣ କରିବା ପାଇଁ ରାବଣ ନିଜ ମସ୍ତକ ଛେଦନ କରି ମହାଦେବଙ୍କୁ ଅର୍ପଣ କଲେ। ରାବଣଙ୍କ ଭକ୍ତିରେ ପ୍ରସନ୍ନ ହୋଇ ସ୍ୱୟଂ ମହାଦେବ ପ୍ରକଟ ହୋଇ ରାବଣଙ୍କ ନାଭିରେ ଅମୃତକୁଣ୍ଡ ସ୍ଥାପନାର ବରଦାନ ଦେବା ସହିତ ଦଶାନନ ହେବାର ସୌଭାଗ୍ୟ ପ୍ରଦାନ କଲେ। ଏହି ସ୍ଥାନରେ ରାବଣ କମଳପୁଷ୍ପ ସ୍ଥାନରେ ନିଜର ମସ୍ତକ ଅର୍ପଣ କରି ଶିବଙ୍କୁ ପ୍ରସନ୍ନ କରିଥିବାରୁ ଏହି ଶିବଲିଙ୍ଗ କମଳନାଥ ନାମରେ ନାମିତ ହୋଇଛନ୍ତି। ଏଠାରେ ରାବଣଙ୍କ ପୂଜାର୍ଚ୍ଚନା ବିନା ଶିବ ଦର୍ଶନ ବ୍ୟର୍ଥ ବୋଲି କୁହାଯାଉଛି। ତେଣୁ ସ୍ଥାନୀୟ ବିଶ୍ୱାସ ଅନୁସାରେ ମହାଦେବଙ୍କୁ ପ୍ରସନ୍ନ କରି ମନୋବାଞ୍ଛିତ ବରଦାନ ପ୍ରାପ୍ତି କରିବାକୁ ହେଲେ ପ୍ରଥମେ ରାବଣଙ୍କୁ ପୂଜା କରାଯାଉଛି। ରାବଣଙ୍କ ପୂଜା କରିବା ଦ୍ୱାରା ମହାଦେବଙ୍କ ବିଶେଷ କୃପା ଲାଭ ହୋଇଛି ବୋଲି ଶ୍ରଦ୍ଧାଳୁମାନେ ସେମାନଙ୍କର ଅଭିଜ୍ଞତା ଓ ଅନୁଭବରୁ କହିଥା'ନ୍ତି।

ଦେବଭୂମି ଉତ୍ତରାଖଣ୍ଡର ଚମୋଲି ଜିଲ୍ଲାର ବେରାସକୁଣ୍ଡଠାରେ ମହାଦେବଙ୍କର ଏକ ପ୍ରାଚୀନ ମନ୍ଦିର ଅଛି, ଯାହା ନିକଟରେ ରହିଛି ରାବଣ ଶିଳା। ଏଠାରେ ରାବଣ ଶିବଙ୍କୁ ପ୍ରସନ୍ନ କରିବା ପାଇଁ ଗୋଟିଏ ଗୋଡ଼ରେ ଠିଆ ହୋଇ ୧୦ ହଜାର ବର୍ଷ କଠୋର ତପସ୍ୟା କରିଥିଲେ। ତପସ୍ୟା ଫଳପ୍ରସୂ ନହେବାର ଆଶଙ୍କା କରି ରାବଣ ଏଠାରେ ତାଙ୍କର ଶିର ଛେଦନ କରି ମହାଦେବଙ୍କୁ ଅର୍ପଣ କରିଥିଲେ ବୋଲି ଲୋକକଥା ଅଛି। ନଅଟି ଶିର ଛେଦନ ପରେ ଦଶମ ଶିର ଛେଦନ କରିବା ସମୟରେ ସ୍ୱୟଂ ଶିବ ରାବଣଙ୍କ ସମ୍ମୁଖରେ ପ୍ରକଟ ହେଲେ ଏବଂ ବର ଯାଚନା କରିବାକୁ କହିଲେ। ମହାଦେବ ସବୁଦିନ ପାଇଁ ସେହି ସ୍ଥାନରେ ଅବସ୍ଥାନ କରନ୍ତୁ ବୋଲି ରାବଣ ବର ମାଗିବାରୁ ମହାଦେବ ସନ୍ତୁଷ୍ଟ ହୋଇ ଶିବଲିଙ୍ଗ ଭାବେ ସେଠାରେ ରହିଲେ। ବେରାସକୁଣ୍ଡ ମହାଦେବ ସ୍ୱୟଂଭୂ ବୋଲି କୁହାଯାଏ। 'ସ୍କନ୍ଦପୁରାଣ'ର 'କେଦାରଖଣ୍ଡ'ରେ ମଧ୍ୟ ଏହି ଅଞ୍ଚଳକୁ ଏକ ପବିତ୍ରଭୂମି ଭାବେ ବର୍ଣ୍ଣନା କରାଯାଇଛି। ଉତ୍ତରାଖଣ୍ଡର ଚମୋଲି ଜିଲ୍ଲାରେ ଦଶୋଲି ନାମକ ଗୋଟିଏ ଗାଁର ଅଛି। ଦଶାନନ ନାମର ଅପଭ୍ରଂଶ ହୋଇ ଏହା ଦଶୋଲି ହୋଇଥାଇପାରେ ବୋଲି ଐତିହାସିକମାନେ ମତ ଦିଅନ୍ତି। 'ରାବଣ ସଂହିତା'ରେ ଉଲ୍ଲେଖ ଅଛି ଯେ, ଏହି ସ୍ଥାନରେ ରାବଣ 'ନାଡ଼ି ବିଜ୍ଞାନ' ରଚନା କରିଥିଲେ। ରାବଣ ଶିଳାକୁ ଶ୍ରଦ୍ଧାଳୁମାନେ ରାବଣଙ୍କ ପ୍ରତୀକ ଭାବେ ପୂଜାର୍ଚ୍ଚନା କରିଥା'ନ୍ତି।

### ବିଚିତ୍ର ବିଶ୍ୱାସ

ଭାରତର ଆଉ କେତେକ ମନ୍ଦିର ମଧ୍ୟ ରାବଣଙ୍କୁ ସମର୍ପିତ। ଯଥା - ଉତ୍ତରପ୍ରଦେଶର ଗୌତମବୁଦ୍ଧ ନଗରରୁ ପ୍ରାୟ ୧୫ କିଲୋମିଟର ଦୂର ବିସରଖ ଗାଁରେ ଥିବା ରାବଣ ମନ୍ଦିର, ଯାହାକୁ ରାବଣଙ୍କ ଜନ୍ମସ୍ଥାନ ବୋଲି କୁହାଯାଉଛି। ଏଠାରେ ରାବଣଙ୍କ ଏକ ସୁନ୍ଦର ମନ୍ଦିର ସହିତ ତାଙ୍କର ପିତା ବିଶ୍ରବାଙ୍କ ମଧ୍ୟ ଗୋଟିଏ ମନ୍ଦିର ଅଛି। ରାବଣ ମନ୍ଦିର ପରିସର ଭିତରେ ଗୋଟିଏ ପ୍ରାଚୀନ ଶିବ ମନ୍ଦିର ରହିଛି। ଏହି ଶିବଲିଙ୍ଗକୁ ରାବଣ ପୂଜା କରୁଥିଲେ ବୋଲି କୁହାଯାଏ। ଏଠାରେ ଦଶହରା ଦିନ ରାବଣଙ୍କୁ ବିଶେଷ ପୂଜାର୍ଚ୍ଚନା କରାଯାଇ ସ୍ୱାଦିଷ୍ଟ ଭୋଗ ଅର୍ପଣ କରାଯାଇଥାଏ। ଜନଶ୍ରୁତି କହେ ଯେ, ଅନେକ ବର୍ଷ ପୂର୍ବରୁ ଏହି ଗ୍ରାମରେ ମଧ୍ୟ ଦଶହରା ପାଳନ ପୂର୍ବକ ରାବଣଙ୍କ ପୁତ୍ତଳିକାକୁ ଦହନ କରାଯାଇଥିଲା। ପରିଣାମ ସ୍ୱରୂପ ଗ୍ରାମରେ ଅନେକ ଲୋକ ମୃତାହତ ହେଲେ। ଏହାପରେ ଅନେକ ଯଜ୍ଞ ଏବଂ ରାବଣଙ୍କ ଉଦ୍ଦେଶ୍ୟରେ ମନ୍ତ୍ରୋଚାରଣ ଦ୍ୱାରା ଶୁଭଫଳ ଲାଭ ହେଲା। ଏହା ପରଠାରୁ କେବେ ମଧ୍ୟ ଏହି ଗ୍ରାମରେ ରାବଣପୋଡ଼ି କରାଯାଏନାହିଁ। କାନପୁରରେ ଥିବା ରାବଣ ମନ୍ଦିର, ଯାହାକି କେବଳ ଦଶହରା ଦିନ ଖୋଲାଯାଏ ଏବଂ ଏହିଦିନ ରାବଣଙ୍କୁ ଦୁଗ୍ଧରେ ଅଭିଷେକ କରାଇ ଶୃଙ୍ଗାର କରାଯାଇ ଆଳତି ଓ ପୂଜାର୍ଚ୍ଚନା କରାଯାଏ। ମଧ୍ୟପ୍ରଦେଶର ବିଦିସାଠାରେ ଥିବା ରାବଣ ମନ୍ଦିରରେ କାନ୍ୟକୁବ୍‌ଜ ବ୍ରାହ୍ମଣ ସମୁଦାୟର ବରବଧୂ ରାବଣଙ୍କ ଆଶୀର୍ବାଦ ନେବା ପାଇଁ ଆସନ୍ତି। ଆନ୍ଧ୍ରପ୍ରଦେଶର କାକିନାଡ଼ାରେ ଥିବା ଶିବ ମନ୍ଦିରରେ ପ୍ରାୟ ୩୦ଫୁଟ ଉଚ୍ଚର ରାବଣଙ୍କ ମୂର୍ତ୍ତି ରହିଛି। ଏହି ମନ୍ଦିରରେ ପୂଜା ପାଉଥିବା ଶିବଲିଙ୍ଗଙ୍କୁ ରାବଣ ନିଜେ ପ୍ରତିଷ୍ଠା କରାଇଥିଲେ ବୋଲି ଲୋକକଥା ଅଛି।(ସମାପ୍ତ)

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## 'ସୁଭଦ୍ରା'ର ରାଜ୍ୟସ୍ତରୀୟ ପରିଚାଳନା ଓ ତଦାରଖ କମିଟି ବୈଠକ

# ହିତାଧିକାରୀମାନଙ୍କ ସାମଗ୍ରିକ ଆର୍ଥିକ ସଶକ୍ତୀକରଣ ଉପରେ ଗୁରୁତ୍ୱ

ଭୁବନେଶ୍ୱର,୩୧।୭ (ସମିସ): ଲୋକସେବା ଭବନ ସମ୍ମିଳନୀ କକ୍ଷରେ "ସୁଭଦ୍ରା' ରାଜ୍ୟସ୍ତରୀୟ ପରିଚାଳନା ଓ ତଦାରଖ କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା ଅଧ୍ୟକ୍ଷତା କରି ସୁଭଦ୍ରା ଯୋଜନାର ପ୍ରଭାବୀ କାର୍ଯ୍ୟକାରିତା ସମ୍ପର୍କରେ ସମୀକ୍ଷା ଓ ତଦାରଖ କରିବା ସହ ଯୋଜନାର ଆଗାମୀ କାର୍ଯ୍ୟାନ୍ୱୟନ ଉପରେ ପରାମର୍ଶ ପ୍ରଦାନ କରିଥିଲେ। ସୁଭଦ୍ରା ହିତାଧିକାରୀମାନେ ସରକାରଙ୍କ ଅନ୍ୟ ବିଭିନ୍ନ ଯୋଜନାରୁ ଲାଭ ଉଠାଇ କିପରି ସାମଗ୍ରିକ ଆର୍ଥିକ ସଶକ୍ତିକରଣ ହୋଇପାରିବେ ସେ ସମ୍ପର୍କରେ ଶ୍ରୀ ଆହୁଜା ଆଲୋକପାତ କରିଥିଲେ। କାର୍ଯ୍ୟକ୍ରମରେ ମହିଳା ଓ ଶିଶୁ ବିକାଶ ନିର୍ଦ୍ଦେଶିକା ମୋନିଷା ବାନାର୍ଜୀ ସୁଭଦ୍ରା ଯୋଜନାରେ ଅବଲମ୍ବନ କରାଯାଇଥିବା ଉତ୍ତମ ଅଭ୍ୟାସ ଓ ଅଭିନବତ୍ୱ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ବିଭାଗୀୟ ନିର୍ଦ୍ଦେଶିକା ମୋନିଷା ବାନାର୍ଜୀ ସୁଭଦ୍ରା ଯୋଜନା ସମ୍ବନ୍ଧୀୟ ଖର୍ଚ୍ଚ ବାବଦରେ ଆଲୋଚନା କରିଥିଲେ। ସେହିପରି ଅଭିଯୋଗ ଶୁଣାଣି ପ୍ରକ୍ରିୟାରେ ସୁଭଦ୍ରା ପୋର୍ଟାଲରେ ଏଯାବତ୍ ୩ ଲକ୍ଷ ୫୧ ହଜାର ୪୯୨ ଅଭିଯୋଗ ମଧ୍ୟରୁ ୧ଲକ୍ଷ ୮୩ହଜାର ୬୮୧ ଅଭିଯୋଗର ସମାଧାନ ହୋଇପାରିଛି। କେବଳ ମହିଳାମାନଙ୍କ ଦ୍ୱାରା ଚାଲୁଥିବା 'କୁହ ସୁଭଦ୍ରା' ଅଭିଯୋଗ ସମାଧାନ କେନ୍ଦ୍ରରେ ଏପର୍ଯ୍ୟନ୍ତ ଦିନକୁ ପ୍ରାୟ ୨୦ ହଜାରରୁ ଅଧିକ କଲ୍ ଗ୍ରହଣ କରାଯାଇ ସେସବୁର ଉତ୍ତର ଦିଆଯାଇଥିବା ମହିଳା ଓ ଶିଶୁ ବିକାଶ ବିଭାଗ ପ୍ରମୁଖ ଶାସନ ସଚିବ ଶୁଭା ଶର୍ମା ଉଲ୍ଲେଖ କରିଥିଲେ। କ୍ୟାବିନେଟ ଅନୁମୋଦନର ମାତ୍ର ୧୦୦ ଦିନରେ ଏହି ଯୋଜନା କାର୍ଯ୍ୟକାରୀ କରାଯିବା ସହ ଦୁଇଟି କିସ୍ତିରେ ହିତାଧିକାରୀଙ୍କୁ ସୁବିଧାରେ ଆର୍ଥିକ ସହାୟତା ସ୍ଥାନାନ୍ତର କରିବାରେ ସାମୂହିକ ସରକାରୀ ବ୍ୟବସ୍ଥା ସହ ମହିଳା ଓ ଶିଶୁ ବିକାଶ ବିଭାଗର ସୁସମନ୍ୱୟ ନିମନ୍ତେ ମୁଖ୍ୟ ଶାସନ ସଚିବ ମହିଳା ଓ ଶିଶୁ ବିଭାଗକୁ ପ୍ରଶଂସା କରିଛନ୍ତି। ବୈଠକରେ ମହିଳା ଓ ଶିଶୁ ବିକାଶ ବିଭାଗ ସମେତ ସମ୍ପୃକ୍ତ ବିଭିନ୍ନ ବିଭାଗର ବରିଷ୍ଠ ଅଧିକାରୀ ତଥା କମିଟିର ଅନ୍ୟ ସଦସ୍ୟମାନେ ଉପସ୍ଥିତ ଥିଲେ।

# ଆଇଏଏସ୍ ସ୍ତରରେ ଅଦଳବଦଳ

## ୪ ଉନ୍ନୟନ କର୍ତ୍ତୃପକ୍ଷରେ ଉପାଧ୍ୟକ୍ଷ ନିଯୁକ୍ତି

ଭୁବନେଶ୍ୱର,୩୧।୭ (ସମିସ): ରାଜ୍ୟ ସରକାର ଗୁରୁବାର ଆଇଏଏସ୍ ସ୍ତରରେ ଏକ ଛୋଟଧରଣର ଅଦଳବଦଳ କରିଛନ୍ତି। ଏନେଇ ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ଏକ ବିଜ୍ଞପ୍ତି ପ୍ରକାଶ ପାଇଛି।

ବିଜ୍ଞପ୍ତି ଅନୁଯାୟୀ, ୨୦୧୫ ମସିହା ବ୍ୟାଚ୍ ଆଇଏଏସ ଆବୋଲି ସୁନିଲ ନରଭଣେଙ୍କୁ ଓଡ଼ିଶା ରାଜ୍ୟ କ୍ଷୁଦ୍ର ଶିଳ୍ପ ନିଗମ ଓ ଓଡ଼ିଶା ରାଜ୍ୟ ଅର୍ଥ ନିଗମର ପରିଚାଳନା ନିର୍ଦ୍ଦେଶକ ଭାବେ ଅତିରିକ୍ତ ଦାୟିତ୍ୱ ଦିଆଯାଇଛି। ୨୦୨୧ ବ୍ୟାଚ୍ ଆଇଏଏସ୍ ଧିନା ଦସ୍ତାଗିରଙ୍କୁ ରାଉରକେଲା ମହାନଗର ନିଗମର କମିଶନର, ରାଉରକେଲା ସ୍ମାର୍ଟ ସିଟି ଲିମିଟେଡର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଏବଂ ରାଉରକେଲା ଉନ୍ନୟନ କର୍ତ୍ତୃପକ୍ଷର ସଚିବ ଭାବେ ଅତିରିକ୍ତ ଦାୟିତ୍ୱ ପ୍ରଦାନ କରାଯାଇଛି। ୨୦୨୧ ବ୍ୟାଚ୍ ଆଇଏଏସ ରେହାନ ଖତ୍ରୀଙ୍କୁ ସମ୍ବଲପୁର ଉନ୍ନୟନ କର୍ତ୍ତୃପକ୍ଷର ଉପାଧ୍ୟକ୍ଷ ଭାବେ ଅତିରିକ୍ତ ଦାୟିତ୍ୱ ମିଳିଥିବା ବେଳେ ସମାନ ବ୍ୟାଚ୍‌ର କିରଣଦୀପ କୌର ସାହୋତାଙ୍କୁ କଟକ ଉନ୍ନୟନ କର୍ତ୍ତୃପକ୍ଷର ଉପାଧ୍ୟକ୍ଷ ଭାବେ ଅତିରିକ୍ତ ଦାୟିତ୍ୱ ମିଳିଛି। ସେହିପରି ଆଇଏଏସ ପ୍ରଥମେଶ ଅରବିନ୍ଦ ରାଜସିର୍କେଙ୍କୁ ବ୍ରହ୍ମପୁର ଉନ୍ନୟନ କର୍ତ୍ତୃପକ୍ଷର ଉପାଧ୍ୟକ୍ଷ ଭାବେ ଅତିରିକ୍ତ ଦାୟିତ୍ୱ ମିଳିଛି।

■ ହାଇକୋର୍ଟରେ ରୋଜଭ୍ୟାଲି ଚିଟ୍‌ଫଣ୍ଡ ଠକେଇ ଘଟଣା

# ଗୌତମ କୁଣ୍ଡୁଙ୍କ ଜାମିନ ଆବେଦନ ପୁଣି ଖାରଜ

କଟକ, ୩୧।୭ (ସମିସ): ବହୁଚର୍ଚ୍ଚିତ ରୋଜଭ୍ୟାଲି ଚିଟଫଣ୍ଡ ଠକେଇ ଘଟଣାର ମୁଖ୍ୟ ଅଭିଯୁକ୍ତ ତଥା ଏହି ଚିଟ୍‌ଫଣ୍ଡ ସଂସ୍ଥାର ଅଧ୍ୟକ୍ଷ ଗୌତମ କୁଣ୍ଡୁଙ୍କ ପକ୍ଷରୁ ଦାୟର ଜାମିନ ଆବେଦନକୁ ତୃତୀୟଥର ପାଇଁ ଖାରଜ କରିଦେଇଛନ୍ତି ହାଇକୋର୍ଟ। ୧୭ ହଜାର ୩୬୭କୋଟିର ଏହି ବଡ଼ ଠକେଇ ଘଟଣାରେ ଅଦ୍ୟାବଧି ଜମାକାରୀଙ୍କୁ ୯ହଜାର କୋଟି ଟଙ୍କା ଜମାକାରୀଙ୍କୁ ପଇଠ ହୋଇପାରିନାହିଁ। ବହୁସଂଖ୍ୟାରେ ଜମାକାରୀ ବିପୁଳ ପରିମାଣର ଠକେଇର ଶିକାର ହୋଇଥିବାକୁ ଦୃଷ୍ଟି ରଖି ହାଇକୋର୍ଟ ଜାମିନ ଆବେଦନକୁ ଅଗ୍ରାହ୍ୟ କରିଦେଇଛନ୍ତି। ଜଷ୍ଟିସ୍ ଗୌରୀଶଙ୍କର ଶତପଥୀ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଏଥିପୂର୍ବରୁ ଶ୍ରୀ କୁଣ୍ଡୁଙ୍କ ଜାମିନ ଆବେଦନକୁ ଗତ୨୦୨୪ଅଗଷ୍ଟ୨୧ଓ୨୦୨୪ଡିସେମ୍ବର୨୪ରେଦୁଇ ଥର ପାଇଁ ହାଇକୋର୍ଟ ଖାରଜ କରିଛନ୍ତି। ଏପରିକି, ଏହା ବିରୋଧରେ ସେ ଦାୟର କରିଥିବା ଆବେଦନକୁ ମଧ୍ୟ ଗତ ୨୦୨୫ ଫେବୃଆରି ୩ରେ ସର୍ବୋଚ୍ଚ ଅଦାଲତରେ ଖାରଜ ହୋଇଥିବା ନେଇ ଶୁଣାଣି ବେଳେ ସ୍ପଷ୍ଟ ହୋଇଥିଲା। ଆବେଦନକାରୀଙ୍କ ତରଫରୁ ଏହି ତଥ୍ୟ ଲୁଚାଯାଇଥିବା ନେଇ ଅଦାଲତ ମଧ୍ୟ ଅସନ୍ତୋଷ ପ୍ରକାଶ କରିଥିଲେ। ମାମଲାରୁ ପ୍ରକାଶ ଯେ ରୋଜଭ୍ୟାଲି ଗ୍ରୁପ ଲକ୍ଷାଧିକ ଜମାକାରୀଙ୍କଠାରୁ ୧୭ହଜାର କୋଟି ଟଙ୍କା ଠକେଇ ଅଭିଯୋଗ ହୋଇଥିଲା। ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶ କ୍ରମେ ସିବିଆଇ ଏହାର ତଦନ୍ତ କରିଥିଲା। ୨୦୧୫ରେ ଇଡି ଓ ସିବିଆଇଏହି ମାମଲାର ତଦନ୍ତ କରି ସଂସ୍ଥାର ଅଧ୍ୟକ୍ଷ ଶ୍ରୀ କୁଣ୍ଡୁ ଓ ତାଙ୍କ ପତ୍ନୀ ଶୁଭ୍ରା କୁଣ୍ଡୁଙ୍କୁ ଗିରଫ କରିଥିଲା। ଭୁବନେଶ୍ୱର ସ୍ୱତନ୍ତ୍ର ସିବିଆଇ ଅଦାଲତରେ ଏବେ ଏହି ମାମଲା ବିଚାରାଧିନ ରହିଛି। ଖୋର୍ଦ୍ଧା ଦୌରା ଅଦାଲତ ୨୦୧୭ନଭେମ୍ବର୨୪ରେ ଶ୍ରୀ କୁଣ୍ଡୁଙ୍କ ଜାମିନ ଆବେଦନ ଖାରଜ କରିଥିଲେ। ବର୍ତ୍ତମାନ ସମୟ ମଧ୍ୟରେ ଏହି ମାମଲାରେ ଅନେକ ଅଗ୍ରଗତି ହୋଇଛି। ବିଶେଷକରି ଅତିରିକ୍ତ ଚାର୍ଜସିଟ ଦାଖଲ କରାଯାଇଛି ଓ ଅନ୍ୟ କେତେକସହ ଅଭିଯୁକ୍ତ ମାନଙ୍କୁ ଜାମିନ ମିଳିସାରିଛି।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

## ରୁଷ ସହ...

ବ୍ୟବସାୟିକ ସହଯୋଗ ସଂକ୍ରାନ୍ତରେ ଆଲୋଚନା କରି ଆସିଛନ୍ତି। ଦୁଇ ଦେଶ ମଧ୍ୟରେ ସମ୍ପ୍ରତି ୧୯୧ ଆରବ ଡ଼ଲାର କାରବାର ହେଉଛି ଓ ୨୦୩୦ ସୁଦ୍ଧା ଏହାକୁ ୫୦୦ ଆରବ ଡ଼ଲାରରେ ପହଞ୍ଚାଇବାକୁ ଆଲୋଚନା ଚାଲିଛି। ମାତ୍ର ଏହି ସମୟରେ ୨୫% ଶୁଳ୍କ ଲାଗୁ ଭାରତୀୟ ବ୍ୟବସାୟୀଙ୍କୁ ଆଶ୍ଚର୍ଯ୍ୟଚକିତ କରିଛି।

ଆସନ୍ତା ଅଗଷ୍ଟ ୨୬ ତାରିଖରେ ଆମେରିକାର ଏକ ପ୍ରତିନିଧିଦଳ ବ୍ୟବସାୟିକ ଆଲୋଚନା ନିମନ୍ତେ ପୁଣି ଭାରତ ଗସ୍ତରେ ଆସିବେ ଓ ଅକ୍ଟୋବର-ନଭେମ୍ବର ମାସ ମଧ୍ୟରେ ଏକ ଦ୍ୱିପାକ୍ଷିକ ବୁଝାମଣା କରାଯିବାକୁ ଉଭୟ ଦେଶ ଲକ୍ଷ୍ୟ ରଖିଥିବାବେଳେ ଆସନ୍ତାକାଲିଠାରୁ ନୂଆ ଟିକସ ଲାଗୁ ଭବିଷ୍ୟତରେ ବ୍ୟବସାୟିକ ସମ୍ପର୍କକୁ ବାଧାପ୍ରାପ୍ତ କରିବାର ଆଶଙ୍କା ରହିଛି।

## ସରକାରଙ୍କ ଆଭିମୁଖ୍ୟକୁ...

ଦିନକ ପରେ ହେବାକୁଥିବା ଶୁଣାଣିରେ ରାଜ୍ୟ ସରକାର କେଉଁ ତଥ୍ୟ ରଖିବେ ଓ କେଉଁ ଆଭିମୁଖ୍ୟ ପୋଷଣ କରିବେ ତାହା ଉପରେ ରାଜ୍ୟବାସୀଙ୍କର ନଜର ରହିଛି।

ଗତ ୨୩ ତାରିଖରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମହାନଦୀ ଜଳବିବାଦକୁ ସଂକ୍ରାନ୍ତରେ ଏକ ସମୀକ୍ଷା ବୈଠକ କରିଥିଲେ। କେନ୍ଦ୍ରୀୟ ଜଳ କମିଶନରେ ସମସ୍ୟା ସମାଧାନ ପାଇଁ ହେଉଥିବା ଉଦ୍ୟମ ମନ୍ଥର ଗତିରେ ଚାଲିଥିବାରୁ କେନ୍ଦ୍ର ସରକାରଙ୍କ ସହଯୋଗରେ ଉଭୟ ରାଜ୍ୟ ମଧ୍ୟରେ ଆପୋଷ ଆଲୋଚନା କରାଯାଇ ଏହି ସମସ୍ୟାର ସମାଧାନ କରାଯାଇପାରିବ ବୋଲି ସେ ମତବ୍ୟକ୍ତ କରିଥିଲେ। ଏପରିକି ଦୁଇରାଜ୍ୟ ମଧ୍ୟରେ ଉଚ୍ଚସ୍ତରୀୟ ପଦାଧିକାରୀ ମାନେ ଏ ନେଇ ଆଲୋଚନାରତ ଥିବା ବୈଠକରୁ ଜଣା ପଡ଼ିଥିଲା। ଏହାପୂର୍ବରୁ ମୁଖ୍ୟମନ୍ତ୍ରୀ ଏକାଧିକ ଧର ଛତିଶଗଡ଼ ମୁଖ୍ୟମନ୍ତ୍ରୀ ବିଷ୍ଣୁଦେବ ସାଏଙ୍କ ସହ ବିବାଦ ସମ୍ପର୍କରେ ଆଲୋଚନା କରିଛନ୍ତି। ତାଙ୍କ ସହ କଣ ଆଲୋଚନା ହୋଇଛି, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସର୍ବସାଧାରଣରେ ପ୍ରକାଶ କରିନାହାନ୍ତି। ମହାନଦୀ ଓଡ଼ିଶାର ଜୀବନରେଖା। ଏହାକୁ ନେଇ ସରକାର କୌଣସି ନିଷ୍କର୍ସରେ ପହଞ୍ଚିବା ପୂର୍ବରୁ ସମସ୍ତଙ୍କୁ ବିଶ୍ୱାସକୁ ନେବା ଆବଶ୍ୟକ। ତେଣୁ ଛତିଶଗଡ଼ ସହ କେଉଁପ୍ରକାର ବୁଝାମଣା ହେଉଛି, ତାହା ମୁଖ୍ୟମନ୍ତ୍ରୀ କିମ୍ବା ରାଜ୍ୟ ସରକାର ସାର୍ବଜନୀନ କରନ୍ତୁ ବୋଲି ମହାନଦୀ ଆନ୍ଦୋଳନ ସହ ଜଡ଼ିତ ବିଭିନ୍ନ ସଂଗଠନ ଦାବି କରିଛନ୍ତି।

ସୂଚନା ଅନୁଯାୟୀ ଛତିଶଗଡ଼ ସହ ଓଡ଼ିଶା ସମସ୍ୟାର ସମାଧାନ ପାଇଁ ଆଲୋଚନା ରତ ବୋଲି ନିଜେ ମୁଖ୍ୟମନ୍ତ୍ରୀ ଓ ଏଜି କହୁଥିଲେ ହେଁ, ପ୍ରତିପକ୍ଷ ଛତିଶଗଡ଼ର ଏଜି ଏହାକୁ ଖଣ୍ଡନ କରୁଛନ୍ତି। ତେଣୁ ସତ କଣ ତାହା ଜାଣିବାର ଅଧିକାର ସମସ୍ତଙ୍କର ରହିଛି ବୋଲି ମହାନଦୀ ବଞ୍ଚାଅ ଆନ୍ଦୋଳନ ପକ୍ଷରୁ ଦାବି କରାଯାଇଛି। ସେହିପରି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ମଧ୍ୟ ଏନେଇ ନିଜର କ୍ଷୋଭ ପ୍ରକାଶ କରିବା ସହ ଛତିଶଗଡ଼ ସହ ରାଜ୍ୟ ସରକାର କଣ ଆଲୋଚନା କରୁଛନ୍ତି, ତାହା ସାର୍ବଜନୀନ କରିବାକୁ ଦାବି କରିଛନ୍ତି। ଏହା ସହ ରାଜ୍ୟ ସରକାର ଏନେଇ ସର୍ବଦଳୀୟ ବୈଠକ ଡକ୍ତୁ ବୋଲି ନବୀନ ଦାବି କରିଥିଲେ। ତେବେ ନବୀନଙ୍କ ଦାବି ଏବଂ ପ୍ରସ୍ତାବକୁ ନେଇ ରାଜ୍ୟ ସରକାର କୌଣସି ଆଗ୍ରହ ଦେଖାଇନଥିବା ବେଳେ ମହାନଦୀକୁ ନେଇ ନିରବତା ଅବଲମ୍ବନ କରୁଛନ୍ତି। ଯାହା ରାଜ୍ୟ ସ୍ୱାର୍ଥ ଦୃଷ୍ଟିରୁ ଆଦୌ ଭଲ ନୁହେଁ। ମହାନଦୀ ବଞ୍ଚାଅ ଆନ୍ଦୋଳନ ପକ୍ଷରୁ କୁହାଯାଇଛି ଯେ ସରକାରୀ ସ୍ତରରେ ଆପୋଷ ଆଲୋଚନାକୁ ଯିବା ପୂର୍ବରୁ ଏହି ପ୍ରସଙ୍ଗକୁ ନେଇ ଓଡ଼ିଶାର ରାଜନୈତିକ ଦଳ, ସାମାଜିକ ସଂଗଠନ, ନଦୀ ଆନ୍ଦୋଳନ ତଥା ବିଶେଷଜ୍ଞମାନଙ୍କ ସହିତ ପରାମର୍ଶ କରାଯିବା ଜରୁରୀ ଅଟେ। ସରକାର ଏନେଇ ପଦକ୍ଷେପ ନିଅନ୍ତୁ ବୋଲି ସଂଗଠନ ପକ୍ଷରୁ ଦାବି ହୋଇଛି।

## ଉତ୍କଳକୁ ସଂକଟ...

ଗଠନ କରିଛି। ଛାତ୍ରଛାତ୍ରୀ ଅନୁପାତକୁ ନେଇ ଶିକ୍ଷକ ପଦ ସୃଷ୍ଟି କରାଯାଇଥିଲା। ବର୍ଷବର୍ଷ ଧରି ୫୫ ପ୍ରତିଶତରୁ ଅଧିକ ପଦ ଖାଲି ପଡ଼ିଛି। ଏହାସତ୍ତ୍ୱେ ପଦ ହ୍ରାସ ପାଇଁ ସୁପାରିଶ କରିବାକୁ ଏହି ୪ ଜଣିଆ କମିଟି କିପରି ପ୍ରସ୍ତାବ ଦେଉଛି ବୋଲି ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ଏହି କମିଟି ଗୋଟିଏ ପିଜି ବିଭାଗ ପାଇଁ ଜଣେ ପ୍ରାଧ୍ୟାପକ, ୨ଜଣ ସହଯୋଗୀ ପ୍ରାଧ୍ୟାପକ ଓ ୨ଜଣ ସହକାରୀ ପ୍ରାଧ୍ୟାପକ ପଦ ନିୟମ ଲାଗୁ କରୁଛନ୍ତି। ଫଳରେ କୌଣସି ସ୍ପେସିଆଲାଇଜେସନ୍ ପେପର୍ ନେବାର ସୁଯୋଗ ପାଇବେ ନାହିଁ ଛାତ୍ରଛାତ୍ରୀ। ଅନୁରୂପ ଭାବେ ସ୍ନାତକ (ୟୁଜି) ପାଠ୍ୟକ୍ରମ ପଢ଼ାଇବାକୁ କେବଳ ୩ଜଣ ସହକାରୀ ପ୍ରାଧ୍ୟାପକ ରହିବାର ପ୍ରାବଧାନ କରାଯାଉଛି। ବିଶ୍ୱବିଦ୍ୟାଳୟରେ ସମ୍ପ୍ରତି ୪୬ଟି ମଞ୍ଜୁରୀପ୍ରାପ୍ତ ପ୍ରାଧ୍ୟାପକ ପଦ ରହିଛି। ବିଧାନସଭା ତଥ୍ୟ ଅନୁଯାୟୀ, ମାତ୍ର ୧୦ ଜଣ ପ୍ରାଧ୍ୟାପକ କାର୍ଯ୍ୟରତ ଅଛନ୍ତି। ହେଲେ ସଂଗତୀକରଣ ପ୍ରକ୍ରିୟାରେ ପ୍ରାଧ୍ୟାପକ ପଦ ୨୯କୁ କମାଇବା ପାଇଁ ସୁପାରିଶ କରାଯାଇଥିବା ଜଣାପଡ଼ିଛି। ସେହିପରି ୭୫ଟି ମଞ୍ଜୁରୀପ୍ରାପ୍ତ ସହଯୋଗୀ ପ୍ରାଧ୍ୟାପକ ପଦ ମଧ୍ୟରୁ ମାତ୍ର ୩୦ଜଣ କାର୍ଯ୍ୟରତ ଅଛନ୍ତି। ଏହି ପଦ ସଂଖ୍ୟା ମଧ୍ୟ ୫୧କୁ କମାଇବାକୁ ପ୍ରସ୍ତାବ ରହିଛି।

ସଂଗତୀକରଣ ପ୍ରକ୍ରିୟା ଛାତ୍ର-ଶିକ୍ଷକ ଅନୁପାତକୁ ଗୁରୁତର ଭାବେ ପ୍ରଭାବିତ କରିବ ବୋଲି ଶିକ୍ଷାବିତ୍ ଡ. ମାନସ ବେହେରା କହିଛନ୍ତି। ସେ କହିଛନ୍ତି, ଜାତୀୟ ଶିକ୍ଷାନୀତି ଲାଗୁ ହେବା ପରେ ସ୍ନାତକରେ ୨୬ ଶହ ନମ୍ବର ବଦଳରେ ୩୬ ଶହ ମାର୍କର ପରୀକ୍ଷା ଦେବେ ଛାତ୍ରଛାତ୍ରୀ। ସଂଗତୀକରଣ ପ୍ରକ୍ରିୟା ଦ୍ୱାରା ଅଧ୍ୟାପକ ପଦ କମୁଥିବାରୁ ଶିକ୍ଷାର ଗୁଣାତ୍ମକମାନ ହ୍ରାସ ପାଇବ। ଅଧ୍ୟାପକଙ୍କ ଉପରେ କାର୍ଯ୍ୟଭାର ମଧ୍ୟ ବଢ଼ିବ। ଏଣୁ ଛାତ୍ର-ଶିକ୍ଷକଙ୍କ ଅନୁପାତକୁ ପ୍ରାଥମିକତା ଦେବା ଆବଶ୍ୟକ ବୋଲି ସେ କହିଛନ୍ତି।

ଉତ୍କଳ ବିଶ୍ୱବିଦ୍ୟାଳୟ ଭାରପ୍ରାପ୍ତ କୁଳପତି ପ୍ରଫେସର ଯଜ୍ଞେଶ୍ୱର ଦଣ୍ଡପାଟ କହିଛନ୍ତି ଯେ ସଂଗତୀକରଣ ପ୍ରକ୍ରିୟା ନେଇ ବିଶ୍ୱବିଦ୍ୟାଳୟର ପଦ ସଂଖ୍ୟା ବଢ଼ିବା ବା କମିବା ନେଇ କୌଣସି ଚୂଡ଼ାନ୍ତ ନିଷ୍ପତ୍ତି ହୋଇନାହିଁ। ସରକାର ଏନେଇ ନିଷ୍ପତ୍ତି ନେବେ ବୋଲି ସେ କହିଛନ୍ତି। ଅପରପକ୍ଷରେ ନାକ୍ ମାନ୍ୟତା ପାଇବାରେ ଉତ୍କଳ ବିଶ୍ୱବିଦ୍ୟାଳୟ ସମସ୍ୟାର ସମ୍ମୁଖୀନ ହେବ ବୋଲି ମଧ୍ୟ ଆଶଙ୍କା ପ୍ରକାଶ ପାଇଛି। ଛାତ୍ର-ଶିକ୍ଷକ ଅନୁପାତ କମିଲେ 'ଏ+' ମାନ୍ୟତା ଆହୁରି ନିମ୍ନଗାମୀ ହେବ ବୋଲି ଶିକ୍ଷାବିତ୍‌ମାନେ ଆଶଙ୍କାବ୍ୟକ୍ତ କରିଛନ୍ତି।

## ହାତୀ ଆକ୍ରମଣରେ...

ତାଙ୍କୁ ଘେରିଯାଇଥିଲେ। ଗ୍ରାମରେ ଲାଇଟ, ହାତୀ ଆସିବା ସୂଚନା ପାଇଁ ସାଇରନ ବ୍ୟବସ୍ଥା, ବିଭାଗ ଦ୍ୱାରା ହାତୀ ଘଉଡ଼ାଇବା ପାଇଁ ୨୪ ଘଣ୍ଟିଆ ପ୍ରହରା ଆଦି ଦାବି କରିଥିଲେ। ତେବେ ଏତେଗୁଡ଼ିଏ ଦାବି ଶୁଣି ବନାଞ୍ଚଳ ଅଧିକାରୀ ଉତ୍ତ୍ୟକ୍ତ ହୋଇ ଗ୍ରାମବାସୀଙ୍କୁ ଗାଳିଗୁଲଜ କରିଥିଲେ। ଏହାକୁ ନେଇ ପୁଣି କିଛି ସମୟ ଉତ୍ତେଜନା ପ୍ରକାଶ ପାଇଥିଲା।

ଖବର ପାଇ ଘଟଣାସ୍ଥଳରେ ହିନ୍ଦୋଳ ଉପଜିଲ୍ଲାପାଳ ପ୍ରଭାସ କୁମାର ବେହୁରା, ତହସିଲଦାର ଦିଲୀପ କୁମାର ସେଠୀ, ହିନ୍ଦୋଳ ଏସଡିପିଓ ସତ୍ୟକୁମାର ନନ୍ଦ ପହଞ୍ଚି ଗ୍ରାମବାସୀଙ୍କୁ ବୁଝାସୁଝା କରିଥିଲେ। ଗ୍ରାମରେ ଲାଇଟ ଲଗାଇବା, ହିନ୍ଦୋଳରେ ଆତଙ୍କ ଚଳାଇଥିବା ଦନ୍ତାହାତୀକୁ ତୁରନ୍ତ ଟ୍ରାଙ୍କୁଲାଇଜ କରି ଅନ୍ୟତ୍ର ପଠାଇବା, ହାତୀ ଜଗୁଆଳିଙ୍କ ଦ୍ୱାରା ନିୟମିତ ପହରା ଆଦି ଦାବିଗୁଡ଼ିକୁ ଯଥାଶୀଘ୍ର ପୂରଣ କରାଯିବାକୁ ପ୍ରତିଶ୍ରୁତି ଦେବା ସହ ମୃତକଙ୍କ ପରିବାରକୁ ରେଡକ୍ରସ ପାଣ୍ଠିରୁ ୫ହଜାର ଟଙ୍କା ଲେଖାଏଁ ପ୍ରଦାନ କରିବା ପରେ ଉତ୍ତେଜନା ଥମିଥିଲା ଓ ପୁଲିସ ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ହିନ୍ଦୋଳ ଡାକ୍ତରଖାନା ପଠାଇଥିଲା। ପରେ ରାସ୍ତା ଅବରୋଧ ପ୍ରତ୍ୟାହୃତ ହୋଇଥିଲା।

ଅନ୍ୟପଟେ କର୍ତ୍ତବ୍ୟରେ ଅବହେଳା ପାଇଁ ରାସୋଳ ବନପାଳ ଦାୟିତ୍ୱରେ ଥିବା ଲୁସ୍ମିତା ସିଂଙ୍କୁ ଢେଙ୍କାନାଳ ଡିଏଫଓ ସୁମିତ କୁମାର କର କାର୍ଯ୍ୟରୁ ନିଲମ୍ବନ କରିଥିବା ଜଣାପଡ଼ିଛି। ଏକ ଶୋକାକୁଳ ପରିବେଶରେ ଗାଁ ନିକଟ ଶ୍ମଶାନରେ ୩ ଜଣଙ୍କର ଶବଦାହ କରାଯାଇଛି।

## ମୁଖ୍ୟମନ୍ତ୍ରୀଙ୍କ ତଦନ୍ତ...

ଘଟଣାରେ ମୋଟ ୩ ଜଣ ଶ୍ରଦ୍ଧାଳୁଙ୍କର ମୃତ୍ୟୁ ଘଟିଥିଲା ବେଳେ କେତେଜଣ ଆହତ ମଧ୍ୟ ହୋଇଥିଲେ। ଏହି ଘଟଣାର ତଦନ୍ତ ପାଇଁ ରାଜ୍ୟ ସରକାର ଉନ୍ନୟନ କମିସନର ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ଏକ ସ୍ୱତନ୍ତ୍ର ଟିମ୍ ଗଠନ କରିଥିଲେ। ଉନ୍ନୟନ କମିସନରଙ୍କୁ ସହଯୋଗ କରିବା ପାଇଁ ୪ ଜଣ ଓଏଏସ ଅଧିକାରୀଙ୍କୁ ମଧ୍ୟ କମିଟିରେ ସ୍ଥାନ ମିଳିଥିଲା। ଉନ୍ନୟନ କମିଶନର ନିଜେ ଭୁବନେଶ୍ୱର ଏବଂ ପୁରୀରେ ଶୁଣାଣି କରିବା ସହ ପ୍ରତ୍ୟେକ୍ଷଦର୍ଶୀଙ୍କଠାରୁ ମତାମତ ଗ୍ରହଣ କରିଥିଲେ।

## ଆଖୁ ଚାଷର...

ଆଗ୍ରହ ପ୍ରକାଶ କରୁନାହାନ୍ତି। ୨୦୦୦-୦୧ ବର୍ଷ ବେଳକୁ ଓଡ଼ିଶାରେ ଆଖୁଚାଷ ହେଉଥିବା ଜମିର ପରିମାଣ ପ୍ରାୟ ୩୧ହଜାର ହେକ୍ଟର ଥିଲା। ଏହି ବର୍ଷରେ ୨୧ଲକ୍ଷ ମେଟ୍ରିକ ଟନ୍ ଆଖୁ ଉତ୍ପାଦିତ ହୋଇଥିଲା। ୨୦୧୮-୧୯ ବର୍ଷରେ ଓଡ଼ିଶାରେ ୨୫ହଜାରରୁ ହେକ୍ଟରରୁ କମ୍ ଜମିରେ ପ୍ରାୟ ୧୮ ଲକ୍ଷ ମେଟ୍ରିକ ଟନ୍ ଆଖୁ ଉତ୍ପାଦିତ ହୋଇଥିବା ସ୍ଥଳେ ୨୦୧୯-୨୦ ବର୍ଷରେ ୧୯ ହଜାର ହେକ୍ଟରରୁ କମ୍ ଜମିରେ ପ୍ରାୟ ୧୪ଲକ୍ଷ ମେଟ୍ରିକ ଟନ୍ ଆଖୁ ଉତ୍ପାଦିତ ହୋଇଥିଲା। ଗତବର୍ଷ ପାଖାପାଖି ୧୫ ଲକ୍ଷ ହେକ୍ଟର ଚାଷ ଜମିରେ ୧୧ରୁ ୧୨ ଲକ୍ଷ ମେଟ୍ରିକ୍ ଟନ୍ ଆଖୁ ଉତ୍ପାଦନ ହୋଇଛି।

ଏ ସମ୍ପର୍କରେ କୃଷି ବିଶେଷଜ୍ଞ ଦେବବ୍ରତ ପାଣିଗ୍ରାହୀ କହିଛନ୍ତି, ବ୍ରିଟିଶ ସରକାର ସମୟରୁ ଆସିକାରେ ଚିନିକଳ ସ୍ଥାପିତ ହୋଇଥିଲା। ଚିନିକଳଗୁଡ଼ିକ ପକ୍ଷରୁ ଚାଷୀମାନଙ୍କୁ ଉନ୍ନତ କିସମର ଆଖୁ ବିହନ ସମେତ ସାର ଓ ଅନ୍ୟାନ୍ୟ ପ୍ରୋତ୍ସାହନ ଯୋଗାଇ ଦିଆଯାଉଥିଲା। ଚାଷୀମାନଙ୍କଠାରୁ ଆଖୁ ସଂଗ୍ରହ କରି କାରଖାନାରେ ଚିନି ଉତ୍ପାଦନ କରାଯାଉଥିଲା। ଏଥିଯୋଗୁଁ ଚାଷୀମାନେ ଅଧିକ ଲାଭ ପାଇବା ଆଶାରେ ଆଖୁଚାଷ କରୁଥିଲେ। କିନ୍ତୁ ଚିନିକଳଗୁଡିକ ଗୋଟିଏ ପରେ ଗୋଟିଏ ବନ୍ଦ ହୋଇଯିବା ଫଳରେ ଉତ୍ପାଦିତ ଆଖୁ ବିକ୍ରି ମୁଖ୍ୟ ସମସ୍ୟା ହେଉଛି। ବାରମ୍ବାର କ୍ଷତି ସହିବା ଫଳରେ ଚାଷୀମାନେ ଆଖୁଚାଷ ପାଇଁ ଆଗ୍ରହ ପ୍ରକାଶ କରୁନାହାନ୍ତି। ପୂର୍ବରୁ ଗାଁ ଗହଳରେ ଆଖୁ ପେଡି ଗୁଡ଼ ଉତ୍ପାଦନ କରି ଚାଷୀମାନେ ବିଶେଷ ଲାଭବାନ ହେଉଥିଲେ। ଚିନିକଳ ସ୍ଥାପନ ପରେ ସମ୍ପୃକ୍ତ ଅଞ୍ଚଳରେ ଗୁଡ ଉତ୍ପାଦନ ଉପରେ ପ୍ରତିବନ୍ଧକ ଲଗାଯିବାରୁ ଏବେ ଗୁଡ ପାଇଁ ବି ଆମକୁ ଅନ୍ୟ ରାଜ୍ୟ ଉପରେ ନିର୍ଭର କରିବାକୁ ପଡୁଛି ବୋଲି ସେ କହିଛନ୍ତି।

## ବିରତି ନେବ...

ସିଧା ପୃଥିବୀ ଉପରେ ପଡ଼ିଥାଏ। ଏଥିପାଇଁ ତାପମାତ୍ରା ବଢ଼ିବା ସହ ମୌସୁମୀ ସମୟରେ ବାୟୁମଣ୍ଡଳରେ ପ୍ରଚୁର ଜଳୀୟବାଷ୍ପ ରହୁଥିବାରୁ ଏହା ବିଜୁଳି ଘଡ଼ିଘଡ଼ି ପାଇଁ ମଧ୍ୟ ସ୍ଥିତି ଅନୁକୂଳ କରିଥାଏ। ଯେହେତୁ ରାଜ୍ୟରେ ଗଲା କିଛି ଦିନ ମଧ୍ୟରେ ଭଲ ବର୍ଷା ହୋଇଛି, ତେଣୁ ଚାଷ କାମ ପାଇଁ ଚାଷୀମାନେ କ୍ଷେତରେ ରହିବାର ସମ୍ଭାବନା ରହିଛି। ତେଣୁ ଏହି ସମୟରେ ଚାଷୀଙ୍କ ପାଇଁ ବଜ୍ରପାତର ଅଧିକ ବିପଦ ଆଶଙ୍କା ସୃଷ୍ଟି ହୋଇଛି। ସୂଚନା ଥାଉ କି ମୌସୁମୀ ସହ ଜଡ଼ିତ ନିମ୍ନଚାପରେଖା ଉତ୍ତରମୁହାଁ ହେଲେ ଓଡ଼ିଶା ସମେତ କେନ୍ଦ୍ରୀୟ ଭାରତରେ ବର୍ଷା କମିଥାଏ। ନିମ୍ନଚାପ ରେଖା ଏହି ସମୟରେ ଉତ୍ତର ମୁହାଁ ହୋଇ ହିମାଳୟ ପାଦଦେଶରେ ସକ୍ରିୟ ରହିବା ସହ ସେଠାରେ ବର୍ଷା କରାଏ। ସେହିପରି ମୌସୁମୀ ବିରତି ସମୟରେ ପଶ୍ଚିମାଝଡ଼ର ପ୍ରଭାବ ରହିଲେ ଏହି ବିରତି ଅବଧି ବୃଦ୍ଧି ହେବାକୁ ସହାୟକ ହୋଇଥାଏ। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଜୁଲାଇ ୩୦ ତାରିଖ ସୁଦ୍ଧା ରାଜ୍ୟରେ ୬୧୩.୯ ମିମି ବର୍ଷା ହୋଇ ସାରିଛି। ଯାହାକି ସାରା ରାଜ୍ୟରେ ସ୍ୱାଭାବିକ ବର୍ଷା ୫୫୦.୭ ମିମି ତୁଳନାରେ ୧୧ ପ୍ରତିଶତ ଅଧିକ ରହିଛି।

ଅନ୍ୟପଟେ ମୌସୁମୀ ବିରତି ଯୋଗୁଁ ଦୁଇ ସପ୍ତାହ ସ୍ୱାଭାବିକଠାରୁ କମ୍ ବର୍ଷା ହେବ। ସାରା ରାଜ୍ୟରେ ଅଗଷ୍ଟରେ ବର୍ଷାର ପରିମାଣ ସ୍ୱାଭାବିକ ତୁଳନାରେ କମ୍ ରହିବ ବୋଲି ଭାରତୀୟ ପାଣିପାଗ ବିଭାଗ (ଆଇଏମ୍‌ଡି) କହିଛି। ଅଗଷ୍ଟ ମାସ ପାଇଁ ମୌସୁମୀ ବର୍ଷାଜନିତ ଆକଳନ କରି ଆଇଏମ୍‌ଡି କହିଛି, ରାଜ୍ୟର କାଁ ଭାଁ ସ୍ଥାନକୁ ଛାଡ଼ିଦେଲେ ଅବଶିଷ୍ଟ ସଅଞ୍ଚଳରେ ଅଗଷ୍ଟ ମାସରେ ମୌସୁମୀ ବର୍ଷା ସ୍ୱାଭାବିକ ତୁଳନାରେ କମ୍ ରହିବ। ଦୁଇ ତଳେ ପଶ୍ଚିମବଙ୍ଗର ଗାଙ୍ଗେୟ ଉପତ୍ୟକାରେ ଏକ ଘୂର୍ଣ୍ଣିବଳୟ ସକ୍ରିୟ ରହିଥିଲା। ଏହା ପ୍ରଭାବରେ ଗୁରୁବାର ରାଜ୍ୟର କିଛି ଜିଲ୍ଲାରେ ବର୍ଷା ହୋଇଥିବା ବେଳେ ଶୁକ୍ରବାର ମଧ୍ୟ କେବଳ ଉତ୍ତର ଓଡ଼ିଶାର କିଛି ଜିଲ୍ଲାରେ ହାଲୁକାରୁ ମଧ୍ୟମ ଧରଣର ବର୍ଷା ସମ୍ଭାବନା ରହିଛି। ମାତ୍ର ଶନିବାରଠାରୁ ବର୍ଷାର ପରିମାଣ ମାତ୍ରାଧିକ ହ୍ରାସ ପାଇବା ସହ ସାରା ଓଡ଼ିଶାରେ ଶୁଖିଲା ପାଗ ରହିବାର ସମ୍ଭାବନା ରହିଛି।


**AFFIDAVIT**

By the virtue of an affidavit sworn before the Notary Public, Daringibadi, Dated 31.07.2025. I, Radhika Deshmajhi, W/o- Binod Deshmajhi, Address Kalikia, Po: Kasabasa, Ps: Bamunigam, Dist: Kandhamal, State: Odisha-762021 declare that I have changed my minor daughter's name from ANJITA DESHMAJHI to MEGHA DESHMAJHI. Henceforth, She shall be known as **MEGHA DESHMAJHI** for all purposes.

**AFFIDAVIT**

By virtue of an affidavit No.2094, dtd.28.07.2025 in the court of the Executive Magistrate, Sukinda, Jajpur, I, Jogesh Kumar Majhi, Vill- Kantira, Po- Atta, Ps- Sukinda, Jajpur-755018 have changed my minor son's name from Asian Majhi to **Ashish Kumar Majhi** for all purposes.

Sd/- Jogesh Kumar Majhi

**AFFIDAVIT**

By virtue of an affidavit No.2465, dtd.24.06.2025 in the court of the Executive Magistrate, Pipili, Puri, I, Rojalin Rath, Vill- Mahasingpatna, Po- Dandamukundapur, Ps- Pipili, Dist- Puri, Odisha have changed my name from Rosalin Dash (Dob-12.06.1987) to Rojalin Rath (correct Dob-12.06.1988) for all purposes.

Sd/- Rojalin Rath

**Notice(For Minor)**

By virtue of an affidavit sworn before The Executive Magistrate, Kaptipada, Udala, Mayurbhanj , dated 30-07-2025. I, Malati Tudu, Address At- Debala, Po- Gadigaon, Dist- Mayurbhanj, Pin- 757087 declare that I have changed the name of my Son from Suray Tudu to Mangal Tudu . Henceforth, he shall be known as Mangal Tudu for all purposes.

Malati Tudu

**NOTICE**

By virtue of an affidavit sworn before the Notary Public, Cuttack, dated 23.07.2025 I, Maguni Prasad Singh Samanta, resident of At- Kendubilwa, PO- Prataprudrapur, PS- Balianta, Dist- Khordha-752102, Odisha have changed my name from Maguni Pradhan to Maguni Prasad Singh Samanta. Henceforth, I shall be known as **Maguni Prasad Singh Samanta** for all purposes.

Maguni Prasad Singh Samanta

**AFFIDAVIT**

I ALAYANA DURGAMBA, W/o A THIRUPATI, resident of Bharat Nagar Colony 1st lane, Bell Road, Po- P.R.Peta, PS- JEYPORE, Dist- Koraput, Odisha -764003, Odisha declare by this Affidavit No.678, Dated - 31/07/2025, that now onwards I shall be known as A DURGAMBA for all future purpose.

**AFFIDAVIT**

By virtue of an affidavit No.356, dtd.10.07.2025 in the court of Executive Magistrate, Chatrapur, Ganjam, I, Tukuna Nahak have changed my son namely Aswini Kumar Nahak, Date of Birth from 14.09.2007 to 29.10.2008 vide his Birth certificate Regd. No. 236/2012 and Aadhar card no. 349739778541. Henceforth my son's actual and correct date of Birth is 29.10.2008 for all purposes.

Sd/- Tukuna Nahak

**AFFIDAVIT**

By virtue of an affidavit Sl. No. 558, dtd. 10.07.2025 before the Notary, Bhubaneswar, I Payoja Priyadarsini Resident of At-Sanabankihati, Po- Bilasuni, Ps-Niali, Dist- Cuttack, Pin-754004, Odisha I have changed my name from Payaja Priyadarsini to Payoja Priyadarsini for all purposes.

Sd/- Payoja Priyadarsini

**CHANGE OF NAME**

By virtue of an affidavit sworn before Executive Magistrate, Nabarangpur dtd. 30th July 2025, I, N Vijay Nagendra (New Name), permanent resident of Gadabaguda, Nabarangpur, in the district of Nabarangpur, Odisha, Pin-764059, declare that I have changed my name from **Roshit Kumar** (Old Name) to **N Vijay Nagendra** (New Name). Henceforth, I shall be known as **N Vijay Nagendra** (New Name) for all purposes.

N Vijay Nagendra

**AFFIDAVIT**

By virtue of an affidavit Sl. No.- 2099, dtd.31.07.2025 in the court of the Executive Magistrate, Phulbani, Dist.- Kandhamal, I, Subhalata Kanhar, have changed my name from Subhalaxmi Kanhar to Subhalata Kanhar. Henceforth I shall be known as **Subhalata Kanhar** for all purposes.

Sd/- Subhalata Kanhar

**AFFIDAVIT**

I ALAYANA THIRUPATI, S/o ALAYANA ESWAR, resident of Bharat Nagar colony 1st lane, Bell Road, Po- P.R.Peta, PS- JEYPORE, Dt-Koraput, Odisha - 764 003 declare by this Affidavit No.677, Dated - 31/07/2025,that now onwards I shall be known as A THIRUPATI for all future purpose.

**CHANGE OF NAME**

By virtue of an affidavit sworn before The Notary Public, Sunabeda dated 31/07/2025 I, Smt. Jashoda Majhi, W/o Keshaba Majhi, Village - Parata, PO. - Thuba, PS. - Nandapur, District - Koraput declare that I have changed my name from **Yasoda Majhi** to **Jashoda Majhi**. Henceforth, I shall be known as **Jashoda Majhi** for all purposes.

Jashoda Majhi

**AFFIDAVIT**

By virtue of an affidavit Sl. No. 547, dtd. 17.03.2025 before the Notary, Bhubaneswar,I Srabana Kumar Naik Resident of At-Ganikumpa, Po- Podasahi, Ps-Banigochha, Dist-Nayagarh, Pin-752089,Odisha I have changed my name from Muna Sahu to Srabana Kumar Naik for all purposes.

Sd/- Srabana Kumar Naik

O-517 Email:- rw_dharmagarh@yahoo.com

GOVERNMENT OF ODISHA
OFFICE OF THE SUPERINTENDINGENGINEER
RURAL WORKS DIVISION, DHARMAGARH

BID IDENTIFICATION NO. DMGH/Online-03 OF 2025-26 Dates:28.07.2025

**"e" PROCUREMENT NOTICE**

Bid documents consisting of Work, Estimate Cost, Cost of tender Paper, Bid Security, Time of Completion, Class of Contractor and the set of terms and conditions of contract and other necessary documents can be seen in Govt. website i.e. www.tendersorissa.gov.in

1.Name of the Work :Building works in the district of Kalahandi as mentioned in DTCN
2. Total No of Works : 02No.
3.Estimated Cost: :Rs.12.60 lakhs to Rs.13.83 lakhs
4.Period of Completion: : 02 Calendar Month
5.Other Details:

| Availability of Tender online for bidding | | Last date & time seeking tender clarification | Date &timeof Opening of tender |
|---|---|---|---|
| From | To | | |
| 01.08.2025 At 10.00 AM | 14.08.2025 Up to 5.00 PM | 12.08.2025 Up to 5.00 PM | 16.08.2025 At 11.00 AM |

Further details can be seen from the website www.tendersorissa.gov.in

Superintending Engineer
Rural Works Division
Dharmagarh

OIPR-25100/11/0025/2526

**AFFIDAVIT**

I, Swornabala Jena W/o Samaresh Jena, Resident of Plot No-62, Lal Bahadur Colony, Old Station Square, PO - Budheswari, PS-Laxmisagar, Bhubaneswar, Dist-Khordha, Pin-751006, Odisha declare by this affidavit No.106 dated 30.07.2025 that now onwards I shall be known as **SWORNABALA PRADHAN** for all future purposes.

**AFFIDAVIT**

I, Subhashree Das W/o Satyabrata Prusty, Resident of Plot No - 219/9379 , Chakeisihani, PO - Rasulgarh, PS- Mancheswar, Bhubaneswar, Dist - Khordha, Odisha - 751010, declare by this affidavit No.026 dated 06.01.2020 that now onwards I shall be known as **SUBHASHREE PRUSTY** for all future purposes.

**AFFIDAVIT**

I, Swapna Das W/o Saroj Kumar Tarasia, Resident of Plot No 361(P) , Saneigadia, PO- Rasulgarh, PS-Mancheswar, Bhubaneswar, Dist-Khordha, Odisha-751010, declare by this affidavit No.1465 dated 31.07.2025 that now onwards I shall be known as **SWAPNA TARASIA** forall future purposes.

**AFFIDAVIT**

By virtue of an affidavit sworn before Notary Public Titilagarh, dated 30.07.2025 I, Kuma Bag , Address At- Dhatuk, Po- Barbahal, Ps- Patnagarh, Dist- Balangir, Odisha, Pin- 767027 declare that I have changed my name from Kumbha Bag to Kuma Bag. Henceforth, I shall be known as **Kuma Bag** for all purposes.

Kuma Bag

**AFFIDAVIT**

I, Olivia Parida, W/o-Manas Kumar Parida, resident of vill - Baligohiri, PO - Raj Nilgiri, Dist - Balasore, Pin -756040, Odisha, declare by this affidavit No -7354, dated- 30/07/2025, that now onwards I shall be known as **OLIVIA MAITY** for all future purposes.

**AFFIDAVIT**

By virtue of an affidavit before the Notary Public, dtd- 28/07/2025. I **Gumani Sahoo,** aged about 85 years, W/o- Late Rushinath Sahoo, At- Dadhapatna, PO/PS- Barang, Dist- Cuttack, Pin- 754005, Odisha have changed my name from **Guna Lata Sahoo** to **Gumani Sahoo.** Henceforth, both the names **Guna Lata Sahoo** and **Gumani Sahoo** is one and same person and I shall be known as **Gumani Sahoo** for all purposes.

**AFFIDAVIT**

I, Mamata Rani Das, W/o- Snehasis Pattanaik, resident of Flat No. 204/A, Trident Galaxy, kalinga Nagar, Ghatikia, Ps- Chandaka, Bhubaneswar, Pin-751030, Dist- Khordha, Odisha declare by this affidavit No. 499, date- 30/07/2025, that now onwards I shall be known as **MAMATA DAS** for all future purposes.

**LOST**

**I, Sandip Kumar Beura,** S/o.: Sulekha Chandra Beura, Village: Raghunathpur, PO.: RK Patna, P.S.: Patkura, Dist.: Kendrapara, state that the Original Regd. Sale Deed No.: 10931204085 dt.10.1.2025 executed by Balaram Parida in favour of Dhaneswar Behera & original ROR Khata No.: 3537/7925 of Mouza: Samagudia favouring Dhaneswar Behera have been lost/ misplaced from my custody and my all attempt to trace/find the same fruitless despite of my best efforts. A Station Diary vide GD No.: 19 dt.2.7.2025 has been made at Kendrapara town police station in this respect on my report. No mortgage/charge/security has been created with any banks/Financial institutions by depositing the said Regd. sale deed & ROR in original for any advance till date. If no objection is received from any concerned within a period of **15 days** from the date of publication of this notice. it will be presumed that the property in question is free from all encumbrances by others.

(Sri Sandip Kumar Beura)
Mob. No.7873759098

ସକାଳ THE SAKALA



www.sakalaepaper.com

## ବହୁବିଧ ସମସ୍ୟା ଘେରରେ ରଣଜିତ ଆଶ୍ରମ ସ୍କୁଲ୍

# ପୁରାତନ କକ୍ଷରେ ପାଠପଢ଼ା; ଟିଣଘରେ ରୋଷଶାଳା

ବାରିକପୁର,୩୧।୭ (ସମିସ)



ଅନୁସୂଚିତ ଜାତି ଓ ଜନଜାତିଙ୍କ ସର୍ବାଙ୍ଗୀନ ଉନ୍ନତି ପାଇଁ ସରକାର ବିଭିନ୍ନ ଯୋଜନା କରୁଛନ୍ତି। ଶିକ୍ଷା, ସ୍ୱାସ୍ଥ୍ୟ, ଗମନାଗମନ ଓ ଆତ୍ମନିଯୁକ୍ତି କ୍ଷେତ୍ରରେ ହଜାର ହଜାର କୋଟି ଟଙ୍କା ବ୍ୟୟ ବରାଦ ହେଉଛି। ଏସବୁ ସତ୍ତ୍ୱେ ମନ୍ଥର ଗତିରେ ଯୋଜନା କାର୍ଯ୍ୟକାରୀ ହେବା ଓ ବ୍ୟବସ୍ଥାଗତ ତ୍ରୁଟି ଯୋଗୁଁ ଅନୁସୂଚିତ ଜାତି ଓ ଜନଜାତିଙ୍କ ସର୍ବାଙ୍ଗୀନ ବିକାଶ ହେଉନାହିଁ। ବିଶେଷକରି ଶିକ୍ଷା କ୍ଷେତ୍ରରେ ଭିତ୍ତିଭୂମି ଅଭାବ ଏବଂ ଅତି ରୁଗୁଣ୍ ତଥା ବିପଦ ସଙ୍କୁଳ ଶୈକ୍ଷିକ ବାତାବରଣ ମଧ୍ୟରେ ଆଜିବି ସୁଦ୍ଧା ଆଦିବାସୀ ଛାତ୍ରଛାତ୍ରୀଙ୍କୁ ଶିକ୍ଷା ପ୍ରଦାନ କରାଯାଉଛି। ଯାହାର ଏକ ଚିତ୍ର ଭଣ୍ଡାରିପୋଖରୀ ବ୍ଲକ ରଣଜିତ୍ ଆଶ୍ରମ ସ୍କୁଲରେ ଦେଖାଯାଇଛି। ଗତ ୧୯୫୦ ମସିହାରେ ପ୍ରତିଷ୍ଠା ହୋଇଥିବା ଭଦ୍ରକ ଜିଲ୍ଲାର ଏହା ସର୍ବପୁରାତନ ଆବାସିକ ଆଦିବାସୀ ବିଦ୍ୟାଳୟ କହିଲେ ଅତ୍ୟୁକ୍ତି ହେବ ନାହିଁ। ଏଠାରେ ବାଲ ବାଟିକାକୁ ମିଶାଇ ଅଷ୍ଟମ ଶ୍ରେଣୀ ଯାଏଁ ପିଲା ମାନେ ଅଧ୍ୟୟନ କରୁଛନ୍ତି। ଭଦ୍ରକ ସମେତ କେନ୍ଦୁଝର, ଯାଜପୁର ଓ ମୟୂରଭଞ୍ଜ ଜିଲ୍ଲାର ଆଦିବାସୀ ସଂପ୍ରଦାୟର ପିଲା ପାଠ ପଢୁଛନ୍ତି। ପ୍ରଧାନ ଶିକ୍ଷକଙ୍କ ସମେତ ୫ ଜଣ ଶିକ୍ଷକ ୨୪୫ ଜଣ ଛାତ୍ରଛାତ୍ରୀଙ୍କୁ ଶିକ୍ଷାଦାନ କରୁଛନ୍ତି। ଭିତ୍ତିଭୂମି ଅଭାବ ଏବଂ ଲତାଗୁଳ୍ମ ଘେରା ବିଦ୍ୟାଳୟ ପରିସରରେ ପିଲାମାନେ ପାଠ ପଢୁଛନ୍ତି। ଅସୁରକ୍ଷିତ ପୁରୁଣା ଗୃହରେ ପିଲାମାନେ ପଢୁଥିବାବେଳେ ଟିଣ ଛପର ଘର ପାଲଟିଛି ରୋଷେଇଶାଳ। ବିଦ୍ୟାଳୟରେ ସ୍ୱତନ୍ତ୍ର ଖେଳ ପଡିଆ ମଧ୍ୟ ନାହିଁ। ଅନୁସୂଚିତ ଜାତି ଓ ଜନଜାତି ଉନ୍ନୟନ ବିଭାଗ ଦ୍ୱାରା ପରିଚାଳିତ ଉକ୍ତ ବିଦ୍ୟାଳୟରେ ଯେଉଁଭଳି ଆଧୁନିକରଣ ହେବା କଥା ତାହା ହୋଇନାହିଁ। ଏସମ୍ପର୍କରେ ଜିଲ୍ଲା ମଙ୍ଗଳ ଅଧିକାରୀ ସାଲୁ କୁମାର ଟୁଡୁଙ୍କୁ ଯୋଗାଯୋଗ କରିବାରୁ ଶ୍ରେଣୀ ଗୃହ ଅଭାବ ଥିବା ସେ ସ୍ୱୀକାର କରିଛନ୍ତି। ନୂତନ ଗୃହ ନିର୍ମାଣ ହୋଇଥିଲେ ସୁଦ୍ଧା କାର୍ଯ୍ୟ ଅସମ୍ପୂର୍ଣ୍ଣ ରହିଛି। ତେଣୁ ପିଲାମାନେ ପୁରୁଣା ଗୃହରେ ଅଧ୍ୟୟନ କରୁଛନ୍ତି। ଏନେଇ ଜିଲ୍ଲାପାଳଙ୍କ ସମୀକ୍ଷା ବୈଠକରେ ମଧ୍ୟ ଅବଗତ କରାଯାଇଛି; କିନ୍ତୁ ଫଳ ଶୂନ।

## ● ମରଣାନ୍ତକ ଆକ୍ରମଣ ଘଟଣା

# ୨ ଅଭିଯୁକ୍ତ ଦଣ୍ଡିତ

**ଭଦ୍ରକ,୩୧।୭ (ସମିସ):** ଗତ ୨୦୧୫ ନଭେମ୍ବର ୪ ତାରିଖରେ ଭଦ୍ରକ ସହର ଉପକଣ୍ଠ ଗେଲପୁର (ଗୋପବନ୍ଧୁ ନଗର) ଗ୍ରାମର ଏକ ସଂଘଠିତ ଆକ୍ରମଣ ଘଟଣାର ବିଚାର କରି ଭଦ୍ରକ ମୁଖ୍ୟ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ ନିବେଦିତା ପଣ୍ଡା ଅଭିଯୁକ୍ତ କାହ୍ନୁଚରଣ ମଳିକ, ଉମାକାନ୍ତ ମଳିକଙ୍କୁ ଭାରତୀୟ ପିଙ୍ଗଳ କୋଡର ଦଫା-୩୨୩ ରେ ୬ ମାସ କାରାଦଣ୍ଡ , ୩୨୬ ଦଫାରେ ୩ ବର୍ଷ ସଶ୍ରମ କାରାଦଣ୍ଡ ଓ ୨୦୦୦ ଟଙ୍କା, ୩୦୭ ଦଫାରେ ୪ ବର୍ଷ ସଶ୍ରମ କାରାଦଣ୍ଡାଦେଶ ଓ ୨ହଜାର ଟଙ୍କା ଜରିମାନା ଆଦେଶ ଦେଇଛନ୍ତି। ଜରିମାନା ଟଙ୍କା ଆଦାୟ ହେବା ପରେ ତାହା ଉଭୟଙ୍କୁ ପ୍ରଦାନ ପାଇଁ ବିଚାରପତି ତାଙ୍କ ରାୟରେ ନିର୍ଦ୍ଦେଶ ଦେଇଛନ୍ତି। ଘଟଣାରୁ ପ୍ରକାଶ ଯେ, ୨୦୧୫ ମସିହା ନଭେମ୍ବର ୪ ତାରିଖରେ ପୂର୍ବ ଶତ୍ରୁତାରୁ ସେହି ଗ୍ରାମର ମଙ୍ଗରାଜ ମଳିକ ଓ ତାଙ୍କ ଭାଇ ପୃଥୀରାଜ ମଳିକଙ୍କୁ ଭୁଜାଲିରେ ଉପରୋକ୍ତ ଅଭିଯୁକ୍ତ ଓ ଉମାକାନ୍ତଙ୍କ ଭାଇ ତନୁ ଓରଫ ତନ୍ମୟ ମଳିକ ମାନେ ଆକ୍ରମଣ କରିବା ସହ ତାଙ୍କୁ ଜୀବନରୁ ମାରିଦେବା ପାଇଁ ଉଦ୍ୟମ କରିଥିଲେ। ଆକ୍ରମଣ ବେଳେ ସେମାନଙ୍କ ପିତା ଦୁର୍ଯୋଧନ ମଳିକ ସେଠାରେ ପହଞ୍ଚି ତାଙ୍କ ଦୁଇ ପୁଅକୁ ସେମାନଙ୍କ କବଳରୁ ଉଦ୍ଧାର କରିବା ପରେ ଡାକ୍ତରଖାନାରେ ଭର୍ତ୍ତି କରିଥିଲେ। ପରେ ଏ ନେଇ ଭଦ୍ରକ ଗ୍ରାମାଞ୍ଚଳ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ତାଙ୍କ ଅଭିଯୋଗକୁ ଭିତ୍ତିକରି ଏକ ମାମଲା ରୁଜୁ କରିଥିଲା ପୁଲିସ। ପରେ ଜେଲକୁ ପଠାଇ ଦିଆଯାଇଥିଲେ ହେଁ ଜାମିନରେ ଆସିଥିଲେ। ଆଜି କୋର୍ଟ ଅଭିଯୁକ୍ତ କାହ୍ନୁ ଓ ଉମାକାନ୍ତଙ୍କୁ ଦୋଷୀ ସାବ୍ୟସ୍ତ କରିଥିବା ବେଳେ ତନୁ ଓରଫ ତନ୍ମୟ ମଳିକଙ୍କୁ ପ୍ରମାଣ ଅଭାବରୁ ନିର୍ଦ୍ଦୋଶରେ ଖଲାସ କରିଛନ୍ତି। ଅଭିଯୋଗକାରୀଙ୍କ ତରଫରୁ ଅତିରିକ୍ତ ପବ୍ଲିକ ପ୍ରାସିକ୍ୟୁଟର ଯତିକାନ୍ତ ନାୟକ ଓ ସହକାରୀ ସରକାରୀ ଓକିଲ ପଙ୍କଜ କୁମାର ଦାସ ମାମଲା ପରିଚାଳନା କରୁଥିଲେ।

## ଦୁର୍ଘଟଣାରେ ଯୁବ ଇଂଜିନିୟରଙ୍କ ପରଲୋକ



**ଭଦ୍ରକ,୩୧।୭ (ସମିସ):** ଏକ ସଡ଼କ ଦୁର୍ଘଟଣାରେ ଭଦ୍ରକ ସହରର ବନ୍ତ ଛକ ନିବାସୀ ଇଞ୍ଜିନିୟର ଦେବଦତ୍ତ ଷଡ଼ଙ୍ଗୀ (୪୫)ଙ୍କ ମୃତ୍ୟୁ ଘଟିଛି। ସେ ବୁଧବାର ରାତିରେ ବନ୍ତଛକ ବାସଭବନରୁ ଚରମ୍ପା ଆଡକୁ ବାଇକ୍‌ରେ ଫେରୁଥିଲେ। ୧୬ ନମ୍ବର ଜାତୀୟ ରାଜପଥ ଉପରେ ଡାହାଣୀ ଗାଡ଼ିଆ ଛକ ନିକଟରେ ଠିଆ ହୋଇଥିବା ଏକ ଟ୍ରଲର ଗାଡ଼ିକୁ ପଛପଟୁ ତାଙ୍କ ବାଇକ୍ ଧକ୍କା ଦେଇଥିଲା। ଦୁର୍ଘଟଣାରେ ତାଙ୍କର ବେକର ଶିରକଟି ଯାଇ ପ୍ରଚୁର ରକ୍ତସ୍ରାବ ହୋଇଥିଲା। ରାତିରେ ତାଙ୍କୁ ଚିକିତ୍ସା ନିମନ୍ତେ ଭଦ୍ରକ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ଅଣାଯାଇଥିଲା। ମାତ୍ର ତାଙ୍କର ଅବସ୍ଥା ଗୁରୁତର ହେବାରୁ ତାଙ୍କୁ ଭୁବନେଶ୍ୱରର ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ଚିକିତ୍ସାଧୀନ ଅବସ୍ଥାରେ ସେଠାରେ ତାଙ୍କର ମୃତ୍ୟୁ ଘଟିଛି। ସେ ସରକାରୀ ଯନ୍ତ୍ରୀ ଭାବେ କାର୍ଯ୍ୟ କରି ବ୍ୟକ୍ତିଗତ କାରଣରୁ ଚାକିରି ଛାଡିଥିଲେ। ସେ ଜଣେ ମେଳାପୀ, ପରୋପକାରୀ ମଣିଷ ଭାବେ ପରିଚିତ ଥିଲେ। ବ୍ୟବସାୟ କରି ପରିବାର ପ୍ରତିପୋଷଣ କରୁଥିଲେ। ତାଙ୍କ ବିୟୋଗରେ ଭଣ୍ଡାରିପୋଖରୀ ବିଧାୟକ ସଞ୍ଜୀବ କୁମାର ମଲ୍ଲିକ, ପ୍ରାକ୍ତନ ବ୍ଲକ ଅଧ୍ୟକ୍ଷ ଅଶୋକ କୁମାର ନାୟକ, ଜିଲ୍ଲା ପରିଷଦ ସଭ୍ୟ ସାରଦା ପ୍ରସନ୍ନ ସାହୁ, ଧୂଷୁରୀ ସେବା ସମବାୟ ସମିତି ସଭାପତି ସନ୍ଦୀପ ସ୍ୱାଇଁ, ପ୍ରଶାନ୍ତ ମହାନ୍ତି, ସରୋଜ ନାୟକ ପ୍ରମୁଖ ଭୁବନେଶ୍ୱରରେ ଶେଷଦର୍ଶନ କରିଥିଲେ । ତାଙ୍କ ମୃତ ଶରୀରକୁ ଆଜି ପୁରୀ ସ୍ୱର୍ଗଦ୍ୱାର ଠାରେ ଶେଷ କ୍ରିୟା ସମ୍ପନ୍ନ କରାଯାଇଥିଲା । ବଡପୁଅ ଚନନ୍ଦ ମୁଖାଗ୍ନି ଦେଇଥିଲେ ।

## ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ବିଦାୟୀକାଳୀନ ସମ୍ବର୍ଦ୍ଧନା ସଭା

**ଭଦ୍ରକ,୩୧।୭ (ସମିସ):** ଗୁରୁବାର ଭଦ୍ରକ ଜିଲ୍ଲାପାଳଙ୍କ ଅଧକ୍ଷତାରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ସଦଭାବନା ସଭାଗୃହରେ ୩ ଜଣ କର୍ମଚାରୀ ପ୍ରକାଶ କୁମାର ବେହୁରିଆ, ବରିଷ୍ଠ ରାଜସ୍ୱ ସହାୟକ, ଚପରାଶି ରାଇଚରଣ ବାରିକ, ଡ୍ରାଇଭର ନୟନ ସାହୁ ଡ୍ରାଇଭରଙ୍କ ଅବସରର କାଳୀନ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଯାଇଛି। ଉକ୍ତ ସଭାରେ ଅତିରିକ୍ତ ଜିଲ୍ଲାପାଳ ସରୋଜ କୁମାର ଦତ୍ତ, ଅତିରିକ୍ତ ଜିଲ୍ଲାପାଳ ରବିନାରାୟଣ ସାହୁ, ଡେପୁଟି କଲେକ୍ଟର କାର୍ତ୍ତିକ ନାଥ ମଣ୍ଡଳଙ୍କ ସହିତ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ସମସ୍ତ ଡେପୁଟି କଲେକଟର ଓ ଆସିଷ୍ଟାଣ୍ଟ କଲେକଟର, ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଷ୍ଟାଫ କମିଟି ସଦସ୍ୟ ଅମୂଲ୍ୟ କୁମାର ସାହୁ, ଅତୁଲ ନନ୍ଦୀ, ଶ୍ୟାମସୁନ୍ଦର ଜେନା, ଓଁକାର ଦାସ ପ୍ରମୁଖ ଉପସ୍ଥିତ ଥିଲେ।

## ବୈତରଣୀରେ କମୁଛି ଜଳସ୍ତର



**ବାରିକପୁର/ଭଣ୍ଡାରିପୋଖରୀ, ୩୧।୭ (ସମିସ):** ଗତ ମଙ୍ଗଳବାର ରାତିରୁ ବୁଧବାର ଅପରାହ୍ନ ଯାଏଁ ଭଦ୍ରକ ଜିଲ୍ଲାରେ ପ୍ରବଳ ବର୍ଷା ଲାଗି ରହିଥିବା ବେଳେ ବୈତରଣୀ ନଦୀର ଉପରମୁଣ୍ଡରେ ମଧ୍ୟମ ଧରଣର ବର୍ଷା ହୋଇଥିଲା। ତେଣୁ ଭଣ୍ଡାରିପୋଖରୀ ବ୍ଲକର ଆଖୁଆପଦା ଆନିକଟଠାରେ ବୁଧବାର ସନ୍ଧ୍ୟାଠାରୁ ନଦୀର ଜଳସ୍ତର ବୃଦ୍ଧି ହୋଇଥିଲା। ରାତି ଗୋଟାଏ ବିପଦ ସତର୍କ ସୂଚନା ଅତିକ୍ରମ କରି ୧୭.୮୩ ଉପରେ ପାଣି ନିଷ୍କାସନ ହୋଇଥାଲା। ରାତିଠାରୁ ଗୁରୁବାର ଦିନ ଦୁଇଟା ଯାଏଁ ମନ୍ଥର ଗତିରେ ଜଳସ୍ତର ବୃଦ୍ଧି ଘଟି ୧୮.୧୯ ରେ ପହଞ୍ଚି ଥିଲା। ପରେ ଅପରାହ୍ନ ୩ଟାଠାରୁ ଏହା ହ୍ରାସ ପାଇ ସନ୍ଧ୍ୟା ସାତଟା ବେଳେ ୧୮.୧୧ ରେ ଜଳ ପ୍ରବାହିତ ହେଉଥିବା ସୂଚନା ମିଳିଛି। ବୈତରଣୀ ନଦୀର ଆଖୁଆପଦାଠାରେ ବିପଦ ସଂକେତ ୧୮.୩୩ ମିଟର ରହିଛି। ଚଳିତ ବର୍ଷା ଯୋଗୁଁ ଜଳସ୍ତର ବୃଦ୍ଧି ହୋଇଥିଲେ ସୁଦ୍ଧା ନଦୀରେ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇନଥିବା ଜଣାପଡିଛି।

## ଅବସରପ୍ରାପ୍ତ ଡାକ କର୍ମଚାରୀଙ୍କ ପରଲୋକ



**ଅସୁରାଳି,୩୧।୭ (ସମିସ):** ଅବସରପ୍ରାପ୍ତ ଡାକ କର୍ମଚାରୀ ସୁଧାଂଶୁ ଶେଖର ସାହୁ (୭୩)ଙ୍କ ହୃଦଘାତରେ ପରଲୋକ ହୋଇଯାଇଛି। ଛାତିରେ ଯନ୍ତ୍ରଣା ଅନୁଭବ କରିବାରୁ ନିକଟସ୍ଥ ଡାକ୍ତରଖାନାରେ ପରିବାର ଲୋକେ ଭର୍ତ୍ତି କରିଥିଲେ। ପରେ କଟକ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା। କିନ୍ତୁ ଚିକିତ୍ସିତ ଅବସ୍ଥାରେ ତାଙ୍କର ପରଲୋକ ହୋଇଯାଇଛି। ସେ ଜଣେ ଦରଦୀ ବ୍ୟକ୍ତି ଥିଲେ। ମୃତ୍ୟୁଶଯ୍ୟା ନିକଟରେ ଆତ୍ମୀୟସ୍ୱଜନ ଉପସ୍ଥିତ ଥିଲେ। ତାଙ୍କ ବିୟୋଗରେ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ୍, ପୂର୍ବତନ ବ୍ଲକ ଅଧ୍ୟକ୍ଷ ଅଶୋକ ନାୟକ, ବରିଷ୍ଠ ସମାଜସେବୀ ଚତୁର୍ଭୁଜ ନାୟକ, ଧୂଷୁରୀ ସରପଞ୍ଚ ଅନ୍ତର୍ଯ୍ୟାମୀ ପତି, ଧୂଷୁରୀ ପ୍ରେସ ୟୁନିୟନ ସଭାପତି ସନ୍ତୋଷ ଦାସ, ସମ୍ପାଦକ ଦୀପ୍ତି ରଞ୍ଜନ ନାୟକ, କୋଷାଧ୍ୟକ୍ଷ ରତିକାନ୍ତ ନାୟକ, ଉପସଭାପତି ସିଦ୍ଧାର୍ଥ ଶଙ୍କର ମିଶ୍ର ଏବଂ ଲକ୍ଷ୍ମୀନାରାୟଣ ମିଶ୍ର ପ୍ରମୁଖ ଶୋକ ପ୍ରକାଶ କରିଥିଲେ।

## ଭାଗହେବ ୧୧ ଶହରୁ ଅଧିକ ଭୋଟର ଥିବା ବୁଥ

**ଭଣ୍ଡାରିପୋଖରୀ,୩୧।୭ (ସମିସ):** ଭଣ୍ଡାରିପୋଖରୀ ବ୍ଲକର ୪୦ ମତଦାନ କେନ୍ଦ୍ରରେ ୧୧ଶହରୁ ଅଧିକ ଭୋଟର ଥିବାର ସୋଗୁଡିକୁ ଭାଗ ଭାଗ କରାଯିବ ବୋଲି ଜଣାଯାଇଛି। ପୂର୍ବରୁ ୧୨ ଶହ ମତଦାତା ଥିବା ବୁଥଗୁଡିକୁ ଭାଗ କରାଯିବାକୁ ନିର୍ବାଚନ କମିଶନଙ୍କ ନିର୍ଦ୍ଦେଶ ଥିଲା। ସଦ୍ୟ ନିର୍ଦ୍ଦେଶାବଳୀ ଅନୁଯାୟୀ ୧୧ଶହରୁ ଅଧିକ ମତଦାତା ଥିବା ବୁଥ ଭାଗ କରାଯିବ ବୋଲି ବ୍ଲକ କାର୍ଯ୍ୟାଳୟ ସୂତ୍ରରୁ ପ୍ରକାଶ। ବିଷ୍ଣୁପର, ବିଷ୍ଣୁପୁର-୧, ଚିଙ୍ଗୁଡିପୁର, କରଞ୍ଜିଗୁଣ୍ଡୁପୁର, ପଦିନାରାୟଣପୁର, ନିର୍ଗୁଣ୍ଡି, ରାଜେନ୍ଦ୍ରପୁର, ମହୁରା, ଉତ୍ତରବାଡ, ଉତ୍ତରବାଡ-୧, ନଗୁଆ, ନଗୁଆ-୧, ବଡଶାସନ, ନାଆମୀ, ସାତଶୋଳା, ବନ୍ଧାଲୋ, ଦେଓପଦା, ଥଇଳା, ସାରୋ, ମୋବାରକପୁର, ପିରିପୁର, ସଂପୋଇ, ଓଳା, କୁଳଣା, ଝୁଟୁଣା, ନେରଡା, ଆଖୁଆପଦା, ନିଳାଦ୍ରି, ରାଢୋ, ରହଣିଆ, କୁରିଗା, କୁରିଗା-୧, ନୌରଙ୍ଗପୁର, ମାଳଦା, ବଡନପଙ୍ଗ, କୁମ୍ଭାରିଆ, କୋରକୋରା, ରଘୁନାଥପୁର, ଜଳହରୀ ଓ ମଣିନାଥପୁର ମତଦାନକେନ୍ଦ୍ରଗୁଡିକ ଭାଗ କରାଯିବ। ସେହିପରି ଏକାଧିକ ପଞ୍ଚାୟତରେ ଥିବା ନର୍ଦ୍ଦିଷ୍ଟ ମତଦାନ କେନ୍ଦ୍ରକୁ ମଧ୍ୟ ପଞ୍ଚାୟତୱାରୀ ଭାଗ କରାଯିବ। ଏହି ମାନଦଣ୍ଡ ଅନୁଯାୟୀ ବାଘମର, ଓଳା, ଦେଉଳପଦୀ ଓ ବାଙ୍କମୁହାଁ ମତଦାନ କେନ୍ଦ୍ର ଭାଗ କରାଯାଇ ନୂତନ ମତଦାନକେନ୍ଦ୍ର ସୃଷ୍ଟି କରାଯିବ।

## ମହିଳାଙ୍କୁ ଅଭିନବ ଠକେଇ

**ଦୋବଲ, ୩୧।୭ (ସମିସ):** ଗୁରୁବାର ପୂର୍ବାହ୍ଣ ୧୧.୩୦ ସମୟରେ ୭୪୮୪୮୧୫୩୬୭ ମୋବାଇଲ୍ ନମ୍ବରରେ ଧାମନଗର ବ୍ଲକ ଦଳାଙ୍ଗ ପଞ୍ଚାୟତର ବିରୁହାର ଆଶାକର୍ମୀ ଅରୁଣୀ ପଣ୍ଡାଙ୍କୁ ଫୋନ ଆସିଲା ଯେ ତାଙ୍କ ଅଞ୍ଚଳର ଅଙ୍ଗନବାଡ଼ି କର୍ମୀଙ୍କ ନାମ ଓ ମୋବାଇଲ୍ ନମ୍ବର ଦିଅ ମୁଁ ଭଦ୍ରକ ସ୍କ୍ୱାଡ ଅଫିସରୁ କହୁଛି। ଆଶା କର୍ମୀ ଅଙ୍ଗନବାଡି କର୍ମୀ ପ୍ରମିଳା ବାରିକଙ୍କ ନମ୍ବର ଦେବା ପରେ ଉକ୍ତ ଯୁବକ ପ୍ରମିଳାଙ୍କୁ କେତେ ଗର୍ଭବତୀ ମହିଳା ଅଛନ୍ତି ସେମାନଙ୍କୁ ଠିକ୍ ଭାବରେ ସରକାରୀ ସାହାଯ୍ୟ ଦିଆଯାଇଛି କି ନା କହି ବିଶ୍ୱାସ ଜମାଇ ଗର୍ଭବତୀଙ୍କ ନମ୍ବର ଦିଅ ସେମାନେ ଠିକ୍ ଭାବରେ ସରକାରୀ ସାହାଯ୍ୟ ପାଉଛନ୍ତି କି ନା ସେମାନଙ୍କୁ ପଚରାଯିବ, ଉପରୁ ଅଫିସର କହୁଥିବା ନେଇ ଅଙ୍ଗନବାଡ଼ି କର୍ମୀ ଗର୍ଭବତୀ ମହିଳାଙ୍କ ନାମ କହିଥିଲେ। ଅଙ୍ଗନବାଡ଼ି କର୍ମୀଙ୍କୁ ଲାଇନରେ ରଖି ଗର୍ଭବତୀ ମହିଳାଙ୍କ ସହ ଉକ୍ତ ଯୁବକ କଥା ହୋଇଥିଲେ। ପରେ ଅର୍ଚ୍ଚନା ସାହୁ, କୁନି ଜେନା, ରଞ୍ଜୁକ୍ତା ସାହୁ, ପାତୁନୁ ପଣ୍ଡାଙ୍କୁ ଉକ୍ତ ଯୁବକ ଫୋନ୍ କରି କହିଥିଲେ ଯେ ତମକୁ ସରକାରଙ୍କ ପକ୍ଷରୁ ୬ହଜାର ଟଙ୍କା ଅନ୍‌ଲାଇନ ପେମେଣ୍ଟ କରାଯିବ ତମେ ୧୫୦୦ ଟଙ୍କା ଉକ୍ତ ନମ୍ବରରେ ପଠାଅ ଓ ମୋବାଇଲ୍ ଲିଙ୍କଟା ଦିଅ। ମୋବାଇଲ୍ ଲିଙ୍କ ଦେବା ପରେ ମହିଳାଙ୍କ ଆକାଉଣ୍ଟରୁ ୨ ହଜାର ଲେଖାଏ କଟିଯାଇଛି। ପରେ ଉକ୍ତ ଗର୍ଭବତୀମାନେ ଅଙ୍ଗନବାଡ଼ି କର୍ମୀ ପ୍ରମିଳା ବାରିକଙ୍କୁ କହିଲେ, କିଏ ସେ ଅଫିସର ଆମେ ତାକୁ ମୋବାଇଲ୍ ଲିଙ୍କ ଦେଲାପରେ ଆମ ଆକାଉଣ୍ଟରୁ ଟଙ୍କା କଟିଯାଉଛି। ସଙ୍ଗେ ସଙ୍ଗେ ଅଙ୍ଗନବାଡ଼ି କର୍ମୀ ଉକ୍ତ ନମ୍ବରରେ ଫୋନ କଲାପରେ ଉକ୍ତ ନମ୍ବରଟି ସୁଇଚଅଫ ରହିଛି। ଟ୍ରୁ କଲରରେ ସଂଜିବ କୁମାର,ବିହାର ନାମ ଆସୁଛି। ତେବେ ଯାହା ଜଣାପଡୁଛି ଏହା ସାଇବର ଠକ ବୋଲି ଅନୁମାନ କରାଯାଉଛି। ସାଇବର ଠକମାନେ ଏବେ ଗର୍ଭବତୀ, ଆଶାକର୍ମୀ ଓ ଅଙ୍ଗନବାଡି କର୍ମୀଙ୍କ ଉପରେ ନଜର ରଖି ଟଙ୍କା ଲୁଟୁଛନ୍ତି। ଏପଟେ ସରକାରଙ୍କ ତରଫରୁ ବିଭିନ୍ନ ସ୍ଥାନରେ ସାଇବର ଠକେଇ ପାଇଁ ସଚେତନ କରାଯାଉ ଥିଲେ ବି ମହିଳାମାନେ ସଚେତନ ନ ହୋଇ ଏପରି ଠକାଇରେ ଶିକାର ହେଉଛନ୍ତି। ଏନେଇ ଧାମନଗର ଥାନାରେ ଅଭିଯୋଗ କରିବେ ବୋଲି ଠକାଇରେ ଶିକାର ମହିଳାମାନେ କହିଛନ୍ତି।

## ହାଟୁଆରି ବିଦ୍ୟାଳୟ ଚୋରି ଘଟଣାରେ ଦୁଇ ଗିରଫ

**ତିହିଡି, ୩୧।୭ (ସମିସ):** ଗତ ସୋମବାର ରାତ୍ରିରେ ହାଟୁଆରୀ ବିଦ୍ୟାଳୟ ଓ ଅଙ୍ଗନବାଡ଼ି କେନ୍ଦ୍ରରୁ ଚୋରି ଘଟଣାରେ ତିହିଡ଼ି ପୁଲିସ ୨ ଜଣଙ୍କୁ ଗିରଫ କରିବା ସହ ଚୋରି ଜିନିଷ ଉଦ୍ଧାର କରିଛି। ସାବରଙ୍ଗ ଥାନା ଅଧୀନ ଗୋରାମାଟି ଗ୍ରାମର କୃଷ୍ଣଚନ୍ଦ୍ର ମଳିକ ଓରଫ ଟୁଟୁଲୁ (୪୩) ଓ ସୁରେଶ ସେଠୀ ଓରଫ ବାଙ୍ଗୁକୁ ଗିରଫ କରାଯାଇଛି। ଜଙ୍ଗଲିଆ ସ୍ଥାନରେ ଲୁଚାଇ ରଖାଯାଇଥିବା ଗ୍ୟାସ ସିଲିଣ୍ଡର ଓ ଆକ୍ୱାଗାର୍ଡ ଆଦି ଜବତ କରାଯାଇଛି। ତିହିଡ଼ି ଥାନାରେ ଏନେଇ ଏକ ମାମଲା ରୁଜୁ ହୋଇଥିଲା ଓ ଅଭିଯୁକ୍ତ ଦୁଇ ଜଣଙ୍କୁ ଆଜି କୋର୍ଟ ଚାଲାଣ କରାଯାଇଛି। ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଫଜରୁର ରହେମାନ ଓ ଅଙ୍ଗନବାଡ଼ି କର୍ମୀ ରଶ୍ମିତା ଦାସ ମିଳିତ ଭାବେ ଅଭିଯୋଗ କରିଥିଲେ ଯେ ମଙ୍ଗଳବାର ସକାଳେ ସ୍କୁଲ ଖୋଲିବା ପରେ ଦେଖିବାକୁ ପାଇଥିଲେ ଯେ ଉଭୟ ବିଦ୍ୟାଳୟ ଓ ଅଙ୍ଗନବାଡ଼ି କେନ୍ଦ୍ରର ତାଲା ଭଙ୍ଗାଯାଇ ଗ୍ୟାସ ସିଲିଣ୍ଡର, ପାଣି ମୋଟର, ଆକ୍ୱାଗାଡର୍ ଫିଲଟର ଆଦି ଚୋରି ହୋଇଯାଇଛି। ଚୋରମାନଙ୍କୁ ତୁରନ୍ତ ଗିରଫ କରିବା ପାଇଁ ଗ୍ରାମବାସୀ ଦାବି କରିଥିଲେ।



## ଜାଗ୍ରତ ଗୌରୀପୀଠରେ ବାର୍ଷିକ ଉତ୍ସବ

**ତିହିଡି, ୩୧।୭ (ସମିସ):** ତିହିଡ଼ି ବ୍ଲକ ଗୁଆମାଳ ପଞ୍ଚାୟତ ଅଧୀନ ଗଣେଶ୍ୱରପୁର ଗ୍ରାମର ଅଧିଷ୍ଠାତ୍ରୀ ଗ୍ରାମଦେବୀ ଜାଗ୍ରତ ଗୌରୀଙ୍କ ପୀଠରେ ଜାଗ୍ରତ ଗୌରୀ ପଞ୍ଚମୀ ବିହିତ ବାର୍ଷିକ ଯଜ୍ଞ ଅନୁଷ୍ଠିତ ହୋଇଯାଇଛି। ଏହି ଦୁଇ ଦିବସବ୍ୟାପୀ ଯଜ୍ଞରେ ଅଙ୍କୁରାରୋପଣ, କଳସ ଶୋଭାଯାତ୍ରା, ସୂର୍ଯ୍ୟପୂଜା, ଘଟ ମଣ୍ଡଳାଦି ପୂଜା ସହ ଚଣ୍ଡୀ ଯଜ୍ଞ ଅନୁଷ୍ଠିତ ହୋଇଥିଲା। ବିଭିନ୍ନ ବ୍ରାହ୍ମଣ ଶାସନରୁ ଆସିଥିବା ବିଶିଷ୍ଟ ପଣ୍ଡିତମାନଙ୍କ ଦ୍ୱାରା ପୂଜାକାର୍ଯ୍ୟ ପରିଚାଳିତ ହୋଇଥିଲା। ଉକ୍ତ ସାମ୍ବତ୍ସରିକ ଯଜ୍ଞ କାର୍ଯ୍ୟଟି ସମସ୍ତ ବର୍ଣ୍ଣ ନିର୍ବିଶେଷରେ ଗଣେଶ୍ୱରଗ୍ରାମ ନିବାସୀମାନଙ୍କ ସହଯୋଗରେ ପୂର୍ଣ୍ଣତାଲାଭ କରିଥିଲା। ଆଖପାଖ ଅଞ୍ଚଳରୁ ବହୁ ସଂଖ୍ୟାରେ ଶ୍ରଦ୍ଧାଳୁମାନେ ଚରୁଅନ୍ନ ପ୍ରସାଦ ପ୍ରାପ୍ତି ପୂର୍ବକ ଦେବୀକୃପା ଲାଭ କରିଥିଲେ।

## ଅବସରପ୍ରାପ୍ତ ଶିକ୍ଷକଙ୍କ ବିୟୋଗ



**ଅସୁରାଳି, ୩୧।୭ (ସମିସ):** ଧାମନଗର ବ୍ଲକ ଅର୍ଜୁନପୁର ପଞ୍ଚାୟତ ମମାଦୁଲାଗ୍ରାମରଧର୍ମପରାୟଣବ୍ୟକ୍ତିତଥାକୋଠାରଉଚ୍ଚବିଦ୍ୟାଳୟର ଅବସରପ୍ରାପ୍ତ ଶିକ୍ଷକ ରଜନୀକାନ୍ତ ଦାସଙ୍କ ୭୫ ବର୍ଷ ବୟସରେ ବିୟୋଗ ଘଟିଛି। ମୃତ୍ୟୁ ସମୟରେ ବଡ଼ପୁଅ ଦେବବ୍ରତ, ସାନପୁଅ ଶିବବ୍ରତ ଏବଂ ଝିଅ ସୁଭଦ୍ରା ଦାସ ପ୍ରମୁଖ ଉପସ୍ଥିତ ଥିଲେ। ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ୍, ପୂର୍ବତନ ବ୍ଲକ ଅଧକ୍ଷ ଅଶୋକ ନାୟକ, ଧୂଷୁରୀ ଜିଲ୍ଲା ପରିଷଦ ଜୋନ ସଦସ୍ୟ ପ୍ରଦୀପ ମଲ୍ଲିକ, ବରିଷ୍ଠ ସମାଜସେବୀ ଚତୁର୍ଭୁଜ ନାୟକ, ସମାଜସେବୀ ସନ୍ତୋଷ ରାୟ, ପୂର୍ବତନ ବିଜେଡି ବ୍ଲକ ସଭାପତି ଉମେଶ ମହାନ୍ତି, ହସନାବାଦ ସରପଞ୍ଚ ଅଜୟ ମଲ୍ଲିକ, ଧୂଷୁରୀ ପ୍ରେସ ୟୁନିୟନ ସଭାପତି ସନ୍ତୋଷ ଦାସ, ସମ୍ପାଦକ ଦୀପ୍ତିରଞ୍ଜନ ନାୟକ, କୋଷାଧକ୍ଷ ରତିକାନ୍ତ ନାୟକ, ଉପସଭାପତି ସିଦ୍ଧାର୍ଥ ଶଙ୍କର ମିଶ୍ର ଏବଂ ଲକ୍ଷ୍ମୀନାରାୟଣ ମିଶ୍ର ପ୍ରମୁଖ ଶୋକ ପ୍ରକାଶ କରିଥିଲେ।

## ବନ୍ୟା ଅଞ୍ଚଳରେ ଯନ୍ତ୍ରୀ ଅଭାବ

# ଦିନକରେ ୨ ଅଧିକାରୀଙ୍କ ଅବସର

**ବାରିକପୁର,୩୧।୭ (ସମିସ):** ବନ୍ୟା ଅଞ୍ଚଳରେ ଯନ୍ତ୍ରୀ ଏବେ ଅଭାବ। ଗୋଟିଏ ଦିନରେ ୨ଜଣ ସହକାରୀ ନିର୍ବାହୀ ଯନ୍ତ୍ରୀ ଅବସର ଗ୍ରହଣ କରିଛନ୍ତି। ତାଙ୍କ ସ୍ଥାନରେ ନୂତନ ନିଯୁକ୍ତି ହୋଇନାହିଁ। ତେଣୁ ବନ୍ୟା ସମୟରେ ପରିଚାଳନାଗତ ଅବ୍ୟବସ୍ଥା ଦେଖାଦେବ ବୋଲି ଆଶଙ୍କା ପ୍ରକାଶ ପାଇଛି। ସୂଚନା ମୁତାବକ, ଭଣ୍ଡାରିପୋଖରୀ ଆଖୁଆପଦା ଜଳ ସମ୍ପଦ ବିଭାଗର ସହକାରୀ ନିର୍ବାହୀ ଯନ୍ତ୍ରୀ କେଶବଚନ୍ଦ୍ର ବେହେରା ଆଜି ଅବସର ଗ୍ରହଣ କରିଛନ୍ତି। ସେ ଏଠାରେ ପ୍ରାୟ ୨ବର୍ଷ କାର୍ଯ୍ୟ କରି ଆଜି ବୃତ୍ତିଗତ ଭାବେ ସରକାରୀ ଚାକିରିରୁ ଅବ୍ୟାହତ ନେଇଛନ୍ତି। ସେହିଭଳି ଧାମନଗର ଜଳସମ୍ପଦ ବିଭାଗ ଉପଖଣ୍ଡ କାର୍ଯ୍ୟାଳୟ ସହକାରୀ ନିର୍ବାହୀ ଯନ୍ତ୍ରୀ କିଶୋର ଚନ୍ଦ୍ର ଦାସ ମଧ୍ୟ ଅବସର ଗ୍ରହଣ କରିଛନ୍ତି। ସେ ପ୍ରଥମେ କନିଷ୍ଠ ଯନ୍ତ୍ରୀ ଓ ପରେ ପଦୋନ୍ନତି ପାଇ ସହକାରୀ ଯନ୍ତ୍ରୀ ଭାବେ ଦୀର୍ଘ ୧୮ ବର୍ଷ ଧାମନଗରଠାରେ ରହି କାର୍ଯ୍ୟ କରିଛନ୍ତି। ଏହି ଉପଲକ୍ଷେ ଅବସର ଗ୍ରହଣ କରିଥିବା ଦୁଇ ଯନ୍ତ୍ରୀଙ୍କୁ ବିଭାଗ ପକ୍ଷରୁ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଛି। ବିଭାଗୀୟ ମୁଖ୍ୟ ଯନ୍ତ୍ରୀ ଦିଗେଶ୍ୱର ପୁରୋହିତ, ସହକାରୀ ମୁଖ୍ୟ ଯନ୍ତ୍ରୀ ପ୍ରଣବ ପ୍ରକାଶ ନାୟକ, କନିଷ୍ଠ ଯନ୍ତ୍ରୀ ସୁଶାନ୍ତ ଦାସ, ସ୍ୱାଗତ ଦାସ, ଉପ ବିଭାଗ ଅଧିକାରୀ ଖଗେଶ୍ୱର ସାହୁ, ଅମର ଦେବତା ସମେତ ବହୁ କର୍ମଚାରୀ ସଭାରେ ଉପସ୍ଥିତ ଥିଲେ। ଯନ୍ତ୍ରୀ ପଦ ପୂରଣ ଦିବରେ ବିଭାଗର ଉଚ୍ଚ ପଦସ୍ଥ ଅଧିକାରୀଙ୍କ ମତାମତ ନେବାରୁ ଗୁରୁତ୍ୱପୂର୍ଣ୍ଣ ଦୁଇଟି କାର୍ଯ୍ୟାଳୟରେ ଯଥା ଶୀଘ୍ର ନୂତନ ନିଯୁକ୍ତି ନେଇ ସରକାରୀ ବିଜ୍ଞପ୍ତି ପ୍ରକାଶ ପାଇବ ବୋଲି ସୂଚନା ଦେଇଛନ୍ତି।



## ବିଦ୍ୟାଳୟକୁ ନ ଆସି ରାଜନୀତି କରୁଛନ୍ତି ଶିକ୍ଷକ

# ଆନ୍ଦୋଳନ ପାଇଁ ଅଭିଭାବକ ସଜବାଜ

ଧାମନଗର,୩୧।୭ (ସମିସ)

ଧାମନଗର ମଣ୍ଡଳ ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟ ଅଧୀନରେ ରହିଛି ଭଗବାନପୁର ପଳିକିରି ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ। ଏହି ବିଦ୍ୟାଳୟରେ ଶିକ୍ଷା ସହାୟକ ଭାବେ ଚାକିରି ଆରମ୍ଭ କରି ଦୀର୍ଘ ଦିନ ଧରି ଗୋଟିଏ ବିଦ୍ୟାଳୟରେ ରହି ନାନା ବିଶୃଙ୍ଖଳା ସୃଷ୍ଟି କରୁଛନ୍ତି ସହକାରୀ ଶିକ୍ଷକ ଅଶୋକ କୁମାର ନାୟକ। ଛୁଟି ଦରଖାସ୍ତ ନ ଦେଇ ସ୍କୁଲରେ ଅନୁପସ୍ଥିତ ରହିବା ତାଙ୍କର ଅଭ୍ୟାସ। ପୂର୍ବରୁ ସିଆରସିସି ଥିବାବେଳେ ବିଭିନ୍ନ କାର୍ଯ୍ୟ ଆଳରେ ଅନୁପସ୍ଥିତ ରୁହୁଥଲେ। ଏଥିସହିତ ପ୍ରଧାନ ଶିକ୍ଷକ ଦାୟିତ୍ୱରେ ଥିବା ବେଳେ ନାନା ବିଶୃଙ୍ଖଳା ସୃଷ୍ଟି କରି ବିଦ୍ୟାଳୟରେ ଅଶାନ୍ତ ବାତାବରଣ ସୃଷ୍ଟି କରିଥିଲେ। ନିଜ ଘର ପାଖରୁ ମାତ୍ର ୧୦୦ ମିଟର ଦୂରରେ ଥିବା ସ୍କୁଲରେ ରହି ଶିକ୍ଷକ ଜଣକ ଗ୍ରାମବାସୀଙ୍କ ମଧ୍ୟରେ ସବୁବେଳେ ବିଭେଦ ସୃଷ୍ଟି କରୁଛନ୍ତି। ଗାଁ ଲୋକ ଦୃଷ୍ଟିରୁ ବାହାରୁ ଆସୁଥିବା ପ୍ରଧାନ ଶିକ୍ଷକଙ୍କୁ ଆଦୌ ମାନୁନାହାନ୍ତି। ନିଜ ପାଖରେ ଟିଉସନ ହେଉ ନଥିବା ପିଲାଙ୍କୁ ନାନାଦି ହଇରାଣ କରିବା ତାଙ୍କର ଏକ ପୁରୁଣା ଅଭ୍ୟାସ। ବର୍ତ୍ତମାନ ସରକାରୀ ଦଳର ହୋଇଥିବାରୁ ସ୍କୁଲରେ ଛୁଟି ଦରଖାସ୍ତ ନଦେଇ ବ୍ଲକ ବଜାରରେ ଏବଂ ତହସିଲରେ ବୁଲି ରାଜନୀତି କରୁଛନ୍ତି। ବିଭିନ୍ନ ସମୟରେ ଭିନ୍ନ ଭିନ୍ନ ବିଦ୍ୟାଳୟରେ ଅନୁପସ୍ଥିତ ନେଇ ଶିକ୍ଷକଙ୍କ ଦରମା ବନ୍ଦ ଭଳି କାର୍ଯ୍ୟାନୁଷ୍ଠନ ଥିବା ବେଳେ ଏଠାରେ ତାର ବ୍ୟତିକ୍ରମ କାହିଁକି ? ଏ ସମ୍ପର୍କରେ ସାମ୍ବାଦିକଙ୍କ ପ୍ରଶ୍ନରେ ନିଜର ଅକ୍ଷମତା ପ୍ରକାଶ କରିଛନ୍ତି ପ୍ରଧାନ ଶିକ୍ଷକ। କିଛି ଅଭିଭାବକ କ୍ଷୋଭ ପ୍ରକଟ ପୂର୍ବକ କୁହନ୍ତି ଏ ସାରଙ୍କ ପାଇଁ କଣ ଆଇନକାନୁନ କିଛି ନାହିଁ ? ସେମାନଙ୍କ ମନରେ କୁହୁଳୁଥିବା ଅସନ୍ତୋଷ ବିସ୍ଫୋରଣ ପୂର୍ବରୁ ଏଭଳି ଜଣେ ବିଶୃଙ୍ଖଳ ଶିକ୍ଷକଙ୍କ ଆଇନ ଅମାନ୍ୟ କାର୍ଯ୍ୟ ସମ୍ପର୍କରେ ତଦନ୍ତ କରି ତାଙ୍କ ବିରୋଧରେ ବିଭାଗୀୟ ଉଚ୍ଚାଧିକାରୀ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଅଭିଭାବକଙ୍କ ସହ ବୁଦ୍ଧିଜୀବୀ ମହଲରୁ ଦାବି ହେଉଛି। ନହେଲେ ଅଭିଭାବକ ଓ ଗ୍ରାମବାସୀ ଆନ୍ଦୋଳନ କରିବା ପାଇଁ ଚେତାବନୀ ଦେଇଛନ୍ତି। ଏ ନେଇ ଶିକ୍ଷକ ଅଶୋକ କୁମାର ନାୟକଙ୍କୁ ଯୋଗାଯୋଗ କରିବାରୁ ମୁଁ ନିୟମିତ ଶିକ୍ଷକ ପ୍ରଧାନ ଶିକ୍ଷକଙ୍କୁ ମେସେଜ କରିଛି। ତେଣୁ ଯେଉଁ ଅଭିଯୋଗ ଆସିଛି ତାହା ସଂପୂର୍ଣ୍ଣ ମିଥ୍ୟା। ଏଥିରେ କୌଣସି ସତ୍ୟତା ନାହିଁ ବୋଲି ସେ କହିଛନ୍ତି।



# ବିଲରୁ ମୃତଦେହ ଉଦ୍ଧାର

**ଭଦ୍ରକ, ୩୧।୭ (ସମିସ):** ବାଇକରେ ବନ୍ଧୁଙ୍କ ସହ ଘରୁ ବାହାରିଥିଲେ; କିନ୍ତୁ ବିଲରେ ମିଳିଲା ମୃତଦେହ। ମୁହଁରେ କ୍ଷତ ହୋଇଥିବାରୁ ହତ୍ୟା ସନ୍ଦେହ କରାଯାଉଛି। ଏହି ଅଭାବନୀୟ



ଘଟଣା ଘଟିଛି ଭଦ୍ରକ ଜିଲ୍ଲା ଗ୍ରାମାଞ୍ଚଳ ଥାନା ଅଧୀନ ଗେଲଟୁଆ ଅଞ୍ଚଳରୁ ଏମିତି ଘଟଣା ସାମ୍ନାକୁ ଆସିଛି। ସୂଚନା ଅନୁଯାୟୀ, ଗେଲଟୁଆ ଗ୍ରାମର ସନ୍ତୋଷ ମଲ୍ଲିକ ସକାଳୁ ଜଣେ ବ୍ୟକ୍ତିଙ୍କ ସହ ବାଇକ୍‌ରେ ଘରୁ ବାହାରିଥିଲେ। ପରେ କୁଶଗଡିଆ ଓ ବଗମରା ରାସ୍ତାକଡ଼ରେ ଏକ ବ୍ୟକ୍ତି ବିଲରେ ପଡ଼ିଥିବା ଲୋକେ ଦେଖିଥିଲେ। ବ୍ୟକ୍ତି ଜଣକ ସନ୍ତୋଷ ମଲ୍ଲିକ ବୋଲି ଜଣାପଡ଼ିବା ପରେ ଲୋକେ ପୁଲିସକୁ ଖବର ଦେଇଥିଲେ। ସ୍ଥାନୀୟ ଲୋକେ ଏହାକୁ ଏକ ହତ୍ୟାକାଣ୍ଡ ବୋଲି ଅଭିଯୋଗ ଆଣିଛନ୍ତି। ଘଟଣାକୁ ନେଇ ଗ୍ରାମାଞ୍ଚଳ ଥାନାରେ ଲିଖିତ ଅଭିଯୋଗ ହୋଇ ନଥିବାରୁ ପୁଲିସ କୌଣସି ମାମଲା ରୁଜୁ କରି ନଥିବା ଜଣାପଡ଼ିଛି।

# ମହିଳାଙ୍କୁ ଅସଦାଚରଣ ଓ ଅପହରଣ ଉଦ୍ୟମ: ୫ ଗିରଫ

**ଯୋଡ଼ା, ୩୧।୭ (ସମିସ):** କେନ୍ଦୁଝର ଜିଲ୍ଲା ଯୋଡା ଥାନା ଅନ୍ତର୍ଗତ ଯୋଡ଼ା ତଲକ ହାଟିଂରେ ଜଣେ ମହିଳାଙ୍କୁ ଅସଦାଚରଣ ଓ ଅପହରଣ ଘଟଣାରେ ଯୋଡ଼ା ପୁଲିସ ୫ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ଅଭିଯୁକ୍ତମାନେ ହେଲେ ପଶ୍ଚିମବଙ୍ଗ ମୁର୍ଶିଦାବାଦ ଅଞ୍ଚଳର ଫର୍ତିକ ଶେଖ୍, ସାହିଦୁଲ୍ ଶେଖ୍, ଦିଲଦାର୍ ହୁସେନ, ଜାମାଲ ଶେଖ୍ ଓ ସାଫିକୁଲ ଶେଖ। ସୂଚନା ଅନୁସାରେ, ମୁରସିଦାବାଦ ଅଞ୍ଚଳର କିଛି ଲୋକ ଯୋଡ଼ା ସହରରେ ରହି ଘର ମିସ୍ତ୍ରି ଭାବେ କାର୍ଯ୍ୟ କରନ୍ତି। ଏମାନଙ୍କ ସହିତ ଅଭିଯୋକାରିଣୀ ମହିଳା ମଧ୍ୟ କାର୍ଯ୍ୟ କରୁଥିଲେ। ଗତ ମଙ୍ଗଳବାର ଅଭିଯୁକ୍ତମାନେ ମହିଳାଙ୍କୁ ବଳପୂର୍ବକ ଅପହରଣ ଉଦ୍ୟମ କରିବା ସହ ତାଙ୍କ ସହିତ ଅସଦାଚରଣ କରିଥିବା ନେଇ ପରିବାର ପକ୍ଷରୁ ଥାନାରେ ଅଭିଯୋଗ ହୋଇଥିଲା। ଯୋଡ଼ା ପୁଲିସ ଏନେଇ ଏକ ମାମଲା ରୁଜୁକରି ତଦନ୍ତ କରିବା ସହ ସମସ୍ତ ଅଭିଯୁକ୍ତଙ୍କୁ କୋର୍ଟ ଚାଲାଣ କରିଥିବା ଥାନା ଆଇଆଇସି ସୁଶାନ୍ତ ପ୍ରଧାନ ସୂଚନା ଦେଇଛନ୍ତି।

## ତଦନ୍ତ ବେଳେ ହଟହଟା ହେଲେ ସହକାରୀ ନିର୍ବାହୀ ଯନ୍ତ୍ରୀ

# ପାଣି ପଞ୍ଚାୟତ କର୍ମକର୍ତ୍ତା ଓ ଚାଷୀଙ୍କୁ କରୁଥିଲେ ହଇରାଣ

## କାର୍ଯ୍ୟାନୁଷ୍ଠାନ ନହେଲେ ମୁଖ୍ୟମନ୍ତ୍ରୀଙ୍କ ବାସଭବନ ଆଗରେ ଧାରଣା ଚେତାବନୀ

**ଭଦ୍ରକ, ୩୧।୭ (ସମିସ)**

ଭଦ୍ରକ ଜିଲ୍ଲାର ଓଲଙ୍ଗସ୍ଥିତ ମା’ ମଙ୍ଗଳା ପାଣି ପଞ୍ଚାୟତର ସଭାନେତ୍ରୀ ଜୋସ୍ନାରାଣୀ ପତି ଓ ଅନ୍ୟ କର୍ମକର୍ତ୍ତାଙ୍କ ସହ ଚାଷୀମାନଙ୍କୁ ହଇରାଣ ହରକତ କରୁଥିବା ନେଇ ବୈତରଣୀ ଜଳସେଚନ ଡିଭିଜନ ସାଳପଡା ଅଧୀନରେ ଥିବା ବିଦ୍ୟାଧରପୁର ସବଡିଭିଜନର ସହକାରୀ ନିର୍ବାହୀ ଯନ୍ତ୍ରୀ ବସନ୍ତ ନନ୍ଦଙ୍କ ବିରୋଧରେ ଓଡ଼ିଶାର ମୁଖ୍ୟମନ୍ତ୍ରୀ, ମୁଖ୍ୟ ଶାସନ ସଚିବ, ଜଳସେଚନ ବିଭାଗର ସଚିବ, ସର୍ବୋଚ୍ଚ ଯନ୍ତ୍ରୀ, କେନ୍ଦୁଝର ବୈତରଣୀ ଡିଭିଜନର ମୁଖ୍ୟଯନ୍ତ୍ରୀଙ୍କ ନକଟରେ ଅଭିଯୋଗ କରାଯାଇଥିଲା। ଏହି ଅଭିଯୋଗ ପରେ ସଂପୃକ୍ତ ସହାକାରୀ ଯନ୍ତ୍ରୀଙ୍କ କାର୍ଯ୍ୟକଳାପକୁ ନେଇ ବିଭାଗୀୟ ଅନ୍ତରୀଣ ଭିଜିଲାନସ୍ ତଦନ୍ତ କରାଯାଇଥିଲା। ଏଇ ତଦନ୍ତ ବେଳେ ଏକ ତଦନ୍ତକାରୀ ଟିମ୍ ଆଗରପଡା ଆସି ସଂପୃକ୍ତ ସହକାରୀ ଯନ୍ତ୍ରୀଙ୍କୁ ପଚରାଉଚରା କରୁଥିବା ବେଳେ କିଛି ଠିକାଦାରଙ୍କ ବିଲ୍ ଟଙ୍କା ଦେଇ ନଥିବାରୁ ସେହି ସ୍ଥାନରେ ଆସି ବନ୍ତ ଅଞ୍ଚଳର ଜଣେ ଠିକାଦାର ପ୍ରଫୁଲ୍ଲ କୁମାର ରାଉତ ସହକାରୀ ନିର୍ବାହୀ ଯନ୍ତ୍ରୀ ଶ୍ରୀ ନନ୍ଦ ବିରୋଧରେ ଅଭିଯୋଗ କରିଥିଲେ। କହିଥିଲେ, ପାଣି ପଞ୍ଚାୟତର କେନାଲ କାମ କରିଥିବା ବେଳେ ତାଙ୍କ ବିଲ୍ ମୁତାବକ ଅର୍ଥ ପ୍ରଦାନ ନକରି ଅନ୍ୟ ଏକ ପାଣି ପଞ୍ଚାୟତ



ନାମରେ ବିଲ୍ କରି ଅର୍ଥ ତୋଷରପାତ କରିଛନ୍ତି। ଫଳରେ ଶ୍ରୀ ନନ୍ଦ ତଦନ୍ତକାରୀ ଟିମ୍ ଆଗରେ ବେଶ୍ କିଛି ହଟହଟା ହୋଇଥିଲେ। ପରେ ଆଗରପଡା ସେକ୍ସନ ଅଫିସ-୪ର କନିଷ୍ଠ ଯନ୍ତ୍ରୀ ପଦ୍ମପ୍ରିୟ ସାମଲଙ୍କୁ ଏହି ପାଣି ପଞ୍ଚାୟତ କାମର ବିଲ୍ ସଂପର୍କରେ ଫୋନ୍‌ରେ ପଚାରିଥିଲେ। କନିଷ୍ଠ ଯନ୍ତ୍ରୀ ବିଲ୍ କରି ଦେଇଥିବା କହିଥିଲେ; ମାତ୍ର ବିଲ୍ ଅର୍ଥ ଶ୍ରୀ ନନ୍ଦ ସଂପୃକ୍ତ ଠିକାଦାରଙ୍କୁ ପ୍ରଦାନ କରିବେ ବୋଲି କହିଥିବା ସେ ଜଣାଇଥିଲେ। ପ୍ରକାଶ ଥାଉକି, ସହକାରୀ ନିର୍ବାହୀ ଯନ୍ତ୍ରୀ ଭାବେ ଶ୍ରୀ ନନ୍ଦ ୨୦୨୨ରୁ ଏଠାରେ କାର୍ଯ୍ୟ କରୁଥିଲେ ମଧ୍ୟ ସେ ତାଙ୍କ କାର୍ଯ୍ୟରେ ଅବହେଳା କରି ଆସୁଥିଲେ। ପାଣି ପଞ୍ଚାୟତ ଓ ବିକାଶମୂଳକ କାର୍ଯ୍ୟରେ ତଦନ୍ତ ନକରି ନିଜର କର୍ତ୍ତବ୍ୟରେ ଅବହେଳା କରିଥିବା ବେଳେ ବିଭାଗୀୟ ମୁଖ୍ୟଯନ୍ତ୍ରୀ ତାଙ୍କ ନାମରେ କାରଣ ଦର୍ଶାଅ ନୋଟିସ୍ କରିଥିଲେ। ଭଦ୍ରକ ଜିଲ୍ଲାର ଓଲଙ୍ଗ ମା’ ମଙ୍ଗଳା ପାଣି ପଞ୍ଚାୟତ ସଭାନେତ୍ରୀ ଜ୍ୟୋସ୍ନାରାଣୀ ପତି, ସଂପାଦକ ବଳରାମ ରାଉତ, ରାମଚନ୍ଦ୍ର ଦାସ, ପ୍ରଶାନ୍ତ ପଣ୍ଡା, ଶମ୍ଭୁନାଥ ବାରିକ, ଗଣେଶ ପ୍ରସାଦ ସେଠୀ, ନାରାୟଣ ବେହେରା, ମା’ ତାରିଣୀ ପାଣି ପଞ୍ଚାୟତର ସଭାପତି ଭାନୁମତି ପଣ୍ଡା, ସଂପାଦକ କାର୍ତ୍ତିକ ଭାରତୀ, ଗଣେଶ ଭାରତୀ, ପ୍ରଶାନ୍ତ ପଣ୍ଡା, ସୁନାମୁହିଁ ପାଣି ପଞ୍ଚାୟତର ସଭାପତି ରବିନ୍ଦ୍ର ରାଉତ, ସଂପାଦକ ବସନ୍ତ ଗିରି, କୋଷାଧକ୍ଷ ରଂଜନ ରାଉତ ପ୍ରମୁଖ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠରେ ଅଭିଯୋଗ କରିଥିଲେ। ଇଣ୍ଟରନାଲ ଭିଜିଲାନସ୍ ଟିମ୍ ଅଧୀକ୍ଷଣ ଯନ୍ତ୍ରୀ ପ୍ରଦୀପ ବେହେରା, ସୁଜିତ ଡହଲ, ବୈତରଣୀ ଡିଭିଜନ ଅଧୀକ୍ଷଣ ଯନ୍ତ୍ରୀ ଲକ୍ଷ୍ମଣ କୁମାର ମାରାଣ୍ଡି, କନିଷ୍ଟ ଯନ୍ତ୍ରୀ ଆଦିତ୍ୟ ମହାପାତ୍ର ପ୍ରମୁଖ ଶ୍ରୀ ନନ୍ଦଙ୍କ ବିରୋଧରେ ତଦନ୍ତ କରିଥିବା ବେଳେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରା ନଗଲେ ମୁଖ୍ୟମନ୍ତ୍ରୀଙ୍କ ବାସଭବନ ଆଗରେ ଧାରଣାରେ ବସିବେ ବୋଲି ପାଣି ପଞ୍ଚାୟତର କର୍ମକର୍ତ୍ତାମାନେ ଦାବି କରିଛନ୍ତି। ଏହି ଘଟଣା ସଂପର୍କରେ ସଂପୃକ୍ତ ସହକାରୀ ଯନ୍ତ୍ରୀଙ୍କ ସହ ଯୋଗାଯୋଗ ସମ୍ଭବ ହୋଇପାରି ନାହିଁ। ବୈତରଣୀ ଜଳସେଚନ ଡିଭିଜନ, ସାଳପଡା ଅଧୀନରେ ଥିବା ଆନନ୍ଦପୁର ବେରେଜ୍ ସବଡିଭିଜନ-୧ର ବିଦ୍ୟାଧରପୁରରେ କାର୍ଯ୍ୟରତ ଥିବା ସହକାରୀ ନିର୍ବାହୀ ଯନ୍ତ୍ରୀ ଶ୍ରୀ ନନ୍ଦଙ୍କ ଏଭଳି ମନମୁଖୀ କାର୍ଯ୍ୟକୁ ନେଇ ଅନେକ ପାଣି ପଞ୍ଚାୟତର କର୍ମକର୍ତ୍ତା ସିଧାସଳଖ ଅଭିଯୋଗ କରିଥିବା ବେଳେ ଏବେ ସୁଦ୍ଧା ତାଙ୍କ ଉପରେ କୌଣସି ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ନିଆଯାଇନାହିଁ। ଆଗାମୀ ଦିନେରେ ପାଣି ପଞ୍ଚାୟତର କର୍ମକର୍ତ୍ତା ଶ୍ରୀ ନନ୍ଦଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଦାବିକରି ମୁଖ୍ୟମନ୍ତ୍ରୀଙ୍କ ବାସଭବନ ଓ ଜଳସେଚନ ବିଭାଗର ସର୍ବୋଚ୍ଚ ଯନ୍ତ୍ରୀଙ୍କ କାର୍ଯ୍ୟାଳୟ ଆଗରେ ଧାରଣା ଦେବେ ବୋଲି ମା’ତାରିଣୀ ପାଣି ପଂଚାୟତ ସମ୍ପାଦକ ରଞ୍ଜିତ ମହାନ୍ତି, ବାଜୁଆ ମଉରୀ, ମୁରଲୀଧର ମଣ୍ଡଳ, ଅଭୟ ସ୍ୱାଇଁ, ଗୋପବନ୍ଧୁ ପାତ୍ର, ପ୍ରକାଶ ପରିଡା, ଗୟାଧର ଜେନା, ରାଧାଶ୍ୟାମ ପ୍ରଧାନ ଓ ଅକ୍ଷୟ ଖୁଣ୍ଟିଆ ପ୍ରମୁଖ ଚେତାବନୀ ଦେଇଛନ୍ତି।

## କାୟା ମେଲାଉଛି ଗେଙ୍ଗୁଟି

# କାଳ ସାଜିଛି ବେଆଇନ ବାଲି ଉତ୍ତୋଳନ

**ବାରିକପୁର, ୩୧।୭ (ସମିସ):** ଭଣ୍ଡାରିପୋଖରୀ ବ୍ଲକ ଦେଇ ଯାଇଥିବା ବୈତରଣୀ ନଦୀର ଶାଖା ଗେଙ୍ଗୁଟି ଏବେ କାୟାବିସ୍ତାର କରୁଥିବା ଦେଖିବାକୁ ମିଳୁଛି। ବୈତରଣୀରେ ପ୍ରଥମ ଓ ଦ୍ୱିତୀୟ ବନ୍ୟା ଆସିବା ପରେ ଗେଙ୍ଗୁଟିର ଭୌଗଳିକ ସ୍ଥିତି ପରିବର୍ତ୍ତନ ହେଉଥିବା ଲକ୍ଷ୍ୟ କରାଯାଉଛି। ସୂଚନା ଅନୁଯାୟୀ, ଷୋଳମପୁର ପଞ୍ଚାୟତ ମଣିନାଥପୁର ନିକଟ ବଲ୍ଲବୀଘାଟ ସେତୁ ଉପର ପାର୍ଶ୍ୱରେ ଗେଙ୍ଗୁଟିର ଉତ୍ପତି ସ୍ଥଳ ହୋଇଥିବା ବେଳେ ଏହା ମୁଡ଼ାପଦା, ଦାଣ୍ଡକୁଳ, ତିଖିଲିଆ, ବରାହନୂଆପଡା, କୂଳସାହି, ବିରୋଳି ଓ ଷଠଗାଁ ଅତିକ୍ରମ କରି ପାହାଡପୁର ଦେଇ ଧାମନଗର ବ୍ଲକକୁ ପ୍ରବେଶ କରିଛି। ପୂର୍ବରୁ ବୈତରଣୀ ଓ ଗେଙ୍ଗୁଟି ମୁହାଁଣରେ ବ୍ୟାପକ ପରିମାଣରେ ବାଲିଚର ଏବଂ ନଦୀପଠା ଥିବାବେଳେ



### ନଦୀଗର୍ଭରେ ଲୀନହେବ ଗ୍ରାମ୍ୟରାସ୍ତା ଓ ଜନବସତି

ସେଗୁଡିକୁ ଧୀରେ ନଷ୍ଟ କରାଯାଇଛି। ପର୍ଯ୍ୟାୟକ୍ରମେ ସେଥିରୁ ବାଲି ଉତ୍ତୋଳନ ହୋଇ ମୁହାଣ ଏବେ ଦ୍ୱିତୀୟ ବୈତରଣୀରେ ପରିଣତି ହୋଇଛି କହିଲେ ଅତ୍ୟୁକ୍ତି ହେବନାହିଁ। ମୁହାଁଣକୁ ଛାଡିଦେଲେ ଗେଙ୍ଗୁଟିର ମଧ୍ୟଭାଗ ସ୍ଥାନ ଗୁଡ଼ିକରୁ ବିଗତ ଦୁଇତିନି ବର୍ଷ ହେବ ବେଆଇନ ଭାବେ ବାଲି ଉତ୍ତୋଳନ କରାଯାଉଛି। ଉପରଲିଖିତ ଗ୍ରାମ ସଂଲଗ୍ନ ସ୍ଥାନରୁ ଗେଙ୍ଗୁଟି ଗର୍ଭକୁ ଖୋଳି ଟ୍ରାକ୍ଟର ଓ ଟ୍ରକ ଯୋଗେ ଟ୍ରିପ ଟ୍ରିପ ବାଲି ଏବଂ ମାଟି ଚାଲାଣ କରାଯାଉଛି। ପୂର୍ବରୁ ଗେଙ୍ଗୁଟି ନଦୀ କ୍ରିକେଟ ପଡିଆ ସଦୃଶ ଥିବାବେଳେ ଏବେ ଧୀରେ ଧୀରେ ଅଗଭୀର ନଈରେ ପରିଣତ ହେବାକୁ ଯାଉଛି। ଫଳସ୍ୱରୂପ ବିଗତ ବନ୍ୟାରେ ତିଖିଲିଆ ସେତୁଟିର ଗୋଟିଏ ଅଂଶ ଭାସିଯାଇଛି। ଏବେ ବୈତରଣୀରେ ମଧ୍ୟମ ଧରଣର ବନ୍ୟା ଆସୁଥିଲେ ସୁଦ୍ଧା ଦଶାସନି ଘାଟଠାରୁ ପ୍ରାୟ ୬୦ଭାଗ ପାଣି ଗେଙ୍ଗୁଟିରେ ସିଧାସଳଖ ପ୍ରବେଶ କରୁଛି। ବାକି ୪୦ଭାଗ ପାଣି ବୈତରଣୀରେ ଯାଉଛି। ମନୁଷ୍ୟକୃତ ତ୍ରୁଟି ଯୋଗୁ ଗେଙ୍ଗୁଟିର ପରିସୀମା ବୃଦ୍ଧି ପାଉଥିବା ବେଳେ ଏହାଦ୍ୱାରା ଦାଣ୍ଡକୁଳ-ଆନନ୍ଦପୁର, ତିଖିଲିଆ-ବିରୋଳି, ସଠଗାଁ-ଜଳହରି ଶାସନକୁ ସଂଯୋଗ ହୋଇଥିବା ପ୍ରମୁଖ ଗ୍ରାମ୍ୟ ଉନ୍ନୟନ ରାସ୍ତା କିଛିଦିନ ପରେ ଗେଙ୍ଗୁଟିରେ ଲୀନ ହେବ ବୋଲି ଆଶଙ୍କା ଦେଖାଦେଇଛି। ଏହାଛଡା ଅନେକ ପାଳବାଡ଼ି, ଚାଷଜମି ଓ ଜନବସତି ମଧ୍ୟ ଗେଙ୍ଗୁଟି ଆଁ ଭିତରେ ଲୁଚିଯିବ। ଏଥିରେ ସନ୍ଦେହ ନାହିଁ। ନଦୀରୁ ବେଆଇନ ବାଲି ଉତ୍ତୋଳନ ଓ ଚାଲାଣ ଉପରେ ଯଦି ପ୍ରଶାସନ ରୋକ ନଲଗାଏ ତେବେ ସଠଗାଁଠାରୁ ବଲ୍ଲବୀଘାଟ ସେତୁ ଯାଏଁ ବହୁଳ ପରିମାଣରେ କ୍ଷୟକ୍ଷତି ହେବ ବୋଲି ଆଶଙ୍କା ପ୍ରକାଶ ପାଇଛି।

# ସୁଆଁପଦା ହାଟରୁ ମୋବାଇଲ ଲୁଟ୍


**ରାମଚନ୍ଦ୍ରପୁର, ୩୧।୭ (ସମିସ):** ରାମଚନ୍ଦ୍ରପୁର ଥାନା ୨୦ ନମ୍ବର ଜାତୀୟ ରାଜପଥ ସୁଆଁପଦା ବୁଧବାର ସାପ୍ତାହିକ ହାଟ ମଧ୍ୟରୁ ଜଣେ ଯୁବକଙ୍କ ମୋବାଇଲ ଲୁଟିଛନ୍ତି ଲୁଟେରା। ବେଲସୁନ୍ଦରୀ ଗ୍ରାମର ନିରଂଜନ ସାହୁ (୨୮) ଅପରାହ୍ନରେ ପନିପରିବା କିଣିବା ସମୟରେ ତାଙ୍କ ପକେଟରୁ ଦାମୀ ମୋବାଇଲଟିକୁ ଲୁଟି ନେଇ ଦୁର୍ବୃତ୍ତ ଫେରାର ହୋଇଯାଇଥିଲା। ବହୁ ଖୋଜାଖୋଜି ପରେ ନିରାଶ ହୋଇ ନିରଞ୍ଜନ ରାମଚନ୍ଦ୍ରପୁର ଥାନାରେ ଅଭିଯୋଗ କରିଛନ୍ତି। ହାଟ ସମେତ ବିଭିନ୍ନ ଜନଗହଳିପୂର୍ଣ୍ଣ ସ୍ଥାନରେ ପୁଲିସ ପହରା ସତ୍ତ୍ୱେ ଏଭଳି ଲୁଟ୍ ଘଟଣା ପରେ ସୁରକ୍ଷା ବ୍ୟବସ୍ଥା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ପୂର୍ବରୁ ସୁଆଁପଦା ହାଟରେ ଅନେକଥର ମୋବାଇଲ ଲୁଟ ଭଳି ଘଟଣା ଘଟିଛି। ହାଟ ପରିସରରେ ସିସିଟିଭି କ୍ୟାମେରା ଲଗାଇବାକୁ ବୁଦ୍ଧିଜୀବୀ ଏବଂ କେତେକ ବ୍ୟବସାୟୀ ଆନନ୍ଦପୁର ପ୍ରଶାସନକୁ ଅନୁରୋଧ ଜଣାଇଛନ୍ତି।

# କାନପୁର ବର୍ଷା ବିପନ୍ନଙ୍କୁ ଦରିପାଲ ବଣ୍ଟନ



**କେନ୍ଦୁଝର, ୩୧।୭ (ସମିସ):** ଲଘୁଚାପଜନିତ ବର୍ଷାରେ କ୍ଷତିଗ୍ରସ୍ତ କାନପୁର ବିସ୍ଥାପିତ ଚମକପୁର ପଞ୍ଚାୟତର ରୁଗୁଡି ଗ୍ରାମର ଶତାଧିକ ଆଦିବାସୀ ପରିବାରକୁ ଚମ୍ପୁଆ ବିଧାୟକ ସନାତନ ମହାକୁଡଙ୍କ ଦ୍ୱାରା ପରିଚାଳିତ ମା’ ଜଗତଜନନୀ ସେବା ଟ୍ରଷ୍ଟ, ନମ୍ବିରା ତରଫରୁ ଦରିପାଲ ବଣ୍ଟନ କରାଯାଇଛି। କାନପୁର ଡ୍ୟାମ ନିମନ୍ତେ ପୂର୍ବରୁ ଏହି ଆଦିବାସୀ ଗ୍ରାମରେ ରହୁଥିବା ଶତାଧିକ ପରିବାର ବହୁ ହଇରାଣ ହେଉଥିବାବେଳେ ବର୍ତ୍ତମାନର ଲଘୁଚାପଜନିତ ବର୍ଷା ଯୋଡା ବ୍ଲକ ଚମକପୁର ପଞ୍ଚାୟତର ରୁଗୁଡି ଗ୍ରାମବାସୀଙ୍କ ଅସୁବିଧାକୁ ଦ୍ୱିଗୁଣିତ କରିଛି। ଏ ସଂପର୍କରେ ଖବର ପାଇ ଚମ୍ପୁଆ ବିଧାୟକଙ୍କ ନିର୍ଦ୍ଦେଶକ୍ରମେ ବିଧାୟକଙ୍କ ଜିଲ୍ଲା ପ୍ରତିନିଧି ସଂଜୀବ ବେହେରା, ଯୋଡା ବ୍ଲକ ପ୍ରତିନିଧି ପୂର୍ଣ୍ଣଚନ୍ଦ୍ର ନାଏକ, ଚମକପୁର ସରପଞ୍ଚ ଶକୁନ୍ତଳା ନାଏକ, ନାଏବ ସରପଞ୍ଚ ଅର୍ଜୁନ ବେହେରା, ୱାର୍ଡସଭ୍ୟ ସଂଯୁକ୍ତା ଆପଟ, ନଳିନୀ ନାଏକ, ପୂର୍ବତନ ସରପଞ୍ଚ ପ୍ରଭାକର ନାଏକଙ୍କ ସମେତ କାର୍ତ୍ତିକ ନାଏକ, ବିଶୁ ଆପଟ, ଜଗନ୍ନାଥ ବାରିକ, ଦିନେଶ ଦାସ ପ୍ରମୁଖ ଉକ୍ତ ଉପାନ୍ତ ବୁଡି ଅଞ୍ଚଳକୁ ଯାଇ ଶତାଧିକ ମୁଣ୍ଡା ସଂପ୍ରଦାୟର ଆଦିବାସୀ ପରିବାରକୁ ବର୍ଷାରୁ ରକ୍ଷା ପାଇବା ପାଇଁ ଦରି ପାଲ ବଣ୍ଟନ କରିଛନ୍ତି।

# ବଳରାମଧୀର ହାଇସ୍କୁଲ କିରାଣିଙ୍କୁ ବିଦାୟ ସମ୍ବର୍ଦ୍ଧନା



**ରାମଚନ୍ଦ୍ରପୁର, ୩୧।୭ (ସମିସ):** ଘସିପୁରା ବ୍ଲକ ପୁରୁଣାବାନ୍ଧଗୋଡାସ୍ଥିତ ବଳରାମଧୀର ହାଇସ୍କୁଲର ବରିଷ୍ଠ କିରାଣି ରମାକାନ୍ତ ଘଡେଇଙ୍କୁ ଅବସରକାଳୀନ ବିଦାୟ ସମ୍ବର୍ଦ୍ଧନା ଦିଆଯାଇଛି। ପ୍ରଧାନଶିକ୍ଷକ ଶାନ୍ତନୁ ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବେ ସ୍ଥାନୀୟ ସରପଞ୍ଚ ସୁଧାରାଣୀ ଧୀର, ସମ୍ମାନିତ ଅତିଥି ଭାବେ ବିଦ୍ୟାଳୟ ଶିକ୍ଷାକମିଟି ଅଧ୍ୟକ୍ଷ ଦେବବ୍ରତ ପଟ୍ଟନାୟକ, ସିଆରସିସି ସଂଜିବ ବେହେରା, ବିଶିକେଶନ ଭୂୟାଁ, ଶିକ୍ଷାବିତ ବ୍ରଜକିଶୋର ସେନାପତି, ପଞ୍ଚସଖା ଶିକ୍ଷାସେତୁ ଅଧ୍ୟକ୍ଷ ସୌମେନ୍ଦ୍ର ଧୀର, ପ୍ରାକ୍ତନ ବିଜ୍ଞାନ ଶିକ୍ଷକ ବଳରାମ ବେହେରା, ମୁଖ୍ୟବକ୍ତା ଭାବେ ପୂର୍ବତନ ସରପଞ୍ଚ ବୈଷ୍ଣବ ସେନାପତି ଶ୍ରୀ ଘଡ଼େଇଙ୍କ ଉଦ୍ଦେଶ୍ୟରେ ବକ୍ତବ୍ୟ ରଖିଥିଲେ। ଶିକ୍ଷକ ଶୁଭ୍ରଜିତ ଧୀର, ନାରାୟଣ ଦାସ, ଲକ୍ଷ୍ମୀପ୍ରିୟା ସାହୁ, ସୁରେଶ ଭୂୟାଁ, ଅରୁଣ ନାୟକ, ବିଶ୍ୱନାଥ ଖୁଣ୍ଟିଆ, ଅତସି ଜେନା, ଦେବେନ୍ଦ୍ର ପ୍ରସାଦ ସାହୁ, ଶିକ୍ଷା କମିଟି ସଭ୍ୟ ଗାର୍ଦ୍ଦି ମୁଣ୍ଡା, ଅମୂଲ୍ୟ ମାଝୀ ଏବଂ ପୂର୍ବଛାତ୍ରଙ୍କ ସହ ବର୍ତ୍ତମାନ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ।

## ୨୦ ନମ୍ବର ଏନ୍‌ଏଚ୍‌ରେ ସୋ’କେସ୍ ଚାରା ରୋପଣ

# ୫ ଲକ୍ଷ ଟଙ୍କାର ଅନୁଦାନ; ଗଛ ନାହିଁ, ଅଛି ବାଉଁଶ କଣି

**ଆନନ୍ଦପୁର, ୩୧।୭ ସମିସ):** ୨୦ ନମ୍ବର ଜାତୀୟ ରାଜପଥରେ ହୋଇଥିବା ବୃକ୍ଷ ରୋପଣର ଚିତ୍ର ଏଭଳି। ଚାରା ରୋପଣ ନାମରେ ହରିଲୁଟ୍ ହୋଇଛି ଲକ୍ଷାଧିକ ଟଙ୍କାର ଅନୁଦାନ। ନାଁକୁ ମାତ୍ର କାଗଜପତ୍ରରେ ରାସ୍ତା ଡିଭାଇଡର୍‌ରେ ଚାରା ରୋପଣ କରାଯାଇଛି। ନା ଅଛି ସୁରକ୍ଷା ବାଡ଼ ନା ରକ୍ଷଣାବେକ୍ଷଣ ପାଇଁ ଚାଲିଛି ଠୋସ୍ କାର୍ଯ୍ୟ। ଜାତୀୟ ରାଜପଥ ମଝିରେ ଥିବା ଡିଭାଇଡ଼ରରେ ଗଛ ଲଗାଯିବା ପାଇଁ ନିର୍ଦ୍ଦେଶ ହୋଇଥିଲା। ସୋ’କେସ୍ ଭଳି କିଛି ଚାରା ଲଗାଇ ବାକି ଟଙ୍କା ଚଳୁ କରି ଦେଇଥିବା ଅଭିଯୋଗ ହେଉଛି। ୨୦୦ ଚାରା ଲଗାଯାଇଥିବା ବେଳେ ବର୍ତ୍ତମାନ ଗୋଟିଏ ମଧ୍ୟ ନଥିବା ପରିଲକ୍ଷିତ ହୋଇଛି। ଗଛ ବଦଳରେ ବାଉଁଶ କଣି ଓ କେତେ ଖଣ୍ଡ ବତା ପଡ଼ିରହିଛି। ପ୍ରାୟ ୫ ଲକ୍ଷ ଟଙ୍କା ବ୍ୟୟରେ ହୋଇଥିବା ବୃକ୍ଷ ରୋପଣର ଅବସ୍ଥା ନେଇ ଦାୟିତ୍ୱରେ ଥିବା କନିଷ୍ଠ ଯନ୍ତ୍ରୀ ଅରୁଣ କୁମାର ଦାସଙ୍କ ଦୃଷ୍ଟି ଆକର୍ଷଣ କରିବାରୁ ପୁଣି ଥରେ ଗଛ ଲଗାକିବା ପାଇଁ ସମ୍ପୃକ୍ତ ଠିକା ସଂସ୍ଥାକୁ ନିର୍ଦ୍ଦେଶ ଦିଆଯାଇଛି ବୋଲି କହି ଏହି ପ୍ରସଙ୍ଗକୁ ଏଡାଇ ଦେଇଛନ୍ତି। ପ୍ରଶାସନ



ଦୃଷ୍ଟି ଆଢୁଆଳରେ ରହୁଥିବା ଜାତୀୟରାଜପଥ ବିଭାଗରେ କି ପ୍ରକାର ଜାଲିଆତି ହେଉଛି ଏଥିରୁ ସ୍ପଷ୍ଟ ଅନୁମେୟ। ଜାତୀୟ ରାଜପଥ ରକ୍ଷଣାବେକ୍ଷଣ ପାଇଁ ଅଭିଶ୍ରୀ କନଷ୍ଟ୍ରକ୍ସନ ନାମକ ଠିକସଂସ୍ଥା ଦାୟିତ୍ୱ ନେଇଥିବା ବେଳେ ସମସ୍ତ ପ୍ରକାର ନିର୍ମାଣ କାର୍ଯ୍ୟ ଓ ରକ୍ଷଣାବେକ୍ଷଣକୁ ତଦାରଖ କରିବା ପାଇଁ ଜଣେ ଯନ୍ତ୍ରୀଙ୍କୁ ଦାୟିତ୍ୱ ଦିଆଯାଇଛି ହେଲେ ଉପଯୁକ୍ତ ତଦାରଖ ଅଭାବରୁ ଅନେକ ସମୟରେ ଏହାର ଉଦ୍ଦେଶ୍ୟ ସାଧିତ ହୋଇପାରୁ ନାହିଁ। ଶାଳପଡା ସର୍ଭିସ ରୋଡର ଦୟନୀୟ ଅବସ୍ଥା ପାଇଁ ରାସ୍ତା ବରୋଧ ନିତିଦିନିଆ ଘଟଣାରେ ପରିଣତ ହେଲାଣି। ଯାହାକି ରାଜପଥ ପ୍ରାଧିକରଣ ପକ୍ଷରୁ ରାଜପଥ ପରିଚାଳନାର ଏକ ନଗ୍ନ ଉଦାହରଣ ବୋଲି ଚର୍ଚ୍ଚା ପରିସରକୁ ଆସିଛି।

# ମହିଳାଙ୍କ ମୃତ୍ୟୁ ଘଟଣାରେ ଅଭିଯୁକ୍ତ ସ୍ୱାମୀ ଗିରଫ

**ବାଲିବନ୍ଧ, ୩୧।୭ (ସମିସ):** ଝୁମ୍ପୁରା ଥାନା ଭାଲୁକା ଗ୍ରାମର ସହିଦନଗରଠାରେ ଏମଡି ମେନାନ୍‌ଙ୍କ ପ୍ରଥମ ପତ୍ନୀ ଶକୁନ୍ତଳା ଦାସଙ୍କୁ ପିଟି ପିଟି ଅତି ଅମାନୁଷିକ ଭାବେ ହତ୍ୟା ଘଟଣାରେ ଅଭିଯୁକ୍ତ ସ୍ୱାମୀ ଏମଡି ମେନାନକୁ ପୁଲିସ ଗୁରୁବାର ଗିରଫ କରି କୋର୍ଟ ଚାଲାଣ କରିଛି। ଏମଡି ମେନାନ ଏବଂ ସ୍ତ୍ରୀ ଶକୁନ୍ତଳାଙ୍କ ମଧ୍ୟ କିଛି କଥାକୁ ନେଇ ବଚସା ହୋଇଥିଲା। ଏଥିରେ ଉତ୍ତ୍ୟକ୍ତ ହୋଇ ଏକ କାଠଫାଳିଆରେ ସ୍ତ୍ରୀ ଶକୁନ୍ତଳାଙ୍କୁ ହତ୍ୟା କରିଥିବା ନେଇ ସ୍ୱାମୀ ଏମଡି. ମେନାନ ସ୍ୱୀକାର କରିଛି। ଶକୁନ୍ତଳାଙ୍କ ଭାଇ ମକରଧର ଦାସଙ୍କ ଝୁମ୍ପୁରା ଥାନାରେ ଅଭିଯୋଗ ଆଧାରରେ ପୁଲିସ ମାମଲା ରୁଜୁ କରିବା ସହ ଶବ ବ୍ୟବଚ୍ଛେଦ ପରେ ସ୍ୱାସ୍ଥ୍ୟ ପରୀକ୍ଷା କରାଇବା ପରେ ଅଭିଯୁକ୍ତକୁ କୋର୍ଟ ଚାଲାଣ କରିଛି। ସୂଚନାଯୋଗ୍ୟ, ୭ ବର୍ଷ ତଳେ ଝୁମ୍ପୁରା ଗ୍ରାମର ଏମଡି. ମେନାନ୍ ଶକୁନ୍ତଳାଙ୍କୁ ପ୍ରେମ ବିବାହ କରିଥଲେ। ସେମାନଙ୍କ ୪ ବର୍ଷର ପୁଅ ସହ ୨ ବର୍ଷର ଝିଅଟିଏ ଅଛନ୍ତି। ପରେ ପାରିବାରିକ ତିକ୍ତତା ସୃଷ୍ଟି ହୋଇ ଏହି ହତ୍ୟାକାଣ୍ଡ ଘଟିଥିବା ଜଣାପଡ଼ିଛି। ଏହାକୁ ନେଇ ଝୁମ୍ପୁରା



ଥାନାରେ ଭାରତୀୟ ନ୍ୟାୟ ସଂହିତାର ଧାରା ୮୦/୮୫/୧୦୩(୧)/୪ ଡିପି ଆକ୍ଟ ସମ୍ବଳିତ ୧୦୧/୨୫ ସମ୍ବଳିତ ଏକ ମାମଲା ରୁଜୁ ହୋଇଛି।

## ନିଶା କାରବାରରେ ଚଢ଼ଉ; ୨୧ ଗିରଫ

# ବ୍ରାଉନସୁଗର ସହ ନଗଦ ୮ ଲକ୍ଷ ଓ ମୋବାଇଲ ଜବତ

**ଆନନ୍ଦପୁର, ୩୧।୭ (ସମିସ):** ଆନନ୍ଦପୁର-ଘସିପୁରା-ରାମଚନ୍ଦ୍ରପୁର-ନନ୍ଦିପଦା ଥାନା ପୁଲିସ ଅଞ୍ଚଳରୋ ଦୁଇ ଦିନ ଧରି ଚଢ଼ଉ ଫଳରେ ୨୧୩ ଗ୍ରାମ ବ୍ରାଉନ୍ ସୁଗର ଜବତ କରାଯାଇଛି। ବ୍ରାଉନ ସୁଗର ବିକ୍ରି ଅଭିଯୋଗରେ ପୁଲିସ ୨୧ ଜଣଙ୍କୁ ଗିରଫ କରିଛି। ଏହାସହ ଦୁର୍ବୃତ୍ତଙ୍କ ନିକଟରୁ ନଗଦ ୮ଲକ୍ଷ ୩୦ ହଜାର ଟଙ୍କା ଏବଂ ୧୩ଟି ମୋବାଇଲ୍ ଫୋନ୍ ମଧ୍ୟ ଜବତ କରିଥିବା ସୂଚନା ଦେଇଛନ୍ତି କେନ୍ଦୁଝର ଜିଲ୍ଲା ଅତିରିକ୍ତ ଏସ୍‌ପି ପ୍ରତ୍ୟୁଷ ମହାପାତ୍ର। ଶାଳପଡା ହାଟ ପଡିଆଠାରେ ବିକ୍ରି କରିବା ପାଇଁ ୩ ଜଣ ଓ କିଣିବା ପାଇଁ ୩ ଜଣଙ୍କୁ ପୁଲିସ କାବୁ କରିଥିଲା। ପରେ ସେମାନଙ୍କଠାରୁ ତଥ୍ୟ



ସଂଗ୍ରହ କରି ଘଷିପୁରା ରାମଚନ୍ଦ୍ରପୁର, ଆନନ୍ଦପୁର ଓ ନନ୍ଦିପଦା ଥାନାଞ୍ଚଳରେ ଚଢ଼ଉ କରିଥିଲା। ଭଦ୍ରକ ଅଞ୍ଚଳରୁ ଏମାନେ ବ୍ରାଉନସୁଗର ଆଣି ଆନନ୍ଦପୁର ଅଞ୍ଚଳରେ ଦୀର୍ଘଦିନ ଧରି ବିକ୍ରି କରୁଥିଲେ। ଆନନ୍ଦପର ଉପଖଣ୍ଡ ଅଞ୍ଚଳରେ ବଢିଚାଲିଥିବା ବ୍ରାଉନସୁଗାର କାରବାରକୁ ନେଇ ବିଭିନ୍ନ ମହଲରୁ ପୁଲିସ ନିକଟରେ ହୋଇଆସୁଥିବା ଅଭିଯୋଗକୁ ଆଧାରକରି ଆନନ୍ଦପୁର ଏସଡିପିଓ ପ୍ରଶାନ୍ତ ବେହେରାଙ୍କ ନେତୃତ୍ୱରେ ପୁଲିସ୍ ଟିମ୍ ଗଠନ କରି ଗତଦୁଇଦିନ ଧରି ଚଢଉ କରିବା ପରେ ଏହି ସଫଳତା ମିଳିଥିବା ଜଣାପଡିଛି। ଆଗକୁ ଚଢ଼ଉ ଜାରି ରହିବ ବୋଲି ଅତିରିକ୍ତ ଏସପି ସୂଚନା ଦେଇଛନ୍ତି।

## ଉଦଳା ପଞ୍ଚାୟତ ସମିତି କାର୍ଯ୍ୟାଳୟର ପଛଦ୍ୱାର ଖୋଲା

# ମୁଖ୍ୟ ଫାଟକ ସମ୍ମୁଖ ପାଲଟିଛି ବସ୍‌ଷ୍ଟାଣ୍ଡ



**ଉଦଳା, ୩୧।୭ (ସମିସ):** କପ୍ତିପଦା ଉପଖଣ୍ଡର ଉଦଳା ପଞ୍ଚାୟତ ସମିତି ୧୨ଟି ପଞ୍ଚାୟତକୁ ନେଇ ଗଠିତ। ଏଠାରେ ଡାକ୍ତରଖାନା, ବିଚାର ବିଭାଗୀୟ ଅଦାଲତ ଆଦି ରହିଛି। ହେଲେ ପଞ୍ଚାୟତ ସମିତିର ମୁଖ୍ୟ ଫାଟକ ସମ୍ମୁଖ ଏବେ ବସ୍‌ଷ୍ଟାଣ୍ଡ ପାଲଟିଛି। ଫଳରେ ମୁଖ୍ୟ ଗେଟ ଏବେ ଅଲୋଡା ହୋଇଥିବାରୁ ପଛଦ୍ୱାର ଖୋଲା ରହିଛି। ବ୍ଲକ ମୁଖ୍ୟାଳୟରୁ ପଞ୍ଚାୟତର ବିଭିନ୍ନ ଗ୍ରାମାଞ୍ଚଳକୁ ସଂଯୋଗ କରିବା ଉଦ୍ଦେଶ୍ୟରେ ଲକ୍ଷ୍ମୀବସ ଚଳାଚଳ କରୁଛି। ମାତ୍ର ଉକ୍ତ ବସଗୁଡିକ ରହଣୀ କାରଣରୁ ଉଦଳା ବ୍ଲକ କାର୍ଯ୍ୟାଳୟର ମୁଖ୍ୟ ଫାଟକ ଏବେ ଯାତାୟାତ ଅନୁପଯୋଗୀ ହୋଇପଡିଛି। ଗେଟ ଆଗରେ ସର୍ବଦା ଲକ୍ଷ୍ମୀ ବସ ରହୁଛି। ଫଳରେ ବ୍ଲକ କାର୍ଯ୍ୟାଳୟକୁ ଯିବା ପାଇଁ ପଛଦ୍ୱାର ବହୁଳ ଭାବରେ ବ୍ୟବହାର କରାଯାଉଛି। ଏପରିକି ଏବେ ସମ୍ପୂର୍ଣ୍ଣ ବନ୍ଦ ହୋଇପଡିଥିବା ଲକ୍ଷ୍ୟ କରାଯାଉଛି ମୁଖ୍ୟ ଫାଟକ। ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କଠାରୁ ପଞ୍ଚାୟତ ସମିତି ଅଧ୍ୟକ୍ଷ, ସମିତି ସଭ୍ୟ ଏବଂ ସରପଞ୍ଚଙ୍କଠାରୁ କର୍ମଚାରୀ ଓ ହିତାଧିକାରୀଙ୍କ ପାଇଁ ମୁଖ୍ୟ ଫାଟକ ସାଜିଛି ପଛ ଦ୍ୱାର। ଏ ନେଇ ଅସନ୍ତୋଷ ଦେଖାଦେଇଛି।

## ପାଞ୍ଚପୀଢ଼କୁ ଜିଲ୍ଲା ଘୋଷଣା ଦାବିକଲା ପ୍ରଗତି ମଞ୍ଚ

# ଅଗଷ୍ଟ ୨ରେ ଗଣଧାରଣା

**କରଞ୍ଜିଆ,୩୧।୭ (ସମିସ):**



ପାଞ୍ଚପୀଢ଼କୁ ଜିଲ୍ଲା ଘୋଷଣା ଦାବିରେ ଆସନ୍ତା ଅଗଷ୍ଟ ୨ ତାରିଖରେ ଗଣଧାରଣା ଦିଆଯିବ ବୋଲି ନିଷ୍ପତ୍ତି ହୋଇଥିବା ନେଇ ଗୁରୁବାର ଏକ ସାମ୍ବାଦିକ ସମ୍ମିଳନୀରେ ପ୍ରଗତି ମଞ୍ଚର ସଭାପତି ଆଇନଜୀବୀ ସଞ୍ଜୟ କୁମାର ସାହୁ ସୂଚନା ଦେଇଛନ୍ତି। ଏହି ଅନ୍ଦୋଳନ ନିମନ୍ତେ ଗୁରୁବାର କଚେରୀ ପରିସରରେ ମଞ୍ଚ ସଭାପତି ଆଇନଜୀବୀ ସଞ୍ଜୟ କୁମାର ସାହୁଙ୍କ ଅଧ୍ୟକ୍ଷତାରେ ଏକ ସାମ୍ବାଦିକ ସମ୍ମିଳନୀ ଆହ୍ୱାନ କରଯାଇଥିଲା। ସମ୍ମିଳନୀରେ ଆନ୍ଦୋଳନର ଉଦ୍ଦେଶ୍ୟ, ଦାବି ସଂପର୍କରେ ସୂଚନା ଦେଇ ସେ କହିଥିଲେ ଯେ, କରଞ୍ଜିଆରେ ଦୀର୍ଘ ଦିନ ହେଲା ଏ.ଡିଏମ କାର୍ଯ୍ୟାଳୟ, ଏଆରଟିଓ, ଅତିରିକ୍ତ ଏସ୍‌ପିଙ୍କ କାର୍ଯ୍ୟାଳୟ ଖୋଲିବା ସହିତ ଆହୁରି ଅନେକ ଜିଲ୍ଲାସ୍ତରୀୟ କାର୍ଯ୍ୟାଳୟ ଖୋଲି ଜନ ସାଧାରଣଙ୍କୁ ତୁରିତ୍ ସେବା ଯୋଗାଇବା ପାଇଁ ଦାବି ହୋଇଆସୁଛି। ସରକାର ଛୋଟଛୋଟ ବ୍ଲକକୁ ନେଇ ଜିଲ୍ଲା ଗଠନ କରିଛନ୍ତି। ତେଣୁ ସେହି ଆଧାରରେ ପାଞ୍ଚପିଢ଼କୁ ଜିଲ୍ଲା ଘୋଷଣା କରିବା ଯଥାର୍ଥତା ରହିଛି। ଏହି ଦୃଷ୍ଟିରୁ ପାଞ୍ଚପିଢ଼ ବିକାଶ ମଞ୍ଚ ପକ୍ଷରୁ ଜିଲ୍ଲା ଘୋଷଣା ଦାବି ହୋଇଥିଲା। ଭୌଗୋଳିକ ଦୃଷ୍ଟିକୋଣରୁ ଉପଖଣ୍ଡର ସଦର ମହକୁମାଠାରୁ ଜିଲ୍ଲା ସଦର ମହକୁମା ଦୂର ୧୨୫ କିମି। ଏହାର ଅନେକ ଅଞ୍ଚଳ ରହିଛି ଯାହାର ଦୂରତା ୨୦୦ କିମିରୁ ଅଧିକ ହେବ। ଫଳରେ ଲୋକଙ୍କୁ ଦ୍ୱରିତ ସେବା ଯୋଗାଇବା ପାଇଁ ପାଞ୍ଚପିଢ଼କୁ ଜିଲ୍ଲା ଘୋଷଣା ଆବଶ୍ୟକ। ଏହି ଉପଖଣ୍ଡ ତୁଳନାତ୍ମକ ଭାବେ ଅଧିକ ରାଜସ୍ୱ ସରକାରଙ୍କୁ ଦେଉଛି। ଆଗାମୀ ଦିନରେ ଜିଲ୍ଲାର ଏକ ବୃହତ ସହରର ଭାବେ ମାନ୍ୟତା ପାଇବାର ସମ୍ଭାବନା ରହିଛି। ପର୍ଯ୍ୟଟନ କ୍ଷେତ୍ରରେ ପାଞ୍ଚପିଢ଼ ଜିଲ୍ଲାର ଏକ ନମ୍ବର ସ୍ଥାନ ପାଇଛି। ଶିମିଳିପାଳ ଜାତୀୟ ଉଦ୍ୟାନ, ଐତିହାସିକ ଖିଚିଂ ମନ୍ଦିର, ପ୍ରକୃତିର ଅନନ୍ୟା ସମ୍ପଦ ଭୀମକୁଣ୍ଡ ଏହି ଅଞ୍ଚଳରେ ରହିଛି। ଏହା ଜିଲ୍ଲାର ଏକ ବ୍ୟାବସାୟିକ ପେଣ୍ଠସ୍ଥଳୀ ମଧ୍ୟ କୁହାଯାଏ। ଏଠାରେ ବହୁ ଜାତୀୟକରଣ ବ୍ୟାଙ୍କ, ସରକାରୀ କାର୍ଯ୍ୟାଳୟ, ଶିକ୍ଷାନୁଷ୍ଠାନ, ବିଭିନ୍ନ କମ୍ପାନୀର ସୋରୁମ ଆଦି ମଧ୍ୟ ରହିଛି। କରଞ୍ଜିଆ ସ୍ୱାସ୍ଥ୍ୟ ସେବା କ୍ଷେତ୍ର, କ୍ରୀଡା କ୍ଷେତ୍ରରେ ସବୁବେଳେ ଉଲ୍ଲେଖନୀୟ ଉଦାହରଣ ସୃଷ୍ଟି କରିଛି। ଲୋକ ସଂଖ୍ୟା ଓ ଆୟତନ ଦୃଷ୍ଟିରୁ ଏହାକୁ ଜିଲ୍ଲା ଘୋଷଣା ଯୁକ୍ତିଯୁକ୍ତ ବୋଲି ମଞ୍ଚର ସଂପାଦକ ଆଇନଜୀବୀ ଦିବ୍ୟପ୍ରସାଦ ସାହୁ କହିଛନ୍ତି। ସମ୍ମିଳନୀରେ ଉପସଭାପତି ଉମାଶଙ୍କର ଦାସ, ଯୁଗ୍ମ ସମ୍ପାଦକ କର୍ଣ୍ଣାର୍ଜୁନ ସାହା, କୋଷାଧ୍ୟକ୍ଷ ସୁଧିର ଭାରୁକା ଓ ଆବାହକ ଜଗମୋହନ ମହାନ୍ତ ପ୍ରମୁଖ ଉପସ୍ଥିତ ଥିଲେ। ଆନ୍ଦୋଳନକୁ ତୀବ୍ର କରିବାକୁ ବିଭିନ୍ନ ବ୍ଲକରେ ସବ କମିଟି ଗଠନ କରିବାକୁ ପ୍ରସ୍ତାବ ଦିଆଯାଇଛି। ଅଗଷ୍ଟ ୨ରୁ ରିଲେ ଧାରଣା ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ହେବ; ହେଲେ ଏହି ଆନ୍ଦୋଳନ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଚାଲିବ ବୋଲି ସାମ୍ବାଦିକଙ୍କୁ ସୂଚନା ଦିଆଯାଇଥିଲା।

## ୩ଟି ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକଙ୍କ ବଦଳି

**ବାରିପଦା,୩୧।୭ (ସମିସ):** ସ୍କୁଲ ଓ ଗଣଶିକ୍ଷା ବିଭାଗ ପରିଚାଳିତ ସରକାରୀ ହାଇସ୍କୁଲ ଗୁଡିକର ସିନିୟର ଏସଇଏସ ପ୍ରଧାନ ଶିକ୍ଷକଙ୍କ ବଦଳି ଆଦେଶ ଓଡିଶା ମାଧ୍ୟମିକ ଶିକ୍ଷା ପରିଷଦ ନିର୍ଦ୍ଦେଶକଙ୍କ ନିର୍ଦ୍ଦେଶ ଅନୁସାରେ ବୁଧବାର ପ୍ରକାଶ ପାଇଛି। ସେମାନେ ହେଲେ ଉଦଳା ବୈରାଟପୁର ସରକାରୀ ଉଚ୍ଚ ବିଦ୍ୟାଳୟର ସାବିତ୍ର ସୋରେନଙ୍କୁ ତିରିଂ ବ୍ଲକ ବଡ଼ଡାଳିମା ସରକାରୀ ଉଚ୍ଚ ବିଦ୍ୟାଳୟକୁ ବଦଳି ହୋଇଥିବା ବେଳେ ବିଶୋଇ ଚଟାଣୀ ପଞ୍ଚାୟତ ସରକାରୀ ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ରବୀନ୍ଦ୍ର ନାଥ ସେଠୀଙ୍କର ଭଞ୍ଜପୁର ଏଲଏମପି ସରକାରୀ ଉଚ୍ଚ ବିଦ୍ୟାଳୟକୁ ବଦଳି ହୋଇଛି। ସେହିପରି ରଙ୍ଗାମାଟିଆ ସରକାରୀ ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ପ୍ରତିମା ରାଣୀ ଦାଶଙ୍କର ବାରିପଦାର ରାଖାଲଗୋପ ସରକାରୀ ଉଚ୍ଚ ବିଦ୍ୟାଳୟକୁ ବଦଳି ହୋଇଥିବା ଜଣାପଡିଛି।

## ପାଣିରେ ବୁଡି ଯୁବକଙ୍କ ମୃତ୍ୟୁ

**ବେତନଟୀ, ୩୧।୭ (ସମିସ):** ବେତନଟୀ ପଞ୍ଚାୟତର ସଠିଲୋ ଗ୍ରାମରେ ଜଣେ ଯୁବକ ପାଣିରେ ବୁଡି ଯିବାରୁ ତାଙ୍କର ମୃତ୍ୟୁ ଘଟିଛି। ମୃତକ ଜଣକ ହେଉଛନ୍ତି ରାକେଶ କୁମାର ଦାସ (୪୦)। ସେ କୌଣସି କାରଣରୁ ପାଣିରେ ବୁଡିଯାଇଥିଲେ।

# ଆଦିପୁରରେ ଜୟ ବଡାମ ସାଂସ୍କୃତିକ ପରିଷଦ ଗଠିତ

**ଖିଚିଂ, ୩୧।୭ (ସମିସ):** ଉତ୍ତର ଓଡିଶାରେ ବସବାସ କରୁଥିବା ବାଥୁଡି ସମ୍ପ୍ରଦାୟରେ ବଡାମ ଉପାସନା ଏକ ଗୁରୁତ୍ୱପୂର୍ଣ୍ଣ ସ୍ଥାନ ଅଧିକାର କରିଛି। ପୌରାଣିକ ଯୁଗରୁ ସେ କୃଷି ଓ ସଂସ୍କୃତିର ଦେବତା ଭାବେ ପୂଜା ପାଇ ଆସୁଛନ୍ତି। ପ୍ରଚଳିତ କିମ୍ବଦନ୍ତୀ ଅନୁଯାୟୀ ବଡାମ ହେଉଛନ୍ତି ନୀଳମାଧବଙ୍କ ଜ୍ୟେଷ୍ଠଭ୍ରାତା ବଳରାମ। ନୀଳମାଧବଙ୍କୁ ଶ୍ରୀକ୍ଷେତ୍ରକୁ ନିଆଗଲାପରେ ଜ୍ୟେଷ୍ଠଭ୍ରାତା ବଳରାମଙ୍କୁ 'ବଡାମ ଠାକୁର' ନାମରେ ଶିମିଳିପାଳର ଅଠର ଦେଉଳରେ ଗୁପ୍ତଭାବେ ପୂଜାର୍ଚ୍ଚନା କରାଯାଉଛି। ଏହି ପବିତ୍ର ପୀଠରେ ଚାଙ୍ଗୁ ବାଦ୍ୟ ବଜାଇ ବଡାମ ଠାକୁରଙ୍କୁ ନିଷ୍ଠାର ସହ ପୂଜା କଲେ ଶ୍ରଦ୍ଧାଳୁର ଦୁଃଖ କଷ୍ଟ ଲାଘବ ହୋଇ ସୁଖ ସମୃଦ୍ଧି ପ୍ରାପ୍ତ ହୋଇଥାଏ ବୋଲି ଲୋକକଥା ରହିଛି। ସମସ୍ତ ବାଥୁଡି ଗ୍ରାମରେ ବଡାମ ଠାକୁରଙ୍କୁ 'ବଡାମ ଶାଳ' ଭାବେ ବିଧିମତେ ପୂଜାର୍ଚ୍ଚନା କରାଯାଇଥାଏ। ଏହି ପ୍ରାଚୀନ ଆଧ୍ୟାତ୍ମିକ ପରମ୍ପରାକୁ ଉଜ୍ଜୀବିତ ରଖିବା ପାଇଁ ମୟୂରଭଞ୍ଜ ଜିଲ୍ଲା ଶୁକ୍ରୁଳି ବ୍ଲକ ଅନ୍ତର୍ଗତ ଆଦିପୁର ଗ୍ରାମର ବାଥୁଡି ସମ୍ପ୍ରଦାୟର ପୁରୁଷ ଓ ମହିଳାଙ୍କୁ ନେଇ ଏକ ବୈଠକ ଅନୁଷ୍ଠିତ ହୋଇଥିଲା। ବୈଠକରେ ଆମନ୍ତ୍ରିତ ଅତିଥି ଭାବେ ସ୍ଥାନୀୟ ପୁଣ୍ୟତୀର୍ଥ ଦୋମୁହାଣୀ ବିକାଶ ପରିଷଦର ସଭାପତି ଡ଼ଃ ବଳଭଦ୍ର ଘଡ଼ାଇ



ସଭାପତିତ୍ୱ କରିଥିବାବେଳେ ସମ୍ପାଦକ ମହେଶ୍ୱର ବେହେରା ଓ କୋଷାଧ୍ୟକ୍ଷ ସହଦେବ ମୁଣ୍ଡା ପ୍ରମୁଖ ଏହି ସାଂସ୍କୃତିକ ପରିଷଦ ଗଠନ ନିମନ୍ତେ ବିଭିନ୍ନ ପରାମର୍ଶ ଦେଇଥିଲେ। ପରେ ଗ୍ରାମବାସୀଙ୍କ ସର୍ବସମ୍ମତିକ୍ରମେ ଆଦିପୁରରେ 'ଜୟ ବଡାମ ସାଂସ୍କୃତିକ ପରିଷଦ ଗଠନ କରାଯାଇଛି। ସଭାପତି - ଧୀରେନ୍ଦ୍ର ଦାସ, ଉପସଭାପତି- ଜେମାମଣି ଦାସ, ସମ୍ପାଦକ- ଦମୟନ୍ତୀ ଦାସ, ସହସମ୍ପାଦକ-ଜଗଦୀଶ ନାଏକ, କୋଷାଧ୍ୟକ୍ଷ- ଯଶୋବନ୍ତ ଦାସ ଓ ହିସାବ ନିରୀକ୍ଷକ- ବସନ୍ତ ଦାସ ମନୋନୀତ ହୋଇଛନ୍ତି।

## ଗୌରୀଶଙ୍କର ସିହ୍ନା କରଞ୍ଜିଆ ନଗର ବିଜେଡି ସଭାପତି



**କରଞ୍ଜିଆ,୩୧।୭ (ସମିସ):** କରଞ୍ଜିଆ ନଗର ସଭାପତି ଭାବେ ବରିଷ୍ଠ ବିଜେଡ଼ି ନେତା ଗୌରୀଶଙ୍କର ସିହ୍ନା ଏବଂ ବ୍ଲକ ନିମନ୍ତେ ପଙ୍କଜ କୁମାର ମହାନ୍ତଙ୍କୁ ନିଯୁକ୍ତି ମିଳିଛି। ଗୌରୀ ବାବୁ ବିଜୁ ବାବୁଙ୍କ ସମୟରୁ ଜନତାଦଳରେ ରହି କାମ କରୁଥିଲେ। ପରେ ବିଜେଡି ଗଠନ ହେବା ଦିନଠାରୁ ସେ ଦଳରେ ରହି ବହୁ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇଛନ୍ତି। ଆଜି ଦଳ ତାଙ୍କୁ ନଗର ସଭାପତି ଦାୟିତ୍ୱ ଦେଇ ଥିବାରୁ ସେ ଧନ୍ୟବାଦ୍ ପ୍ରଦାନ କରିଛନ୍ତି। ଆଗାମୀ ଦିନରେ ଦଳକୁ ମଜଭୁତ କରି ଗଢିବେ ବୋଲି ସୂଚନା ଦେଇଛନ୍ତି।

## ସରସ୍ୱତୀ ଶିଶୁ ମନ୍ଦିରରେ ବିଜ୍ଞାନ ମେଳା



**ସାରସକଣା,୩୧/୭/(ସମିସ):** ସାରସକଣା ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିରରେ ଭାରପ୍ରାପ୍ତ ପ୍ରଧାନ ଆଚାର୍ଯ୍ୟ ଅଭିନନ୍ଦନ ସାହୁଙ୍କ ଅଧ୍ୟକ୍ଷତାରେ ଜ୍ଞାନବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ଶରତପାଳ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ପଦାର୍ଥ ବିଜ୍ଞାନ ଅଧ୍ୟାପକ ମାନସ କୁମାର ପତି ଯୋଗଦେଇ ଶିଶୁମାନଙ୍କୁ ବୈଜ୍ଞାନିକ ଚିନ୍ତା ଧାରା ବିଷୟରେ ସୂଚନା ଦେଇଥିଲେ। ସମ୍ମାନିତ ଅତିଥି ଭାବେ ବିଦ୍ୟାଳୟ ପରିଚାଳନା ସମିତିର ସଭାପତି ବାସୁଦେବ ସାହୁ ଓ ସମ୍ପାଦକ ରବୀନ୍ଦ୍ର ନାଥ ଭୋଳ ପିଲାମାନଙ୍କୁ ବିଜ୍ଞାନ ଦ୍ୱାରା ସମାଜରୁ କିପରି ଅନ୍ଧବିଶ୍ୱାସ ଦୂର ହୋଇପାରିବ ତାହା ବିଷୟରେ ସଚେତନ କରାଇଲେ। ଏହି ଅବସରରେ ଅତିଥିମାନେ ବିଜ୍ଞାନ ପ୍ରକଳ୍ପ, ଗଣିତ ପ୍ରକଳ୍ପ, ଗଣିତ ପ୍ରୟୋଗ ଓ ପତ୍ରବାଚନ ବୁଲି ଦେଖିଥିଲେ। ବିଦ୍ୟାଳୟର ବିଜ୍ଞାନ ପ୍ରମୁଖ ଅନୁପମ ଜେନାଙ୍କ ତତ୍ତ୍ୱାବଧାନରେ ଶିଶୁଙ୍କ ଦ୍ୱାରା ବିଭିନ୍ନ ବର୍ଗରେ ୧୨୦ଟି ପ୍ରକଳ୍ପ ପ୍ରଦର୍ଶିତ ହୋଇଛି। କାର୍ଯ୍ୟକ୍ରମକୁ ବରିଷ୍ଠ ଗୁରୁଜୀ ଲକ୍ଷ୍ମୀକାନ୍ତ ବେହେରା ପରିଚାଳନା କରିଥିଲେ।

## ପୁଲିସ ଓ ବନ ବିଭାଗ ପକ୍ଷରୁ ବୃକ୍ଷ ରୋପଣ ଅଭିଯାନ

**ବାରିପଦା, ୩୧।୭ (ସମିସ):** ଗୁରୁବାର ବାରିପଦାସ୍ଥିତ ରିଜର୍ଭ ପୁଲିସ ପ୍ୟାରେଡ ପଡିଆରେ ଜିଲ୍ଲା ପୁଲିସ ଏବଂ ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ ଆନୁକୂଲ୍ୟରେ ଏକ ବୃକ୍ଷ ରୋପଣ ଅଭିଯାନ ମା' ପାଇଁ ଗଛଟିଏ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟଅତିଥି ଭାବେ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ବରୁଣ ଗୁଣ୍ଟୁପାଲ୍ଲି, ସମ୍ମାନିତ ଅତିଥି ଭାବେ ବାରିପଦା ବନଖଣ୍ଡ ଅଧିକାରୀ ଉମା ମହେଶ ଯୋଗ ଦେଇ ବୃକ୍ଷ ରୋପଣ ଅଭିଯାନର ମୁଖ୍ୟ ଉଦ୍ଦେଶ୍ୟ ସଂପର୍କରେ କହିବା ସହିତ ଏକ ସୁସ୍ଥ ବାତାବରଣ ସୃଷ୍ଟି କରିବା ପାଇଁ 'ମା ପାଇଁ ଗଛ ଟିଏ' କାର୍ଯ୍ୟକ୍ରମ ସମ୍ପର୍କରେ ସୂଚନା ଦେଇଥିଲେ। ଚଳିତବର୍ଷ ୭୬ ତମ ବନ ମହୋତ୍ସବ ଅବସରରେ ଜିଲ୍ଲାରେ ବିଭିନ୍ନ ସ୍ଥାନରେ ବୃକ୍ଷ ରୋପଣ ଚାଲିଛି। ଏହି ପରିପ୍ରେକ୍ଷୀରେ ଉପସ୍ଥିତ ସମସ୍ତେ ସାମୂହିକ ଶପଥ ପାଠ କରିଥିଲେ।

### ■ ଅନଭିଜ୍ଞ କର୍ମଚାରୀ ବିକୁଛନ୍ତି ଔଷଧ

## ବନ୍ଧା ପଡିଛି ଅନେକ ପ୍ରମାଣପତ୍ର

**ରାମଚନ୍ଦ୍ରପୁର,୩୧।୭ (ସମିସ):** ଆନନ୍ଦପୁର ଉପଖଣ୍ଡର ବିଭିନ୍ନ ଚିକିତ୍ସାଳୟ ଏବଂ ଛକ ବଜାରରେ ଗଢି ଉଠିଛି ଅନେକ ଔଷଧ ଦୋକାନ। ଯେଉଁ ଫାର୍ମାସିଷ୍ଟଙ୍କ ନାମରେ ଔଷଧ ଦୋକାନ ଲାଇସେନ୍ସ ରହିଛି ସେ ବ୍ୟକ୍ତି ସେହି ଔଷଧ ଦୋକାନରେ ଉପସ୍ଥିତ ନରହି କିଏ ସରକାରୀ ଚାକିରିରେ ବ୍ୟସ୍ତ ରହୁଛନ୍ତି ତ କିଏ ଅନ୍ୟତ୍ର ବ୍ୟସ୍ତ ରହୁଛନ୍ତି। ଫଳରେ ଅନଭିଜ୍ଞ କର୍ମଚାରୀ ଉକ୍ତ ଦୋକାନଗୁଡ଼ିକରେ ବ୍ୟକ୍ତି ଔଷଧ ବିକ୍ରି କରୁଛନ୍ତି। ଅଧିକାଂଶ ବ୍ୟକ୍ତି ଫାର୍ମାସିଷ୍ଟ ଭାବେ ସରକାରୀ ଡାକ୍ତର ଖାନାରେ ଚାକିରି କରୁଥିବା ସ୍ଥଳେ, ତାଙ୍କ ଲାଇସେନ୍ସରେ ଦୋକାନ ମଧ୍ୟ ଖୋଲାହୋଇଛି। ଏଥିପ୍ରତି ଡ୍ରଗ କଣ୍ଟ୍ରୋଲର ବା ବିଭାଗୀୟ ଅଧିକାରୀ ସବୁ ଜାଣି ଚୁପ ବସିଛନ୍ତି। ବେଆଇନ ଔଷଧ ଦୋକାନ ଖୋଲାଯିବା ସଂକ୍ରାନ୍ତରେ କେନ୍ଦୁଝର ଜିଲ୍ଲା ଭେଷଜ ନିରୀକ୍ଷକ ରୁଦ୍ରନାରାୟଣ ସାହୁଙ୍କୁ ପଚାରିବାରୁ ସେ କହିଛନ୍ତି ଯେ ଯେଉଁ ବ୍ୟକ୍ତିଙ୍କର ଲାଇସେନ୍ସରେ ଔଷଧ ଦୋକାନ ଖୋଲିବାକୁ ଅନୁମତି ମିଳିଥିବ ସେହି ବ୍ୟକ୍ତି ଦୋକାନରେ ଉପସ୍ଥିତ ରହିବା ଉଚିତ; ତେବେ ଅନେକ ଫାର୍ମାସିଷ୍ଟ ସରକାରୀ କର୍ମଚାରୀ ଭାବେ ନିଯୁକ୍ତି ପାଇଥିଲେ ସୁଦ୍ଧା କିଛି ଅର୍ଥ ଲୋଭରେ ନିଜ ସାର୍ଟିଫିକେଟକୁ ଔଷଧ ଦୋକାନରେ ବନ୍ଧା ପକାଇଥିବା ଘଟଣା ଚର୍ଚ୍ଚାକୁ ଆସିଛି। ଯଦି ଏଭଳି ଘଟଣା ନଜରକୁ ଆସେ ଉଚିତ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି କହିଛନ୍ତି।

## ଗାଡ଼ି ଧକ୍କାରେ ଜଣେ ମୃତ

**କେନ୍ଦୁଝର,୩୧।୭ (ସମିସ):** କେନ୍ଦୁଝର ସଦର ଥାନା ପଳାସପଙ୍ଗା ଫାଣ୍ଡି ଅନ୍ତର୍ଗତ କାଠବାଉଁଶୁଳିଠାରେ ଗୁରୁବାର ସକାଳେ ଏକ ଅଜଣା ଟ୍ରକ ଧକାରେ ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି। ମୃତ ଯୁବକଙ୍କ ପରିଚୟ ମିଳିପାରିନି। ଖବର ପାଇ ଘଟଣାସ୍ଥଳରେ ପଳାସପଙ୍ଗା ଫାଣ୍ଡି ଏସଆଇ ମାନସ ରଞ୍ଜନ ପଣ୍ଡା ସଦଳବଳେ ପହଞ୍ଚି ଶବ ଜବତ କରି ତଦନ୍ତ ଆରମ୍ଭ କରିଛନ୍ତି। ଶବ ବ୍ୟବଚ୍ଛେଦ ପାଇଁ କେନ୍ଦୁଝର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଯାଇଛି। ଝୁମ୍ପୁରାରୁ ଉଖୁଣ୍ଡା ବାଇପାସ ରାସ୍ତାରେ ଶତାଧିକ ଟ୍ରକ ଯାତାୟାତ କରୁଛି। ପ୍ରଶାସନ ଏଥିପ୍ରତି ଧ୍ୟାନ ଦେଉନି। ଏଣୁ ଦୁର୍ଘଟଣାରେ ଲୋକେ ମୃତ୍ୟୁମୁଖରେ ପଡୁଥିବା ଅଭିଯୋଗ ହୋଇଛି। ସ୍ଥାନୀୟବାସିନ୍ଦା ଆଇରନ ଟ୍ରକ ଚଳାଚଳ ବନ୍ଦ ପାଇଁ ଦାବି କରିଛନ୍ତି।

# ସାମଗ୍ରୀ ବିକ୍ରି ଅଭିଯୋଗରେ ଟ୍ରକ୍ ଜବତ



**ତୁରୁମୁଙ୍ଗା, ୩୧।୭ (ସମିସ):** କେନ୍ଦୁଝର ଜିଲ୍ଲା ତୁରୁମୁଙ୍ଗା ପୁଲିସ ଟ୍ରକରେ ପରିବହନ ହେଉଥିବା ସାମଗ୍ରୀକୁ ବିକ୍ରି କରିଥିବା ଅଭିଯୋଗରେ ଏକ ଟ୍ରକକୁ ଜବତ କରିଛି। ଏନେଇ ବିହାର ରାଜ୍ୟ ଦରଭଙ୍ଗା ଥାନାରେ ଫେବୃଆରୀରେ ୩୧/୨୫ରେ ମାମଲା ରୁଜୁ କରାଯାଇଥିଲା। ଟ୍ରକଟି ୫ ଲକ୍ଷ ଟଙ୍କାରୁ ଉର୍ଦ୍ଧ୍ୱ ରେଲୱେ ସାମଗ୍ରୀକୁ ନେଇ ଦରଭଙ୍ଗାରୁ ରାଇରଙ୍ଗପୁର ବାଦାମପାହାଡ଼କୁ ଆସୁଥିବା ବେଳେ ଉକ୍ତ ସାମଗ୍ରୀକୁ ଅନ୍ୟତ୍ର ବିକ୍ରି କରିଦେଇଥିବା ନେଇ ଦରଭଙ୍ଗା ଥାନାରେ ଟ୍ରାନ୍ସପୋର୍ଟର ଅଭିଯୋଗ କରିଥିଲେ। ଅଭିଯୋଗ ପରେ ଉକ୍ତ ଗାଡି ଉପରେ ପୁଲିସ ନଜର ରଖିଥିଲା। ଟ୍ରକଟି କଲିକତାରୁ ରାୟପୁରକୁ ଲୁହା ପାଇପ ବୋଝେଇ କରି ଆସୁଥିବା ସମୟରେ ବୁଧବାର ଚଢେଇଭୋଳ ନିକଟରୁ ତୁରୁମୁଙ୍ଗା ଥାନା ଏଏସଆଇ ସୁଜାତା ମହାନ୍ତ ଟ୍ରକ ଜବତ କରି ତଦନ୍ତ କରୁଛନ୍ତି।

## ଚାଉଳ ବସ୍ତା ବୋହୁଛନ୍ତି ସ୍କୁଲ ଛାତ୍ର

**ତେଲକୋଇ, ୩୧।୭ (ସମିସ):** କେନ୍ଦୁଝର ଜିଲ୍ଲା ତେଲକୋଇ ବ୍ଲକ ଶିବନାରାୟଣପୁର ଗୋଡା ରାଧାକୃଷ୍ଣ ଉଚ୍ଚ ବିଦ୍ୟାଳୟରେ ଛାତ୍ରମାନଙ୍କ ଦ୍ୱାରା ଚାଉଳ ବସ୍ତା ବୁହା ଯାଉଥିବା ଚିତ୍ର ସାମନାକୁ ଆସିଛି। ଏହାଦ୍ୱାରା ଶିକ୍ଷାଦାନ ବାଧାପ୍ରାପ୍ତ ହେଉଥିବା ନେଇ ଅଭିଭାବକ ମହଲରେ ଆଶଙ୍କା ପ୍ରକାଶ ପାଇବା ସହ ଏନେଇ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ଏଭଳି ଏକ ଚିତ୍ର ଏବେ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବାରେ ଲାଗିଛି। ବିଦ୍ୟାଳୟ କର୍ତ୍ତୃପକ୍ଷ କିଭଳି ସରକାରୀ ବ୍ୟବସ୍ଥା ବିରୋଧରେ ଏଭଳି କାର୍ଯ୍ୟ ଛାତ୍ରମାନଙ୍କ ଦ୍ୱାରା କରାଉଛନ୍ତି ସେନେଇ ପ୍ରଶ୍ନବାଚୀ



ସୃଷ୍ଟି ହୋଇଛି। ଏପରିକି ଅନ୍ତେବାସୀଙ୍କୁ ନିମ୍ନମାନର ଖାଦ୍ୟ ଦିଆଯାଇ ବ୍ୟାପକ ଅର୍ଥ ଆତ୍ମସାତ କରାଯାଉଥିବା ଅଭିଯୋଗ ହୋଇଛି। ଯାହାକୁନେଇ ଅଭିଭାବକଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ଏହାର ବିଧିବଦ୍ଧ ତଦନ୍ତ କରାଯାଇ ଦୋଷୀ ଉପରେ କଡ଼ା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି ହୋଇଛି।

## ୧୦ହଜାର ମହୁଲ ପୋଚ ନଷ୍ଟ; ୬୦୦ ଲିଟର ଦେଶୀମଦ ଜବତ, ୨ ଗିରଫ

**ମୋରଡା,୩୧।୭ (ସମିସ):** ମୋରଡ଼ା ବ୍ଲକ ଅନ୍ତର୍ଗତ ଦୁର୍ଗାପୁର ପଞ୍ଚାୟତ ଭାଲୁକଚୁଆରେ ଅବକାରୀ ବିଭାଗ ପକ୍ଷରୁ ଏକ ବେଆଇନ ଦେଶୀମଦ ଭାଟି ଉପରେ ଚଢ଼ଉ କରାଯାଇଥିଲା। ପରେ ସେଠାରୁ ୧୦ ହଜାର ମହୁଲ ପୋଚ ନଷ୍ଟ କରିବା ସହିତ ୬୦୦ ଲିଟରେ ଦେଶୀ ମଦ ଜବତ କରିଛି ଅବକାରୀ ବିଭାଗ। ଏଥିସହିତ ମଦ ତିଆରି ପାଇଁ ବ୍ୟବହୃତ ହେଉଥିବା ସରଞ୍ଜାମ ମଧ୍ୟ ଜବତ କରାଯାଇଛି। ଚଢ଼ଉ ସମୟରେ ଗ୍ରାମର ମଦ ମାଫିଆ ସାରଥୀ ହେମ୍ବ୍ରମ ଏବଂ ଗୁରୁବାରୀ ମୁର୍ମୁଙ୍କୁ ଗିରଫ କରିଛି ଅବକାରୀ ବିଭାଗ।

## ରତିନାରାୟଣଙ୍କ ପୁସ୍ତକ 'ସତ୍ୟ ସୁମନ' ଉନ୍ମୋଚିତ



**ଆନନ୍ଦପୁର, ୩୧।୭ (ସମିସ):** ଚକ୍ରତୀର୍ଥ ରୋଡ୍‌ସ୍ଥିତ ୟୁଥ୍ ହଷ୍ଟେଲରେ ସଂଯୋଗୀ ସାହିତ୍ୟ ସଂସଦ ତରଫରୁ ଏକ ସାରସ୍ୱତ ସମାରୋହ ଅନୁଷ୍ଠିତ ହୋଇଯାଇଛିଫ ସଂଯୋଗୀ ସଜଫୁଲର ଦକ୍ଷିଣ-ପୂର୍ବାଞ୍ଚଳ ବିଶେଷାଙ୍କ ଲୋକାର୍ପଣ କବିତା ପାଠୋତ୍ସବ ଓ ବନ୍ଧୁମିଳନ ଉତ୍ସବରେ ସ୍ଥାନୀୟ ବଳରାମପୁର ଗ୍ରାମର ଆଦର୍ଶ ଶିକ୍ଷକ ରତିନାରାୟଣ ରାଉତଙ୍କ ସ୍ୱରଚିତ କବିତା ସଂକଳନ "ସତ୍ୟ ସୁମନ" ଅତିଥିଙ୍କ ଦ୍ୱାରା ଉନ୍ମୋଚିତ ହୋଇଯାଇଛି। ବରିଷ୍ଠ ସାହିତ୍ୟିକ ତଥା ସଂଗଠକ ନଗେନ୍ଦ୍ରନାଥ ସ୍ୱାଇଁଙ୍କ ସଭାପତିତ୍ୱରେ ମୁଖ୍ୟଅତିଥି ରୂପେ ଓଡ଼ିଆ ଭାଷା ପ୍ରତିଷ୍ଠାନର ପ୍ରାକ୍ତନ ନିର୍ଦ୍ଦେଶକ ଡକ୍ଟର କୈଳାଶଚନ୍ଦ୍ର ଟିକାୟତରାୟ, ମୁଖ୍ୟବକ୍ତା ଭାବରେ ପୁରୀ ଜିଲ୍ଲାର ପ୍ରିୟପତ୍ର, ଟିକିତାରା ଓ ଶ୍ରୀଲେଖାର ସଂପାଦକ ବିପିନବିହାରୀ ଦଳାଇ, ସମ୍ମାନିତଅତିଥି ରୂପେ ନୟାଗଡ଼ ଜିଲ୍ଲାର କବି, ଗବେଷକ ତଥା କୁଇଜ୍ ମାଷ୍ଟର ଚନ୍ଦ୍ରବିଜୟୀ ମିଶ୍ର ଓ ସଂଯୋଗୀ ସାହିତ୍ୟ ସଂସଦର ସଭାପତି ଉପେନ୍ଦ୍ର ଦାଶ, ସଂପାଦକ ବାବୁଲାଲ ପଲେଇ, ରାଜ୍ୟ ସଞ୍ଚାଳକ ହୃଷୀକେଶ ଦାଶ, ସଂଯୋଗୀ ସଜଫୁଲର ମୁଖ୍ୟ ସଂପାଦକ ସନ୍ତୋଷ କୁମାର ପତି, ପରିଚାଳନା ସଂପାଦକ ସରୋଜ ସେନାପତି, ଦିବ୍ୟଦର୍ଶନର ସଂପାଦିକା ପ୍ରବାସିନୀ ମିଶ୍ର, ଆୟୋଜକ ଡ଼ ସସ୍ମିତା ମିଶ୍ର ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। ଶ୍ରୀ ରାଉତ ବର୍ତ୍ତମାନ ହରିଚନ୍ଦନପୁର ବ୍ଲକ୍ ପିଟାଟାଙ୍ଗର ପ୍ରାଥମିକ ବିଦ୍ୟାଳୟରେ ଶିକ୍ଷକ ରୂପେ କାର୍ଯ୍ୟରତ।

# ଚମ୍ପୁଆ ଉପଖଣ୍ଡ ଚିକିତ୍ସାଳୟ: ନର୍ସଙ୍କ ହାତରେ ରୋଗୀଙ୍କ ଭାଗ୍ୟ

## ବର୍ଷେହେଲା ସ୍ଥାୟୀ ସ୍ତ୍ରୀ ଓ ପ୍ରସୂତି ବିଶେଷଜ୍ଞ ନାହାନ୍ତି

**ଚମ୍ପୁଆ,୩୧।୭ (ସମିସ):**



ଆଦିବାସୀ ଅଧ୍ୟୁଷିତ ଉପାନ୍ତ ଚମ୍ପୁଆ ଉପଖଣ୍ଡ ଚିକିତ୍ସାଳୟରେ ସ୍ଥାୟୀ ସ୍ତ୍ରୀ ଓ ପ୍ରସୂତି ବିଶେଷଜ୍ଞ ଡାକ୍ତର ଅଭାବ କାରଣରୁ ରୋଗୀସେବା ବିପର୍ଯ୍ୟସ୍ତ ହୋଇପଡିଛି। ଚମ୍ପୁଆ ସଦର ମହକୁମାରେ ୧୯୧୦ ମସିହାରେ ନିର୍ମିତ ଏହି ଚିକିତ୍ସାଳୟ ମୟୂରଭଞ୍ଜ, ସୁନ୍ଦରଗଡ, ପଡ଼ୋଶୀ ଝାଡଖଣ୍ଡ ସମେତ ସ୍ଥାନୀୟଅଞ୍ଚଳର ରୋଗୀ ସେବାକୁ ଗୁରୁତ୍ୱ ଦେଇଆସୁଥିଲେ ହେଁ ଆଜିର ସମୟରେ ଏହି ଚିକିତ୍ସାଳୟ ଉପରେ ରୋଗୀଙ୍କ ଭରସା ତୁଟିବା ଆରମ୍ଭ କଲାଣି। ନିୟମିତ ଡାକ୍ତର ଅଭାବ ପ୍ରମୁଖ କାରଣ ସାଜିଥିବା ବେଳେ ଏନେଇ ବାରମ୍ବାର ଅଭିଯୋଗ ସତ୍ତ୍ୱେ ସୁଫଳ ମିଳିପାରୁ ନାହିଁ।

୪ ବର୍ଷରୁ ଉର୍ଦ୍ଧ୍ୱ ହେବ ଏହି ଚିକିତ୍ସାଳୟର ସ୍ତ୍ରୀ ପ୍ରସୂତି ବିଭାଗରେ ନିୟମିତ ଡାକ୍ତର ନାହାନ୍ତି। ଡାକ୍ତର ଅଭାବ କାରଣ ଦେଖାଇ ୩ ବର୍ଷ ଧରି ଜିଲ୍ଲା ଖଣିଜ ପାଣ୍ଠିରୁ ୨ ଜଣ ଡାକ୍ତରଙ୍କୁ ଏଠାରେ ନିଯୁକ୍ତି ଦିଆଯାଇଥିଲା। ସ୍ତ୍ରୀ ଓ ପ୍ରସୂତି ବିଭାଗ ଏକ ଜରୁରୀ ବିଭାଗ ଭାବରେ ବିବେଚନା କରାଯାଉଥିବା ବେଳେ ଯେନତେନ ପ୍ରକାରେଣ ଦୀର୍ଘ ୩ ବର୍ଷ ଧରି ଖଣିଜ ପାଣ୍ଠିରୁ ନିଯୁକ୍ତ ଡାକ୍ତର କାମ ଚଳାଇଆସୁଥିଲେ। ମାତ୍ର ପ୍ରାୟ ୧ ବର୍ଷ ହେବ ଉଭୟ ଡାକ୍ତର କାମ ଛାଡି ଦେବାରୁ ଏହି ପଦ ଖାଲି ପଡିଛି। ଫଳରେ ଏହି ଗୁରୁତ୍ୱପୂର୍ଣ୍ଣ ବିଭାଗରେ ରୋଗୀମାନେ ନାନା ସମସ୍ୟା ଭୋଗୁଥିବା ଦେଖାଯାଉଛି। ବର୍ତ୍ତମାନ ସପ୍ତାହରେ ୬ ଦିନ ଧରି ୬ ଜଣ ଡାକ୍ତରଙ୍କୁ ଡେପ୍ୟୁଟେସନ ବ୍ୟବସ୍ଥା କରାଯାଇଥିଲେ ମଧ୍ୟ ସେମାନେ କେବଳ ସୀମିତ ସମୟ ସେବା ଯୋଗାଇ ଫେରିଯାଉଛନ୍ତି। ଯାହାଫଳରେ ଗମ୍ଭୀର ଅବସ୍ଥାରେ ଗର୍ଭବତୀ ମହିଳା ମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଭଗବାନଙ୍କ ଭରସା ଛଡା ସେମାନଙ୍କର ଅନ୍ୟ ଉପାୟ ନଥାଏ। ଶେଷରେ ସେମାନଙ୍କୁ ସଙ୍ଗୀନ ଅବସ୍ଥାରେ ମୁଖ୍ୟ ଚିକିତ୍ସାଳୟ କେନ୍ଦୁଝରକୁ ପଠାଯାଇଥାଏ। ବିଭାଗଟି ଜରୁରୀ ବିଭାଗ ହୋଇଥିବାରୁ ବିଭିନ୍ନ ସମୟରେ ସ୍ତ୍ରୀ ଓ ପ୍ରସୂତି ରୋଗୀ ଭରସା କରି ଆସୁଛନ୍ତି ସତ କିନ୍ତୁ ସ୍ୱାଭାବିକ ପ୍ରସବ କ୍ଷେତ୍ରରେ ନର୍ସମାନେ ସେବା ଯୋଗାଉଛନ୍ତି। ନିୟମିତ ଡାକ୍ତର ଅନୁପସ୍ଥିତି ପାଇଁ ରୋଗୀଙ୍କୁ ବହୁ କଷ୍ଟ ସହିବାକୁ ପଡୁଛି। ସ୍ଥାନୀୟଲୋକଙ୍କ ପକ୍ଷରୁ ଏହି ବିଭାଗର ଡାକ୍ତର ନିଯୁକ୍ତି ପାଇଁ ସରକାର ଦୃଷ୍ଟି ଦେବାକୁ ଦାବି ହୋଇ ଆସୁଥିବା ବେଳେ ଚମ୍ପୁଆ ଏସଡିଏମଓ ଉମାକାନ୍ତ ସାହୁଙ୍କ କହିବାନୁଯାୟୀ, ଡାକ୍ତର ଅଭାବଜନିତ କାରଣରୁ ରୋଗୀସେବା ବ୍ୟାଘାତ ଘଟୁଥିବା ସେ ସ୍ୱୀକାର କରିଛନ୍ତି। ଏଥିପାଇଁ ସେ ଜିଲ୍ଲା ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି, ୧୫ ଦିନରେ ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଏହି ଡାକ୍ତର ବ୍ୟବସ୍ଥାର ସମାଧାନ କରାଯିବ ବୋଲି ଆଲୋଚନାରୁ ନିଷ୍କର୍ଷ ବାହାରିଥିବା ଡା. ସାହୁ ଜଣାଇଛନ୍ତି।

## ବଢୁଛି ଚୋରା ନକଲି ସାର ବିକ୍ରି

**ହାଟଡ଼ିହୀ,୩୧।୭ (ସମିସ):** ହାଟଡ଼ିହୀ ବ୍ଲକ ଅନ୍ତର୍ଗତ ବିଭିନ୍ନ ସ୍ଥାନରେ ଏବେ ନକଲି ସାର ବିକ୍ରି ହେଉଥିବା ନେଇ ଅଭିଯୋଗ ହୋଇଛି। କିଛି ଅସାଧୁ ବ୍ୟବସାୟୀ ବାହାର ଜିଲ୍ଲାରୁ ନକଲି ଡ଼ିଏପି ସାର ଆଣି ଚଢ଼ା ଦରରେ ବିକ୍ରି କରୁଥିବା ନେଇ ଜାଣିବାକୁ ମିଳିଛି। ଭିନ୍ନ ଭିନ୍ନ ରଙ୍ଗର ପଟାସ ସାର ଏବେ ମାର୍କେଟରେ ବିକ୍ରି ହେଉଥିବାରୁ ତାହା ମଧ୍ୟ ନକଲି ହୋଇଥିବା ନେଇ ସନ୍ଦେହ କରାଯାଉଛି। ଗୋଟିଏ ପଟେ ସମବାୟ ସମିତିରେ ପଞ୍ଜୀକରଣ ଅଡୁଆକୁ ଅନ୍ୟପଟେ ଅସାଧୁ ବ୍ୟବସାୟୀ ନକଲି ସାର ବିକ୍ରି କରି ଚାଷୀଙ୍କୁ ଲୁଟୁଥିବା ଅଭିଯୋଗ ହେଉଛି। ଚଳିତବର୍ଷ କୃଷି ବିଭାଗ ଏଯାଏଁ ଏଥିପ୍ରତି ପଦକ୍ଷେପ ନେଇ ନଥିବା ଅଭିଯୋଗ ହେଉଛି। ଏଥିପ୍ରତି ଆନନ୍ଦପୁର ଉପଜିଲ୍ଲାପାଳଙ୍କ ସହ ବିଧାୟକ ଦୃଷ୍ଟି ଦେବାକୁ ଚାଷୀକୁଳ ନିବେଦନ କରିଛନ୍ତି।

## ଲକ୍ଷାଧିକ ଟଙ୍କାର ଚୋରି ସୁନା ଉଦ୍ଧାର

**ତୁରୁମୁଙ୍ଗା, ୩୧।୭ (ସମିସ):** କେନ୍ଦୁଝର ଜିଲ୍ଲା ତୁରୁମୁଙ୍ଗା ଥାନା ପଛ ପଟ ତ୍ରିବିନ୍ଦା ହାଟପଡିଆ ନିକଟରୁ ଡବା ଏବଂ ପଲିଥିନରୁ ଲକ୍ଷାଧିକ ଟଙ୍କାର ଚୋରି ସୁନା ପୁଲିସ ଉଦ୍ଧାର କରିଛି। ଚମ୍ପୁଆ ପୁଲିସ ଏବଂ ତୁରୁମୁଙ୍ଗା ପୁଲିସ ଦ୍ୱାରା ଏହି ଚୋରି ସୁନାକୁ ଜବତ କରାଯାଇ ତଦନ୍ତ ଆରମ୍ଭ ହୋଇଛି। ପୁଲିସ ଧରିଥିବା ଦୁଇ ଚୋରଙ୍କୁ ଏଠାକୁ ଆଣି ଚୋରି ସୁନାକୁ ଉଦ୍ଧାର କରାଯାଇ ଚମ୍ପୁଆ ଥାନାକୁ ନିଆଯାଇଛି।

## ଆଜିର ରାଶିଫଳ

**ମେଷ:** ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ। ରୋଜଗାର ବୃଦ୍ଧି ହେବ। ଜୀବନସାଥୀଙ୍କ ସହଯୋଗ ମିଳିପାରେ। ବ୍ୟବସାୟୀ କୌଣସି ଶୁଭ ଖବର ପାଇବେ।

**ବୃଷ:** କୌଣସି କାର୍ଯ୍ୟ ବିଗିଡ଼ିପାରେ। ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ। ସ୍ୱଭାବରେ ନିୟନ୍ତ୍ରଣ ରକ୍ଷା କରିବେ। ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ। ନିବେଶ ଲାଗି ଉପଯୁକ୍ତ ସମୟ। ଦୀର୍ଘ ଦିନର ଆଶା ପୂରଣ ହେବ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ। ଭୁଲ୍ କାମରୁ ଦୂରେଇ ରହିବେ। ପାରିବାରିକ ଜୀବନରେ ସୁଖଶାନ୍ତି ରହିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ। କୌଣସି କଥାକୁ ନେଇ ମନ ଉଣା ହୋଇପାରେ।

**କର୍କଟ:** ଦାନଧର୍ମରେ ଦିନଟି ଅତିବାହିତ କରିବେ। ବିଦ୍ୟାର୍ଥୀ ବିଦେଶ ଯାତ୍ରା କରିପାରନ୍ତି। ଗରିବଙ୍କୁ ସାହାଯ୍ୟ କରିବେ। ମାନସିକ ଶାନ୍ତି ମିଳିବ। ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ। ଅତିଥି ସତ୍କାର କରିପାରନ୍ତି।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ। କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ। କାର୍ଯ୍ୟଧାରାରେ ପରିବର୍ତ୍ତନ ଆଣିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ। କଳା ଓ ସଙ୍ଗୀତ ପ୍ରତି ରୁଚି ବଢ଼ିବ।

**କନ୍ୟା:** ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ। ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ। ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଜୀବନସାଥୀଙ୍କଠାରୁ ଉପହାର ପାଇବେ।

**ତୁଳା:** ଦିନଟିରେ ସଫଳତା ମିଳିବ। ପୈତୃକ ବ୍ୟବସାୟରୁ ଲାଭବାନ ହେବେ। ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ। ଆର୍ଥିକ ଲାଭ ମିଳିବ। ଆଣ୍ଠୁଗଣ୍ଠି ସମସ୍ୟା ଦେଖାଦେଇପାରେ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ। କାମରୁ ସଫଳତା ମିଳିବ। ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ। ପ୍ରେମ ସମ୍ପର୍କ ସୁଖମୟ ହେବ। ଜମିବାଡ଼ିକୁ ନେଇ ବିବାଦ ଦେଖା ଦେବ। ଆୟ ଓ ବ୍ୟୟ ସମାନ ରହିବ।

**ଧନୁ:** ଆତ୍ମବିଶ୍ୱାସ ବଢ଼ିବ। କାମ କରିବାରେ ସକ୍ଷମ ହେବେ ନାହିଁ। କୌଣସି ସମସ୍ୟାରେ ପଡ଼ିପାରନ୍ତି। ନକାରାତ୍ମକ ଚିନ୍ତାଧାର ଦୂର ହେବ। ଅଫିସ ସହକର୍ମୀଙ୍କ ସହଯୋଗରେ କାମ ପୂରା କରିବେ।

**ମକର:** ଧନଲାଭ ଯୋଗ ଅଛି। କୌଣସି କଥାକୁ ନେଇ ବିଚଳିତ ହେବା ବ୍ୟର୍ଥ। ପରିବାର ଲୋକଙ୍କ ସହ ହସ ଖୁସିରେ ଦିନ କାଟିବେ। ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିପାରେ।

**କୁମ୍ଭ:** ପରନିନ୍ଦାରୁ ଦୂରେଇ ରହିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ। ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ। ସ୍ୱାସ୍ଥ୍ୟ ସମସ୍ୟା ପାଇଁ ଖର୍ଚ୍ଚାନ୍ତ ହେବେ। ବିବାହ ବିଳମ୍ବ ହେବ।

**ମୀନ:** ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ଛାତ୍ରଛାତ୍ରୀ ପ୍ରତିଯୋଗିତାମୂଳକ ପରୀକ୍ଷାରେ କୃତକାର୍ଯ୍ୟ ହେବେ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

## ଆଜିର ଦିନରେ


- ୧୮୮୩- ଗ୍ରେଟ୍ ବ୍ରିଟେନ୍‌ରେ ଅନ୍ତର୍ଦେଶୀୟ ଡାକ ସେବା ଆରମ୍ଭ ହେଲା।
- ୧୯୨୦- ମହାତ୍ମା ଗାନ୍ଧୀ ଅସହଯୋଗ ଆନ୍ଦୋଳନ ଆରମ୍ଭ କଲେ।
- ୧୯୩୩- ହିନ୍ଦୀ ଫିଲ୍ମ ଅଭିନେତ୍ରୀ ମୀନା କୁମାରୀଙ୍କ ଜନ୍ମ।
- ୧୯୫୭- ନ୍ୟାସନାଲ ବୁକ୍ ଟ୍ରଷ୍ଟ(ଏନ୍‌ବିଟି)ର ସ୍ଥାପନା।
- ୧୯୬୦- କରାଚୀ ପରିବର୍ତ୍ତେ ଇସ୍‌ଲାମାବାଦ ହେଲା ପାକିସ୍ତାନର ରାଜଧାନୀ।
- ୧୯୯୫- ହବଲ ଟେଲିସ୍କୋପ ଶନିର ଅନ୍ୟ ଏକ ଉପଗ୍ରହକୁ ଠାବ କଲା।

## 'ବର୍ଡର ୨'

# ବରୁଣଙ୍କ ନାୟିକା ହେବେ ମେଧା

ବଲିଉଡ୍ ଅଭିନେତା ସନ୍ନି ଦେଓଲ ଏବେ ତାଙ୍କ ଆଗାମୀ ଫିଲ୍ମ 'ବର୍ଡର ୨' ପାଇଁ ଚର୍ଚ୍ଚାରେ ଅଛନ୍ତି। ଏବେ ଏହି ଫିଲ୍ମକୁ ନେଇ ଏକ ଖବର ଆସିଛି। ଏଥିରେ ବରୁଣ ଧୱନ୍‌ଙ୍କ ବିପକ୍ଷରେ ମେଧା ରାଣା ନଜର ଆସିବେ। ନିକଟରେ ଫିଲ୍ମ ନିର୍ମାତା ଏସମ୍ପର୍କରେ ସାମାଜିକ ଗଣମାଧ୍ୟମରେ ଜଣାଇଛନ୍ତି। ମେଧା 'ବର୍ଡର ୨' ପୂର୍ବରୁ 'ଇସ୍କ ଇନ୍ ଦ ଏୟାର୍', 'ଫ୍ରାଇଡେ ନାଇଟ୍ ପ୍ଲାନ୍', 'ଲଣ୍ଡନ ଫାଇଲ୍‌ସ' ଆଦି ଫିଲ୍ମରେ ଦେଖାଯାଇଥିଲେ। 'ବର୍ଡର ୨'ରେ ମେଧାଙ୍କ ସହ ସୋନମ୍ ବାଜୱା, ମୌନି ରୟ, ଭିନାଲି ଭଟ୍ଟନାଗରଙ୍କୁ ମଧ୍ୟ ସ୍ଥାନ ମିଳିପାରେ ବୋଲି ଚର୍ଚ୍ଚା ହେଉଛି। 'ବର୍ଡର ୨' ଜାନୁଆରୀ ୨୩, ୨୦୨୬ରେ ରିଲିଜ୍ ହେବ। ଏଥିରେ ସନ୍ନି ଦେଓଲଙ୍କ ସହ ବରୁଣ ଧୱନ୍, ଦିଲଜିତ୍ ଦୋସାଞ୍ଜ, ଅହାନ୍ ସେଟ୍ଟି ପ୍ରମୁଖ ନଜର ଆସିବେ। ଏହାର ପ୍ରଯୋଜନା ଦାୟିତ୍ୱରେ ଭୂଷଣ କୁମାର, କୃଷ୍ଣ କୁମାର, ଜେପି ଦତ୍ତା ଓ ନିଧି ଦତ୍ତା ଅଛନ୍ତି। ଏହାର ନିର୍ଦ୍ଦେଶନା ଦାୟିତ୍ୱରେ ଅନୁରାଗ ସିଂହ ଅଛନ୍ତି। ଏଥିରେ ଦେଶପ୍ରେମ, ଆକ୍ସନ, ଭାବପ୍ରବଣତାର ଏକ ନିଆରା ମିଶ୍ରଣ ଦେଖିବାକୁ ମିଳିବ। ଏଠାରେ ପ୍ରକାଶ ଥାଉ କି, 'ବର୍ଡର ୨' ୧୯୯୭ରେ ଆସିଥିବା ଫିଲ୍ମ 'ବର୍ଡର'ର ସିକ୍ୱେଲ।





# ବିଶ୍ୱ ଫୁସ୍‌ଫୁସ୍ କର୍କଟ ଦିବସ

ଶରୀରର ଯେକୌଣସି ଅଙ୍ଗରେ କର୍କଟ ବିପଦପୂର୍ଣ୍ଣ ଏବଂ ସାଂଘାତିକ। ମାରାତ୍ମକ ଫୁସ୍‌ଫୁସ୍ କର୍କଟ ରୋଗ ବିଷୟରେ ସଚେତନତା ସୃଷ୍ଟି କରିବା ପାଇଁ ପ୍ରତିବର୍ଷ ଅଗଷ୍ଟ ୧ ତାରିଖକୁ ଫୁସ୍‌ଫୁସ୍ କର୍କଟ ଦିବସ ଭାବେ ପାଳନ କରାଯାଏ। ବିଶ୍ୱବ୍ୟାପୀ ପୁରୁଷ ଏବଂ ମହିଳାମାନଙ୍କଠାରେ ଦ୍ୱିତୀୟ ସାଧାରଣ ପ୍ରକାରର କର୍କଟ ଭାବରେ ଫୁସ୍‌ଫୁସ୍ କ୍ୟାନ୍ସର, ଏକ ପ୍ରମୁଖ ସମସ୍ୟା ଭାବରେ ଉଭା ହୋଇଛି। ଏହି କାରଣରୁ ଅଧିକାଂଶ ପୁରୁଷ ଏବଂ ମହିଳାଙ୍କର ଜୀବନ ମଧ୍ୟ ଯାଉଛି। ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନର ରିପୋର୍ଟ ଅନୁସାରେ, ୨୦୨୦ ମସିହାରେ ଫୁସ୍‌ଫୁସ୍ କର୍କଟ ହେତୁ ସାରା ବିଶ୍ୱରେ ୧୮ ଲକ୍ଷ ଲୋକଙ୍କର ମୃତ୍ୟୁ ହୋଇଥିଲା। ୨୦୧୨ ମସିହାରେ ପ୍ରଥମ ଥର ଏହି କାର୍ଯ୍ୟକ୍ରମକୁ 'ଫୋରମ୍ ଅଫ୍ ଇଣ୍ଟରନ୍ୟାସନାଲ୍ ରେସପେରେଟୋରୀ ସୋସାଇଟିଜ୍' ଦ୍ୱାରା 'ଇଣ୍ଟରନ୍ୟାସନାଲ୍ ଆସୋସିଏସନ୍ ଫର ଲଙ୍ଗ କ୍ୟାନ୍ସର ଆଣ୍ଡ ଆମେରିକାନ୍ କଲେଜ ଅଫ୍ ଚେଷ୍ଟ ଫିଜିସିଆନ' ଙ୍କ ସହାୟତାରେ ଆୟୋଜିତ କରାଯାଇଥିଲା। ତମାଖୁ ସେବନ ଫୁସ୍‌ଫୁସ୍ କର୍କଟର ମୁଖ୍ୟ କାରଣ ହୋଇଥାଏ। ତାଛଡ଼ା ପ୍ରଦୂଷଣ କାରଣରୁ ଫୁସ୍‌ଫୁସ୍ କର୍କଟ ହୋଇଥାଏ। ପ୍ରଦୂଷଣ ଯୋଗୁଁ ବିଷାକ୍ତ ରାସାୟନିକ ଗ୍ୟାସ୍‌ଗୁଡ଼ିକ ଆମ ଫୁସ୍‌ଫୁସ୍‌ରେ ପ୍ରବେଶ କରି ଏହା କର୍କଟ ସୃଷ୍ଟି କରିଥାଏ। ଗୋବର ଘସି ଜାଳିବା ସହ ଯେଉଁମାନେ ଧୂଳି, ବାଲି, କୋଇଲାରେ ଅଧିକ ସମୟ କାମ କରୁଛନ୍ତି ସେମାନଙ୍କୁ ଏହି କର୍କଟ ହେବା ଆଶଙ୍କା ଅଧିକ ଥାଏ। ଫୁସ୍‌ଫୁସ୍ ଆମ ଶରୀରର ଅନ୍ୟତମ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ, କାରଣ ଏହା ଶ୍ୱାସକ୍ରିୟା ଏବଂ ଶରୀରକୁ ଅମ୍ଳଜାନ ଯୋଗାଇବା ପାଇଁ କାମ କରେ। ତେଣୁ ଫୁସ୍‌ଫୁସ୍‌ର ଯତ୍ନ ନେବା ଅତ୍ୟନ୍ତ ଜରୁରି। କାରଣ ଖରାପ ଫୁସ୍‌ଫୁସ୍ କାରଣରୁ ଶ୍ୱାସକ୍ରିୟାରେ ବ୍ୟତିକ୍ରମ, ଆଜ୍‌ମା, କ୍ରନିକ ରୋଗ ଏବଂ ଫୁସ୍‌ଫୁସ୍ କର୍କଟ ମଧ୍ୟ ହୋଇପାରେ। ଫୁସ୍‌ଫୁସ୍‌ରେ କୌଣସି କୋଷ ଅନିୟନ୍ତ୍ରିତ ଭାବେ ବଢ଼ିଲେ ତାହା କର୍କଟର ରୂପ ନିଏ। ସେହି ଟ୍ୟୁମର୍ ପରବର୍ତ୍ତୀ ସମୟରେ କର୍କଟର କାରଣ ପାଲଟିଥାଏ। ଅଧିକ ଦିନ ଧରି କାଶ ଲାଗି ରହିବା, ଛାତି ଯନ୍ତ୍ରଣା ହେବା, ମୁଣ୍ଡ ବିନ୍ଧିବା ଆଦି ଏହାର ଲକ୍ଷଣ ହୋଇଥାଏ। ତେବେ ପ୍ରଥମ ଷ୍ଟେଜ୍‌ରୁ ଏହା ଚିହ୍ନଟ ହୋଇପାରିଲେ ଏହାର ଚିକିତ୍ସା ଫଳପ୍ରଦ ହୋଇଥାଏ। ତେବେ ଫୁସ୍‌ଫୁସ୍ କର୍କଟରୁ ରକ୍ଷା ପାଇବା ପାଇଁ ସୁସ୍ଥ ଜୀବନଶୈଳୀ ଆପଣାଇବା ସହ ଧୂମପାନରୁ ନିବୃତ୍ତ ରହିବା ଆବଶ୍ୟକ। ଏହାବାଦ୍ ବାରମ୍ବାର ସ୍କ୍ରିନିଂ ମାଧ୍ୟମରେ ବି ଫୁସ୍‌ଫୁସ୍ କର୍କଟ ପ୍ରାରମ୍ଭିକ ସ୍ତରରେ ଜଣାପଡ଼ିଯିବ। ଫଳରେ ବେଳ ଥାଉ ଥାଉ ଏହାର ଚିକିତ୍ସା କରାଯାଇ ପାରିବ।

# ଚାକିରି ପାଇଁ ଡିଜିଟାଲ ସ୍ନାନ

ଭଲ ଚାକିରିଟିଏ କିମ୍ବା ବଡ଼ କଲେଜରେ ପାଠ ପଢ଼ିବା ପାଇଁ ବିଦ୍ୟାର୍ଥୀମାନେ ପୂଜାପାଠ କରାଇଥାନ୍ତି। ଏହି କ୍ରମରେ ଏବେ ସାମାଜିକ ଗଣମାଧ୍ୟମରେ ଡିଜିଟାଲ ସ୍ନାନ ନାଁରେ ଏକ ନୂଆ ଟ୍ରେଣ୍ଡ ଭାଇରାଲ ହେଉଛି। ତେବେ ମହାକୁମ୍ଭରେ ଏହା ପ୍ରଥମେ ସମସ୍ତଙ୍କ ଦୃଷ୍ଟିଆକର୍ଷଣ କରିଥିଲା। ବିଶେଷକରି ବୁଡ଼ ପକାଇବାରୁ ବଞ୍ଚିତ ଥିବା ଲୋକଙ୍କ ଫଟୋକୁ ଗଙ୍ଗା ନଦୀରେ ବୁଡ଼ ପକାଯାଉଥିଲା। ଏହା ଥିଲା ପରମ୍ପରା ସହ ଯୋଡ଼ି ହେବାର ଆଧୁନିକ ଉପାୟ। ହେଲେ ଏବେ ପୁଣି ଥରେ ଏହି ଧାରା ଫେରିଥିବା ବେଳେ ଏଥର କିନ୍ତୁ ଚାକିରି ପାଇବା ଲାଗି ଏହା ଆରମ୍ଭ କରାଯାଇଥିବା ଦେଖାଯାଇଛି। ଏହାର ଏକ ଭିଡିଓକୁ ସାମାଜିକ ଗଣମାଧ୍ୟମରେ ସେୟାର୍ କରାଯିବା ପରେ ସମସ୍ତଙ୍କ ନଜରକୁ ଆସିଛି। ଏହାକୁ ଦୀପକ ଗୋୟଲ ନାମକ ଜଣେ ବ୍ୟକ୍ତି ସେୟାର୍ କରିଛନ୍ତି। ଭିଡିଓରେ ଦେଖିବାକୁ ମିଳିଛି, ଗୋଟିଏ ସାଦା କାଗଜରେ ହାଇଦ୍ରାବାଦର ଇଣ୍ଡିଆ ସ୍କୁଲ ଅଫ୍ ବିଜନେସ୍‌ର କିଛି ବିଦ୍ୟାର୍ଥୀଙ୍କ ଫଟୋ ରହିଛି। ଏହାପରେ ଦୀପକ କହୁଛନ୍ତି, ଏହି ପିଲାମାନଙ୍କୁ ଯେପରି ଭଲ ଚାକିରି ମିଳିପାରିବ, ସେଥିପାଇଁ ମୁଁ ସେମାନଙ୍କର ଫଟୋକୁ ପବିତ୍ର ଗଙ୍ଗା ନଦୀରେ ବୁଡ଼ାଉଛି। ଯେଉଁମାନେ ଏଭଳି ଗଙ୍ଗାରେ ବୁଡ଼ ପକାଇବାକୁ ଚାହୁଁଛନ୍ତି ସେମାନେ ହ୍ୱାଟସ୍‌ଆପ୍ ଦ୍ୱାରା ତାଙ୍କୁ ଫଟୋ ପଠାଇପାରିବେ। ଅବଶ୍ୟ ଏଥିପାଇଁ ତାଙ୍କୁ ୧୧୦୦ ଟଙ୍କା ଦେବାକୁ ପଡ଼ିବ। ଏହାପୂର୍ବରୁ ମଧ୍ୟ ଦୀପକ କୁମ୍ଭମେଳା ସମୟରେ ଏଭଳି ଡିଜିଟାଲ ସ୍ନାନ କରାଇ ଚର୍ଚ୍ଚାକୁ ଆସିଥିଲେ। ଏଥର ଡିଜିଟାଲ ସ୍ନାନ ବିଶ୍ୱାସର ଏକ ନୂଆ ପରମ୍ପରା ସୃଷ୍ଟି କରିଥିବା କୁହାଯାଉଛି। ଅନ୍ୟପଟେ ଲୋକେ ଏଥିରେ ଭିନ୍ନ ଭିନ୍ନ ପ୍ରତିକ୍ରିୟା ଦେଉଛନ୍ତି।



# ସଞ୍ଜୀବନୀ

## ମାନସିକ ଶାନ୍ତି ପାଇଁ କଲର ୱାକିଂ

ଅଧୁନା ମେଦବହୁଳତା ସମସ୍ୟା ଦିନକୁ ଦିନ ବୃଦ୍ଧି ପାଉଛି। ମେଦବହୁଳତା ଯୋଗୁଁ ପ୍ରାୟତଃ ବସିବା, ଉଠିବା ଆଦିରେ ସମସ୍ୟା ହୋଇଥାଏ। ଏହା ବିଭିନ୍ନ ରୋଗକୁ ମଧ୍ୟ ଆମନ୍ତ୍ରିତ କରିଥାଏ। ତେଣୁ ପ୍ରତିଦିନ ଚାଲିବା ଦ୍ୱାରା ଓଜନ ନିୟନ୍ତ୍ରଣରେ ରହିବା ସହ ଶରୀର ଫିଟ୍ ଓ ନୀରୋଗ ରହିଥାଏ। ଏହାକୁ ଧ୍ୟାନ ଦେଲେ ଓଜନ ହ୍ରାସ ପାଇଁ ପାୱାର ୱାକିଂ, ବ୍ରିସ୍କ ୱାକିଂ, ଜଗିଙ୍ଗ, ରିଭର୍ସ ୱାକିଂ ଆଦି ଚାଲିବା ଟ୍ରେଣ୍ଡରେ ରହିଥିବାବେଳେ ଏବେ 'କଲର ୱାକିଂ'କୁ ନେଇ ଅନେକ ଚର୍ଚ୍ଚା।



ଏହି ନୂତନ ଚାଲିବା କୌଶଳରେ ଜଣେ ବ୍ୟକ୍ତିଙ୍କୁ ଚାଲିବା ପୂର୍ବରୁ ଗୋଟିଏ ନିର୍ଦ୍ଦିଷ୍ଟ ରଙ୍ଗ ବାଛିବାକୁ ପଡ଼ିଥାଏ। ଚାଲିବା ସମୟରେ ଉକ୍ତ ରଙ୍ଗର ବସ୍ତୁକୁ ଦେଖି ତାହାକୁ ଗଣିଥାନ୍ତି। ତେବେ ମନକୁ ଶାନ୍ତି ଓ ଖୁସି ରଖିବାକୁ କଲର ୱାକିଂ ସବୁଠୁ ପ୍ରଭାବୀ। ୱିଲିୟମ୍ ଏସ୍ ବରୋଜ ନିଜର ବିଦ୍ୟାର୍ଥୀଙ୍କୁ ପ୍ରେରିତ କରିବାକୁ କଲର ୱାକିଂ ଆରମ୍ଭ କରିଥିଲେ। ଏହି ବ୍ୟାୟାମ ମସ୍ତିଷ୍କକୁ ପ୍ରଭାବିତ କରି ରଚନାତ୍ମକତା ଚିନ୍ତାଧାରା, କଳ୍ପନା, କଳା, କୌଶଳ ଏବଂ ସମସ୍ୟାର ସମାଧାନ କରିବାର ଦକ୍ଷତାକୁ ବୃଦ୍ଧି କରାଏ।

ତେଣୁ କଲର ୱାକିଂ କେବଳ ମାନସିକ ସୁସ୍ଥତା ପାଇଁ ଭଲ ତାହା ନୁହେଁ, ଏହା ଦ୍ୱାରା ଶାରୀରିକ ସ୍ୱାସ୍ଥ୍ୟ ଠିକ୍ ରୁହେ। ଚିନ୍ତାରୁ ମୁକ୍ତି ମିଳେ। ସାଧାରଣତଃ ରଙ୍ଗ ଭାବନାକୁ ନିୟନ୍ତ୍ରିତ କରିବାରେ ସାହାଯ୍ୟ କରୁଥିବାରୁ ଏହି କୌଶଳରେ ଚାଲିବା ଦ୍ୱାରା ନୂତନ ଚିନ୍ତାଧାରା ସୃଷ୍ଟି ହେବା ସହିତ ଏକାଗ୍ରତା, ଆତ୍ମବିଶ୍ୱାସ, ସୃଜନଶୀଳତା ବୃଦ୍ଧି ପାଏ। ମାଂସପେଶୀ ଶକ୍ତ ହୁଏ। ବିଶେଷ କଥା ହେଉଛି, ଚାଲିବା ଦ୍ୱାରା ଏଣ୍ଡରଫିନ୍ ଏବଂ ସେରୋଟୋନିନ ହରମୋନ୍ ବୃଦ୍ଧି ପାଏ। ମନ ହାଲୁକା ହୋଇଯାଏ। ଖୁସି ରଖେ।

## 'ସକାଳ'ର ସ୍ୱାସ୍ଥ୍ୟ

# ଟିନିଟସ୍

**କିଛି ଲୋକଙ୍କ କାନରେ ସିଟି ବାଜିବା ପରି ଅନୁଭବ ହୁଏ। ଏହି ସମସ୍ୟାକୁ ଚିକିତ୍ସା ଭାଷାରେ ଟିନିଟସ୍ କୁହାଯାଏ। ଟିନିଟସ୍ ହେଉଛି ଶ୍ରବଣଶକ୍ତି ସମ୍ପର୍କିତ ଏକ ଲକ୍ଷଣ। ଏଥିରେ କାରଣ ନଥାଇ କାନରେ ଘଣ୍ଟି ବାଜିବା ପରି ଅନୁଭୂତ ହୋଇଥାଏ। ଦୀର୍ଘଦିନ ଟିନିଟସ୍ ମାମଲା କେତେକଙ୍କ କ୍ଷେତ୍ରରେ ମାନସିକ ରୋଗରେ ପରିଣତ ହୋଇଥାଏ। ଧୀରେ ଧୀରେ ଏହା ଶ୍ରବଣଶକ୍ତିକୁ ହ୍ରାସ କରିଦିଏ। ଯେକୌଣସି ବୟସରେ ଏହା ହୋଇପାରେ। ତେବେ ଏହାର କାରଣ, ଲକ୍ଷଣ ଓ ଚିକିତ୍ସା ବିଷୟରେ ଜାଣିବା...**



ଟିନିଟସ୍‌ର ପ୍ରକୃତ କାରଣ ଏଯାବତ୍ ଅସ୍ପଷ୍ଟ ରହିଛି। ହେଲେ ଲଗାତାର ଉଚ୍ଚଶକ୍ତି ସମ୍ପନ୍ନ ଶବ୍ଦ ଶୁଣିବା, କାନରେ ମଇଳା ଜମିଯିବା, କାନ ତଳ ସ୍ନାୟୁରେ କିଛି ସଂକ୍ରମଣ, କାନର ପର୍ଦ୍ଦା ସଂକ୍ରମଣ, ମସ୍ତିଷ୍କରେ ଆଘାତ ଲାଗିବା, ଉଚ୍ଚ ରକ୍ତଚାପ ଏବଂ ଥାଇରଏଡ ଆଦି ସମସ୍ୟା ଥିଲେ ଟିନିଟସ୍‌ର ଆଶଙ୍କା ବୃଦ୍ଧି ପାଇଥାଏ। ଟିନିଟସ୍‌ରେ ପୀଡ଼ିତ ବ୍ୟକ୍ତିଙ୍କ କାନକୁ ଜୋର ଶବ୍ଦ ଶୁଣାଯିବା ସହିତ ମୁଣ୍ଡ ବିନ୍ଧା ଲକ୍ଷଣ ଦେଖାଯାଏ। ଏହାସହିତ କାନକୁ ଜୋର କିମ୍ବା ବହୁତ ଧୀର ଶୁଣାଯିବା, କାନରେ ପବନ ପରି ଶବ୍ଦ ଆସିବା ଆଦି ଲକ୍ଷଣ ଦେଖାଯାଏ। ଗମ୍ଭୀର ସ୍ଥିତିରେ ଶାରୀରିକ ବ୍ୟବହାରରେ ପରିବର୍ତ୍ତନ ହୁଏ।

ତେଣୁ ଏପରି ସମସ୍ୟାରୁ ଆରୋଗ୍ୟ ଲାଭ ପାଇଁ ଇ.ଏନ୍.ଟି ତଥା ଗଳା, ନାସା ଓ କର୍ଣ୍ଣରୋଗ ବିଶେଷଜ୍ଞଙ୍କୁ ପରାମର୍ଶ କରିବା ଉଚିତ। କିଛି ଗୁରୁତ୍ୱପୂର୍ଣ୍ଣ ସ୍ୱାସ୍ଥ୍ୟପରୀକ୍ଷା ଦ୍ୱାରା ଏହି ରୋଗର କାରଣ ଜଣାପଡ଼ିବା ସହ ଲକ୍ଷଣ ଅନୁଯାୟୀ ଚିକିତ୍ସା କରାଯାଏ। ଏଥିପାଇଁ ରକ୍ତପରୀକ୍ଷା, ସିଟିସ୍କାନ ଓ ଏମ୍‌ଆର୍‌ଆଇ ମଧ୍ୟ ଆବଶ୍ୟକ ହୋଇଥାଏ। ଏଥିପାଇଁ ଶ୍ରବଣ ଯନ୍ତ୍ର ଲଗାଇବାକୁ ହୁଏ। କିଛି ଗୁରୁତ୍ୱପୂର୍ଣ୍ଣ ଥେରାପି କରିବାକୁ ଡାକ୍ତର ମଧ୍ୟ ପରାମର୍ଶ ଦିଅନ୍ତି। ଏହାବ୍ୟତୀତ ସ୍ଥିତିରେ ସୁଧାର ନ ଆସିଲେ ଅସ୍ତ୍ରୋପଚାର କରିବାକୁ ପଡ଼ିଥାଏ। ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ସବୁବେଳେ ଇୟରଫୋନ୍ ବ୍ୟବହାର କରିବା ଅନୁଚିତ।

## ଉପାଦେୟତା

# ଅଙ୍କୁରିତ ମେଥି

ମେଥିରେ ଭିଟାମିନ୍ ଏ, ବି ଓ ସି, ଲୌହସାର, ମ୍ୟାଗ୍ନେସିୟମ, କ୍ୟାଲସିୟମ, ପଟାସିୟମ, କାର୍ବୋହାଇଡ୍ରେଟ ଆଦି ପୋଷକତତ୍ତ୍ୱ ରହିଥାଏ। ଔଷଧୀୟ ଗୁଣରେ ଭରପୁର ମେଥିକୁ ସେବନ କଲେ ଶରୀରର ବିଭିନ୍ନ ରୋଗ ଦୂର ହୋଇଥାଏ। ତେବେ ବର୍ତ୍ତମାନ ସମୟରେ ଅଙ୍କୁରିତ ମେଥି ଖାଇବାର ଟ୍ରେଣ୍ଡ ବୃଦ୍ଧି ପାଇଛି। ଅଙ୍କୁରିତ ମେଥି ଖାଇବା ଦ୍ୱାରା କ'ଣ ଲାଭ ମିଳେ ଜାଣିବା ସେ ବିଷୟରେ ...

- ନିୟମିତ ଉପଯୁକ୍ତ ମାତ୍ରା ଏବଂ ସମୟରେ ଅଙ୍କୁରିତ ମେଥି ସେବନ କଲେ, ପ୍ରମେହ ଏବଂ ସ୍ତ୍ରୀ ରୋଗ ଆଦିରେ ହିତକର ହୋଇଥାଏ। ଶରୀରରୁ ବିଷାକ୍ତ ପଦାର୍ଥ ବାହାର କରିବାରେ ଅଙ୍କୁରିତ ମେଥିର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ଏଥିରେ ଥିବା ଫାଇବର ବଦହଜମୀ ଦୂର କରେ।
- ଅଙ୍କୁରିତ ମେଥି ଖାଇବା ଦ୍ୱାରା କୋଷ୍ଠକାଠିନ୍ୟ, ଗ୍ରହଣି ଦୂର ହୋଇଥାଏ। କୋଲେଷ୍ଟ୍ରଲ ମଧ୍ୟ ନିୟନ୍ତ୍ରଣ କରିବାରେ ଏହା ବେଶ୍ ଫଳପ୍ରଦ।
- ରୋଗପ୍ରତିରୋଧକ ଶକ୍ତି ବୃଦ୍ଧି ପାଇଁ ଅଙ୍କୁରିତ ମେଥି ଖାଇପାରିବେ। ତାସହିତ ଅଙ୍କୁରିତ ମେଥି ସର୍ଦ୍ଦି, କାଶ, ଥଣ୍ଡା ଓ ଜ୍ୱର ଦୂର କରିଥାଏ। ମେଥିରେ ଥିବା ଭିଟାମିନ୍ ସି ଓ ଆଣ୍ଟି ଅକ୍ସିଡାଣ୍ଟ ଯୋଗୁଁ ହୃଦ୍‌ରୋଗ ହେବାର ଆଶଙ୍କା ହ୍ରାସ ପାଇଥାଏ। ଅଙ୍କୁରିତ ମେଥି ଖାଇବା ପୂର୍ବରୁ ଚିକିତ୍ସକଙ୍କ ପରାମର୍ଶ ନେବା ଜରୁରି।



# ରକ୍ତପରୀକ୍ଷାର ନୂଆ ବିକଳ୍ପ



ରୋଗ ଚିହ୍ନଟର ପ୍ରଥମ ମାର୍ଗ ହେଉଛି ରକ୍ତ ପରୀକ୍ଷା। ହେଲେ ଏମିତି ଅନେକ ଅଛନ୍ତି, ରକ୍ତ ପରୀକ୍ଷା ପାଇଁ ବ୍ୟବହୃତ ଛୁଞ୍ଚିକୁ ନେଇ ଭୟ କରନ୍ତି। ଫଳରେ ରକ୍ତ ପରୀକ୍ଷାରୁ ବଞ୍ଚିତ ରୁହନ୍ତି। ହେଲେ ଏବେ କୃତ୍ରିମ ବୁଦ୍ଧିମତା ଜରିଆରେ ବିନା ଛୁଞ୍ଚି ପ୍ରୟୋଗରେ ବି ରକ୍ତ ପରୀକ୍ଷା ସମ୍ଭବ ହେବ। କେବଳ ଫେସ୍ ସ୍କାନ୍ କରିବା ଦ୍ୱାରା ରକ୍ତ ପରୀକ୍ଷା ହୋଇପାରିବ। କ୍ୱିକ ବାଇଟଲ ନାମକ ଏଆଇ ଆଧାରିତ ଆପ୍ ଜରିଆରେ ଫେସ୍ ସ୍କାନ ଦ୍ୱାରା ରକ୍ତ ପରୀକ୍ଷା ସହଜ ହୋଇପାରିବ। ଏହି ପରୀକ୍ଷାରେ ମାତ୍ର ୨୦ ସେକେଣ୍ଡରେ ସ୍ୱାସ୍ଥ୍ୟସ୍ଥିତି ବିଷୟରେ ଜଣାପଡ଼ିବ। ସର୍ବପ୍ରଥମେ ହାଇଦ୍ରାବାଦ୍ ସରକାରୀ ହସ୍‌ପିଟାଲ 'ନିଲୋଫର'ରେ ଗର୍ଭବତୀ ମହିଳାଙ୍କ ଶରୀରରେ ଆନେମିଆ ପରୀକ୍ଷା ପାଇଁ ଏହି କୌଶଳ ପ୍ରୟୋଗ କରାଯାଇଥିଲା। ଏଥିରୁ ଭଲ ଫଳ ମଧ୍ୟ ମିଳିଥିଲା। ଏହି ଟୁଲ୍‌ର କୌଶଳର ନାଁ ହେଉଛି ଫଟୋପ୍ଲେଥିସ୍ମୋଗ୍ରାଫି (ପିପିଜି)। ଯେତେବେଳେ ଉଜ୍ଜ୍ୱଳ ଆଲୋକରେ ଚେହେରା ସ୍କାନ୍ କରାଯାଏ, ଫୋନ୍‌ର କ୍ୟାମେରାରେ ପ୍ରତିଫଳିତ ଆଲୋକକୁ ଏହି ଆପ୍ ଧରିନିଏ। ଏଲଗୋରିଦମ ସାହାଯ୍ୟରେ ହୃଦ୍‌ସ୍ପନ୍ଦନ, ନିଶ୍ୱାସ ଓ ରକ୍ତ ପ୍ରବାହ ସହିତ ଜଡିତ ସଙ୍କେତକୁ ପଢ଼ି ସ୍ୱାସ୍ଥ୍ୟ ରିପୋର୍ଟ ପ୍ରସ୍ତୁତ କରେ। ଏପରିକି ୨୦ ସେକେଣ୍ଡରେ ସ୍ୱାସ୍ଥ୍ୟସମ୍ବନ୍ଧୀୟ ବହୁ ଗୁରୁତ୍ୱପୂର୍ଣ୍ଣ ସୂଚନା ସେୟାର କରିଥାଏ। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏହି ଆପ୍ ରକ୍ତଚାପ, ହେମୋଗ୍ଲୋବିନ୍ ସ୍ତର, ହୃଦ୍‌ସ୍ପନ୍ଦନ, ଅକ୍ସିଜେନ୍ ସାଚୁରେଶନ (ଏସ୍‌ପିଓ୨), ଚିନ୍ତାସ୍ତର, କୋଲେଷ୍ଟ୍ରଲ, ଶ୍ୱାସକ୍ରିୟା, ଏଚ୍‌ଆର୍‌ଭି ସମେତ ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ବିଷୟରେ ସୂଚନା ପ୍ରଦାନ କରିପାରିବ। ସେହିପରି ଖୁବ୍‌ଶୀଘ୍ର ୫ବର୍ଷରୁ କମ୍ ବୟସର ହଜାର ପିଲାଙ୍କ ଉପରେ ଏହାର କ୍ଲିନିକାଲ ପରୀକ୍ଷଣ କରାଯିବା ସହିତ ଏହାର ଫଳାଫଳକୁ ପାରମ୍ପରିକ ରକ୍ତ ପରୀକ୍ଷା ସହିତ ତୁଳନା କରାଯିବ। ଫଳାଫଳ ସନ୍ତୋଷଜନକ ହେଲେ, ଏହି କୌଶଳ ସ୍ୱାସ୍ଥ୍ୟସେବାରେ ବୈପ୍ଳବିକ ପରିବର୍ତ୍ତନ ଆଣିପାରିବ।

## ଭାରତ-ଇଂଲଣ୍ଡ ପଞ୍ଚମ ଟେଷ୍ଟ

# ବର୍ଷା ଯୋଗୁଁ ଖେଳ ବାଧାପ୍ରାପ୍ତ

ଓଭାଲ,୩୧।୭ (ଏଜେନ୍ସି):

ଭାରତ ଓ ଇଂଲଣ୍ଡ ମଧ୍ୟରେ ଏଠାରେ ଆଜି ଆରମ୍ଭ ହୋଇଛି ସିରିଜ୍ ୫ମ ତଥା ଶେଷ ଟେଷ୍ଟ ମ୍ୟାଚ୍। ୨-୧ରେ ସିରିଜ୍ ଆଗୁଆ ଥିବା ଇଂଲଣ୍ଡର କାମଚଳା ଅଧିନାୟକ ଓଲି ପୋପ୍ ମଧ୍ୟ ଟସ୍ ଜିତିବା ପରେ ଭାରତକୁ ପ୍ରଥମେ ବ୍ୟାଟିଂ ଲାଗି ଆମନ୍ତ୍ରଣ କରିଥିଲା। ପ୍ରଥମ ଦିନ ଲଞ୍ଚ ସୁଦ୍ଧା ଭାରତ ୨ ୱିକେଟରେ ୭୨ ରନ୍ କରିଥିଲା। ଲଞ୍ଚ ପରେ ହଠାତ୍ ଜୋର ବର୍ଷା ହେବାରୁ ଖେଳ ଆଉ ସମ୍ଭବ ହୋଇ ପାରି ନ ଥିଲା। ବର୍ଷା ଛାଡିବା ପରେ ମଧ୍ୟ ପଡ଼ିଆ ଓଦା ହୋଇଥିବାରୁ କିଛି ସମୟ ଖେଳ ବନ୍ଦ ରହିଥିଲା। ଏହା ପରେ ଖେଳ ୬ ଓଭର ହୋଇଥିଲା। ଏଥିରେ ଭାରତ ଶୁବମନ ଗିଲ (ରନ୍‌ଆଉଟ)ଙ୍କ ୱିକେଟ ହରାଇ ବର୍ଷା ଯୋଗୁ ଖେଳ ବନ୍ଦ ରହିଲା ବେଳକୁ ୩ ୱିକେଟରେ ୮୫ ରନ୍ କରିଥିଲା। ଏହି ସମୟରେ ସାଇ ସୁଦର୍ଶନ ୨୮ ଓ କରୁନ ନାୟାର କୌଣସି ରନ ନକରି ବ୍ୟାଟିଂ କରୁଥିଲେ। ଓପନର ଯଶସ୍ୱୀ ଜୟସ୍ୱାଲ ମାତ୍ର ୨ ଓ ଦମ୍‌ର ସହ ଖେଳୁଥିବା ଲୋକେଶ ରାହୁଲ ମାତ୍ର ୧୪ ରନ୍‌ରେ ଆଉଟ ହୋଇଛନ୍ତି। ଭୁଲ ବୁଝାମଣା ଯୋଗୁଁ ରନ୍ ଆଉଟ ହୋଇଥିବା ଅଧିନାୟକ ଗିଲ୍ ୨୧ ରନ୍ କରିଥିଲେ।



ଭାରତ ୨ ୱିକେଟରେ ୭୨ ରନ୍ କରିବା ପରେ ଖେଳକୁ ବର୍ଷା ଅଟକାଇଦେଇଥିଲା। ବର୍ଷା ପରେ ଦୁଇଥର ଖେଳ ଆରମ୍ଭ କରିବାକୁ ସମର୍ଥ ହୋଇଥିଲେ ମଧ୍ୟ ତୃତୀୟଥର ବାଧାପ୍ରାପ୍ତ ହୋଇଥିଲା। ଏଣୁ ଫିଲ୍ଡ ଅମ୍ପାୟାର ଆଗୁଆ ଚା'ପାନ ବିରତି କରାଇଥିଲେ। କିନ୍ତୁ ପିଚ୍ ସହ ପଡ଼ିଆ ଓଦା ରହିଥିବାରୁ ଖେଳିବା କଷ୍ଟକର ହୋଇଛି। ବିଶେଷ କରି ଗତକାଲି ପ୍ରବଳ ବର୍ଷା ଓ ଲଞ୍ଚ ପରେ ହଠାତ୍ ବର୍ଷା ହେବାରୁ ପିଚ୍ ଓଦା ହୋଇଯାଇଛି। ଏଣୁ ଭାରତକୁ ବ୍ୟାଟିଂ କରିବା କଷ୍ଟକର ହେବ।

ଟସ୍ ହାରି ପ୍ରଥମେ ବ୍ୟାଟିଂ କରିଥିବା ଭାରତ ୦.୮ ମିଲିମିଟର ଘାସ ଥିବା ପିଚ୍‌ରେ ଇଂଲଣ୍ଡ ବୋଲରଙ୍କୁ ମୁକାବିଲା କରିବା କଷ୍ଟକର ହୋଇଥିଲା। ଏଡି ମ୍ୟାଚ୍‌ରେ ଅଧିନାୟକ ବେନ୍ ଷ୍ଟୋକ୍ସ ଓ ଜୋଫ୍ରା ଆର୍ଚର ଖେଳୁ ନ ଥିବାରୁ ତାଙ୍କ ବଦଳରେ ଖେଳୁଥିବା ଗସ ଆଟକିନସନ ଓ ଜେମି ଓଭରଟନ ବିଶେଷ କିଛି ପ୍ରଭାବ ପକାଇ ପାରି ନ ଥିଲେ। ଆଟକିସନ ପ୍ରତିପକ୍ଷ ଯୁବ ଓପନର ଜୟସ୍ୱାଲଙ୍କୁ ଏଲ୍‌ବିଡବ୍ଲ୍ୟୁ ଆଉଟ କରି ଘରୋଇ ଦଳକୁ ବ୍ରେକ୍ ଥ୍ରୁ ଦେଇଥିଲେ। ଏହା ପରେ ସୁଦର୍ଶନ ଓ ରାହୁଲ ଏଭଳି କଷ୍ଟସାଦ୍ଧ ପିଚ୍‌ରେ ଇଂଲଣ୍ଡ ବୋଲରଙ୍କୁ ସହଜରେ ମୁକାବିଲା କରିଥିଲେ। କିନ୍ତୁ ୬ ଓଭରରେ ୭ ରନ୍ ହେବା ପରେ ରାହୁଲ ଚାପରେ ଆସି ଓକ୍ସଙ୍କ ଏକ ସଟ୍ ପିଚ୍ ବଲ୍‌କୁ ସଟ୍ ମାରିବାକୁ ଚେଷ୍ଟା କରିଥିଲେ। କିନ୍ତୁ ଏହା ମିସ୍ ହୋଇଯିବାରୁ ସେ ବୋଲ୍ଡ ଆଉଟ ହୋଇଯାଇଥିଲେ। ଚଳିତ ସିରିଜ୍‌ରେ ରାହୁଲ ଏତେ ଭଲ ଖେଳିଥିଲେ ମଧ୍ୟ ଏଭଳି ତ୍ରୁଟି କରିଥିଲେ। ଦୁଇ ଓପନର ୩୮ ରନ୍ ମଧ୍ୟରେ ପାଭିଲିୟନ ଫେରିଯିବା ପରେ ସୁଦର୍ଶନଙ୍କ ସହ ଗିଲ ଯୋଗ ଦେଇ ଭାରତୀୟ ଇନିଂସକୁ ଆଗକୁ ବଢ଼ାଇଥିଲେ। ଲଞ୍ଚ ବେଳକୁ ୨୩ ଓଭର ଖେଳ ସମ୍ଭବ ହୋଇପାରିଥିଲା। ଏଥିରେ ଭାରତ ୨ ୱିକେଟ ହରାଇଥିଲା। ଏହି ସିରିଜ୍‌ରେ ଇଂଲଣ୍ଡ ୨-୧ରେ ଆଗୁଆ ରହିଛି। ଏଠାରେ ଭାରତ ମ୍ୟାଚ୍ ଜିତିଲେ ସିରିଜ୍ ୨-୨ରେ ସମାନ ସ୍ତରକୁ ଆସିବ। କିନ୍ତୁ ଇଂଲଣ୍ଡ ନିକଟରେ ଆଣ୍ଡରସନ-ତେନ୍ଦୁଲକର ଟ୍ରଫି ରହିବ।

### ସଂକ୍ଷିପ୍ତ ସ୍କୋର

**ଭାରତ ପ୍ରଥମ ଇନିଂସ: ୮୫/୩,୨୯ ଓଭର (ସାଇ ସୁଦର୍ଶନ-ବ୍ୟାଟିଂ-୨୫, କରୁଣ ନାୟର-ବ୍ୟାଟିଂ-୦, ଶୁବମନ ଗିଲ୍-୨୧, ଲୋକେଶ ରାହୁଲ-୧୪, ଯଶସ୍ୱୀ ଜୟସ୍ୱାଲ-୨, ଗସ ଆଟକିନସନ-୧/୭, କ୍ରିସ୍ ଓକ୍ସ-୧/୨୮)।**

## ୮ ଖେଳାଳି ପରିବର୍ତ୍ତନ

ଭାରତ ଓ ଇଂଲଣ୍ଡ ମଧ୍ୟରେ ଏଠାରେ ଆଜି ଆରମ୍ଭ ହୋଇଥିବା ୫ମ ଟେଷ୍ଟରେ ଚତୁର୍ଥ ଟେଷ୍ଟ ଖେଳିଥିବା ୮ଜଣ ଖେଳାଳିଙ୍କୁ ପରିବର୍ତ୍ତନ କରାଯାଇଛି। ଉଭୟ ଦଳରେ ୪ଜଣ ଲେଖାଏଁ ବଦଳିଛନ୍ତି। ସେମାନଙ୍କ ମଧ୍ୟରେ ଭାରତୀୟ ଦଳରୁ ୩ ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍ରା, ଶାର୍ଦ୍ଦୁଳ ଠାକୁର ଓ ଡେବ୍ୟୁଟାଣ୍ଟ ଅଂଶୁଲ କାମ୍ବୋଜ୍‌ଙ୍କ ସହ ଆହତ ୱିକେଟ ରକ୍ଷକ ଋଷଭ ପନ୍ତଙ୍କୁ ଏହି ଟେଷ୍ଟରୁ ବାଦ୍ ଦିଆଯାଇଥିଲା। ସେମାନଙ୍କ ସ୍ଥାନରେ ଫାଷ୍ଟ ବୋଲର ଆକାଶ ଦୀପ ଓ ପ୍ରସିଦ୍ଧ କ୍ରିଷ୍ଣା, ବ୍ୟାଟର କରୁନ ନାୟାର ଓ ୱିକେଟକିପର ଧ୍ରୁବ ଜୁରେଲଙ୍କୁ ସ୍ଥାନ ଦେଇଛି। ସେହିପରି ଇଂଲଣ୍ଡ ଦଳରୁ ଆହତ ଅଧିନାୟକ ବେନ୍ ଷ୍ଟୋକ୍ସ, ଫାଷ୍ଟ ବୋଲର ଜୋଫ୍ରା ଆର୍ଚର, ସ୍ପିନର ଲିଆମ ଡାଓସନ ଓ ବ୍ରାଇଡନ କାର୍ସଙ୍କୁ ଦଳ ବାଦ୍ ଦେଇଛି। ଏମାନଙ୍କ ସ୍ଥାନରେ ୩ ଫାଷ୍ଟ ବୋଲର ଗସ ଆଟକିନସନ, ଜୋଶ ଟଙ୍ଗ୍ ଓ ଜେମି ଓଭରଟନ, ଅଲରାଉଣ୍ଡର ଜ୍ୟାକବ ବେଥେଲଙ୍କୁ ସାମିଲ କରିଛି। ଷ୍ଟୋକ୍ସଙ୍କ ସ୍ଥାନରେ ଓଲି ପୋପ୍ ଦଳର ନେତୃତ୍ୱ ନେଉଛନ୍ତି।

### ପଦାର୍ପଣ ଲାଗି ୯୬୧ ଦିନର ଅପେକ୍ଷା



ଏହି ସିରିଜ୍‌ରେ ଟେଉଁ ୩ ଭାରତୀୟ ଖେଳିବାକୁ ସୁଯୋଗ ପାଇ ନାହାନ୍ତି ତାହା ମଧ୍ୟରେ ବେଙ୍ଗଲ ରଣଜୀ ଦଳର ଅଧିନାୟକ ଅଭିମନ୍ୟୁ ଈଶ୍ୱରନ ଅନ୍ୟତମ। ଭାରତୀୟ ଟେଷ୍ଟ ଦଳରେ ୯୬୧ ଦିନ ହେଲା ସାମିଲ ହୋଇଥିଲେ ମଧ୍ୟ ତାଙ୍କୁ ଏ ପର୍ଯ୍ୟନ୍ତ ଡେବ୍ୟୁ କରିବାକୁ ସୁଯୋଗ ମିଳିପାରିଲାନି। ସେ ସାମିଲ ହେବା ପରଠାରୁ ୧୫ଜଣ ଖେଳାଳି ଭାରତ ପକ୍ଷରୁ ଡେବ୍ୟୁ କରିସାରିଲେଣି। ଅଷ୍ଟ୍ରେଲିଆ ଓ ଇଂଲଣ୍ଡ ବିପକ୍ଷ ସିରିଜ୍‌ରେ ତାଙ୍କୁ ଦଳରେ ସାମିଲ କରାଯାଇଥିଲେ ମଧ୍ୟ କେବଳ ରିଜର୍ଭ ଖେଳାଳି ଭାବେ ରହିଯାଇଛନ୍ତି। ୧୦୦ଟି ପ୍ରଥମ ଶ୍ରେଣୀ ମ୍ୟାଚ୍ ଖେଳିସାରିଥିବା ଈଶ୍ୱରନଙ୍କ ଭାଗ୍ୟ କେବେ ପରିବର୍ତ୍ତନ ହେବ ତାହା କିଏ କହିବ?

### ପ୍ରତିଟେଷ୍ଟରେ ଖେଳାଳି ବଦଳାଇଛି ଭାରତ, ୩ ସୁଯୋଗ ପାଇଲେନି

ଇଂଲଣ୍ଡ ସହ ଏଠାରେ ଦଳ ଖେଳିଥିବା ୫ଟି ଯାକ ଟେଷ୍ଟ ମ୍ୟାଚ୍‌ରେ ଭାରତ ଭିନ୍ନ ଭିନ୍ନ ଖେଳାଳିଙ୍କୁ ଚୂଡାନ୍ତ ଏକାଦଶରେ ସାମିଲ କରିଛି। କିନ୍ତୁ ଏହି ସିରିଜ୍ ଲାଗି ଆରମ୍ଭରୁ ଦଳରେ ସ୍ଥାନ ପାଇଥିବା ୩ଜଣ ଖେଳାଳିଙ୍କୁ ଆଦୌ ସୁଯୋଗ ମିଳିଲା ନାହିଁ। ଏମାନଙ୍କ ମଧ୍ୟରେ ଅଭିଜ୍ଞ ସ୍ପିନର କୁଲଦୀପ ଯାଦବଙ୍କୁ ଟିମ୍ ମ୍ୟାନେଜ୍‌ମେଣ୍ଟ ଚାହିଁଥିଲେ ମଧ୍ୟ ସମୀକରଣ ଯୋଗୁ ଖେଳାଇ ପାରି ନ ଥିଲା। କିନ୍ତୁ ବାମହାତୀ ଫାଷ୍ଟ ବୋଲର ଅର୍ଶଦୀପ ସିଂହ ଦୁଇଥର ଡେବ୍ୟୁ କରିବା ନିଶ୍ଚିତ ହୋଇଥିଲେ ମଧ୍ୟ ଶେଷ ମୁହୂର୍ତ୍ତରେ ବାଦ୍ ପଡ଼ିଥିଲେ। ବ୍ୟାଟର ଅଭିମନ୍ୟୁ ଈଶ୍ୱରନ ମଧ୍ୟ ସୁଯୋଗ ପାଇଲେନି।

### ଗାଭାସ୍କରଙ୍କ ୪୭ ବର୍ଷର ରେକର୍ଡ ଭାଙ୍ଗିଲେ ଗିଲ୍

ଇଂଲଣ୍ଡ ବିପକ୍ଷ ଟେଷ୍ଟ ସିରିଜ୍‌ରେ ଯେତେବେଳେ ଭାରତ ବିପଦରେ ପଡ଼ିଛି ସେହି ସମୟରେ ଦଳର ଅଧିନାୟକ ଶୁବମନ ଗିଲ ପାହାଡ ପରି ଛିଡ଼ା ହୋଇଛନ୍ତି। ଏହି କ୍ରମରେ ସେ ଗୋଟିଏ ଟେଷ୍ଟ ସିରିଜ୍‌ରେ ଜଣେ ଅଧିନାୟକ ଭାବେ ସୁନୀଲ ଗାଭାସ୍କରଙ୍କ ନାମରେ ଥିବା ୪୭ ବର୍ଷର ରେକର୍ଡକୁ ଭାଙ୍ଗିଦେଇଛନ୍ତି। ଗାଭାସ୍କର ୧୯୭୮ ୱେଷ୍ଟଇଣ୍ଡିଜ୍ ବିପକ୍ଷ ଟେଷ୍ଟ ସିରିଜ୍‌ରେ ୭୩୨ ରନ୍ କରିଥିଲେ। କିନ୍ତୁ ଗିଲ ଏହି ରେକର୍ଡକୁ ସେ ଅତିକ୍ରମ କରିଯାଇଥିଲେ। ଜଣେ ଅଧିନାୟକ ଭାବେ ୧୯୩୬ରେ ଅଷ୍ଟ୍ରେଲିଆର ଡନ୍ ବ୍ରାଡମ୍ୟାନ୍ ୮୧୦ ଓ ୧୯୯୦ରେ ଇଂଲଣ୍ଡ ଅଧିନାୟକ ଗ୍ରାହମ ଗୁଚ୍ ୭୫୨ ରନ୍ କରିଥିଲେ। ଶୁବମନ ଏହି ଟେଷ୍ଟରେ ୨୧ ରନ୍ କରି ଦୁର୍ଭାଗ୍ୟଜନକ ଭାବେ ରନ୍‌ଆଉଟ ହୋଇଥିଲେ। ସେ ୫ମ ଟେଷ୍ଟ ଖେଳି ୭୪୩ ରନ୍ କରିଛନ୍ତି। ଏହା ମଧ୍ୟରେ ୪ଟି ଶତକ ରହିଛି।

### ସିରିଜ୍‌ର ସମସ୍ତ ଟସ୍ ହାରିବାରେ ଗିଲ୍ ଚତୁର୍ଥ

ଇଂଲଣ୍ଡ ବିପକ୍ଷ ଟେଷ୍ଟ ସିରିଜ୍‌ରେ ଦଳର ନେତୃତ୍ୱ ନେଇଥିବା ଶୁବମନ ଗିଲ୍ ଏଠାରେ ଖେଳାଯାଇଥିବା ୫ଟି ଯାକ ଟେଷ୍ଟରେ ଟସ୍ ହାରିଛନ୍ତି। ଏହାକୁ ମିଶାଇ ଟେଷ୍ଟ କ୍ରିକେଟରେ ଭାରତ କ୍ରମାଗତ ୧୫ଥର ଟସ୍ ହାରିସାରିଲାଣି। କିନ୍ତୁ କାମଚଳା ଅଧିନାୟକ ଓଲି ପୋପ୍ ପୂର୍ବରୁ ୧୪ଥର ଟସ୍ ହାରିଥିଲେ ମଧ୍ୟ ଏଠାରେ ଟସ୍ ଜିତିଛନ୍ତି। ବିଶ୍ୱରେ ୧୪ଥର ଜଣେ ଅଧିନାୟକ ସମସ୍ତ ୫ଟି ଯାକ ଟସ୍ ହାରିଛନ୍ତି। ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ରେ ସମସ୍ତ ୫ଟି ଯାକ ଟସ୍ ହାରିଥିବା ଅନ୍ୟ ଭାରତୀୟ ଅଧିନାୟକମାନେ ହେଲେ ୧୯୪୮-୪୯ରେ ଲାଲା ଅମରନାଥ ଓ ୧୯୮୨-୮୩ରେ କପିଳ ଦେବ ବନାମ ୱେଷ୍ଟଇଣ୍ଡିଜ୍, ୨୦୧୮ ରେ ବିରାଟ କୋହଲି ବନାମ ଇଂଲଣ୍ଡ।

## ଏସିଆନ୍ ପେନଚାକ୍ ସିଲାଟ୍‌ରେ ପ୍ଲିଜାଲିନଙ୍କୁ ରୌପ୍ୟ

ଭୁବନେଶ୍ୱର, ୩୧।୭ (ସମିସ): ଏସିଆନ୍ ପେନଚାକ୍ ସିଲାଟ୍‌ର ୯ମ ସଂସ୍କରଣ ଭିଏତ୍‌ନାମରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଓଡ଼ିଆ ଝିଅ ପ୍ଲିଜାଲିନ ତରାଇ ରୌପ୍ୟ ପଦକ ଜିତି ଦେଶ ଓ ରାଜ୍ୟ ପାଇଁ ଗୌରବ ଆଣିଛନ୍ତି। ଜୁଲାଇ ୨୪ରୁ ଆରମ୍ଭ ହୋଇଥିବା ଇଣ୍ଡୋନେସିଆଭିତ୍ତିକ ମାର୍ଶାଲ ଆର୍ଟ କ୍ରୀଡ଼ାରେ ପ୍ଲିଜାଲିନ ୭୦-୭୫ କିଗ୍ରା ବିଭାଗରେ ଭାଗନେଇଥିଲେ। ଏଥିରେ ସେ ପୋଡିୟମର ଦ୍ୱିତୀୟ ସ୍ଥାନରେ ରହି ପଦକ ସଫଳତା ପାଇଥିଲେ। ସେହିଭଳି ଅନ୍ୟତମ ଓଡ଼ିଆ ଖେଳାଳି ରଞ୍ଜିତ ନାୟକ ଅଳ୍ପକେ ପୋଡିୟମ ଫିନିଶ କରିବାରୁ ବଞ୍ଚିତ ହୋଇଥିଲେ। ପ୍ଲିଜାଲିନଙ୍କ ଏହି ସଫଳତା ଲାଗି ରାଜ୍ୟ କ୍ରୀଡ଼ା ବିଭାଗର ନିର୍ଦ୍ଦେଶକ ୟେଦୁଲା ବିଜୟ, ଆଡିସନାଲ ସେକ୍ରେଟାରୀ ଅଶୋକ ପଣ୍ଡା, ସୋନାଲି ଚାନ୍ଦଙ୍କ ସମେତ ରାଜ୍ୟ ପେନଚାକ୍ ସଂଘର ସଭାପତି ତାପସ କୁମାର ରାୟ, ସମ୍ପାଦକ ସମ୍ପାଦକ ପ୍ରେମ ସିଂ ଥାପ୍ପା, ଉପସଭାପତି ମନୋରଞ୍ଜନ ଭଞ୍ଜ, ଖୋର୍ଦ୍ଧା ସଂଘ ସମ୍ପାଦକ ଜୀତେନ୍ଦ୍ର ରାଉତ ପ୍ରମୁଖ ଅଭିନନ୍ଦନ ଜଣାଇଛନ୍ତି।




## ପିତାଙ୍କୁ ପୁଣିଥରେ ପ୍ରଶିକ୍ଷକ ରଖିଲେ ସିତ୍‌ସିପାସ୍

ଏଥେନ୍ସ, ୩୧।୭ (ଏଜେନ୍ସି): ଗ୍ରୀକ୍ ଟେନିସ ତାରକା ଷ୍ଟିଫାନୋସ୍ ସିତ୍‌ସିପାସ୍ ପୁଣିଥରେ ତାଙ୍କ ପିତା ଆପୋଷ୍ଟୋଲୋସଙ୍କୁ ପ୍ରଶିକ୍ଷକ ଭାବେ ପୁନଃନିଯୁକ୍ତ କରିଛନ୍ତି। ଗତ ସପ୍ତାହରେ ପୂର୍ବତନ ପ୍ରଶିକ୍ଷକ ଗୋରାନ ଇଭାନିସେଭିସ୍‌ଙ୍କଠାରୁ ଅଲଗା ହେବାପରେ ୨୬ ବର୍ଷୀୟ ସିତ୍‌ସିପାସ୍ ପିତାଙ୍କୁ ନିଜର ଗୁରୁଭାବେ ପୁଣିଥରେ ରଖିବାକୁ ନିଷ୍ପତ୍ତି ନେଇଥିଲେ। ଏଥିପୂର୍ବରୁ ୨୦୨୪ ଅଗଷ୍ଟରେ ସିତ୍‌ସିପାସ୍ ତାଙ୍କ ପିତାଙ୍କୁ ପ୍ରଶିକ୍ଷକ ପଦରୁ ହଟାଇଦେଇଥିଲେ। ସେହି ସମୟରେ ସିତ୍‌ସିପାସ ଖରାପ ପ୍ରଦର୍ଶନ କରି ବିଶ୍ୱ ର୍‍ୟାଙ୍କିଙ୍ଗ୍‌ରେ ୩୦ତମ ସ୍ଥାନକୁ ଖସିଯାଇଥିଲେ। ତେଣୁ ସେ ପିତାଙ୍କୁ ହଟାଇ ଗୋରାନଙ୍କୁ ପ୍ରଶିକ୍ଷକ ଭାବେ ନିଯୁକ୍ତ କରିଥିଲେ। ନିକଟରେ କିନ୍ତୁ ୱିମ୍ବଲଡନ ଗ୍ରାଣ୍ଡସ୍ଲାମ ପ୍ରତିଯୋଗିତାରେ ସିତ୍‌ସିପାସ୍ ପ୍ରଥମ ରାଉଣ୍ଡରୁ ହାରି ବିଦାୟ ନେଇଥିଲେ। ଏଥିରେ ହତୋତ୍ସାହିତ ହୋଇ ତାଙ୍କ ପ୍ରଶିକ୍ଷକ ଗୋରାନ କହିଥିଲେ ଯେ, ସେ ତାଙ୍କ ଜୀବନରେ ଏଭଳି ଅପ୍ରସ୍ତୁତ ଖେଳାଳି କେବେ ଦେଖିନାହାନ୍ତି।' ଏହି ଘଟଣା ପରେ ସିତ୍‌ସିପାସ୍ ଓ ଗୋରାନ ଅଲଗା ହେବାକୁ ନିଷ୍ପତ୍ତି ନେଇଥିଲେ। ଏଠାରେ ଉଲ୍ଲେଖଯୋଗ୍ୟ, ପୂର୍ବତନ ୱିମ୍ବଲଡନ ଚାମ୍ପିଅନ ଗୋରାନ ପୂର୍ବରୁ ନୋଭାକ ଜୋକୋଭିଚ୍‌ଙ୍କ ପ୍ରଶିକ୍ଷକ ଭାବେ କାର୍ଯ୍ୟ କରିଥିଲେ। ତାଙ୍କ ପ୍ରଶିକ୍ଷଣ କାଳରେ ଜୋକୋଭିଚ୍ ୯ଟି ଗ୍ରାଣ୍ଡସ୍ଲାମ ଟାଇଟଲ୍ ଜିତିଥିଲେ।

## ପ୍ରଥମ ଟେଷ୍ଟ: କନୱେ, ମିଚେଲ୍‌ଙ୍କ ଅର୍ଦ୍ଧଶତକ | ନ୍ୟୁଜିଲାଣ୍ଡର ପାଳି ଅଗ୍ରଣୀ

ବୁଲାୱାୟୋ, ୩୧।୭ (ଏଜେନ୍ସି): ଘରୋଇ ଜିମ୍ବାୱେ ବିପକ୍ଷରେ ଚାଲିଥିବା ପ୍ରଥମ ଟେଷ୍ଟରେ ନ୍ୟୁଜିଲାଣ୍ଡ ପ୍ରଥମ ପାଳିରେ ଅଗ୍ରଣୀ ନେବାରେ ସଫଳ ହୋଇଛି। ଜିମ୍ବାୱେର ୧୪୯ ରନ ଜବାବରେ ନ୍ୟୁଜିଲାଣ୍ଡ ଗୁରୁବାର ଦ୍ୱିତୀୟ ଦିବସ ଶେଷ ଖବର ସୁଦ୍ଧା ୯୦ ଓଭରରେ ୭ ୱିକେଟ୍ ହରାଇ ୨୮୫ ରନ ସଂଗ୍ରହ କରିଛି। ଦଳ ପକ୍ଷରୁ ଡେଭନ କନୱେ ଓ ଡାରୀଲ ମିଚେଲ ଅର୍ଦ୍ଧଶତକୀୟ ପାଳି ଖେଳି ଦଳକୁ ପ୍ରଥମ ଅଗ୍ରଣୀ ଦେବାରେ ସହାୟତା କରିଛନ୍ତି। ଓପନିଂ ଆସିଥିବା କନୱେ ୮୮ ରନ କରିଥିବାବେଳେ ମିଚେଲ ୬୭ ରନରେ ଅପରାଜିତ ରହିଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ୱିଲ୍ ୟଙ୍ଗ୍ ୪୧, ହେନରୀ ନିକୋଲସ ୩୪, ଅଧିନାୟକ ମିଚେଲ ସାଣ୍ଟନର ୧୯ ରନ କରିଥିଲେ। ବୋଲିଂରେ ଘରୋଇ ଦଳର ବ୍ଲେସିଙ୍ଗ ମୁଜରବାନୀ ୩ ଓ ତନକା ଚିଭାଙ୍ଗା ୨ଟି ୱିକେଟ୍ ନେଇଛନ୍ତି। ୩ ୱିକେଟ୍ ବଳକା ଥାଇ ନ୍ୟୁଜିଲାଣ୍ଡ ପ୍ରଥମ ପାଳିରେ ୧୩୮ ରନରେ ଅଗ୍ରଣୀ ରହିଛି। ପୂର୍ବରୁ ମ୍ୟାଟ୍ ହେନରୀ ୬ ୱିକେଟ୍ ନେଇ ଜିମ୍ବାୱେକୁ ୧୪୯ ରନରେ ସୀମିତ ରଖିଥିଲେ।


ଡେଭନ କନୱେ

## ବିଶ୍ୱ ଟିଟି ଟିମ୍ ଚାମ୍ପିଅନସିପ୍‌କୁ ଭାରତର ଯୋଗ୍ୟତା

ନୂଆଦିଲ୍ଲୀ, ୩୧।୭ (ଏଜେନ୍ସି): ଟେବଲ୍ ଟେନିସ୍ (ଟିଟି) ବିଶ୍ୱ ଟିମ୍ ଚାମ୍ପିଅନସିପ୍ ଆସନ୍ତା ବର୍ଷ ଲଣ୍ଡନରେ ଅନୁଷ୍ଠିତ ହେବ। ଏହି ମେଗା ଇଭେଣ୍ଟକୁ ଭାରତର ଉଭୟ ପୁରୁଷ ଓ ମହିଳା ଟିମ୍ ଯୋଗ୍ୟତା ହାସଲ କରିଛି। ଦକ୍ଷିଣ ଏସିଆ ରିଜିଅନ ଚାମ୍ପିଅନସିପ୍‌ରେ ଭାରତର ଉଭୟ ପୁରୁଷ ଓ ମହିଳା ଟେବଲ୍ ଟେନିସ ଦଳ ଅପରାଜେୟ ରହି ପାଞ୍ଚଦଳୀୟ ଟେବଲ୍‌ର ପ୍ରଥମ ସ୍ଥାନରେ ରହିଥିଲେ। ଭାରତର ପୁରୁଷ ଓ ମହିଳା ଦଳ ବିଶ୍ୱ ଚାମ୍ପିଅନସିପ୍‌କୁ ସହଜରେ ଯୋଗ୍ୟତା ଅର୍ଜନ କରିଛନ୍ତି। ଭାରତୀୟ ମହିଳା ଦଳରେ ସେଲିନା ସେଲଭାକୁମାର, ସାୟଲି ୱାନି, ସିନ୍ଡ୍ରେଲା ଦାସ, କ୍ରିତ୍ତିକା ରୟ ଓ ତନିଶା କୋଟେଚା ରହିଛନ୍ତି। ସେହିଭଳି ଅନିର୍ବାଣ ଘୋଷ, ଦିବ୍ୟାଂଶା ଶ୍ରୀବାସ୍ତବ, ଅଭିନ୍ଦନ ପ୍ରଧିଭାଡି, ରୋହିତ ଭଞ୍ଜ ଓ ଆକାଶ ପାଲ୍ ପୁରୁଷ ଦଳରେ ରହିଛନ୍ତି।

## ୱାଶିଂଟନରେ ୱାର୍ଲ୍ଡ ସ୍କୁଲ ଟିମ୍ ଚେସ୍ | ଅପରାଜିତା ଏଫ୍‌ପିଓ



ଭୁବନେଶ୍ୱର,୩୧।୭ (ସମିସ): ଭାରତ ଓ ଓଡ଼ିଶା ଲାଗି ଗୌରବର ବିଷୟ। ଓଡ଼ିଶାର ଅନ୍ତର୍ଜାତୀୟ ଚେସ୍ ଖେଳାଳି ଅପରାଜିତା ଗୋଛିକାର ଆମେରିକାର ୱାଶିଂଟନଠାରେ ହେବାକୁ ଥିବା ୱାର୍ଲ୍ଡ ଟିମ୍ ଚେସ୍ ଲାଗି ଏଫ୍‌ପିଓ (ଫେୟାର ପ୍ଲେ ଅଫିସର) ନିଯୁକ୍ତ ହୋଇଛନ୍ତି। ପୁରୁଷ ବିଭାଗରେ ଜର୍ମାନୀର ଜୁର୍ଗେନ କ୍ୟୁଏନର୍ସ ନିଯୁକ୍ତ ହୋଇଛନ୍ତି। ଅଗଷ୍ଟ ୨ରୁ ୭ ତାରିଖଯାଏ ହେବାକୁ ଥିବା ଏହି ପ୍ରତିଯୋଗିତାରେ ୪୮ଟି ଦେଶରୁ ୫୫ଟି ଦଳ ଅଂଶଗ୍ରହଣ କରିବେ। ଭାରତରୁ ଗୋଟିଏ ଦଳ ଭାଗ ନେଉଛି।

## ମାକାଉ ଓପନ୍: କ୍ୱାର୍ଟରରେ ଲକ୍ଷ୍ୟ ସେନ୍

ନୂଆଦିଲ୍ଲୀ, ୩୧।୭ (ଏଜେନ୍ସି): ମାକାଉ ଓପନ୍ ବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟରେ ଭାରତର ଲକ୍ଷ୍ୟ ସେନ୍ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛନ୍ତି। ଗୁରୁବାର ଖେଳାଯାଇଥିବା ପୁରୁଷ ସିଙ୍ଗଲ୍ସ ରାଉଣ୍ଡ-୧୬ର ଏକ ମ୍ୟାଚରେ ଲକ୍ଷ୍ୟ ୨୧-୧୪, ୧୪-୨୧, ୨୧-୧୭ ଗେମ୍‌ରେ ଇଣ୍ଡୋନେସିଆର ସିଏ ୱାଡୋୟୋଙ୍କୁ ପରାସ୍ତ କରିଥିଲେ। ସେହିଭଳି ଅନ୍ୟତମ ଭାରତୀୟ ଖେଳାଳି ତରୁଣ ମାନେପଲ୍ଲି ମଧ୍ୟ ପ୍ରି-କ୍ୱାର୍ଟରରେ ବିଜୟୀ ହୋଇ ଅଗ୍ରଗତି କରିଛନ୍ତି।

## ଅଗଷ୍ଟ ୨୯ରୁ ପ୍ରୋ-କବାଡ଼ି ଲିଗ୍-୧୨

### ଟାଇଟନ୍ସ-ଥଲାଇଭାସ୍ ଉଦ୍‌ଘାଟନୀ ଲଢ଼େଇ

ନୂଆଦିଲ୍ଲୀ, ୩୧।୭ (ଏଜେନ୍ସି): ଲୋକପ୍ରିୟ ପ୍ରୋ କବାଡ଼ି ଲିଗ୍ (ପିକେଏଲ୍)ର ଦ୍ୱାଦଶ ସଂସ୍କରଣ ଅଗଷ୍ଟ ୨୯ରୁ ଆରମ୍ଭ ହେବାକୁ ଯାଉଛି। ତେଲୁଗୁ ଟାଇଟନ୍ସ ଓ ତାମିଲ ଥଲାଇଭାସ୍ ମଧ୍ୟରେ ଉଦ୍‌ଘାଟନୀ ମ୍ୟାଚ୍ ଖେଳାଯିବ। ଭାଇଜାଗ୍‌ର ରାଜୀବ ଗାନ୍ଧୀ ଇଣ୍ଡୋର ଷ୍ଟାଡିୟମରେ ଏହି ହାଇଭୋଲ୍‌ଟେଜ ମ୍ୟାଚ୍ ଅନୁଷ୍ଠିତ ହେବ। ଉଦ୍‌ଘାଟନୀ ଦିବସରେ ଦ୍ୱିତୀୟ ମୁକାବିଲାରେ ବେଙ୍ଗାଲୁରୁ ବୁଲ୍ସ ଓ ପୁନେରୀ ପଲ୍‌ଟନ୍ସ ପରସ୍ପରକୁ ଭେଟିବେ। ପିକେଏଲ୍-୧୨ ଲାଗି ଗୁରୁବାର ଘୋଷଣା ହୋଇଥିବା କାର୍ଯ୍ୟସୂଚୀରୁ ଏହା ସ୍ପଷ୍ଟ ହୋଇଛି। ଚଳିତ ସଂସ୍କରଣରେ ୧୨ଟି ଦଳ ଟାଇଟଲ୍ ପାଇଁ ଲଢ଼େଇ କରିବେ। ସେହିଭଳି ଡିଫେଣ୍ଡିଂ ଚାମ୍ପିଅନ ହରିୟାଣା ଷ୍ଟିଲର୍ସ ଅଗଷ୍ଟ ୩୧ରେ ବେଙ୍ଗଲ୍ ୱାରିୟର୍ସ ବିପକ୍ଷରେ ଖେଳି ଅଭିଯାନ ଆରମ୍ଭ କରିବ।

ଏଥର ଦେଶର ୪ଟି ପ୍ରମୁଖ ସହର ଭାଇଜାଗ, ଜୟପୁର, ଚେନ୍ନଇ ଓ ଦିଲ୍ଲୀରେ ପର୍ଯ୍ୟାୟକ୍ରମେ ମ୍ୟାଚ୍ ଖେଳାଯିବ। ଦୀର୍ଘ ୭ ବର୍ଷ ପରେ ବନ୍ଦର ସହର ଭାଇଜାଗକୁ ପ୍ରୋ କବାଡ଼ି ଲିଗ୍ ଫେରିଛି। ଏଠାରେ ଟୁର୍ଣ୍ଣାମେଣ୍ଟର ପ୍ରଥମ ୨୮ଟି ମ୍ୟାଚ୍ ଆୟୋଜିତ ହେବ। ଏହାପରେ ସେପ୍ଟେମ୍ବର ୧୨ରୁ ଜୟପୁରର ଏସ୍‌ଏମ୍‌ଏସ୍ ଷ୍ଟାଡିୟମରେ ଦ୍ୱିତୀୟ ଲେଗ୍, ସେପ୍ଟେମ୍ବର ୨୯ରୁ ଚେନ୍ନଇରେ ୩ୟ ଲେଗ୍ ଓ ଫାଇନାଲ ତଥା ୪ର୍ଥ ଲେଗ୍ ଅକ୍ଟୋବର ୧୩ରୁ ଦିଲ୍ଲୀରେ ଖେଳାଯିବ। ଟୁର୍ଣ୍ଣାମେଣ୍ଟର ପ୍ଲେ-ଅଫ୍ କାର୍ଯ୍ୟସୂଚୀ ପରବର୍ତ୍ତୀ ସମୟରେ ଘୋଷଣା କରାଯିବ।




### ଗ୍ରୀନ୍ ବେଜ୍ କ୍ଲାସିକ ଅଲ୍ ଓଡ଼ିଶା ସ୍ନୁକର୍

## କ୍ୱାର୍ଟରଫାଇନାଲ ଲାଇନଅପ୍ ଚୂଡ଼ାନ୍ତ

ଭୁବନେଶ୍ୱର, ୩୧।୭ (ସମିସ):

ଏଠାରେ ଚାଲିଥିବା ଗ୍ରୀନ ବେଜ୍ ଅଲ୍‌ଓଡ଼ିଶା ଓପନ୍ ୧୦-ରେଡ୍ ସ୍ନୁକର ଚାମ୍ପିଅନସିପ୍‌ର କ୍ୱାର୍ଟର ଫାଇନାଲ ଲାଇନଅପ୍ ଚୂଡ଼ାନ୍ତ ହୋଇଯାଇଛି। ଶୁକ୍ରବାର ରାକେଶ ପ୍ରଧାନ-କୁନାଲ ଅଗରୱାଲ, ଆକାଶ ମହାପାତ୍ର-ଆଶୁତୋଷ ପାଢ଼ୀ, ସିଦ୍ଧାର୍ଥ ସେନ-ଅବିନାଶ ମହାପାତ୍ରଙ୍କ ମଧ୍ୟରେ କ୍ୱାର୍ଟର ଫାଇନାଲ ଖେଳାଯିବ। ସେହିଭଳି ଚିରାଗ ଆରୋରା ଓ ସୁଦୀପ୍ତ ଦାସଙ୍କ ମଧ୍ୟରେ ଅନୁଷ୍ଠିତ ରାଉଣ୍ଡ-୧୬ ମ୍ୟାଚ୍‌ର ବିଜେତା କ୍ୱାର୍ଟରରେ ସୁବ୍ରତ ଦାସଙ୍କୁ ଭେଟିବେ। ଗୁରୁବାର ଖେଳାଯାଇଥିବା ପ୍ରି-କ୍ୱାର୍ଟର ମ୍ୟାଚ୍‌ଗୁଡ଼ିକରେ ସିଦ୍ଧାର୍ଥ ୪-୦ ଫ୍ରେମରେ ଅଲ୍‌ତାଫ୍ ଅଲିଙ୍କୁ, ରାକେଶ ୪-୦ରେ ବରୁଣ ପୂରବଙ୍କୁ, କୁନାଲ ୪-୩ରେ ନିଶାନ୍ତ ବିଶ୍ୱାଳଙ୍କୁ, ଅବିନାଶ ୪-୦ରେ ଚେତନ ଆନନ୍ଦଙ୍କୁ, ଆକାଶ ୪-୦ରେ ଶରଦ ବେହେରାଙ୍କୁ, ସୁବ୍ରତ ୪-୨ରେ ଜ୍ଞାନ ଦାସଙ୍କୁ ଓ ଆଶୁତୋଷ ୪-୦ ଫ୍ରେମରେ ରଞ୍ଜିତ ପତିଙ୍କୁ ହରାଇ ଅଗ୍ରଗତି କରିଛନ୍ତି।




### ■ ଜାତୀୟ ସବ୍‌ଜୁନିଅର ନ୍ୟାସ୍‌ନାଲ ହକି

## ଆଜି ମହାରାଷ୍ଟ୍ର-ଓଡ଼ିଶା ଲଢ଼େଇ



ଭୁବନେଶ୍ୱର, ୩୧।୭ (ସମିସ): ଜାତୀୟ ସବ୍‌ଜୁନିଅର ବାଳକ ହକି ଚାମ୍ପିଅନସିପ୍‌ର ୧୫ତମ ସଂସ୍କରଣ ଚେନ୍ନଇରେ ଚାଲିଛି। ଗ୍ରୁପ୍-ଡି'ରେ ସ୍ଥାନ ପାଇଥିବା ଓଡ଼ିଶା ଶୁକ୍ରବାର ମହାରାଷ୍ଟ୍ର ବିପକ୍ଷରେ ଖେଳି ଅଭିଯାନ ଆରମ୍ଭ କରିବ। ଏହି ପୁଲ୍‌ରେ ୩ୟ ଦଳ ଭାବେ ଚଣ୍ଡିଗଡ଼ ସ୍ଥାନ ପାଇଛି। ଅଗଷ୍ଟ ୨ରେ ଓଡ଼ିଶା ଶେଷ ପୁଲ୍ ମ୍ୟାଚରେ ଚଣ୍ଡିଗଡ଼କୁ ଭେଟିବ। ଚାରୋଟି ପୁଲ୍‌ର ଶ୍ରେଷ୍ଠ ଦୁଇଟି ଲେଖାଏ ଦଳ କ୍ୱାର୍ଟର ଫାଇନାଲକୁ ଯୋଗ୍ୟତା ଅର୍ଜନ କରିବେ। ଅଗଷ୍ଟ ୫ରେ କ୍ୱାର୍ଟର, ୬ରେ ସେମିଫାଇନାଲ ଓ ୮ ତାରିଖରେ ଫାଇନାଲ ଅନୁଷ୍ଠିତ ହେବ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS